# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

• RNI REGD NO: 42041/83
• www.sakalaepaper.com
• /sakalanews
• /sakalanews
• www.thesakala.in

•VOLUME- 43 •ISSUE-22 •WEDNESDAY •16 JULY 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୩ •ସଂଖ୍ୟା-୨୨ •ବୁଧବାର •୧୬ ଜୁଲାଇ ୨୦୨୫ •ପୃଷ୍ଠା-୧୨ •ଟ.୬.୦୦




ସଲମାନଙ୍କ ନାୟିକା ଚିତ୍ରାଙ୍ଗଦା

▶ପୃଷ୍ଠା-୧୧ ଦେଖନ୍ତୁ...

# ନିର୍ଯାତନା ନିଆଁ | କ୍ରୋଧରେ ଜଳୁଛି ଓଡ଼ିଶା

## ଆଜି ବିଜେଡିର ବାଲେଶ୍ୱର ବନ୍ଦ, ଲୋକସେବା ଭବନ ଘେରାଉ

■ **ଭୁବନେଶ୍ୱର, ୧୫।୭ (ସମିସ):** ସାରା ଓଡ଼ିଶା ସ୍ତବ୍ଧ। ବିଫଳ ସରକାରୀ ବ୍ୟବସ୍ଥା, ଶାସନ ଗାଦିରେ ବସିଥିବା ନେତାଙ୍କ ଚରମ ଦାୟିତ୍ୱହୀନତା ଜଣେ ଛାତ୍ରୀର ଜୀବନ ନେଇଗଲା। ବ୍ୟବସ୍ଥା ବିରୋଧରେ ବିଦ୍ରୋହ କରିଥିବା ସୌମ୍ୟାଶ୍ରୀ ଜୀବନଯୁଦ୍ଧରେ ହାରିଗଲା। ବାରମ୍ବାର ଅଭିଯୋଗ ପରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ନ ହେବାରୁ ସରକାର, ଶିକ୍ଷାନୁଷ୍ଠାନ କର୍ତ୍ତୃପକ୍ଷ, ନିଜ ଦଳର ନେତାଙ୍କ ଉପରୁ ଆସ୍ଥା ହରାଇ ନିଜ ଦେହରେ ନିଆଁ ଲଗାଇ ଦେଲା। ଶେଷରେ ବ୍ୟବସ୍ଥାକୁ ବିଦ୍ରୂପ କରି ଆଖି ବୁଜିଦେଲା। ରାତାରାତି ସୌମ୍ୟାଶ୍ରୀର ଶବକୁ ସରକାର ପୁଲିସ ଲଗାଇ ତା'ର ଗାଁକୁ ପଠାଇଦେଲେ। ବାଲେଶ୍ୱରର ସୁଦୂର ପଳାଶିଆ ଗାଁ ମାଟିରେ ସୌମ୍ୟାଶ୍ରୀଙ୍କ ଚିତା ଜଳିଛି ଓ ଏହି ଚିତାରେ ମଧ୍ୟ ଜଳିଛି ସରକାରଙ୍କ

### ଜନ୍ମମାଟି ପଳାସିଆରେ ସୌମ୍ୟାଶ୍ରୀଙ୍କ ଅନ୍ତିମ ସଂସ୍କାର

ବାହାସ୍ଫୋଟ, ଦମ୍ଭ, ବେପରୁଆ ମାନସିକତା। ଯାହାକୁ ନେଇ ସାରା ରାଜ୍ୟରେ ସୃଷ୍ଟି ହୋଇଛି କ୍ଷୋଭ, କ୍ରୋଧ। ମାଲକାନଗିରିରୁ ମୟୂରଭଞ୍ଜ ଯାଏ ଉଠିଛି ପ୍ରତିବାଦର ସ୍ୱର। ସରକାର କ'ଣ ଏମିତି ଚାଲେ ବୋଲି ରାଜ୍ୟବାସୀ ଏବେ ପ୍ରଶ୍ନ କରୁଛନ୍ତି। ସୌମ୍ୟାଶ୍ରୀର ଅକାଳ ମୃତ୍ୟୁ ପାଇଁ ଉତ୍ତରଦାୟୀ କିଏ ? ଶାସନ ଓ ବ୍ୟବସ୍ଥାର ଦୋଛକିରେ ଚାଲିଗଲା ନୀରିହ ଛାତ୍ରୀର ଜୀବନ। ଏକ ପକ୍ଷରେ ବିଜେଡି ଏହାର ନିରପେକ୍ଷ ଓ ନ୍ୟାୟିକ ତଦନ୍ତ ଦାବି କରିଥିବା ବେଳେ ଦଳମତ ନିର୍ବିଶେଷରେ ସାଧାରଣରେ ଏଥିରେ ସମ୍ପୃକ୍ତ ବ୍ୟକ୍ତି ବିଶେଷଙ୍କ ବିରୋଧ କଠୋର କାର୍ଯ୍ୟାନୁଷ୍ଠାନ ଦାବି ହେଉଛି। ଅକାଳରେ ସୌମ୍ୟାଶ୍ରୀଙ୍କ ମୃତ୍ୟୁ ସାରା ରାଜ୍ୟକୁ ସ୍ତବ୍ଧ କରିଦେଇଥିବା ସୁଦୂର ▶ପୃଷ୍ଠା-୭

### କଂଗ୍ରେସର ଓଡ଼ିଶା ବନ୍ଦ ୧୭ରେ



## ଏକ ସଂଗଠିତ ହତ୍ୟା: ରାହୁଲ



■ **ଭୁବନେଶ୍ୱର, ୧୫।୭ (ସମିସ):** ଏଫ୍‌ଏମ୍ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ନେଇ ଡବଲ ଇଂଜିନ ସରକାରକୁ ଭର୍ତ୍ସନା କରିଛନ୍ତି ଲୋକସଭାର ବିରୋଧୀଦଳ ନେତା


**ନ୍ୟାୟ ପାଇଁ ଲଢ଼ି ଆତ୍ମାହୁତି: ପ୍ରିୟଙ୍କା**

ରାହୁଲ ଗାନ୍ଧୀ। ସେ କହିଛନ୍ତି ଯେ ଓଡ଼ିଶାରେ ନ୍ୟାୟ ପାଇଁ ଲଢୁଥିବା ଝିଅର ମୃତ୍ୟୁ ବିଜେପିର ବ୍ୟବସ୍ଥା ଦ୍ୱାରା ଏକ ସିଧାସଳଖ ହତ୍ୟା। ସାହସୀ ଛାତ୍ରୀ ଯୌନ ଶୋଷଣ ବିରୋଧରେ ସ୍ୱର ଉଠାଇଥିଲେ; କିନ୍ତୁ ନ୍ୟାୟ ବଦଳରେ ତାଙ୍କୁ ବାରମ୍ବାର ଧମକ, ହଇରାଣ, ଅପମାନିତ କରାଯାଇଥିଲା। ଯେଉଁମାନେ ତାଙ୍କୁ ସୁରକ୍ଷା ଦେବା କଥା, ସେମାନେ ତାଙ୍କୁ ଭାଙ୍ଗି ଚାଲିଥିଲେ। ପ୍ରତ୍ୟେକ ଥର ପରି ଏଥର ମଧ୍ୟ ବିଜେପିର ବ୍ୟବସ୍ଥା ଅଭିଯୁକ୍ତଙ୍କୁ ସୁରକ୍ଷା ଦେଇ ଚାଲିଥିଲା। ଫଳରେ ଏକ ନିର୍ଦ୍ଦୋଷ ଝିଅ ନିଜକୁ ଜାଳି ଦେବାକୁ ବାଧ୍ୟ ହୋଇଥିଲା। ଓଡ଼ିଶା ହେଉ କି ମଣିପୁର, ଦେଶର ଝିଅମାନେ ଜଳୁଛନ୍ତି, ଭାଙ୍ଗି ପଡୁଛନ୍ତି, ମରୁଛନ୍ତି; କିନ୍ତୁ ପ୍ରଧାନମନ୍ତ୍ରୀ ଚୁପ୍ ବସିଛନ୍ତି। ଦେଶ ପ୍ରଧାନମନ୍ତ୍ରୀଙ୍କ ନୀରବତା ଚାହେଁ ନାହିଁ, ▶ପୃଷ୍ଠା-୭

## ଯୋଜନାବଦ୍ଧ ଅନ୍ୟାୟ: ନବୀନ

### ବିଫଳ ବ୍ୟବସ୍ଥା, ଆନୁଷ୍ଠାନିକ ବିଶ୍ୱାସଘାତକତା

### ମୃତ୍ୟୁର ଉତ୍ତରଦାୟୀ ରୁହନ୍ତୁ କ୍ଷମତାସୀନ ବ୍ୟକ୍ତି



■ **ଭୁବନେଶ୍ୱର, ୧୫।୭ (ସମିସ):** ଏମ୍ସରେ ଚିକିତ୍ସିତ ଥିବା ବାଲେଶ୍ୱର ଫକୀର ମୋହନ ମହାବିଦ୍ୟାଳୟ ଛାତ୍ରୀଙ୍କ ମୃତ୍ୟୁ ପ୍ରସଙ୍ଗରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଛାତ୍ରୀଙ୍କ ମୃତ୍ୟୁ ଏକ ଯୋଜନାବଦ୍ଧ ଅନ୍ୟାୟ ଏବଂ ଏଥିପାଇଁ ବିଫଳ ସରକାରୀ ବ୍ୟବସ୍ଥା ଦାୟୀ ବୋଲି ଉଲ୍ଲେଖ କରି ଏହା ବିଶ୍ୱାସଘାତକତାରୁ କିଛି କମ୍ ନୁହେଁ ବୋଲି କହିଛନ୍ତି। କେହି ଜଣେ ଉତ୍ତରଦାୟିତ୍ୱ ନେଇ ଘଟଣାର ହସ୍ତକ୍ଷେପ କରିଥିଲେ, ହୁଏତ ଝିଅଟିର ଜୀବନ ବଞ୍ଚିଯାଇଥାନ୍ତା। ତେଣୁ କେବଳ କଲେଜ କର୍ତ୍ତୃପକ୍ଷ ନୁହନ୍ତି; କ୍ଷମତାରେ ଥିବା ବ୍ୟକ୍ତିମାନେ ମଧ୍ୟ ଏଥିପାଇଁ ଉତ୍ତରଦାୟୀ ହୁଅନ୍ତୁ। ରାଜ୍ୟପାଳ ସୁନିଶ୍ଚିତ କରନ୍ତୁ ବୋଲି ନବୀନ ଅନୁରୋଧ କରିଛନ୍ତି। ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ନବୀନ କହିଛନ୍ତି ଯେ ଏମ୍ସରେ ଚିକିତ୍ସିତ ହେଉଥିବା ବାଲେଶ୍ୱର ଏଫଏମ କଲେଜ ପୀଡ଼ିତା ଛାତ୍ରୀଙ୍କ ଦେହାନ୍ତ ବିଷୟରେ ଜାଣି ମୁଁ ଦୁଃଖିତ ଓ ▶ପୃଷ୍ଠା-୭

## ବଢ଼ିବ ତଦନ୍ତ ପରିସର: ରାଜସ୍ୱ ମନ୍ତ୍ରୀ

■ **ଭୁବନେଶ୍ୱର, ୧୫।୭ (ସମିସ):** ଫକୀର ମୋହନ ମହାବିଦ୍ୟାଳୟର ଛାତ୍ରୀ ଆତ୍ମହତ୍ୟା ଘଟଣାରେ ପୂର୍ବରୁ ଲାଗିଥିବା ଦଫା ବଦଳିବା ସହ ତଦନ୍ତ ପରିସର ଆହୁରି ବଢ଼ିବ। ରାଜ୍ୟ ବିଜେପି କାର୍ଯ୍ୟାଳୟରେ ଉଚ୍ଚସ୍ତରୀୟ ବୈଠକ ପରେ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ଗଣମାଧ୍ୟମକୁ ଏହି ସୂଚନା ଦେଇଛନ୍ତି। ଘଟଣାରେ ସାମଗ୍ରିକ ବିଷୟ ସମ୍ପର୍କରେ ସମ୍ପୂର୍ଣ୍ଣ ତଥ୍ୟ ସଂଗ୍ରହ କରୁଛୁ। ଗୁଡ଼ିଏ ତଥ୍ୟ ହାସଲ ହୋଇଥିବା ବେଳେ କିଛି ତଥ୍ୟ ହସ୍ତଗତ ହେବା ବାକି ରହିଛି। ସମ୍ପୂର୍ଣ୍ଣ ତଥ୍ୟ ହାସଲ ପାଇଁ କିଛି ସମୟ ଲାଗିବ। ଆମେ ଏପରି ଏକ ବ୍ୟବସ୍ଥା ତିଆରି କରିବା, ଯେପରି ଆଉ କେହି ଏପରି ଅଭାବନୀୟ ପରିସ୍ଥିତିର ସମ୍ମୁଖୀନ ହେବେ ନାହିଁ। ଏଥିପାଇଁ ଟିକେ ସମୟ ଆବଶ୍ୟକ ହେବ ବୋଲି ସେ କହିଛନ୍ତି। ▶ପୃଷ୍ଠା-୭

## ଦୋଷୀଙ୍କୁ କଠୋର ଦଣ୍ଡ: ମୁଖ୍ୟମନ୍ତ୍ରୀ

**୨୦ ଲକ୍ଷ ଟଙ୍କାର ସହାୟତା ଘୋଷଣା**

■ **ଭୁବନେଶ୍ୱର, ୧୫।୭ (ସମିସ):** ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ପୀଡ଼ିତା ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଦେହାନ୍ତ ଖବରରେ ଗଭୀର ଶୋକବ୍ୟକ୍ତ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ଏହାସହ ମୁଖ୍ୟମନ୍ତ୍ରୀ ଦିବଂଗତ ଛାତ୍ରୀଙ୍କ ପରିବାରର ନିକଟତମ ଆତ୍ମୀୟଙ୍କ ପାଇଁ ରିଲିଫ ପାଣ୍ଠିରୁ ୨୦ ଲକ୍ଷ ଟଙ୍କାର ସହାୟତା ଘୋଷଣା କରିଛନ୍ତି। ଦିବଂଗତ ଆତ୍ମାର ସଦଗତି ପାଇଁ ପ୍ରାର୍ଥନା କରିବା ସହ ସମ୍ପୃକ୍ତ ଘଟଣାର ଉପଯୁକ୍ତ ତଦନ୍ତ କରି ସମସ୍ତ ଦୋଷୀଙ୍କୁ ଆଇନ ଅନୁଯାୟୀ କଠୋରରୁ ଅତି କଠୋର ଦଣ୍ଡ ବିଧାନ କରିବା ପାଇଁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି।

## ଅଧ୍ୟକ୍ଷଙ୍କ ବିରୋଧରେ ଲାଗିଲା ସଙ୍ଗୀନ ଦଫା

■ **ବାଲେଶ୍ୱର, ୧୫।୭(ସମିସ):** ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁ ଘଟଣାରେ ଗତକାଲି ଗିରଫ ହୋଇଥିବା ନିଲମ୍ବିତ ଅଧ୍ୟକ୍ଷ ଦିଲ୍ଲୀପ ଘୋଷଙ୍କୁ ୧୪ଦିନ ପାଇଁ ବିଚାର ବିଭାଗୀୟ ହାଜତକୁ ପଠାଯାଇଛି। ଗିରଫ ଅଧ୍ୟକ୍ଷଙ୍କ ନାମରେ ୭ଟି ସଙ୍ଗୀନ ଦଫା ଲଗାଯାଇଛି। ଏହା ଭିତରେ ଛାତ୍ରୀଙ୍କୁ ଆତ୍ମହତ୍ୟା କରିବା ପାଇଁ ପରୋକ୍ଷରେ ପ୍ରବର୍ତ୍ତାଇବା (ବିଏନ୍‌ଏସ୍-୧୦୮) ଭଳି ସଂଗିନ୍ ଦଫା ରହିଛି। ସେହିପରି ଅନ୍ୟ ଦଫାଗୁଡ଼ିକ ହେଲା, ଶାରୀରିକ ନିର୍ଯାତନା ଦେବା ବିଏନ୍‌ଏସ୍-୭୫(୨), ଶାରୀରିକ ସମ୍ପର୍କ ରଖିବା ପାଇଁ ଇଛା ପ୍ରକାଶ କରିବା ବିଏନ୍‌ଏସ୍-୭୮(୨), କଥାରେ କିମ୍ବା ଇଙ୍ଗିତରେ ଶାରୀରିକ ସମ୍ପର୍କ ରଖିବା ପାଇଁ ବାଧ୍ୟ କରିବା ବିଏନ୍‌ଏସ୍-୭୯, ଧମକ ଦେବା ବିଏନ୍‌ଏସ୍-୩୫୧(୨), ଜାଣିଶୁଣି ପ୍ରମାଣ ଲୁଚାଇବା ବିଏନ୍‌ଏସ୍-୨୩୮ ଏବଂ ମିଳିତ ଭାବେ ଷଡ଼ଯନ୍ତ୍ର କରିବା ବିଏନ୍‌ଏସ୍-୬୧(୨) ଇତ୍ୟାଦି।

## ଫ୍ୟାକ୍ଟ ଫାଇଣ୍ଡିଂ କମିଟି ଗଠନ କଲା ୟୁଜିସି

■ **ଭୁବନେଶ୍ୱର, ୧୫।୭ (ସମିସ):** ବାଲେଶ୍ୱର ଫକୀର ମୋହନ କଲେଜ ଛାତ୍ରୀ ଆତ୍ମହତ୍ୟା ଘଟଣାର ତଦନ୍ତ ପାଇଁ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ଙ୍କ ପକ୍ଷରୁ ମଙ୍ଗଳବାର ଏକ ୪ ଜଣିଆ ଫ୍ୟାକ୍ଟ ଫାଇଣ୍ଡିଂ ଟିମ୍ ଗଠନ ହୋଇଛି। କମିଟିର ଅଧ୍ୟକ୍ଷ ଭାବେ ନୂଆଦିଲ୍ଲୀସ୍ଥିତ ଗୁରୁଗୋବିନ୍ଦ ସିଂ ଇନ୍ଦ୍ରପ୍ରସ୍ଥ ବିଶ୍ୱବିଦ୍ୟାଳୟର ପ୍ରଫେସର ରାଜ କୁମାର ମିତ୍ତଲଙ୍କ ସମେତ ୟୁଜିସିର ପୂର୍ବତନ ସଦସ୍ୟ ପ୍ରଫେସର ସୁଷମା ଯାଦବ, ଗୁଜରାଟ ବିଶ୍ୱବିଦ୍ୟାଳୟର କୁଳପତି ଡଃ ନିରଜା ଗୁପ୍ତା ଏବଂ ସଂଯୋଜକ ଭାବେ ଡଃ ଅସୀମା ମଙ୍ଗଳା(ୟୁଜିସି ଯୁଗ୍ମ ସଚିବ) ରହିଛନ୍ତି। ଏହି କମିଟି ବାଲେଶ୍ୱରରେ ସରଜମିନ୍ ତଦନ୍ତ କରିବା ସହ ଛାତ୍ରୀମାନଙ୍କ ସୁରକ୍ଷା ଓ ନିରାପତ୍ତା ନେଇ ଶିକ୍ଷାନୁଷ୍ଠାନ ଦ୍ୱାରା କ'ଣ ପଦକ୍ଷେପ ନିଆଯାଇଥିଲା ତାହା ▶ପୃଷ୍ଠା-୭

# ମହାକାଶରୁ ଫେରିଲେ ଶୁଭାଂଶୁ

### କାଲିଫର୍ଣ୍ଣିଆ ଉପକୂଳରେ ସୁରକ୍ଷିତ ଅବତରଣ



**୧୨.୨ ନିୟୁତ କିମି ଯାତ୍ରା କରି ପ୍ରତ୍ୟାବର୍ତ୍ତନ**

■ **କାଲିଫର୍ଣ୍ଣିଆ, ୧୫।୭ (ଏଜେନ୍ସି):** ଭାରତର ଗଗନଯାନ ଯାତ୍ରୀ ତଥା ଗ୍ରୁପ୍ କ୍ୟାପ୍ଟେନ ଶୁଭାଂଶୁ ଶୁକ୍ଳା ପୃଥିବୀକୁ ଫେରିଛନ୍ତି। ପ୍ରଥମ ଭାରତୀୟ ମହାକାଶ ଯାତ୍ରୀ ଭାବେ ସେ ଅନ୍ତର୍ଜାତୀୟ ମହାକାଶ ଷ୍ଟେସନ (ଆଇଏସଏସ)କୁ ଯାଇଥିଲେ। ଆଇଏସଏସରେ ଦୀର୍ଘ ୧୮ ଦିନ ରହିବା ପରେ ଦୀର୍ଘ ୨୨.୫ ଘଣ୍ଟାର ଯାତ୍ରା କରି ଶୁଭାଂଶୁ ମଙ୍ଗଳବାର ଅପରାହ୍ଣ ୩ଟା୨ରେ ସାନ୍ ଡିଏଗୋ ନିକଟସ୍ଥ କାଲିଫର୍ଣ୍ଣିଆ ଉପକୂଳରେ ଅବତରଣ କରିଛନ୍ତି। ସ୍ପେସ୍‌ଏକ୍ସର 'କ୍ରୁ କ୍ୟାପ୍‌ସୁଲ ଗ୍ରେସ' ଶୁଭାଂଶୁଙ୍କ ସହିତ ଅନ୍ୟ ତିନି ମହାକାଶ ଯାତ୍ରୀଙ୍କୁ ଧରି ସୁରକ୍ଷିତ ଭାବେ ମହାସାଗରରେ ପଡ଼ିଛି। ଏହାର ୫୦ ମିନିଟ ପରେ ଏହି ମହାକାଶଯାନରୁ ଶୁଭାଂଶୁଙ୍କୁ ବାହାରକୁ ବାହାର କରାଯାଇଥିଲା। ସେ ଅଗଷ୍ଟ ୧୭ରେ ଭାରତ ଫେରିବେ ବୋଲି କେନ୍ଦ୍ରମନ୍ତ୍ରୀ ଜିତେନ୍ଦ୍ର ସିଂହ କହିଛନ୍ତି। ଏହି ଐତିହାସିକ ଯାତ୍ରା ପାଇଁ ଶୁଭାଂଶୁଙ୍କୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସ୍ୱାଗତ ଜଣାଇଛନ୍ତି। ଶୁଭାଂଶୁ ନିଜ ସମର୍ପଣ, ସାହସ ଦ୍ୱାରା ଅନେକ ସ୍ୱପ୍ନକୁ ପ୍ରେରଣା ଯୋଗାଇଛନ୍ତି। ଏହା ଭାରତର ନିଜସ୍ୱ ମହାକାଶ ଅଭିଯାନ ଗଗନଯାନ ଦିଗରେ ଆଉ ଏକ ମାଇଲଖୁଣ୍ଟ ସାବ୍ୟସ୍ତ ହୋଇଛି ବୋଲି ମୋଦୀ କହିଛନ୍ତି। ପୁଅ ଫେରିବାକୁ ନେଇ ଶୁଭାଂଶୁଙ୍କ ▶ପୃଷ୍ଠା-୭

## ଆଜି ପ୍ରବଳ ବର୍ଷା ଆଶଙ୍କା

■ **ଭୁବନେଶ୍ୱର, ୧୫।୭ (ସମିସ):** ଦକ୍ଷିଣ-ପୂର୍ବ ଗାଙ୍ଗେୟ ପଶ୍ଚିମବଙ୍ଗ ଉପତ୍ୟକା, ବାଂଲାଦେଶ ଉପକୂଳ ଅଞ୍ଚଳରେ ସକ୍ରିୟ ଥିବା ଅବପାତ ସାମାନ୍ୟ ଦୁର୍ବଳ ହୋଇ ସଦୃଶ ଲଘୁଚାପର ରୂପ ନେଇଛି। ବର୍ତ୍ତମାନ ଏହା ଉତ୍ତର ଝାଡ଼ଖଣ୍ଡ ଓ ସଂଲଗ୍ନ ଅଞ୍ଚଳ ଉପରେ ସକ୍ରିୟ ରହିଥିବା ବେଳେ ଆଗାମୀ ୨୪ ଘଣ୍ଟା ଯାଏଁ ପଶ୍ଚିମ ଉତ୍ତର-ପଶ୍ଚିମ ଦିଗରେ ଗତି କରି ଝାଡ଼ଖଣ୍ଡ, ଦକ୍ଷିଣ ବିହାର ଓ ଉତ୍ତରପ୍ରଦେଶ ମୁହାଁ ହେବ। ଏହାର ପ୍ରଭାବରେ ଓଡ଼ିଶାର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ଜାରି ରହିଛି। ମଙ୍ଗଳବାର ରାତିରେ ଭୁବନେଶ୍ୱର ସମେତ ରାଜ୍ୟର କିଛି ସ୍ଥାନରେ ଭଲ ବର୍ଷା ହୋଇଥିବା ବେଳେ ଆଉ ଦୁଇ ତିନି ଦିନ ପର୍ଯ୍ୟନ୍ତ କିଛି କିଛି ବର୍ଷା ଜାରି ରହିବାର ସମ୍ଭାବନା ରହିଛି।



ବିଶେଷକରି ଉତ୍ତର-ପଶ୍ଚିମ ଓଡ଼ିଶାରେ ଦୁଇ ଦିନ ପର୍ଯ୍ୟନ୍ତ ବର୍ଷାର ପ୍ରଭାବ ଜାରି ରହିବା ସହ ଏହି ସମୟରେ କିଛି କିଛି ସ୍ଥାନରେ ପ୍ରବଳ ବର୍ଷା ସମ୍ଭାବନା ରହିଛି। ଏହା ପ୍ରଭାବରେ ମହାନଦୀ, ବୁଢ଼ାବଳଙ୍ଗ, ସୁବର୍ଣ୍ଣରେଖା, ବ୍ରାହ୍ମଣୀ ଆଦି ନଦୀରେ ଜଳସ୍ତର ବୃଦ୍ଧି ଆଶଙ୍କା ରହିଛି। ଫଳରେ ଏହି ସବୁ ନଦୀରେ ବନ୍ୟା ସୃଷ୍ଟି ହେବାର ମଧ୍ୟ ଆଶଙ୍କା ରହିଛି। ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି ଯେ ଆସନ୍ତା ୨୪ଘଣ୍ଟା ପାଇଁ ବିଶେଷ କରି ଓଡ଼ିଶାର ମୟୂରଭଞ୍ଜ, କେନ୍ଦୁଝର, ଝାରସୁଗୁଡ଼ା, ସମ୍ବଲପୁର, ସୁନ୍ଦରଗଡ ଜିଲ୍ଲା ପାଇଁ ଜଳଭଣ୍ଡାର ଓ ଏହାର ଆଖପାଖ ଅଞ୍ଚଳରେ ଜଳ ପ୍ରବାହ ସ୍ଥିତି ଯୋଗୁଁ ସାମ୍ଭାବ୍ୟ ଅଚାନକ ବନ୍ୟା ପରିସ୍ଥିତି ବା ଫ୍ଲାସଫ୍ଲଡ ହେବାର ସମ୍ଭାବନା ରହିଛି। ଏନେଇ ସ୍ଥାନୀୟ ବାସିନ୍ଦାମାନଙ୍କୁ ସତର୍କ ରହିବା ପାଇଁ ସୂଚୀତ କରାଯାଇଛି। ବନ୍ୟା ଦ୍ୱାରା ପନିପରିବା ଫସଲ ଚାଷ ପ୍ରଭାବିତ ହେବାର ସମ୍ଭାବନା ରହିଛି। ଅତ୍ୟଧିକ ଜଳ ପ୍ରବାହ ଯୋଗୁଁ ଜଳବନ୍ଦୀ ଭଳି ବିଭିନ୍ନ ସମସ୍ୟା ଉପୁଜିପାରେ ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି। ଆଗାମୀ ୧୮ କିମ୍ବା ୧୯ ବେଳକୁ ଆନ୍ଧ୍ର ନିକଟସ୍ଥ ସମୁଦ୍ର ମଧ୍ୟରେ ଆଉ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବାର ସମ୍ଭାବନା ରହିଥିବା ବେଳେ ପରବର୍ତ୍ତୀ ସମୟରେ ଏହା ଉତ୍ତର ବଙ୍ଗୋପସାଗରରେ ମିଆଁମାର ଦେଇ ଆସୁଥିବା ଏକ ଲଘୁଚାପ ସହ ୨୪-୨୫ ବେଳକୁ ମିଶିବ। ପରବର୍ତ୍ତୀ ସମୟରେ ଏହା ଲଘୁଚାପ କିମ୍ବା ସୁଦୃଶ ଲଘୁଚାପ ରୂପେ ଓଡ଼ିଶା/ପଶ୍ଚିମବଙ୍ଗ ଦେଇ ଗତି କରିବାର ସମ୍ଭାବନା ରହିଛି।

## ୨୦ ଲକ୍ଷ ଲୋକଙ୍କ ପେଟକୁ ଦାନା ବନ୍ଦ

■ **ଭୁବନେଶ୍ୱର, ୧୫।୭ (ସମିସ):** ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ୨୦ଲକ୍ଷ ୫୮ ହଜାର ଲୋକ ଇ-କେୱାଇସି କରିନାହାନ୍ତି। ସେଥିପାଇଁ ସେମାନଙ୍କ ଚାଉଳ ବନ୍ଦ କରାଯାଇଛି। ସେମାନେ ଇ-କେୱାଇସି କରିବା ପରେ ସରକାର ଚାଉଳ ଦେବେ। ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଆଜି ଗଣମାଧ୍ୟମକୁ ଦେଇଛନ୍ତି ଏପରି ସୂଚନା। ସେ କହିଛନ୍ତି ଯେ ଇ-କେୱାଇସି କରିନଥିବା ଲୋକଙ୍କ ପାଇଁ ୩ ମାସ ଅପେକ୍ଷା କରାଯିବ ଓ କାର୍ଡଗୁଡ଼ିକୁ ସେହି ସମୟରେ ଅଚଳ ଅବସ୍ଥାରେ ରହିବ। ଯଦି ୩ ମାସ ଭିତରେ ସେମାନେ ଇ-କେୱାଇସି ନ କରିବେ, କାର୍ଡଗୁଡ଼ିକୁ କାଟି ଦିଆଯିବ।

ରାସନ କାର୍ଡରେ ଥିବା ଅଯୋଗ୍ୟ ହିତାଧିକାରୀଙ୍କୁ ଚିହ୍ନଟ ପାଇଁ ସରକାର ଇ-କେୱାଇସି ବ୍ୟବସ୍ଥା ଆରମ୍ଭ କରିଥିଲେ। ଯେଉଁମାନେ ଏହି ପ୍ରକ୍ରିୟାରେ କୌଣସି କାରଣବଶତଃ ସାମିଲ ହୋଇପାରିବେନି, ସେମାନଙ୍କ ଘରକୁ ଯାଇ ଯୋଗାଣ ବିଭାଗର ଅଧିକାରୀମାନେ ତାଙ୍କର ସ୍ଥିତିବସ୍ଥା ଯାଞ୍ଚ କରିବେ। ସେମାନେ ରାଜ୍ୟ ବାହାରେ ଥିଲେ ଅବା କୌଣସି କାରଣବଶତଃ ଇ-କେୱାଇସି କରିପାରିନଥିବେ, ଯାଞ୍ଚ କରି ସେହି ଅନୁସାରେ ପଦକ୍ଷେପ ନେବେ। ବାସ୍ତବରେ କେତେ ଯୋଗ୍ୟ ହିତାଧିକାରୀ


**ଚିନ୍ତାରେ ପ୍ରବାସୀ ଶ୍ରମିକ ଓ ବରିଷ୍ଠ ନାଗରିକ**

ରାସନ ପାଉଛନ୍ତି, ଚିହ୍ନଟ ପାଇଁ ଯୋଗାଣ ବିଭାଗ ଏଭଳି ବ୍ୟବସ୍ଥା ଆପଣାଇଛି ବୋଲି ଯୋଗାଣ ମନ୍ତ୍ରୀ ସେତେବେଳେ କହିଥିଲେ; ମାତ୍ର ଏବେ ଇ-କେୱାଇସି କରିନଥିବା ଲୋକଙ୍କୁ ରାସନ ମିଳିବନି ବୋଲି ମନ୍ତ୍ରୀ କହିବା ଅନେକଙ୍କ ପାଇଁ ଚିନ୍ତା ବଢ଼ାଇଛି। ଏହାପରେ ରାଜ୍ୟ ବାହାରେ କାମ କରୁଥିବା ଦାଦନ ଶ୍ରମିକଙ୍କର ଭାଳେଣି ପଡ଼ିଛି। ସେମାନେ ବାହାରେ ରହୁଥିବାରୁ ଇ-କେୱାଇସି କରିପାରୁନାହାନ୍ତି। ଏପରିସ୍ଥଳେ ଚାଉଳ ନ ମିଳିଲେ ଗରିବ ଲୋକ କେମିତି ଗୁଜୁରାଣ ମେଣ୍ଟାଇବେ ଏବେ ସେହି ଚିନ୍ତା ସମସ୍ତଙ୍କୁ ଘାରୁଛି।

ବର୍ଷକ ତଳେ ରାଜ୍ୟରେ ଇ-କେୱାଇସି ଆରମ୍ଭ ହୋଇଥିଲା। ରାସନ ଡିଲର୍‌ମାନେ ପରିବାର ସମସ୍ତଙ୍କର ଆଧାରକାର୍ଡ ଅନୁସାରେ ଇ-କେୱାଇସି କରୁଥିଲେ। ବାହାରେ ରହୁଥିବା ଲୋକମାନେ ଅସୁବିଧାରେ ପଡ଼ିଲେ। ସରକାର କହିଲେ, ଜନସେବା କେନ୍ଦ୍ର ସାହାଯ୍ୟରେ ବି ଲୋକମାନେ ନିଜର ଇ-କେୱାଇସି ଅପ୍‌ଡେଟ୍ କରିବେ। ହେଲେ ଏହି ସୁବିଧା ଉପଲବ୍ଧ ହୋଇପାରିଲା ନାହିଁ। ତେଣୁ ଲୋକମାନେ ବାହାରେ ରହୁଥିବାରୁ ଏହି ପ୍ରକ୍ରିୟାରେ ସାମିଲ ▶ପୃଷ୍ଠା-୭

## ଓଡ଼ିଶାର ଗାଁ ନେଇଯିବ ଆନ୍ଧ୍ର !

■ **ପାରଳାଖେମୁଣ୍ଡି/ ରାୟଗଡ଼, ୧୫।୭ (ସମିସ):** ଗଜପତି ଜିଲ୍ଲା ସୀମାନ୍ତରେ ପୁଣି ଆନ୍ଧ୍ର ଦାଦାଗିରି କରିଛି। କିଛି ଦିନ ହେଲା ରାୟଗଡ଼ ବ୍ଲକ୍ ଗଙ୍ଗାବାଡ଼ ପଞ୍ଚାୟତର ଅମରିଙ୍ଗି, ମାଣିକପାଟଣା, ବୁରୁସିଂ ଆଦି ଗ୍ରାମାଞ୍ଚଳକୁ ଆନ୍ଧ୍ରର ତହସିଲଦାର, ଆର୍‌ଆଇ ଏବଂ କିଛି ଅଜଣା ବ୍ୟକ୍ତିବିଶେଷ ଆସି ଗ୍ରାମବାସୀଙ୍କୁ ଆନ୍ଧ୍ରରେ ମିଶିବାକୁ ପ୍ରବର୍ତ୍ତାଉଛନ୍ତି। ଏପରିକି, ଏଠାରେ ଥିବା ସମସ୍ତ ଭିତ୍ତିଭୂମିଗୁଡ଼ିକ ଆନ୍ଧ୍ର ସରକାରଙ୍କ ବୋଲି ଦାବି କରି ପ୍ରଚାରପ୍ରସାର କରିଥିଲେ। ଏ ସମ୍ପର୍କରେ ଅଭିଯୋଗ ହେବା ପରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଆଜି ପାରଳାଖେମୁଣ୍ଡି ଉପଜିଲ୍ଲାପାଳ ଅନୁପ ପଣ୍ଡାଙ୍କ ସମେତ ଅଧିକାରୀ ଓ ଗାରାବନ୍ଧ ଥାନା ଅଧିକାରୀ ପ୍ରଶାନ୍ତ କୁମାର ନିଶିକାଙ୍କ ସହ ପୁଲିସ୍ ସଦଳବଳେ ପହଞ୍ଚି ତଦନ୍ତ




କରିଛନ୍ତି। ବିବାଦୀୟ ଗ୍ରାମାଞ୍ଚଳକୁ ଯାଇ ସେଠାକାର ଅଧିବାସୀଙ୍କ ସହ ଆଲୋଚନା କରି ଘଟଣା ସମ୍ପର୍କରେ ପଚାରି ବୁଝିଛନ୍ତି।

ଏନେଇ ପାରଳାଖେମୁଣ୍ଡି ଉପଜିଲ୍ଲାପାଳ ଶ୍ରୀ ପଣ୍ଡା କହିଛନ୍ତି ଯେ, ଗତ କିଛିଦିନ ହେଲା ଆନ୍ଧ୍ରର ଅଧିକାରୀ ଓ ବ୍ୟକ୍ତିବିଶେଷ ଆସି ଓଡ଼ିଶାର ଗ୍ରାମାଞ୍ଚଳରେ ପଶି ଧମକ ଚମକ ଦେବା ସହ ଏହି ଗ୍ରାମଗୁଡ଼ିକ ନିଜର ବୋଲି ଦାବି କରିଥିଲେ। ସେମାନେ ଯେଉଁ ଗ୍ରାମକୁ ଯାଇଛନ୍ତି, ସେଗୁଡ଼ିକ ସମ୍ପୂର୍ଣ୍ଣ ଭାବେ ଓଡ଼ିଶା ତଥା ଗଜପତି ଜିଲ୍ଲାରେ ରହିଛି। ଏହି ଗ୍ରାମରେ ପ୍ରଶାସନ ପକ୍ଷରୁ ସମସ୍ତ ଭିତ୍ତିଭୂମି କରାଯାଇଛି। କୋଠଘରଠାରୁ ଆରମ୍ଭ କରି ସିସିରୋଡ୍, ଫରେଷ୍ଟ ଅଫିସ, ପ୍ରଧାନମନ୍ତ୍ରୀ ଆବାସ ଯୋଜନାଠାରୁ ଆରମ୍ଭ କରି ରାଜ୍ୟ ସରକାରଙ୍କ ବିଭିନ୍ନ ଯୋଜନା ଉପଲବ୍ଧ କରାଯାଇଛି। ଏପରିକି, ଏହି ଗ୍ରାମଗୁଡ଼ିକ ରାଜସ୍ୱ ସର୍କଲରେ ରହିଥିବାର ସମସ୍ତ ଦସ୍ତାବିଜ୍ ଅଛି। ସେମାନେ ଆସି ଏଠାକୁ ଅଯଥାରେ ଲୋକଙ୍କୁ ବିଭ୍ରାନ୍ତ କରୁଛନ୍ତି। ଆନ୍ଧ୍ରରୁ କେହି ପ୍ରଶାସନିକ ଅଧିକାରୀ କିମ୍ବା କୌଣସି ବ୍ୟକ୍ତିବିଶେଷ ଆସି ଅପପ୍ରଚାର କଲେ, ସେମାନଙ୍କୁ ଅଟକ ରଖି ପୁଲିସ କିମ୍ବା ପ୍ରଶାସନକୁ ଜଣାଇବାକୁ ଶ୍ରୀ ପଣ୍ଡା ପରାମର୍ଶ ଦେଇଛନ୍ତି। ଏହି ସମସ୍ୟା ଦୀର୍ଘ ବର୍ଷ ଧରି ଏହି ଅଞ୍ଚଳରେ ▶ପୃଷ୍ଠା-୭



## ଅଭିନେତା ଧୀରଜ କୁମାରଙ୍କ ପରଲୋକ



ମୁମ୍ବାଇ, ୧୫ା୭ (ଏଜେନ୍ସି): ଅଭିନେତା ତଥା ନିର୍ଦ୍ଦେଶକ ଧୀରଜ କୁମାରଙ୍କ ପରଲୋକ ହୋଇଛି। ତାଙ୍କୁ ୭୯ ବର୍ଷ ହୋଇଥିଲା। ନିଃଶ୍ୱାସପ୍ରଶ୍ୱାସରେ ସମସ୍ୟା ହେବା ଯୋଗୁଁ ତାଙ୍କୁ ସୋମବାର କୋକିଳାବେନ ଧୀରୁଭାଇ ଅମ୍ବାନୀ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସ୍ୱାସ୍ଥ୍ୟାବସ୍ଥା ଜଟିଳ ହେବାରୁ ତାଙ୍କୁ ଭେଣ୍ଟିଲେଟରରେ ରଖା ଯାଇଥିଲା। ଶେଷରେ ମଙ୍ଗଳବାର ଦ୍ୱିପହରେ ସେ ପ୍ରାଣ ହରାଇ ଥିଲେ। ସେ ନିମୋନିଆରେ ଆକ୍ରାନ୍ତ ଥିଲେ। ଶୁକ୍ରବାର ସକାଳେ ଭିଲେ ପାର୍ଲେ ସ୍ଥିତ ପବନହଂସ ଶ୍ମଶାନରେ ତାଙ୍କ ଅନ୍ତିମ ସଂସ୍କାର କରାଯିବ। ଚଳଚ୍ଚିତ୍ର ହୀରା ପନ୍ନା, ରୋଟି କପଡ଼ା ଏବଂ ମକାନ, ବହାରେଂ ଫୁଲ ବରସାଓ ଭଳି ଅନେକ ସୁପରହିଟ୍ ଚଳଚ୍ଚିତ୍ରରେ ଧୀରଜ ଅଭିନୟ କରିଥିଲେ। ମିଲି, ଘର କି ଲକ୍ଷ୍ମୀ ବେଟିଆଁ ଏବଂ ମାଏକା ଆଦିରେ ସେ ନିର୍ଦ୍ଦେଶନା ଦେଇଥିଲେ। ତାଙ୍କ ମୃତ୍ୟୁରେ ସିନେ ଜଗତରେ ଶୋକର ଛାୟା ଖେଳି ଯାଇଛି।

## ଆତ୍ମସମର୍ପଣ ପରେ ରାହୁଲ ଗାନ୍ଧୀଙ୍କୁ ଜାମିନ

ଲକ୍ଷ୍ନୌ, ୧୫ା୭ (ଏଜେନ୍ସି): ଭାରତୀୟ ସେନା ବିରୋଧରେ ବିବାଦୀୟ ଟିପ୍ପଣୀ ଦେବା ମାମଲାରେ ଲୋକସଭା ବିରୋଧୀ ଦଳ ନେତା ତଥା କଂଗ୍ରେ ସାଂସଦ ରାହୁଲ ଗାନ୍ଧୀ ମଙ୍ଗଳବାର ଦ୍ୱିପହରେ ଲକ୍ଷ୍ନୌ କୋର୍ଟରେ ଆତ୍ମସମର୍ପଣ କରିଛନ୍ତି। ଏହାର ୫ ମିନିଟ ପରେ ଆବେଦନ ଉପରେ ବିଚାର କରି କୋର୍ଟ ତାଙ୍କୁ ଜାମିନ ପ୍ରଦାନ କରିଥିଲେ। ଆଡିସନାଲ ଚିଫ୍ ଜୁଡିସିଆଲ ମାଜିଷ୍ଟ୍ରେଟ ଆଲୋକ ବର୍ମା ୨୦ ହଜାର ଟଙ୍କାର ଦୁଇଟି ବଣ୍ଡରେ ରାହୁଲଙ୍କୁ ଜାମିନ ଦେଇଥିଲେ। ରାହୁଲ ପ୍ରାୟ ୩୦ ମିନିଟ ପାଇଁ କୋର୍ଟ ଭିତରେ ରହିଥିଲେ। ପୂର୍ବରୁ ଏହି ମାମଲାରେ ତାଙ୍କୁ କୋର୍ଟ ସମନ ଜାରି କରିଥିଲେ।

## ଶହେ କ୍ରାଇମ ଧାରାବାହିକ ଦେଖି ସ୍ୱାମୀଙ୍କୁ ହତ୍ୟା

ମୁଜଫରପୁର, ୧୫ା୭ (ଏଜେନ୍ସି): ବିହାର ମୁଜଫରପୁରରୁ ଚାଞ୍ଚଲ୍ୟକର ମାମଲା ସାମ୍ନାକୁ ଆସିଛି। ପରକୀୟାପ୍ରୀତି ସନ୍ଦେହ କରି ସ୍ତ୍ରୀ ସ୍ୱାମୀଙ୍କୁ ହତ୍ୟା କରିଛି। ତେବେ ଏହି ହତ୍ୟା ପାଇଁ ସ୍ତ୍ରୀ ଶହେରୁ ଅଧିକ କ୍ରାଇମ ଧାରାବାହିକ ଦେଖିଥିଲେ। ଗୁଗଲ ଏବଂ ୟୁଟ୍ୟୁବରୁ ହତ୍ୟା କେମିତି କରନ୍ତି ତାହା ଶିଖିଥିଲେ। ପରେ ନୋଟ୍ ବନାଇ ହତ୍ୟା ଷଡ଼ଯନ୍ତ୍ର କରିଥିଲେ। ଗତ ୭ ତାରିଖରେ ଏହି ହତ୍ୟାକାଣ୍ଡ ଘଟିଥିଲାବେଳେ ପୁଲିସ ୧୩ ତାରିଖରେ ପତ୍ନୀ ସବା ଫରଦୋସଙ୍କୁ ଗିରଫ କରିଥିଲା। ସେ ଜେରା ସମୟରେ ଏହା ସ୍ୱୀକାର କରିଛନ୍ତି। ଫରଦୋସ କହିଛନ୍ତି ଯେ ସେ ଅଧିକାରୀ ହେବାକୁ ଚାହୁଁଥିଲେ। ୨୦୧୨ରେ ସେ ସମୟରେ ପଞ୍ଚାୟତ ରୋଜଗାର ସେବକ ଭାବେ କାର୍ଯ୍ୟ କରୁଥିବା ମୁମତାଜଙ୍କୁ ବିବାହ କରିଥିଲେ। ଉଭୟଙ୍କର ତିନି ଶିଶୁ ଅଛନ୍ତି। କିଛି ଦିନ ତଳେ ଅନ୍ୟ ଜଣେ ମହିଳାଙ୍କ ସହ ସ୍ୱାମୀ ସମ୍ପର୍କ ରଖିଥିବା ସେ ଜାଣିବାକୁ ପାଇଥିଲେ। ଏହାକୁ ବିରୋଧ କଲେ ମାର୍‌ପିଟ କରୁଥିଲେ। ଶେଷରେ ଅତିଷ୍ଠ ହୋଇ ୧୭ ଥର ଛୁରା ମାରି ସ୍ୱାମୀଙ୍କୁ ହତ୍ୟା କରିଥିଲି।

## ଛାତ୍ରୀଙ୍କୁ ଦୁଷ୍କର୍ମ କରି ୨ ଅଧ୍ୟାପକ ଓ ବନ୍ଧୁ ଗିରଫ



ବେଙ୍ଗାଲୁରୁ, ୧୫ା୭ (ଏଜେନ୍ସି): ଗୁରୁ ଏବଂ ଶିଷ୍ୟର ସମ୍ପର୍କକୁ ବଦ୍‌ନାମ କରିବା ଭଳି ଘଟଣା ସମାଜରେ ବଢ଼ିବାରେ ଲାଗିଛି। ଏବେ ଏଭଳି ଏକ ମାମଲା ବେଙ୍ଗାଲୁରୁରୁ ସାମ୍ନାକୁ ଆସିଛି। ଏଠାକାର ଏକ ଘରୋଇ କଲେଜର ପଦାର୍ଥ ବିଜ୍ଞାନ ଅଧ୍ୟାପକ ନରେନ୍ଦ୍ର ଏବଂ ଜୀବ ବିଜ୍ଞାନ ଅଧ୍ୟାପକ ସନ୍ଦୀପ ଏବଂ ତାଙ୍କ ବନ୍ଧୁ ଅନୁପ ମିଶି ଜଣେ ଛାତ୍ରୀଙ୍କୁ ଅନେକ ଥର ଦୁଷ୍କର୍ମ କରିଛନ୍ତି। ଏହି ମାମଲାରେ ତିନି ଜଣଙ୍କୁ ଗିରଫ କରାଯାଇଛି। ବେଙ୍ଗାଲୁରୁ ପୁଲିସ ସୂଚନା ଅନୁଯାୟୀ ନରେନ୍ଦ୍ର ଛାତ୍ରୀଙ୍କୁ ନୋଟ୍ ଦେବା ବାହାନାରେ ବେଙ୍ଗାଲୁରୁ ଡାକିଥିଲେ। ପରେ ତାଙ୍କ ବନ୍ଧୁ ଅନୁପଙ୍କ ଘରକୁ ନେଇ ବଳାତ୍କାର କରିଥିଲେ। ଏହା ପରେ ପୀଡିତାଙ୍କ ସହ ନରେନ୍ଦ୍ରର ଏକ ଭିଡିଓ କ୍ଲିପ୍‌କୁ ସନ୍ଦୀପ ରେକର୍ଡ କରି ନେଇଥିଲେ। ସେ ଏହି ଆଧାରରେ ପୀଡିତାଙ୍କୁ ବ୍ଲାକମେଲ୍ କରି ଅନେକ ଦିନ ଧରି ବଳାତ୍କାର କରିଥିଲେ। ତୃତୀୟ ଅଭିଯୁକ୍ତ ଅନୁପ ମଧ୍ୟ ତାଙ୍କ ପ୍ରକୋଷ୍ଠକୁ ଆସୁଥିବାର ସିସିଟିଭି ଫୁଟେଜ୍ ଥିବା ଦାବି କରି ଛାତ୍ରୀଙ୍କୁ ଧମକ ଦେଇଥିଲେ। ମାସେ ତଳେ ଏହି ଘଟଣା ଘଟିଥିଲା। କିନ୍ତୁ କିଛି ଦିନ ତଳେ ଛାତ୍ରୀ ମାତାପିତାଙ୍କୁ ଏହି ସୂଚନା ଦେଇଥିଲେ।

## 'ସଞ୍ଜୟ ଦତ୍ତଙ୍କ ଯୋଗୁଁ ମୁମ୍ବାଇରେ ହୋଇଥିଲା ବିସ୍ଫୋରଣ'

ନୂଆଦିଲ୍ଲୀ, ୧୫ା୭ (ଏଜେନ୍ସି): ମୁମ୍ବାଇରେ ୧୯୯୩ରେ ହୋଇଥିବା ବୋମା ବିସ୍ଫୋରଣକୁ ଅଟକା ଯାଇ ପାରିଥାନ୍ତା। ଅଭିନେତା ସଞ୍ଜୟ ଦତ୍ତ ଚାହିଁଥିଲେ ଏହା ହୋଇ ନ ଥାଆନ୍ତା। ସେ ଯେଉଁ ଗାଡ଼ିରୁ ଏକେ-୪୭ ବନ୍ଧୁକ ଧରିଥିଲେ ତାହାର ସୂଚନା ପୁଲିସକୁ ଯଦି ଦେଇଥାନ୍ତେ ତେବେ କେବେ ବି ବିସ୍ଫୋରଣ ହୋଇ ନ ଥାଆନ୍ତା। ବରିଷ୍ଠ ଓକିଲ ତଥା ରାଜ୍ୟସଭା ସାଂସଦ ଉଜ୍ଜ୍ୱଳ ନିକମ ଏହି ଦାବି କରିଛନ୍ତି। ସେ ଏକ ସାକ୍ଷାତକାରରେ କହିଛନ୍ତି ଯେ ବିସ୍ଫୋରଣର କିଛି ଦିନ ପୂର୍ବରୁ ଆତଙ୍କବାଦୀ ଦାଉଦ ଇବ୍ରାହିମ ଗୋଷ୍ଠୀର ସଦସ୍ୟ ଆବୁ ସାଲେମ (ଅସ୍ତ୍ରଶସ୍ତ୍ର ଭର୍ତ୍ତି ଏକ ଭ୍ୟାନ୍ ଧରି ସଞ୍ଜୟ ଦତ୍ତଙ୍କ ଘରକୁ ଆସିଥିଲା। ଏଥିରେ ହ୍ୟାଣ୍ଡ ଗ୍ରେନେଡ୍ ଏବଂ ଏକେ-୪୭ ଥିଲା। ସଞ୍ଜୟ ଏଥିରୁ କିଛି ଅସ୍ତ୍ରଶସ୍ତ୍ର ନେଇଥିଲା। ପରେ ସେ ସମସ୍ତ ଅସ୍ତ୍ରଶସ୍ତ୍ର ଫେରାଇ ଏକେ-୪୭ ରଖିଥିଲେ। ସେ ଏ ବିଷୟରେ ପୁଲିସକୁ ସୂଚନା ନ ଦେବାରୁ ୧୩ ବୋମା ବିସ୍ଫୋରଣ ହୋଇଥିଲା। ଏଥିରେ ୨୫୭ ଜଣଙ୍କ ମୃତ୍ୟୁ ହୋଇଥିଲା।

# ୫ ବର୍ଷରେ ୬୫ ବିମାନ ଇଞ୍ଜିନ ବନ୍ଦ

ନୂଆଦିଲ୍ଲୀ, ୧୫ା୭ (ଏଜେନ୍ସି): ଭାରତରେ ଗତ ୫ ବର୍ଷରେ ଉଡ଼ାଣ କରିବା ସମୟରେ କିମ୍ବା ଆକାଶ ମାର୍ଗରେ ଥିବାବେଳେ ୬୫ ବିମାନର ଇଞ୍ଜିନ ବନ୍ଦ (ସଟ୍‌ଡାଉନ) ହୋଇଯାଇଛି। ଅର୍ଥାତ୍ ମାସକୁ ଅତିକମରେ ଗୋଟିଏ ବିମାନର ଇଞ୍ଜିନ ବନ୍ଦ ହୋଇଛି। ତେବେ ସବୁ ମାମଲାରେ ପାଇଲଟ୍ ଗୋଟିଏ ଇଞ୍ଜିନରେ ବିମାନକୁ ନିକଟସ୍ଥ ବିମାନବନ୍ଦରକୁ ପହଞ୍ଚାଇବାରେ ସଫଳ ହୋଇଛନ୍ତି। ଏକ ସୂଚନା ଅଧିକାର (ଆରଟିଆଇ) ବଳରେ ଡିଜିସିଏ ପକ୍ଷରୁ ଟାଇମ୍ସ ଅଫ୍ ଇଣ୍ଡିଆକୁ ଏହି ସୂଚନା ମିଳିଛି। ରିପୋର୍ଟରୁ ଜଣାପଡ଼ିଛି ଯେ ୨୦୨୪ ଜାନୁଆରୀ ୧ରୁ ୨୦୨୫ ମେ' ୩୧ ମଧ୍ୟରେ ୧୭ ମାସରେ ୧୧ ବିମାନ 'ମେଡେ'କଲ୍ କରିଛନ୍ତି। ଏଥିରେ ଯାନ୍ତ୍ରିକ ତ୍ରୁଟି ସୂଚନା ଦିଆଯାଇଥିଲା ଏବଂ ଜରୁରୀ ଅବତରଣ ପାଇଁ ଅନୁମତି ମଗା ଯାଇଥିଲା। ଏହା ମଧ୍ୟରୁ ୪ଟି ବିମାନ କେବଳ ହାଇଦରାବାଦରେ ଅବତରଣ କରିଥିଲା।



### ପ୍ରତି ମାସରେ ଗୋଟିଏ ବିମାନର ଇଞ୍ଜିନ ବନ୍ଦ

### ୧୭ ମାସରେ ୧୧ 'ମେଡେ' କଲ୍ ଆସିଛି

ଏହି ଆରଟିଆଇ ରିପୋର୍ଟରେ ଦୁର୍ଘଟଣାଗ୍ରସ୍ତ ବୋଇଂ ଡ୍ରିମଲାଇନର ଏବଂ ଜୁନ୍ ୧୯ରେ ଇଣ୍ଡିଗୋର ଗୌହାଟୀ-ଚେନ୍ନାଇ ବିମାନ ସାମିଲ ନାହିଁ। ଇନ୍ଧନ କମ୍ ହେବା ଯୋଗୁଁ ଏହି ବିମାନର ଗତିପଥକୁ ପରିବର୍ତ୍ତନ କରାଯାଇଥିଲା।

ଫ୍ରେଞ୍ଚ ଶବ୍ଦ 'ମେଡେ'ର ଅର୍ଥ ମୋତେ ବଞ୍ଚାଅ। ସାଧାରଣତଃ ରେଡିଓ ମାଧ୍ୟମରେ ଏଟିସି କିମ୍ବା ଆଖପାଖର ଅନ୍ୟ ବିମାନକୁ ଏହି ବାର୍ତ୍ତା ଦିଆଯାଇଥାଏ। ତୁରନ୍ତ ସହାୟତା ଲାଗି ତଥା ଜରୁରୀ ସ୍ଥିତିର ମୁକାବିଲା ପାଇଁ ଏହି ସଙ୍କେତ ବ୍ୟବହାର କରାଯାଇଥାଏ। ଅହମଦାବାଦ ବିମାନ ଦୁର୍ଘଟଣା ପୂର୍ବରୁ ମଧ୍ୟ ପାଇଲଟ ଏହି ବାର୍ତ୍ତା ଦେଇ ସହାୟତା ମାଗିଥିଲେ। କିନ୍ତୁ ଏହା ପୂର୍ବରୁ ବିମାନ ଦୁର୍ଘଟଣାଗ୍ରସ୍ତ ହୋଇଯାଇଥିଲା। ଏହାର ପ୍ରାଥମିକ ରିପୋର୍ଟ ଆସିବା ପରେ ଦିନକ ତଳେ ଡିଜିସିଏ ସବୁ ବୋଇଂ ବିମାନର ଇନ୍ଧନ ସ୍ୱିଚ୍ ଯାଞ୍ଚ କରିବା ପାଇଁ ଏୟାରଲାଇନ୍ସ ଗୁଡିକୁ ନିର୍ଦ୍ଦେଶ ଦେଇଥିଲା। ଏଏଆଇବିର ଯାଞ୍ଚ ରିପୋର୍ଟରେ କୁହାଯାଇଥିଲା ଯେ ଚେତାବନୀ ସତ୍ତ୍ୱେ ଏଆଇ-୧୭୧ ବିମାନର ଉଡ଼ାଣ କରାଯାଇଥିଲା। ଉଡ଼ାଣ ଆରମ୍ଭ ହେବା ପୂର୍ବରୁ ପାଇଲଟ 'ଷ୍ଟାବ୍ ପୋସ୍ ଏକ୍ସଡିସିଆର' ନାମକ ଚେତାବନୀ ଦେଇଥିଲେ। ବିମାନର ସନ୍ତୁଳନ ବଜାୟ ରଖୁଥିବା ସେନ୍‌ସର୍ ଫେଲ୍ ହୋଇପାରେ ବୋଲି ଏହା ବାର୍ତ୍ତା ଦେଉଛି। କିନ୍ତୁ ଏହାକୁ ଅଣଦେଖା କରାଯାଇଥିଲା।

**ଅହମଦାବାଦ ଦୁର୍ଘଟଣାର ୪ ସପ୍ତାହ ପୂର୍ବରୁ ବ୍ରିଟେନ ଦେଇଥିଲା ଚେତାବନୀ**

## ବୋଇଂ ବିମାନର 'ଇନ୍ଧନ ସ୍ୱିଚ୍' ଯାଞ୍ଚ କରି ବଦଳାଅ




ଲଣ୍ଡନ, ୧୫ା୭ (ଏଜେନ୍ସି): ବୋଇଂ ବିମାନର ରକ୍ଷଣାବେକ୍ଷଣକୁ ନେଇ ବ୍ରିଟେନ ବେସାମରିକ ବିମାନ ଚଳାଚଳ କର୍ତ୍ତୃପକ୍ଷ (ସିଏଏ) ଚାଞ୍ଚଲ୍ୟକର ତଥ୍ୟ ଦେଇଛନ୍ତି। ଅହମଦାବାଦ ବିମାନ ଦୁର୍ଘଟଣାର ଚାରି ସପ୍ତାହ ପୂର୍ବରୁ ବୋଇଂ ବିମାନର 'ଫୁଏଲ କଣ୍ଟ୍ରୋଲ ସ୍ୱିଚ୍'କୁ ନେଇ ଚେତାବନୀ ଜାରି କରାଯାଇଥିଲା ବୋଲି କୁହାଯାଇଛି। ସିଏଏ ମେ'୧୫ରେ ଏ ନେଇ ଏୟାରଲାଇନ୍ସ ମାନଙ୍କ ନିମନ୍ତେ ନିର୍ଦ୍ଦେଶ ଜାରି କରିଥିଲା। ଆମେରିକାର ଫେଡେରାଲ ଆଭିଏସନ ଆଡମିନିଷ୍ଟ୍ରେସନ (ଏଫଏଏ) ନିର୍ଦ୍ଦେଶ ପାଳନ କରିବାକୁ କୁହାଯାଇଥିଲା। ବୋଇଂ ୭୩୭, ୭୫୭, ୭୬୭, ୭୭୭ ଏବଂ ୭୮୭ ବିମାନର 'ଫୁଏଲ ସଟ୍‌ଅଫ୍ ଭାଲ୍‌ଭ ଆକ୍‌ଟ୍ୟୁଏଟର୍ସ'କୁ ସମ୍ଭାବ୍ୟ ବିପଦ କୁହାଯାଇଥିଲା। ବ୍ରିଟେନ ଆସୁଥିବା ସବୁ ଏୟାରଲାଇନ୍ସକୁ ଏହି ନିର୍ଦ୍ଦେଶ ଜାରି କରି ଏହ ଭାଲ୍‌ଭ୍ସ ଯାଞ୍ଚ କରିବାକୁ କୁହାଯାଇଥିଲା। ଆବଶ୍ୟକ ପଡ଼ିଲେ ବଦଳାଇବାକୁ କିମ୍ବା ମରାମତି କରିବାକୁ କିମ୍ବା ପ୍ରତିଦିନ ବାଧ୍ୟତାମୂଳକ ଭାବେ ଯାଞ୍ଚ କରିବାକୁ ସିଏଏ ପକ୍ଷରୁ କୁହାଯାଇଥିଲା। ଅହମଦାବାଦରେ ଦୁର୍ଘଟଣାଗ୍ରସ୍ତ ଡ୍ରିମ୍‌ଲାଇନର ୭୮୭ ବିମାନରେ ମଧ୍ୟ ଏଭଳି ହୋଇଥିଲା। ପ୍ରାଥମିକ ଯାଞ୍ଚ ରିପୋର୍ଟରେ ଫୁଏଲ ସ୍ୱିଚ ବନ୍ଦ ଥିବାରୁ ଦୁର୍ଘଟଣା ଘଟିଲା ବୋଲି କୁହାଯାଇଛି। ସୂଚନାଯୋଗ୍ୟ ଯେ 'ଫୁଏଲ ସଟ୍‌ଅଫ୍ ଭାଲ୍‌ଭ' ଏକ ଗୁରୁତ୍ୱପୂର୍ଣ୍ଣ ସୁରକ୍ଷା ଡିଭାଇସ। ଏହା ଆବଶ୍ୟକ ପଡ଼ିଲେ ଇଞ୍ଜିନକୁ ଇନ୍ଧନ ଯୋଗାଣ ବନ୍ଦ କରିଦେଇଥାଏ। ଇଞ୍ଜିନରେ ନିଆଁ ଲାଗିଲେ, ଜରୁରୀ ଅବତରଣ ଏବଂ ରକ୍ଷଣାବେକ୍ଷଣ ସମୟରେ ଏହାକୁ ବ୍ୟବହାର କରାଯାଇଥାଏ।

# ଚୀନ୍‌ରେ ଜିନ୍‌ପିଙ୍ଗଙ୍କୁ ଭେଟିଲେ ବିଦେଶମନ୍ତ୍ରୀ

ବେଜିଂ, ୧୫ା୭ (ଏଜେନ୍ସି): ଏସ୍‌ସିଓ ସମ୍ମିଳନୀ ଅବସରରେ ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର ମଙ୍ଗଳବାର ଚୀନ୍ ରାଷ୍ଟ୍ରପତି ସି ଜିନପିଙ୍ଗଙ୍କୁ ଭେଟିଛନ୍ତି। ଭାରତ ଏବଂ ଚୀନ୍ ସମ୍ପର୍କରେ ହୋଇଥିବା ଅଗ୍ରଗତି ବିଷୟରେ ସେ ଜିନପିଙ୍ଗଙ୍କୁ ସୂଚନା ଦେଇଥିବା ଟ୍ୱିଟ କରି କହିଛନ୍ତି। ଏହାକୁ ନେଇ କଂଗ୍ରେସ ନେତା ରାହୁଲ ଗାନ୍ଧୀ ତାଙ୍କୁ ନିଶାଣ କରିଛନ୍ତି। ସେ କହିଛନ୍ତି ଯେ ବିଦେଶ ମନ୍ତ୍ରୀ ଭାରତର ବିଦେଶ ନୀତିକୁ ବର୍ବାଦ କରୁଛନ୍ତି। ଭାବୁଛି ଚୀନ୍ ବୈଦେଶିକ ମନ୍ତ୍ରୀ ଆସି ମୋଦୀଙ୍କୁ ଚୀନ୍-ଭାରତ ସମ୍ପର୍କରେ ହୋଇଥିବା ଅଗ୍ରଗତି ବିଷୟରେ ଅବଗତ କରାଇବେ। ବୈଦେଶିକ ମନ୍ତ୍ରୀ ଏବେ ଭାରତର ବୈଦେଶିକ ନୀତିକୁ ନଷ୍ଟ କରିବା ଉଦ୍ଦେଶ୍ୟରେ ସର୍କସ୍ ଚଳାଉଛନ୍ତି।

### ଜୟଶଙ୍କର ବିଦେଶ ନୀତିକୁ ବର୍ବାଦ କରୁଛନ୍ତି: ରାହୁଲ

ଅନ୍ୟପକ୍ଷରେ ଜୟଶଙ୍କର ଏସ୍‌ସିଓର ବିଦେଶମନ୍ତ୍ରୀଙ୍କ ବୈଠକରେ ସାମିଲ ହୋଇ ଆତଙ୍କବାଦକୁ ନେଇ କଡ଼ା ବାର୍ତ୍ତା ଦେଇଛନ୍ତି। ସେ କହିଛନ୍ତି ଯେ ଏସ୍‌ସିଓ ସଦସ୍ୟ ଏହାର ଉଦ୍ଦେଶ୍ୟ ପ୍ରତି ପ୍ରତିବଦ୍ଧ ରହିବା ଉଚିତ। ଆତଙ୍କବାଦକୁ ନେଇ କୌଣସି ସାଲିସ କରାନଯିବା ଉଚିତ। ସେ ଏପ୍ରିଲ ୨୨ ର ପହଲଗାମ ଆକ୍ରମଣ ବିଷୟରେ ମଧ୍ୟ ଉଲ୍ଲେଖ କରିଛନ୍ତି। ଜମ୍ମୁ ଏବଂ କଶ୍ମୀରର ପର୍ଯ୍ୟଟନ ଅର୍ଥନୀତିକୁ କ୍ଷତି ପହଞ୍ଚାଇବା ସହିତ ଧାର୍ମିକ ବିଭାଜନକୁ ଉଗ୍ର କରିବା ପାଇଁ ଜାଣିଶୁଣି ଏହି ଆକ୍ରମଣ କରାଯାଇଥିଲା ବୋଲି ସେ କହିଛନ୍ତି। ଅନ୍ତର୍ଜାତୀୟ ଆଶା ଆକାଂକ୍ଷାକୁ ସମ୍ମାନ ଦେଇ ଭାରତ ଏହାର ଜବାବ ଦେଇଛି। ଭାରତ ଯାହା କରିଛି ଠିକ୍ କରିଛି। ଏହା ଆଗକୁ ମଧ୍ୟ ଜାରି ରହିବ। ଅପରେସନ ସିନ୍ଦୂରରେ ଚୀନ୍ ପାକିସ୍ତାନକୁ ସହାୟତା କରିଥିବାବେଳେ ଜୟଶଙ୍କର ବେଜିଂରୁ ଏହି ବାର୍ତ୍ତା ଦେଇଛନ୍ତି। ସେ ଚୀନ୍ ଏବଂ ପାକିସ୍ତାନର ନାମ ନ ନେଇ ଏହି ଦେଶକୁ ସମାଲୋଚନା କରିଛନ୍ତି। ତିନି ଶତ୍ରୁ ଆତଙ୍କବାଦ, ବିଚ୍ଛିନ୍ନତାବାଦ ଏବଂ ଉଗ୍ରବାଦର ମୁକାବିଲା ପାଇଁ ଏସ୍‌ସିଓ ପ୍ରତିଷ୍ଠା କରାଯାଇଥିଲା। ଏହି ସବୁ ଏକାଠି ଆସିଥାନ୍ତି। ଏହା ଆହ୍ୱାନର ମୁକାବିଲା ପାଇଁ ଏସ୍‌ସିଓ ନିଜ ଉଦ୍ଦେଶ୍ୟରେ ସ୍ଥିର ରହିବା ଆବଶ୍ୟକ। ସେ ଚୀନ୍‌ର ବିଆରଆଇ ପ୍ରକଳ୍ପକୁ ମଧ୍ୟ ନିଶାଣ କରିଛନ୍ତି। ଏସ୍‌ସିଓ ରାଷ୍ଟ୍ରମାନେ ପାରସ୍ପରିକ ସ୍ୱାର୍ଥ, ସାର୍ବଭୌମ ଏବଂ ଆଞ୍ଚଳିକ ଅଖଣ୍ଡତାକୁ ସମ୍ମାନ ଦେବା ଉଚିତ ବୋଲି ଜୟଶଙ୍କର କହିଛନ୍ତି।



**ସାଂସଦ କଙ୍ଗନାଙ୍କ ଖୁଲାସା**

## ୭୦ ଦିନ କାମ କରିବାକୁ ପଡ଼ିବ କହିଥିଲା ବିଜେପି



ମନ୍ତ୍ରୀ ହେବାକୁ ରଖିଥିଲେ ଆଶା

ମଣ୍ଡି, ୧୫ା୭ (ଏଜେନ୍ସି): ଅଭିନେତ୍ରୀରୁ ରାଜନେତ୍ରୀ ପାଲଟି ଥିବା ମଣ୍ଡି ସାଂସଦ କଙ୍ଗନା ରାଣାଓ୍ୱତ ଏକ ସାକ୍ଷାତକାରକୁ ନେଇ ଚର୍ଚ୍ଚାରେ ଅଛନ୍ତି। ସାଂସଦ ଭାବେ କାମ କରିବାକୁ ମଜା ଆସୁନାହିଁ ବୋଲି ସେ କହିଛନ୍ତି। ସେ ବଡ଼ ଖୁଲାସା କରି କହିଛନ୍ତି ଯେ ଟିକେଟ ଦେବା ସମୟରେ ୬୦ରୁ ୭୦ ଦିନ କାମ କରିବାକୁ ପଡ଼ିବ ବୋଲି ବିଜେପି ପକ୍ଷରୁ କୁହାଯାଇଥିଲା। ଏହା ନିଜ କାମ କରିପାରିବେ ବୋଲି ଉଲ୍ଲେଖ କରାଯାଇଥିଲା। କିନ୍ତୁ ଏବେ ଏହା ଅଧିକ ଚାହିଦା ଥିବା ଚାକିରି ପରି ଲାଗୁଛି। ସଚ୍ଚୋଟ ରହି ରାଜନୀତିରେ ନିଜ ସ୍ଥିତି ବଜାୟ ରଖିବାକୁ କଙ୍ଗନା ମହଙ୍ଗା ସଉକ କହିଛନ୍ତି। ନିଜ ସଂସଦୀୟ କ୍ଷେତ୍ରର ଜନତାଙ୍କ ପାଖକୁ ଯିବା ପାଇଁ ତାଙ୍କର ସବୁ ଦରମା ଖର୍ଚ୍ଚ ହେଇ ଯାଉଛି। ରୋଷେୟା ଏବଂ ଡ୍ରାଇଭରଙ୍କୁ ଦରମା ଦେବାରେ ଦରମାର ସିଂହ ଭାଗ ଖର୍ଚ୍ଚ ହେଉଛି। କିଛି କର୍ମଚାରୀଙ୍କ ସହ ନିଜ ନିର୍ବାଚନ କ୍ଷେତ୍ରକୁ ଯାତ୍ରା କଲେ ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ ହେଉଛି। କଙ୍ଗନା କେନ୍ଦ୍ରରେ କ୍ୟାବିନେଟ ମନ୍ତ୍ରୀ ହେବାକୁ ମଧ୍ୟ ଆଶା ରଖିଥିଲେ। ଏଥିପାଇଁ ସେ ଯୋଗ୍ୟ ଥିଲେ ବୋଲି କହିଛନ୍ତି।

## ମସ୍କୋରେ ଆକ୍ରମଣ କରିବାକୁ ଜେଲେଁସ୍କିଙ୍କୁ କହିଲେ ଟ୍ରମ୍ପ



ୱାସିଂଟନ, ୧୫ା୭ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଆଭିମୁଖ୍ୟ ବଦଳି ଯାଇଛି। ରୁଷ୍-ୟୁକ୍ରେନ ଯୁଦ୍ଧ ବନ୍ଦ କରିବାକୁ ଚାହୁଁଥିବା ଟ୍ରମ୍ପ ଏବେ ଏହାକୁ ଉଗ୍ର କରିବାକୁ ପଦକ୍ଷେପ ନେଉଛନ୍ତି। ସେ ରୁଷ୍ କ୍ଷେତ୍ରରେ ଜୋରଦାର ଆକ୍ରମଣ କରିବା ପାଇଁ ୟୁକ୍ରେନ ରାଷ୍ଟ୍ରପତି ଭୋଲ୍‌ଡାମିର ଜେଲେଁସ୍କିଙ୍କୁ କହିଛନ୍ତି। ଉପଯୁକ୍ତ ଅସ୍ତ୍ରଶସ୍ତ୍ର ଦେଲେ ମସ୍କୋ ଏବଂ ସେଣ୍ଟ ପିଟର୍ସବର୍ଗରେ ଆକ୍ରମଣ କରିପାରିବ କି ବୋଲି ପଚାରିଛନ୍ତି। ଏହାର ଉତ୍ତରରେ ଜେଲେଁସ୍କି ହଁ କରିଛନ୍ତି। ଗତ ୪ ତାରିଖରେ ଫୋନ୍ ବାର୍ତ୍ତାଳାପ ସମୟର ଏହି ଘଟଣା ମଙ୍ଗଳବାର ସାମ୍ନାକୁ ଆସିଛି। ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କ ସହ ଆଲୋଚନା ବିଫଳ ହେବାର ଦିନକ ପରେ ଟ୍ରମ୍ପ ଜେଲେଁସ୍କିଙ୍କୁ ଏହା କହିଥିଲେ। ଏହି ଆଲୋଚନାରେ ପୁତିନ ଅସ୍ତ୍ରବିରତି ପାଇଁ ମନା କରିଦେଇଥିଲେ। ଏହାକୁ ନେଇ ଟ୍ରମ୍ପ ପ୍ରଶାସନ ରୁଷ୍‌ରେ କଥାରେ ଏବଂ କାମରେ ଭିନ୍ନତା ରହୁଛି ବୋଲି କହିଥିଲା। ଏହା ବିଫଳ ହେବା ପରେ ଆମେରିକା ପୁଣି ୟୁକ୍ରେନକୁ ଅସ୍ତ୍ରଶସ୍ତ୍ର ଯୋଗାଣ ଆରମ୍ଭ କରିଥିଲା।

# ୟେମେନରେ ଭାରତୀୟ ନର୍ସ ନିମିଷାଙ୍କ ମୃତ୍ୟୁଦଣ୍ଡ ସ୍ଥଗିତ

ସନା, ୧୫ା୭ (ଏଜେନ୍ସି): ୟେମେନରେ ମୃତ୍ୟୁଦଣ୍ଡ ପାଇଥିବା ଭାରତୀୟ ନର୍ସ ନିମିଷା ପ୍ରିୟାଙ୍କୁ ବଡ଼ ଆଶ୍ୱସ୍ତି ମିଳିଛି। ନିର୍ଯାତନା ଦେଉଥିବା ଜଣେ ପୁରୁଷଙ୍କ ହତ୍ୟା ମାମଲାରେ ମୃତ୍ୟୁଦଣ୍ଡ ଦିଆଯିବାର ଦିନକ ପୂର୍ବରୁ ମଙ୍ଗଳବାର ତାଙ୍କ ଦଣ୍ଡକୁ ସାମୟିକ ସମୟ ପାଇଁ ସ୍ଥଗିତ ରଖାଯାଇଛି। ରିପୋର୍ଟ ଅନୁଯାୟୀ ସାମାଜିକ କର୍ମୀଙ୍କ ଗୋଷ୍ଠୀ ଏବଂ ପ୍ରଭାବଶାଳୀ ଧାର୍ମିକ ନେତା ଏହି ମାମଲାରେ ଦଖଲ ଦେଇଥିଲେ। ଏହା ପରେ ନିମିଷାଙ୍କ ଦଣ୍ଡାଦେଶ ଦିନକ ପାଇଁ ସ୍ଥଗିତ ରଖାଯାଇଛି। ପୀଡ଼ିତଙ୍କ ପରିବାର ଏଥିପାଇଁ ରାଜି ହୋଇଛନ୍ତି। ତେବେ ତାଙ୍କୁ ମୁକ୍ତ କରାଯିବ ନାହିଁ କିମ୍ବା ଭାରତ ପଠାଯିବ ନାହିଁ। ଏବେ ନିମିଷା ୟେମେନର ରାଜଧାନୀ ସନାରେ ଅଛନ୍ତି। ଏଠାରେ ହୁତି ବିଦ୍ରୋହୀଙ୍କ କର୍ତ୍ତୃତ୍ୱ ରହିଛି। କିନ୍ତୁ ହୁତି ବିଦ୍ରୋହୀଙ୍କ ସହ ଭାରତର କୌଣସି କୂଟନୈତିକ ସମ୍ପର୍କ ନାହିଁ। ଦିନକ ତଳେ କେନ୍ଦ୍ର ସରକାର ଏହି ମାମଲାରେ ସୁପ୍ରିମକୋର୍ଟରେ ହାତ ଟେକି ଦେଇଥିଲେ। ମୃତ୍ୟୁଦଣ୍ଡ ଅଟକାଇବାକୁ ଯାହା କରିବା କଥା ତାହା କରିଛୁ ବୋଲି କହିଥିଲେ। ଏହି ଦଣ୍ଡ ଟାଳିବାକୁ 'ବ୍ଲଡ୍ ମନି' (ମୃତ୍ୟୁଦଣ୍ଡ ରୋକିବା ପାଇଁ ଅର୍ଥ) ଶେଷ ବିକଳ୍ପ ରହିଛି ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଥିଲା। କିନ୍ତୁ ଏ ପର୍ଯ୍ୟନ୍ତ ପୀଡ଼ିତଙ୍କ ପରିବାର ମଧ୍ୟ ବ୍ଲଡ ମନି ସ୍ୱୀକାର କରିବାକୁ ସହମତ ହୋଇନାହାନ୍ତି।

### ଦୁଇ ଦେଶର ଧର୍ମଗୁରୁଙ୍କ ମଧ୍ୟରେ ଆଲୋଚନା

### ଆଜି ନିମିଷାଙ୍କୁ ଗୁଳି ମରା ଯାଇଥାନ୍ତା



ରିପୋର୍ଟ ଅନୁଯାୟୀ ଭାରତର କଣ୍ଠପୁରମର ଗ୍ରାଣ୍ଡ ମୁଫତି ଏପି ଅବୁବାକର ମୁସଲିୟାର ଏବଂ ୟେମେନର ପ୍ରସିଦ୍ଧ ସୁଫି ବିଦ୍ୱାନ ଶେଖ୍ ହବିବ୍ ଉମର ବିନ୍ ହାଫିଜ୍ ଏହି ପ୍ରସଙ୍ଗରେ ଆଲୋଚନା କରୁଛନ୍ତି। ଏଥିରେ ୟେମେନର ସୁପ୍ରିମକୋର୍ଟର ଜଣେ ବିଚାରପତି ଏବଂ ମୃତକଙ୍କ ଭାଇ ମଧ୍ୟ ସାମିଲ ଅଛନ୍ତି। ଏ ବିଷୟରେ ଆଲୋଚନା ଲାଗି ୟେମେନର ଶେଖ୍ ହବିବଙ୍କୁ ଶେଖ୍ ମନାଇ ଥିଲେ। ପ୍ରଥମ ଥର ପୀଡିତଙ୍କ ପରିବାରର ଜଣେ ଘନିଷ୍ଠ ସଦସ୍ୟ ମଧ୍ୟ କଥାବାର୍ତ୍ତା କରିବାକୁ ରାଜି ହୋଇଛନ୍ତି। ସରିଆ ଆଇନ ଅନୁଯାୟୀ ଏହି ଆଲୋଚନା ଜାରି ରହିଛି। ଏହା ଅଧିନରେ ଦୋଷୀଙ୍କୁ ବିନା ସର୍ତ୍ତରେ କିମ୍ବା ବ୍ଲଡ ମନି ବଦଳରେ କ୍ଷମା ପ୍ରଦାନ କରିବା ପାଇଁ ପୀଡ଼ିତ ପରିବାରକୁ ଆଇନଗତ ଅଧିକାର ପ୍ରଦାନ କରୁଛି।

**କ୍ରିକେଟର ଯଶ୍ ଦୟାଲଙ୍କ ଗିରଫ ଉପରେ ରୋକ୍**

## 'ଜଣକୁ ୫ ବର୍ଷ ପର୍ଯ୍ୟନ୍ତ ବୋକା ବନାଇ ହେବନି'

ପ୍ରୟାଗରାଜ, ୧୫ା୭ (ଏଜେନ୍ସି): କ୍ରିକେଟର ଯଶ୍ ଦୟାଲଙ୍କ ଗିରଫ ଉପରେ ଆହ୍ଲାବାଦ ହାଇକୋର୍ଟ କଟକଣା ଲଗାଇ ଦେଇଛନ୍ତି। ଜଣକୁ ଦିନେ କି ଦୁଇ ଦିନ ବୋକା ବନା ଯାଇପାରେ, କିନ୍ତୁ ୫ ବର୍ଷର ସମ୍ପର୍କରେ କାହାକୁ ମୂର୍ଖ ବନା ଯାଇପାରିବ ନାହିଁ ବୋଲି ଜଷ୍ଟିସ ସିଦ୍ଧାର୍ଥ ବର୍ମା ଏବଂ ଅନିଲ କୁମାରଙ୍କ ଖଣ୍ଡପୀଠ କହିଛନ୍ତି। ୟୁଟ୍ୟୁବର ସୀମା ଭିତରୁ ବାହାରକୁ ବାହାର ବୋଲି କହିଥିଲେ। ଯଶ୍‌ଙ୍କ ଆବେଦନ ଉପରେ ବିଚାର କରି ହାଇକୋର୍ଟ ବିରୋଧୀ ପକ୍ଷକୁ ନୋଟିସ ଜାରି କରିବା ସହ ଜବାବ ମାଗିଛନ୍ତି। ଏହି କ୍ରିକେଟର ଜଣେ ଯୁବତୀଙ୍କୁ ବିବାହ ପ୍ରତିଶ୍ରୁତି ଦେଇ ଯୌନ ଉତ୍ପୀଡ଼ନ ଦେଇଥିବା ଅଭିଯୋଗ ହୋଇଛି। ଅଭିଯୋଗକାରିଣୀ କହିଛନ୍ତି ଯେ ଉଭୟେ ୫ ବର୍ଷ ତଳେ ପରସ୍ପରକୁ ଭେଟିଥିଲେ। ପରେ ଯଶ ବିବାହ କରିବାକୁ ମନା କରିଦେଇଥିଲେ ଏବଂ ଅନ୍ୟ ମହିଳାଙ୍କ ସହ ସମ୍ପର୍କ ରଖିଥିଲେ। ଗତ ୬ ତାରିଖରେ ସେ ଦୟାଲଙ୍କ ବିରୋଧରେ ଗାଜିଆବାଦର ଇନ୍ଦିରାପୁରମ ଥାନାରେ ଏତଲା ଦେଇଥିଲେ।

**ଲିଙ୍ଗ ବଦଳାଇ ବିବାହ କରିଥିବା ଦାବି**

# ଫ୍ରାନ୍ସ ରାଷ୍ଟ୍ରପତିଙ୍କ ପତ୍ନୀ ପୁରୁଷ!

ପ୍ୟାରିସ, ୧୫ା୭ (ଏଜେନ୍ସି): ଭିଏତନାମ ଗସ୍ତରେ ସ୍ୱାମୀ ତଥା ଫ୍ରାନ୍ସ ରାଷ୍ଟ୍ରପତି ଇମାନୁଏଲ ମାକ୍ରନଙ୍କୁ ମୁଥ ମାରି ଚର୍ଚ୍ଚାରେ ଆସିଥିବା ପ୍ରଥମ ମହିଳା ବ୍ରିଗିଟ ମାକ୍ରନ ଏବେ ସମ୍ବାଦର ସିରୋନାମାରେ ଅଛନ୍ତି। ସେ ମହିଳା ନୁହେଁ, ବରଂ ପୁରୁଷ ବୋଲି ଚର୍ଚ୍ଚା ହେଉଛି। ଦୁଇ ମହିଳା ୟୁଟ୍ୟୁବର ଏହି ଦାବି କରିଛନ୍ତି। ଉଭୟେ କହିଥିଲେ ଯେ ବ୍ରିଗିଟଙ୍କ ପ୍ରକୃତ ନାମ ଜିନ୍-ମିସେଲ ଗ୍ରୋଗ୍ରେନକ୍ସ ଥିଲା। ସେ ଲିଙ୍ଗ ବଦଳାଇ ଇମାନୁଏଲ ମାକ୍ରନଙ୍କୁ ବିବାହ କରିଥିଲେ। ଏହି ଭିଡିଓ ଜୋର୍‌ସୋରରେ ଭାଇରାଲ ହୋଇଥିଲା। ତେବେ ଏହା ବିରୋଧରେ ବ୍ରିଗିଟ୍ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ସୂଚନା ଅନୁଯାୟୀ ବ୍ରିଗିଟଙ୍କ ଭାଇଙ୍କ ନାମ ହେଉଛି ଗ୍ରୋଗ୍ରେନକ୍ସ। ଉଭୟେ ପ୍ରାୟ ଏକାପରି ଦେଖିବାକୁ। ବ୍ରିଗିଟ୍ ପ୍ରଥମେ ଏହାକୁ ନେଇ ପ୍ୟାରିସର ଏକ କୋର୍ଟରେ ମାମଲା ରୁଜୁ କରିଥିଲେ। କୋର୍ଟ ୨୦୨୩ ସେପ୍ଟେମ୍ବରରେ ଉଭୟ ମହିଳାଙ୍କୁ ଦୋଷୀ ସାବ୍ୟସ୍ତ କରି ବ୍ରିଗିଟଙ୍କୁ ୭ ଲକ୍ଷ ଟଙ୍କା ଏବଂ ତାଙ୍କ ଭାଇଙ୍କୁ ୫ ଲକ୍ଷ ଟଙ୍କା ଦେବାକୁ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ଗତ ୧୦ ତାରିଖରେ ପ୍ୟାରିସର ଆଉ ଏକ ଅଦାଲତ ଏହି ନିଷ୍ପତ୍ତିକୁ ପଲଟାଇ ଦେଇଥିଲେ। ତେଣୁ ଏବେ ବ୍ରିଗିଟ ଏବଂ ତାଙ୍କ ଭାଇ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି।

ଏହି ମାମଲା ୨୦୨୧ରେ। ସେତେବେଳ ଅମଣ୍ଡାଇନ ରୟ ନାମକ ମହିଳା ୟୁଟ୍ୟୁବର ସାମ୍ବାଦିକା ନତାଶା ରେଙ୍କୁ ସାକ୍ଷାତକାର ଦେଇ ବ୍ରିଗିଟ ପୁରୁଷ ବୋଲି ଦାବି କରିଥିଲେ। ଏହା ଜାଣିବା ପାଇଁ ସେ ତିନି ବର୍ଷ ପର୍ଯ୍ୟନ୍ତ ଅନୁସନ୍ଧାନ କରିଥିବା କହିଥିଲେ। ଆମେରିକାରେ ମଧ୍ୟ ଏହି ମାମଲା



ବ୍ୟାପିବାରେ ଲାଗିଥିଲା। ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସମର୍ଥକ ଥିବା ଦୁଇ ସାମ୍ବାଦିକ କ୍ୟାଣ୍ଡେସ ଓଭେନ୍ସ ଏବଂ ଟକର କାର୍ଲସନ ଏହାକୁ ଖୋରାକ ଯୋଗାଇ ଥିଲେ। ଏ ସମ୍ବନ୍ଧିତ ଅନେକ ଭିଡିଓକୁ ଉଭୟେ ସାମାଜିକ ଗଣମାଧ୍ୟମରେ ଛାଡ଼ିଥିଲେ। ଏହା ମାନବ ଇତିହାସର ସବୁଠାରୁ ବଡ଼ ରାଜନୈତିକ ଦୁର୍ନୀତି ବୋଲି କହିଥିଲେ। ବ୍ରିଗିଟ ଏବଂ ତାଙ୍କ ଭାଇ ବାସ୍ତବରେ ଜଣେ ବୋଲି କହିଥିଲେ। ତେବେ ଏହାକୁ ନେଇ ଫ୍ରାନ୍ସ ରାଷ୍ଟ୍ରପତି ଦୁଇ ସାମ୍ବାଦିକଙ୍କୁ ନୋଟିସ ଜାରି କରିଥିଲେ।

ଏହା ପୂର୍ବରୁ ଫ୍ରାନ୍ସ ସାମ୍ବାଦିକା ନତାଚା ରେ ୨୦୧୭ରେ ବ୍ରିଗିଟ ପୁରୁଷ ବୋଲି ଦାବି କରିଥିଲେ। ଏହି ଅଭିଯୋଗ ପରେ ନାତାଚାଙ୍କୁ ଦେଶରେ ହଇରାଣ କରାଯାଇଥିଲା। ସେଥିପାଇଁ ସେ ଚଳିତ ବର୍ଷ ରୁଷ୍‌କୁ ରାଜନୈତିକ ଶରଣ ମାଗିଥିଲେ। ଫ୍ରାନ୍ସ ସରକାର ମତପ୍ରକାଶର ସ୍ୱାଧୀନତାକୁ ଚାପି ଦେଉଥିବା ଅଭିଯୋଗ କରିଥିଲେ। ସୂଚନାଯୋଗ୍ୟ ଯେ ଇମାନୁଏଲ ମାକ୍ରନ ଏବଂ ତାଙ୍କ ପତ୍ନୀଙ୍କ ବୟସ ମଧ୍ୟରେ ଥିବା ତାରତମ୍ୟକୁ ନେଇ ଉଭୟେ ସାମାଜିକ ଗଣମାଧ୍ୟମରେ ଚର୍ଚ୍ଚାରେ ଅଛନ୍ତି। ଫ୍ରାନ୍ସ ରାଷ୍ଟ୍ରପତିଙ୍କ ଠାରୁ ତାଙ୍କ ପତ୍ନୀ ୨୪ ବର୍ଷ ବଡ଼।

# କାନ୍ଥ ଭୁଶୁଡ଼ି ୨ ମହିଳା ମୃତ





ରାଉରକେଲା/କୋଇଡା,୧୫।୭ (ସମିସ): ବଣାଇଁ ଉପଖଣ୍ଡ କୋଇଡ଼ା ବ୍ଲକ୍‌ର ପୃଥକ୍ ପୃଥକ୍ ଦୁଇଟି ସ୍ଥାନରେ ଲଗାଣ ବର୍ଷା ଯୋଗୁଁ କାନ୍ଥ ଭୁଶୁଡ଼ି ୨ଜଣ ମହିଳାଙ୍କ ମୃତ୍ୟୁ ହୋଇଛି। କୋଇଡ଼ା ବ୍ଲକ୍ କାଲଟା ଫାଣ୍ଡି ଲୋହାରତୋଡା ଗାଁରେ ଘରେ ଶୋଇଥିବା ବେଳେ ଘରର ମାଟି କାନ୍ଥ ପଡ଼ିଯିବାରୁ ଜଣେ ବୟସ୍କ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତ ମହିଳା ହେଲେ, ବନଦୁଇ ବାଗେ (୭୦)। ସେହିପରି କୋଇଡା ବ୍ଲକ୍‌ର ମୋଟୁହନୁମାନ ଗ୍ରାମରେ ବର୍ଷା ଯୋଗୁଁ କାନ୍ଥ ପଡ଼ି ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତ ମହିଳାଜଣଙ୍କ ହେଲେ, ମୋଟୁହନୁମାନ ଗ୍ରାମର ଦମାଣି ସେଠ୍। ଦମାଣି ଶୋଇଥିବା ବେଳେ ବର୍ଷାରେ ଭିଜିଥିବା ଘରର ମାଟି କାନ୍ଥ ତାଙ୍କ ଉପରେ ପଡ଼ିଯିବାରୁ କାନ୍ଥରେ ଚାପି ହୋଇ ତାଙ୍କର ମୃତ୍ୟୁ ହୋଇଛି। ଦୁଇ ଦିନ ହେଲା କୋଇଡ଼ା ଅଞ୍ଚଳରେ ପ୍ରବଳ ବର୍ଷା ଯୋଗୁଁ ଅଧିକାଂଶ ମାଟି ଘରଗୁଡ଼ିକ ଦୁର୍ବଳ ହେବା ସହ ବିପଦପୂର୍ଣ୍ଣ ହୋଇପଡ଼ିଛି। କାଲଟା ଫାଣ୍ଡି ପୁଲିସ୍ ଦୁଇମହିଳାଙ୍କ ଶବ ଉଦ୍ଧାର କରି ବ୍ୟବଚ୍ଛେଦ ନିମନ୍ତେ ପଠାଇଛି। ମୃତା ମହିଳାଙ୍କ ପରିବାରବର୍ଗଙ୍କୁ ଉପଯୁକ୍ତ କ୍ଷତିପୂରଣ ପାଇଁ ସାଧାରଣରେ ଦାବି ହୋଇଛି।

# ବିଦ୍ୟୁତ୍ ଆଘାତରେ ମାମୁ-ଭଣଜା ମୃତ

ଭଦ୍ରକ, ୧୫।୭ (ସମିସ): ବିଦ୍ୟୁତ୍ ଆଘାତରେ ମାମୁ-ଭଣଜା ମୃତ। ଭଦ୍ରକ ଗ୍ରାମାଞ୍ଚଳ ଥାନା ଅଧୀନ ଦେଁସିଂ ପଞ୍ଚାୟତର ଆଦିବାସୀ ସାହିରେ ଏଭଳି ଏକ ଅଭାବନୀୟ ଘଟଣା ଘଟିଛି। ମୃତକଦ୍ୱୟ ହେଲେ, ନିଧି ମୁଣ୍ଡା ଓ ତାଙ୍କ ଭଣଜା ନବ ମୁଣ୍ଡା (୫)। ସୂଚନାନୁସାରେ, ଆଜି ଅପରାହ୍ଣରେ ନବ ଗାଁ ନିକଟରେ ମାଙ୍କଡ଼ପଲଙ୍କୁ ଗୋଡ଼ାଉଥିଲା। ଏହି ସମୟରେ ତଳେ ପଡ଼ିଥିବା ଏକ ବିଦ୍ୟୁତ୍ ତାର ସଂସ୍ପର୍ଶରେ ଆସିବାରୁ ଛିଟିକି ତଳେ ପଡ଼ିଯାଇଥିଲା। ଏହା ଦେଖି ପାଖରେ ଥିବା ନିଧି ତାଙ୍କୁ ବଞ୍ଚାଇବାକୁ ଉଦ୍ୟମ କଲା ବେଳେ ସେ ମଧ୍ୟ ବିଦ୍ୟୁତ୍ ସଂସ୍ପର୍ଶରେ ଆସିଥିଲେ। ସ୍ଥାନୀୟ ଲୋକେ ବିଦ୍ୟୁତ୍ ସଂଯୋଗ କାଟି ଦୁହିଁଙ୍କୁ ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। ହେଲେ ସେଠାରେ ଡାକ୍ତର ଉଭୟଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ଯୁବନେତା ସୌମେନ୍ଦ୍ର ସାହୁ ପ୍ରମୁଖ ଡାକ୍ତରଖାନାରେ ପହଞ୍ଚି ଶୋକବ୍ୟକ୍ତ କରିଥିଲେ।

# ଶିକାରୀଙ୍କଠାରୁ ୩ ହାତୀଦାନ୍ତ ଜବତ

ନୀଳଗିରି, ୧୫।୭ (ସମିସ): ମାସେ ପରେ ନୀଳଗିରି ବନ ବିଭାଗକୁ ସଫଳତା ମିଳିଛି। ଗତ ଜୁନ୍ ୧୫ ତାରିଖରେ କୁଲଡ଼ିହା ଅଭୟାରଣ୍ୟ ପୁଟିବନ୍ଧ ହୁଡ଼ିସାହି ନିକଟରୁ ଜବତ ହୋଇଥିବା ଗଳିତ ଦନ୍ତା ହାତୀର ଦୁଇଟି ଦାନ୍ତ ଜବତ କରିବା ସହ ଦୁଇ ଅଭିଯୁକ୍ତଙ୍କୁ ଗିରଫ କରିଛି। ସେମାନେ ହେଲେ, କେସିପୁର ପଞ୍ଚାୟତ ବେତକଟା ଗ୍ରାମର ସୁଶାନ୍ତ ନାୟକ ଓରଫ୍ ଟୁଟୁ ଓ ଅନ୍ୟ ଜଣେ ବାପି। ବିଶେଷସୂତ୍ରରୁ



ଖବର ପାଇ ବାଲେଶ୍ୱର ଏସିଏଫଓ ଦିଗନ୍ତ ଶୋଭନ ଚାନ୍ଦ ଏବଂ କୁଲଡ଼ିହା ରେଞ୍ଜ ଅଧିକାରୀ ସୁବ୍ରତ କୁମାର ବେହେରାଙ୍କ ତତ୍ତ୍ୱାବଧାନରେ ଏକ ଟିମ୍ ବରହମପୁର ପୁଲିସ ସହାୟତାରେ ଆଜି ସୁଶାନ୍ତର ଘର ଉପରେ ଚଢ଼ଉ କରି ଦାନ୍ତ ଦୁଇଟିକୁ ଜବତ କରିଛି। ସେହିପରି, ଏହି ଟିମ୍ ତେଲିପାଳ ପଞ୍ଚାୟତ ଭଗାବନ୍ଧ ଗ୍ରାମର ଦିନା ମୁର୍ମୁଙ୍କ ଘର ଉପରେ ଚଢ଼ଉ କରି ଏକ ପୁରୁଣା ହାତୀଦାନ୍ତ ଜବତ କରିବା ସହ ତାଙ୍କୁ ହେପାଜତକୁ ନେଇ ଅଧିକ ତଦନ୍ତ ଚଳାଇଛି। ସୂଚନାଯୋଗ୍ୟ, କୁଲଡ଼ିହା ଅଭୟାରଣ୍ୟ ପୁଟିବନ୍ଧ ହୁଡ଼ିସାହି ନିକଟରୁ ବନ ବିଭାଗ ଗତ ଜୁନ୍ ୧୫ତାରିଖରେ ଏକ ଗଳିତ ହାତୀର ମୃତଦେହ ଜବତ କରିଥିଲା। ପରେ ଏହି ଘଟଣାର ତଦନ୍ତ କରି ବନ ବିଭାଗ ୫ ଶିକାରୀଙ୍କୁ ବିଭାଗ ଗିରଫ କରିଥିଲେ ହେଁ ମୁଖ୍ୟ ଆସାମୀ ସୁଶାନ୍ତ ଏବଂ ହାତୀର ଦାନ୍ତଦ୍ୱୟକୁ ଠାବ କରିବାରେ ବିଫଳ ହୋଇଥିଲା।

# ହାତଗୋଡ଼ କାଟି ମାରିଦେଲେ

ବ୍ରହ୍ମପୁର, ୧୪।୭ (ସମିସ): ବ୍ରହ୍ମପୁର ଏମ୍‌କେସିଜି ମେଡ଼ିକାଲ ଖେଳପଡ଼ିଆସ୍ଥିତ ହେଟାବନ୍ଧ ସମ୍ମୁଖରେ ଥିବା ଏକ ଖୋଲା ପଡ଼ିଆରୁ ଜଣେ ଯୁବକଙ୍କ ଖଣ୍ଡବିଖଣ୍ଡିତ ଗଳିତ ମୃତଦେହ ଜବତ କରିଛି ବୈଦ୍ୟନାଥପୁର ଥାନା ପୁଲିସ।

- **ପଡ଼ିଆରୁ ଖଣ୍ଡବିଖଣ୍ଡିତ ମୃତଦେହ ଉଦ୍ଧାର**
- **ସନ୍ଧାନୀ କୁକୁର, ସାଇଣ୍ଟିଫିକ୍ ଟିମ୍‌ର ତନାଘନା**



ମୃତକଙ୍କ ପରିଚୟ ମିଳିପାରି ନଥିବା ବେଳେ ତାଙ୍କ ଦୁଇହାତର ପାପୁଲି ଏବଂ ପାଦ ତଳର କିଛି ଅଂଶ ନଥିବା ଦେଖିବାକୁ ମିଳିଛି। ପାରିପାର୍ଶ୍ୱିକ ସ୍ଥିତିରୁ ଏହା ଏକ ଯୋଜନାବଦ୍ଧ ହତ୍ୟାକାଣ୍ଡ ବୋଲି ସନ୍ଦେହ କରାଯାଉଛି। ଦୁର୍ବୃତ୍ତମାନେ ଯୁବକଙ୍କୁ ଅନ୍ୟତ୍ର ହତ୍ୟା କରି ସେଠାରେ ଫିଙ୍ଗିଦେଇଥିବା ଅନୁମାନ କରାଯାଉଛି। ଏପରିକି, ହତ୍ୟା ପରେ ସେମାନେ ତାଙ୍କ ପାପୁଲି ଓ ଗୋଡ଼କୁ କାଟି ଦେଇଥିବା ସନ୍ଦେହ କରାଯାଉଛି। ଆଜି ଖେଳ ପଡ଼ିଆକୁ ଆସିଥିବା କିଛି ଯୁବକ ଉକ୍ତ ମୃତଦେହ ଦେଖି ପୁଲିସକୁ ଖବର ଦେଇଥିଲେ। ପୁଲିସ ସନ୍ଧାନୀ କୁକୁର ଓ ସାଇଣ୍ଟିଫିକ୍ ଟିମ ସହାୟତାରେ ତନାଘନା କରିଥିଲା। ମୃତଦେହକୁ ଜବତ କରି ବର୍ତ୍ତମାନ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ବ୍ୟବଚ୍ଛେଦ ରିପୋର୍ଟ ମିଳିବା ପରେ ମୃତ୍ୟୁର କାରଣ ସ୍ପଷ୍ଟ ହେବ କୁହାଯାଇଛି।

# ୩ କଲରାପତରିଆ ବାଘଛାଲ ଜବତ; ୭ ଅଟକ

ବାରିପଦା, ୧୫।୭ (ସମିସ): ମୟୂରଭଞ୍ଜ ଜିଲ୍ଲା ବଡ଼ସାହି ଓ ଖୁଣ୍ଟା ଥାନା ଅଞ୍ଚଳରେ ଚଢ଼ଉ କରି ବନବିଭାଗ ୩ଟି କଲରାପତରିଆ ବାଘ ଛାଲ ଜବତ କରିବା ସହ ଏହି ବେଆଇନ କାରବାର ଘଟଣାରେ ୭ଅଭିଯୁକ୍ତଙ୍କୁ ଅଟକ ରଖିଛି। ତଦନ୍ତରେ ବାଧା ଉପୁଜିବା ଆଶଙ୍କାରେ ବିଭାଗ ପକ୍ଷରୁ ଅଭିଯୁକ୍ତମାନଙ୍କ ପରିଚୟ ପ୍ରଦାନ କରାଯାଇନାହିଁ। ବୁଧବାର ସମସ୍ତ ତଥ୍ୟ ପ୍ରଦାନ କରାଯିବ ବୋଲି ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ନିର୍ଦ୍ଦେଶକ ତଥା ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ ଡ. ପ୍ରକାଶ ଚାନ୍ଦ ଗୋଗେନୋନୀ ସୂଚନା ଦେଇଛନ୍ତି।

**ଗ୍ରାହକ ବେଶରେ ଡିଲ୍ କଲା, ରାତି ଅଧିଆ ମାଡ଼ି ବସିଲା**

ସୂଚନାଯୋଗ୍ୟ, ବାଘ ଛାଲ ଡିଲ୍ ଚାଲିଥିବା ନେଇ ବନ ବିଭାଗର ସ୍ୱତନ୍ତ୍ର ଗୁଇନ୍ଦା ଟିମ୍‌କୁ ଏକ ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଥିଲା। ଗ୍ରାହକ ବେଶରେ କିଛି ବନ କର୍ମଚାରୀ ପ୍ରଥମେ ଅଭିଯୁକ୍ତମାନଙ୍କ ସହ ଡିଲ୍ କରିଥିଲେ। ଘଟଣାରେ ସତ୍ୟତା ଥିବା ଜଣାପଡ଼ିବା ପରେ ସୋମବାର ବିଳମ୍ବିତ ରାତିରେ ବଡ଼ସାହି ଥାନା ପାଉଁଶିଆ ଗ୍ରାମର ଗୁରୁପ୍ରସାଦ ପାତ୍ରଙ୍କ ଘରେ ଅତର୍କିତ ଚଢ଼ଉ କରି ୨ଟି ବାଘଛାଲ ଜବତ କରିବା ସହ ଅଭିଯୁକ୍ତଙ୍କୁ ଅଟକ ରଖିଥିଲା। ପରେ ଖୁଣ୍ଟା ଥାନା ଅଧୀନ ପଶୁଦା ଗ୍ରାମରେ ଚଢ଼ଉ କରି ଗୋଟିଏ ବାଘ ଛାଲ ଜବତ କରିଥିଲା। ଉଭୟ ଘଟଣାରେ ସମ୍ପୃକ୍ତ ଥିବା ୭ଜଣଙ୍କୁ ଅଟକ ରଖି ପଚରାଉଚରା ଜାରି ରହିଛି।

## ରେଭେନ୍ସା ବିଶ୍ୱବିଦ୍ୟାଳୟ ସମାବର୍ତ୍ତନ ସମାରୋହ

# ରେଭେନ୍ସା ଏକ ଜୀବନ୍ତ ଇତିହାସ: ରାଷ୍ଟ୍ରପତି

କଟକ,୧୫।୭ (ସମିସ): 'ସ୍ୱତନ୍ତ୍ର ପ୍ରଦେଶ ଗଠନ ଏବଂ ସ୍ୱାଧୀନତା ସଂଗ୍ରାମର ମୂକସାକ୍ଷୀ ହେଉଛି ରେଭେନ୍ସା ଶିକ୍ଷାନୁଷ୍ଠାନ। ସମୟ ସହ ପାଦ ମିଶାଇ ରେଭେନ୍ସା ଆଗକୁ ବଢୁଛି। ଏହି ଶିକ୍ଷାନୁଷ୍ଠାନ ପୁରୁଣା, କିନ୍ତୁ ପୁରୁଣାକାଳିଆ ନୁହେଁ। ରେଭେନ୍ସାର ବିଦ୍ୟାର୍ଥୀ ଦେଶବିଦେଶରେ ଗୌରବ ଅର୍ଜନ କରିଛନ୍ତି। ଇଟା, ପଥରରେ ଗଢ଼ା ଏକ ନିର୍ଜୀବ ଅଟ୍ଟାଳିକା ନୁହେଁ, ବରଂ ରେଭେନ୍ସା ଓଡ଼ିଶାର ଜୀବନ୍ତ ଇତିହାସ।' ଆଜି ସେଭେନ ପିଲାର ଅଫ ୱିଜ୍‌ଡମଠାରେ ରେଭେନ୍ସା ବିଶ୍ୱବିଦ୍ୟାଳୟର ୧୩ତମ ସମାବର୍ତ୍ତନ ସମାରୋହରେ ଯୋଗଦେଇ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଏହା କହିଛନ୍ତି।

ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ ରାଷ୍ଟ୍ରପତି କହିଥିଲେ ଯେ, ନିଜେ ଚାକିରି କରିବା ଓ ରୋଜଗାରକ୍ଷମ ହେବାର ଅର୍ଥ ନୁହେଁ ସଫଳତା; ଜଣେ ଉଦ୍ୟୋଗୀ ହେଲେ ସଫଳତା ଆପେଆପେ ମିଳିପାରିବ। ସଫଳତା ତାକୁ କହିବା ଯେତେବେଳେ ଅନ୍ୟକୁ ଚାକିରି ଦେଇପାରିବା। କଟକ ମାଟି ଉଦ୍ୟୋଗୀ ହେବାକୁ ପ୍ରେରଣା ଦେଇଥାଏ। ଉତ୍କଳ ଗୌରବ ମଧୁସୂଦନ ଦାସ ଏଠାରେ ଉତ୍କଳ ଟ୍ୟାନେରୀ ଜୋତା କାରଖାନା ପ୍ରତିଷ୍ଠା କରିଥିଲେ। ପରାଧୀନ ଭାରତରେ ମଧୁବାବୁଙ୍କ ଏଭଳି ପ୍ରଚେଷ୍ଟା ପାଇଁ ସେ ମହାତ୍ମା ଗାନ୍ଧୀଙ୍କଠାରୁ ପ୍ରଶଂସିତ ହୋଇଥିଲେ। ଭବିଷ୍ୟତରେ ଭାରତ ବିଶ୍ୱଗୁରୁ ହେବ, ଏ ଦିଗରେ ରେଭେନ୍ସାର ଭୂମିକା ଗୁରୁତ୍ୱପୂର୍ଣ୍ଣ ରହିବ ବୋଲି ସେ କହିଛନ୍ତି।।

କାର୍ଯ୍ୟକ୍ରମରେ ଅନ୍ୟତମ ଅତିଥି ଭାବେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଯୋଗଦେଇ ଓଡ଼ିଆଙ୍କ ପାଇଁ




ରେଭେନ୍ସା ପବିତ୍ର ମାଟି ବୋଲି କହିଥିଲେ। ଭାରତକୁ ଇଂରେଜମୁକ୍ତ କରିବା ନିମନ୍ତେ ଯେଉଁ ଜନଆନ୍ଦୋଳନର ସୂତ୍ରପାତ ହୋଇଥିଲା, ସେଥିରେ ରେଭେନ୍ସାର ଭୂମିକା ଗୁରୁତ୍ୱପୂର୍ଣ୍ଣ ଥିଲା। ଭାଷାଭିତ୍ତିକ ରାଜ୍ୟ ଗଠନ ହେଉ କି ଓଡ଼ିଶାର ନବସୃଜନର ପରିକଳ୍ପନା କ୍ଷେତ୍ରରେ ଏହି ଶିକ୍ଷାନୁଷ୍ଠାନ ମଙ୍ଗ ଧରିଥିଲା। ଅନେକ ମହାନୁଭବଙ୍କ ବୌଦ୍ଧିକ ବୀଜରୋପଣ ରେଭେନ୍ସାରୁ ହୋଇଛି ବୋଲି ସେ କହିଥିଲେ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନିଜ ଅଭିଭାଷଣରେ ରେଭେନ୍ସା ଏକ ବ୍ରାଣ୍ଡ ବୋଲି ଅଭିହିତ କରିଥିଲେ। ଅନେକ ସୁଯୋଗ୍ୟ ସନ୍ତାନଙ୍କୁ ରେଭେନ୍ସା ଜନ୍ମ ଦେଇଛି। ସାମାଜିକ, ଅର୍ଥନୈତିକ ଏବଂ ସାଂସ୍କୃତିକ ଜାଗରଣରେ ରେଭେନ୍ସାର ଅବଦାନ ଅବିସ୍ମରଣୀୟ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ।

ଅନ୍ୟତମ ଅତିଥି ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଥିଲେ ଯେ ୨୦୩୬ ବିକଶିତ ଓଡ଼ିଶା ଏବଂ ୨୦୪୭ ବିକଶିତ ଭାରତ ଗଠନରେ ରେଭେନ୍ସା ପ୍ରୟୋଗଶାଳା ସାଜିବ। ଏଥିପାଇଁ ରାଜ୍ୟ ସରକାର ଶିକ୍ଷାର ବିକାଶ ପାଇଁ ବିଭିନ୍ନ ପଦକ୍ଷେପ ନେଉଛନ୍ତି। ରାଜ୍ୟପାଳ ତଥା ବିଶ୍ୱବିଦ୍ୟାଳୟର କୁଳାଧିପତି ଡ. ହରିବାବୁ କମ୍ଭମପାଟି ସମାରୋହରେ ଅଧ୍ୟକ୍ଷତା କରି ରେଭେନ୍ସା ବିଶ୍ୱବିଦ୍ୟାଳୟକୁ ଶିକ୍ଷାର ମନ୍ଦିର ବୋଲି ଅଭିହିତ କରିଥିଲେ। କୁଳପତି ପ୍ରଫେସର ସଞ୍ଜୟ କୁମାର ନାୟକ ସ୍ୱାଗତ ଭାଷଣ ଦେଇଥିଲେ। ଏହି ଅବସରରେ ପରମାଣୁ ଶକ୍ତି ଆୟୋଗର ପ୍ରାକ୍ତନ ଅଧ୍ୟକ୍ଷ ତଥା ଭାବା ଆଟୋମିକ ରିସର୍ଚ୍ଚ ସେଣ୍ଟରର ପ୍ରାକ୍ତନ ନିର୍ଦ୍ଦେଶକ ଡଃ ଅଜିତ କୁମାର ମହାନ୍ତିଙ୍କୁ ଡକ୍ଟର ଅଫ ସାଇନ୍ସ, ସାଂସଦ ଡଃ ଭର୍ତ୍ତୃହରି ମହତାବ, ଓଡ଼ିଶାର ପ୍ରଥମ ବ୍ରେଲ ପ୍ରେସ ପ୍ରତିଷ୍ଠାତା ତଥା ଦୃଷ୍ଟିହୀନ ସାମାଜିକ କର୍ମୀ ବିଜୟ କୁମାର ରଥ ଓ ପରିବେଶ ସଂରକ୍ଷକ ପଦ୍ମଶ୍ରୀ ସାବରମତିଙ୍କୁ ସମ୍ମାନସୂଚକ ଡକ୍ଟର ଅଫ ଲିଟିରେଚର ପ୍ରଦାନ କରାଯାଇଥିଲା। ଏହି ସମାରୋହରେ ୨୦୨୩ ଶିକ୍ଷାବର୍ଷର ୧୦୬ ବିଦ୍ୟାର୍ଥୀଙ୍କୁ ପୁରସ୍କୃତ କରାଯାଇଥିଲା। ତନ୍ମଧ୍ୟରୁ ୨୯ ଜଣଙ୍କୁ ସ୍ନାତକ ସ୍ୱର୍ଣ୍ଣପଦକ, ୨ଜଣଙ୍କୁ ସର୍ବୋତ୍ତମ ସ୍ନାତକ, ୩୨ଜଣଙ୍କୁ ସ୍ନାତକୋତ୍ତର ସ୍ୱର୍ଣ୍ଣପଦକ, ୪୨ଜଣଙ୍କୁ ପିଏଚଡି ସନନ୍ଦ ଏବଂ ଜଣଙ୍କୁ ଡିଲିଟ୍ ପ୍ରଦାନ କରାଯାଇଥିଲା। ସେହିପରି ୨୦୨୪ ପାଇଁ ୧୧୮ ଛାତ୍ରଛାତ୍ରୀ ପୁରସ୍କୃତ ହୋଇଥିଲେ। ୨୯ଜଣଙ୍କୁ ସ୍ନାତକ ସ୍ୱର୍ଣ୍ଣପଦକ, ୨ଜଣଙ୍କୁ ସର୍ବୋତ୍ତମ ସ୍ନାତକ, ୨୭ଜଣଙ୍କୁ ସ୍ନାତକୋତ୍ତର ସ୍ୱର୍ଣ୍ଣପଦକ, ୩ଜଣଙ୍କୁ ବୋରାସମ୍ବର ସେନାପତି ତର୍କ ପଦକ, ୫୬ଜଣଙ୍କୁ ପିଏଚଡି ସନନ୍ଦ ଏବଂ ଜଣଙ୍କୁ ଡିଏସ୍‌ସି ସମ୍ମାନ ପ୍ରଦାନ କରାଯାଇଥିଲା। ୨୦୨୫ ପାଇଁ ୧୦୫ ମଧ୍ୟରୁ ୨୬ଜଣଙ୍କୁ ସ୍ନାତକ ସ୍ୱର୍ଣ୍ଣପଦକ, ୨ଜଣଙ୍କୁ ସର୍ବୋତ୍ତମ ସ୍ନାତକ, ୨୭ଜଣଙ୍କୁ ସ୍ନାତକୋତ୍ତର ସ୍ୱର୍ଣ୍ଣ ପଦକ, ୪ଜଣଙ୍କୁ ବୋରାସମ୍ବର ସେନାପତି ତର୍କ ପଦକ ଏବଂ ୪୬ଜଣଙ୍କୁ ପିଏଚଡି ସନନ୍ଦ ପୁରସ୍କାର ଦିଆଯାଇଥିଲା। କୁଳସଚିବ କାହ୍ନୁଚରଣ ମଲ୍ଲିକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଫକୀରମୋହନ କଲେଜ ଛାତ୍ରୀ ମୃତ୍ୟୁ ଘଟଣା

# ୮ ଘଣ୍ଟିଆ ବାଲେଶ୍ୱର ବନ୍ଦ ଆଜି



ଭୁବନେଶ୍ୱର/ବାଲେଶ୍ୱର,୧୫।୭ (ସମିସ): ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ବିଇଡି ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁ ଘଟଣାରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି କରି ବିଜେଡି ପକ୍ଷରୁ ବୁଧବାର ୮ ଘଣ୍ଟିଆ ବାଲେଶ୍ୱର ଜିଲ୍ଲା ବନ୍ଦ ଡାକରା ଦିଆଯାଇଛି। ସ୍ଥାନୀୟ ଏକ ହୋଟେଲରେ ପୂର୍ବତନ

- **ବୁଧବାର ସକାଳ ୬ରୁ ଅପରାହ୍ଣ ୨ଟା ପର୍ଯ୍ୟନ୍ତ ବନ୍ଦ**
- **ଲୋକସେବା ଭବନ ବି ଘେରିବ ଦଳ**

ସାଂସଦ ଇଂ ରବୀନ୍ଦ୍ର କୁମାର ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦିଆଯାଇଛି। ଏହି ବନ୍ଦ ସକାଳ ୬ଟାରୁ ଆରମ୍ଭ ହୋଇ ଦିନ ୨ଟା ପର୍ଯ୍ୟନ୍ତ ବଳବତ୍ତର ରହିବ। ଅପରପକ୍ଷେ, ରାଜଧାନୀ ଭୁବନେଶ୍ୱରରେ ମଧ୍ୟ ଆସନ୍ତାକାଲି ଦଳ ପକ୍ଷରୁ ଲୋକସେବା ଭବନ ଘେରାଉ କରାଯିବ। ଏହି ଘେରାଉ କାର୍ଯ୍ୟକ୍ରମ ସକାଳ ୧୦ଟାରୁ ଆରମ୍ଭ ହେବ ବୋଲି ବିଜେଡିର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର କହିଛନ୍ତି।

ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ଜେନା କହିଥିଲେ, ସରକାରଙ୍କ ନିଷ୍କ୍ରିୟତା ପାଇଁ ନ୍ୟାୟରୁ ବଂଚିତ ସୌମ୍ୟାଶ୍ରୀ ଏପରି ଚରମ ପଦକ୍ଷେପ ନେଇଛନ୍ତି। କିନ୍ତୁ ତାଙ୍କ ବଳିଦାନ ବ୍ୟର୍ଥ ଯିବ ନାହିଁ। ତାଙ୍କ ବିୟୋଗରେ ବିଜେଡି ସଭାପତି ନବୀନ ପଟ୍ଟନାୟକ ଗଭୀର ଦୁଃଖ ପ୍ରକାଶ କରିବା ସହ ରାଜ୍ୟ ସରକାରଙ୍କ ବ୍ୟବସ୍ଥା ଉପରେ ପ୍ରଶ୍ନ ଉଠାଇଛନ୍ତି। ଏହି କ୍ରମରେ ୧୬ ତାରିଖ, ବୁଧବାର ଦିନ ବିଜୁ ଜନତା ଦଳ ପକ୍ଷରୁ ସକାଳ ୬ଟାରୁ ଅପରାହ୍ନ ୨ଟା ପର୍ଯ୍ୟନ୍ତ ବାଲେଶ୍ୱର ଜିଲ୍ଲା ବନ୍ଦ ଡାକରା ଦିଆଯାଇଛି। ଏହି ବନ୍ଦ ଶାନ୍ତିପୂର୍ଣ୍ଣ ଭାବରେ ଅନୁଷ୍ଠିତ ହେବ। ବନ୍ଦ ପାଳନ ସମୟରେ ଜରୁରୀକାଳୀନ ସେବା ଜାରି ରହିବ। କିନ୍ତୁ ଦୋକାନ ବଜାର, ଗାଡି ମୋଟର, ବସ, ଟ୍ରେନ, ସ୍କୁଲ ଓ କଲେଜ ସବୁ ବନ୍ଦ ରହିବ। ଏହି ବନ୍ଦ ପାଳନକୁ ଜିଲ୍ଲାବାସୀ ସହଯୋଗ କରିବାକୁ ଶ୍ରୀ ଜେନା ନିବେଦନ କରିଛନ୍ତି।

# ସରକାରଙ୍କ ଶବଦାହ କଲା କଂଗ୍ରେସ

ଭୁବନେଶ୍ୱର, ୧୫।୭ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଓ ଉଚ୍ଚ ଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ପ୍ରତୀକାତ୍ମକ ଶବଦାହ କରିଛି ଯୁବ କଂଗ୍ରେସ। ଯୁବ କଂଗ୍ରେସର କର୍ମକର୍ତ୍ତାମାନେ ଏକ ରାଲିରେ ଆସି ରାମମନ୍ଦିର ନିକଟସ୍ଥ ବିଜେପି କାର୍ଯ୍ୟାଳୟ ପାଖରେ "ରାମ ନାମ ସତ୍ୟହେ, ହରିନାମ ସତ୍ୟହେ" ଉଚ୍ଚାରଣ କରି ଦୁଇଟି କୋକେଇ କାନ୍ଧେଇଥିଲେ। କୋକେଇରେ ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କର ଦୁଇଟି ଫ୍ଲେକ୍ସ ନିର୍ମିତ ଶବ ରଖାଯାଇଥିଲା। ସେପଟେ ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀଙ୍କ ଶବ ତାଙ୍କ ନିଜ ଗାଁରେ ଦାହ ହେଉଥିବା ବେଳେ ଭୁବନେଶ୍ୱରରେ ବିଜେପି କାର୍ଯ୍ୟାଳୟ ନିକଟରେ ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କର ଫ୍ଲେକ୍ସ ନିର୍ମିତ ଶବଦାହ କରାଯାଇଥିଲା। ଶବଦାହର ସମସ୍ତ ବିଧି ଏହି କାର୍ଯ୍ୟକ୍ରମରେ ଅନୁସରଣ କରାଯାଇଥିଲା।

କାର୍ଯ୍ୟକ୍ରମ ଅବସରରେ ଯୁବ କଂଗ୍ରେସ ସଭାପତି ରଣଜିତ ପାତ୍ର କହିଛନ୍ତି ଯେ ମୋହନ ସରକାରର ପ୍ରତୀକାତ୍ମକ ଶବଦାହ କରାଯାଇଛି। ଏହି ସରକାରରେ ନାରୀ ଅସୁରକ୍ଷିତ। ବାଲେଶ୍ୱର ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିକୁ ମୁଖ୍ୟମନ୍ତ୍ରୀ କି ଶିକ୍ଷାମନ୍ତ୍ରୀ ବା ସମଗ୍ର ମୋହନ ସରକାରର ବ୍ୟବସ୍ଥା ନ୍ୟାୟ ଦେଇପାରିଲା ନାହିଁ। ତେଣୁ ମୁଖ୍ୟମନ୍ତ୍ରୀ ଓ ଶିକ୍ଷାମନ୍ତ୍ରୀଙ୍କର ଇସ୍ତଫା ଦାବି ସହ ଏହି କାର୍ଯ୍ୟ ହୋଇଛି ବୋଲି ସେ କହିଛନ୍ତି।




ଭୁବନେଶ୍ୱର କଂଗ୍ରେସ ସାଂସଦ ପ୍ରାର୍ଥୀ ସୟଦ ୟାସିର ନୱାଜ କହିଛନ୍ତି ଯେ ଏହି ଘଟଣାରେ ବିଜେପି, ମୋହନ ସରକାର ଏବଂ ଏବିଭିପିର ଅସଲମୁଖା ଖୋଲିଯାଇଛି। ଉଭୟ ଅଧ୍ୟକ୍ଷ ଓ ଅଧ୍ୟାପକଙ୍କୁ କଲେଜ ବାହାରେ ଥିବା ହେଲ୍ପ-ଡେସ୍କଠାରେ ଏବିଭିପି ପକ୍ଷରୁ ସମ୍ମାନିତ କରାଯାଇଥିଲା। ସୁତରାଂ ଏହି ଅପରାଧୀ ଦୁଇଜଣ ଏବିଭିପି ସଂଗଠନ ସହ ସୁ-ସମ୍ପର୍କ ରହିଥିଲା। ଛାତ୍ରୀଟି ଏବିଭିପି ସଂଗଠନର ଜଣେ ସଭ୍ୟା। ମାତ୍ର ଦୁଃଖର ବିଷୟ, ଛାତ୍ରୀର ଗୁହାରି ନ ଶୁଣିଥିବା ସରକାର ବିରୋଧରେ ଏବିଭିପି ଏପର୍ଯ୍ୟନ୍ତ ଆନ୍ଦୋଳନ କରୁନାହିଁ କି ଶବ୍ଦଟିଏ କହୁନାହିଁ। ଛାତ୍ରୀର ହାତକୁ ଆତ୍ମଦାହ କରିବାପାଇଁ କିଏ ସେ ପେଟ୍ରୋଲ ଓ ଦିଆସିଲି ବଢ଼ାଇଦେଲା ଏବଂ ଆତ୍ମଦାହ କରିବାପାଇଁ ଉସୁକାଇଲା, ତାହାର ଉପଯୁକ୍ତ ତଦନ୍ତ କରାଯାଉ ବୋଲି ସେ କହିଛନ୍ତି। ଛାତ୍ରୀ ସୌମ୍ୟାଶ୍ରୀ ଆତ୍ମହତ୍ୟା କରିନି ବରଂ ବିଜେପି, ମୋହନ ସରାକର ଏବଂ ଏବିଭିପି ତାଙ୍କୁ ହତ୍ୟା କରିଛି ବୋଲି ୟାସିର୍ କହିଛନ୍ତି।

# ମୋହନ ସରକାର ଶାସନ କରିବା ପାଇଁ ସମସ୍ତ ନୈତିକତା ହରାଇଛନ୍ତି : କଂଗ୍ରେସ

ଭୁବନେଶ୍ୱର,୧୫।୭ (ସମିସ): ଫକୀରମୋହନ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁ ପରେ ଆସନ୍ତା ୧୭ ତାରିଖରେ ଓଡ଼ିଶା ବନ୍ଦ ଡାକରା ଦିଆଯାଇଛି। ଏହା ଆତ୍ମହତ୍ୟା ନୁହେଁ, ଏହା ଏକ ବ୍ୟବସ୍ଥାକୃତ ହତ୍ୟା ବୋଲି ଉଲ୍ଲେଖ କରି କଂଗ୍ରେସ ସମେତ ୮ ଟି ମିଳିତ ବିରୋଧୀ ଦଳ ତରଫରୁ ବନ୍ଦ ଡାକରା ଦିଆଯାଇଛି। ବାଲେଶ୍ୱର ସାଂସଦ, ବିଧାୟକ, ଜିଲ୍ଲାପାଳ ଏବଂ ଏସପିଙ୍କୁ ତଦନ୍ତ ପରିସରଭୁକ୍ତ କରାଯିବା ସହ ୧୭ ଜୁଲାଇରେ ଓଡ଼ିଶା ବନ୍ଦକୁ ଜନସାଧାରଣ ସମର୍ଥନ ଦେଇ ସଫଳ କରିବା ପାଇଁ ବିରୋଧୀ ଦଳମାନେ ନିବେଦନ କରିଛନ୍ତି।

ଏହାସହିତ ତିନି ଦିନ ଧରି ସମଗ୍ର ରାଜ୍ୟରେ କ୍ୟାଣ୍ଡେଲ୍ ଶୋଭାଯାତ୍ରା ଓ ଶ୍ରଦ୍ଧାଞ୍ଜଳି ସଭା ଅୟୋଜନ କରାଯିବ।

ଛାତ୍ର-ଛାତ୍ରୀଙ୍କ ମନ୍ଦିର ହେଉଛି ଶିକ୍ଷାନୁଷ୍ଠାନ। ସେଠାରେ ଛାତ୍ର ଛାତ୍ରୀଙ୍କର ନିରାପତ୍ତା ନାହିଁ। ଭୟଙ୍କର ଦୁର୍ନୀତି, ଜାଲିଆତି, ପାତର ଅନ୍ତର, ମାର୍କ ପାଇଁ ମାନସିକ ଚାପ, କ୍ୟାରିୟର ପାଇଁ ଯୌନ ନିର୍ଯାତନା ଭଳି ଘଟଣା ଘଟିବା ଅତ୍ୟନ୍ତ ଉଦବେଗଜନକ ଏବଂ ଚିନ୍ତାଜନକ। ଫକୀର ମୋହନ ମହାବିଦ୍ୟାଳୟ ଘଟଣା ଏହି ଘୃଣ୍ୟ କାର୍ଯ୍ୟର ଏକ ପ୍ରତିଫଳନ । ଏହି କେଳେଙ୍କାରୀ ସାଙ୍ଗକୁ ମାଲକାନଗିରିରେ ସାମ୍ବାଦିକଙ୍କୁ ହତ୍ୟା, ଗଞ୍ଜାମ ଜିଲ୍ଲାରେ ପୁଣି ମହିଳାଙ୍କୁ ଗଣ ଦୁଷ୍କର୍ମ, ଗୋପାଳପୁରରେ ଯୁବତୀଙ୍କୁ ଗଣଦୁଷ୍କର୍ମ, ଧରାକୋଟରେ ଦଳିତଙ୍କ ଉପରେ ପାଶବିକ ଅତ୍ୟାଚାର, ଶିମିଳିପାଳ ଅଭୟାରଣ୍ୟରେ ଜଙ୍ଗଲ ବିଭାଗ କର୍ମଚାରୀଙ୍କ ଦ୍ୱାରା ଆଦିବାସୀ ମହିଳାଙ୍କ ଉପରେ ଯୌନ ନିର୍ଯାତନା, ମାଲକାନଗିରିରେ ଖ୍ରୀଷ୍ଟିଆନ ସମ୍ପ୍ରଦାୟଙ୍କ ଉପରେ ଆକ୍ରମଣ, ରାଜ୍ୟ ତମାମ୍ ବଙ୍ଗଳା ଭାଷାଭାଷୀ ନାଗରିକଙ୍କୁ ଅଯଥା ଗିରଫ ଓ ଡିଟେନସନ, ବିଏମସି ଅଧିକାରୀଙ୍କ ଉପରେ ବିଜେପି କର୍ମୀ ମାନେ ବର୍ବର ଆକ୍ରମଣ କରିବା, ନୀଳଗିରି ବିଧାୟକଙ୍କ ମହିଳା ନେତ୍ରୀଙ୍କ ପ୍ରତି ଅଶାଳୀନ ମନ୍ତବ୍ୟ, ରଥଯାତ୍ରା ପରିଚାଳନାରେ ଅବହେଳା ଯୋଗୁଁ ଶ୍ରଦ୍ଧାଳୁଙ୍କ ମୃତ୍ୟୁ ଓ ଅନେକ ଗୁରୁତର ଭାବେ ଆହତ ଇତ୍ୟାଦି ସମସ୍ତ ଘଟଣାରେ ମୋହନ ସରକାରଙ୍କ ବିଫଳତା, ବ୍ୟର୍ଥତା, ଅପାରଗତା ପ୍ରମାଣିତ ହୋଇଛି। ରାଜ୍ୟରେ ଜଙ୍ଗଲରାଜ ଚାଲିଛି। ସମଗ୍ର ପୁଲିସ୍ ବିଭଗ ସ୍ଥାଣୁ ପାଲଟିଛି। ଓଡ଼ିଶା ରାଜ୍ୟ ବର୍ତ୍ତମାନ୍ ଅପରାଧୀଙ୍କ ଚରାଭୂଇଁ ହୋଇଛି। ମୋହନ ମାଝୀ ସରକାର ଶାସନ କରିବାର ସମସ୍ତ ନୈତିକ ଅଧିକାର ହରାଇଛନ୍ତି ବୋଲି ମିଳିତ ବିରୋଧୀ ଦଳ ପ୍ରକାଶ କରିଛନ୍ତି। ବିଜେପି ଶାସନର ଜଙ୍ଗଲରାଜ ବିରୋଧରେ ମାନବିକ ଅଧିକାର ପାଇଁ ୧୭ ଜୁଲାଇ ରେ ଓଡ଼ିଶା ବନ୍ଦ ପାଳନ କରାଯିବ। ଆଜି ପୂର୍ବାହ୍ନ କଂଗ୍ରେସ ଭବନରେ ଅନୁଷ୍ଠିତ ମିଳିତ ସାମ୍ବାଦିକ ସମ୍ମିଳନୀରେ ରେ କଂଗ୍ରେସ ପକ୍ଷରୁ ପିସିସି ସଭାପତି ଭକ୍ତ ଚରଣ ଦାସ, କଂଗ୍ରେସ ବିଧାୟକ ଦଳର ନେତା ରାମଚନ୍ଦ କାଡାମ୍, ସିପିଆଇ ରାଜ୍ୟ ସମ୍ପାଦକ ଆଶିଷ କାନୁନଗୋ, ସିପିଆଇ (ଏମ୍) ରାଜ୍ୟ ସମ୍ପାଦକ ସୁରେଶ ଚନ୍ଦ୍ର ପାଣିଗ୍ରାହୀ, ସିପିଆଇ(ଏମ୍‌ଏଲ)-ଲିବେରେସନ୍ ରାଜ୍ୟ ସମ୍ପାଦକ ଯୁଧିଷ୍ଠିର ମହାପାତ୍ର, ଅଲ୍ ଇଣ୍ଡିଆ ଫରୱାର୍ଡ ବ୍ଲକ୍ ରାଜ୍ୟ ସାଧାରଣ ସମ୍ପାଦକ ଜ୍ୟୋତି ରଞ୍ଜନ ମହାପାତ୍ର, ଏନ୍‌ସିପି ରାଜ୍ୟ ସଭାପତି ବିକ୍ରମ ସ୍ୱାଇଁ, ଏସପି ରାଜ୍ୟ ସାଧାରଣ ସମ୍ପାଦକ ପ୍ରତାପ ବାରିକ, ଆର୍‌ଜେଡି ରାଜ୍ୟ ସାଧାରଣ ସମ୍ପାଦକ ହେମନ୍ତ କୁମାର ପ୍ରମୁଖ ରାଜ୍ୟ ନେତୃବୃନ୍ଦ ଉପସ୍ଥିତ ଥିଲେ।

# ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବିକଲା ବିଜେଡି

## କାର୍ଯ୍ୟରତ ବିଚାରପତିଙ୍କ ଦ୍ୱାରା ବିଚାର ବିଭାଗୀୟ ତଦନ୍ତ ହେଉ

ଭୁବନେଶ୍ୱର,୧୫।୭ (ସମିସ): ଫକୀର ମୋହନ ସ୍ୱୟଂଶାସିତ କଲେଜ ଛାତ୍ରୀ ଆତ୍ମାହୁତି ଘଟଣାରେ ପୀଡ଼ିତାଙ୍କ ମୃତ୍ୟୁ ଘଟଣାରେ ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଇସ୍ତଫା ଦାବି କରିଛି ବିଜେଡି। ଏହା ସହ ଦଳ ପକ୍ଷରୁ ଘଟଣାର ବିଚାର ବିଭାଗୀୟ ତଦନ୍ତ ଦାବି କରିଛି।

ଶଙ୍ଖ ଭବନ ଠାରେ ଆଜି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର, ଉପସଭାପତି ସଞ୍ଜୟ କୁମାର ଦାସବର୍ମା, ଉପସଭାପତି ପ୍ରତାପ ଜେନା ଏଫଏମ କଲେଜ ଛାତ୍ରୀ ମୃତ୍ୟୁ ଘଟଣାରେ ସରକାରୀ ଉଦାସନୀତା ଏବଂ ବିଫଳତାକୁ ନେଇ ପ୍ରବଳ ବର୍ଷିଛନ୍ତି। ଶ୍ରୀ ମିଶ୍ର କହିଛନ୍ତି ଯେ ଏହି ଘଟଣା ସମଗ୍ର ରାଜ୍ୟବାସୀଙ୍କୁ ଆନ୍ଦୋଳିତ କରିଛି । ପୀଡିତା ଛାତ୍ରୀ ଦୀର୍ଘ ୬ ମାସ ଧରି ନ୍ୟାୟ ପାଇଁ ସଂଗ୍ରାମ କରି ବିଫଳ ହେବା ପରେ, ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀ ଇତ୍ୟାଦିଙ୍କୁ ସାମାଜିକ ଗଣମାଧ୍ୟମ ଏକ୍ସରେ ଟ୍ୱିଟ୍ କରି ନ୍ୟାୟ ଭିକ୍ଷା କରିଥିଲା । ସମସ୍ତ କ୍ଷେତ୍ରରୁ ନ୍ୟାୟ ପାଇବାରେ ବିଫଳ ହେବା ପରେ, ଛାତ୍ରୀ ଜଣକ ଆତ୍ମାହୁତି ଭଳି ଚରମ ନିଷ୍ପତ୍ତି ନେଇଥିଲା । ସରକାରୀ ବ୍ୟବସ୍ଥାରେ ଥିବା ତ୍ରୁଟି ଓ ସରକାରଙ୍କ ଅପାରଗତାକୁ ବିରୋଧ କରି ଜୁଲାଇ ୧୬ ତାରିଖ (ବୁଧବାର) ବାଲେଶ୍ୱର ବନ୍ଦ ଡାକରା ଦିଆଯାଇଛି ଓ ଆଜିଠାରୁ ଆରମ୍ଭ ହୋଇଥିବା କଲେଜ ଷ୍ଟ୍ରାଇକ ଦାବି ପୂରଣ ହେବା ଯାଏଁ ଜାରି ରହିବ।

ସଞ୍ଜୟ କୁମାର ଦାସବର୍ମା କହିଛନ୍ତି ଯେ ଏହି ଘଟଣାରେ ଅଭିଯୁକ୍ତ ଅଧ୍ୟାପକ, କଲେଜ ଅଧ୍ୟକ୍ଷଙ୍କ ବ୍ୟତୀତ ମୃତ ଛାତ୍ରୀ ଯେଉଁ ଯେଉଁମାନଙ୍କ ନିକଟରେ ଅଭିଯୋଗ କରିଥିଲା



ସେହି ବ୍ୟକ୍ତିମାନଙ୍କୁ ମଧ୍ୟ ତଦନ୍ତ ପରିସରଭୁକ୍ତ କରିବା ଦରକାର। ଏହାଛଡା ଏହି ଘଟଣା ଘଟିବା ବେଳକୁ ଯେଉଁମାନେ ଭିଡିଓ କରୁଥିଲେ, ଯେଉଁମାନେ ତାକୁ ଉସକେଉଥିଲେ ଓ ଯେଉଁମାନେ କଲେଜ ଦ୍ୱାରା ଗଠିତ ହୋଇଥିବା ତଦନ୍ତ କମିଟିରେ ରହି ତଦନ୍ତକୁ ବାଟବଣା କରିଥିଲେ ସେମାନେ ମଧ୍ୟ ଏହି ଘଟଣାରେ ଦାୟୀ । ତେଣୁ ସେମାନେ ମଧ୍ୟ ତଦନ୍ତ ପରିସର ଭୁକ୍ତ ହେବା ଦରକାର ବୋଲି ସେ କହିଛନ୍ତି। ବରିଷ୍ଠ ନେତା ପ୍ରତାପ ଜେନା କହିଛନ୍ତି ଯେ ମୃତ ଛାତ୍ରୀ ନିଜର ଅଭିଯୋଗକୁ ସାଂସଦ, ବିଧାୟକ, ଉଚ୍ଚଶିକ୍ଷା ମନ୍ତ୍ରୀ, ମୁଖ୍ୟମନ୍ତ୍ରୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ଇତ୍ୟାଦିଙ୍କୁ ଜଣାଇଥିଲେ ମଧ୍ୟ କେହି ଅଭିଯୋଗ ଉପରେ କର୍ଣ୍ଣପାତ କରିନଥିଲେ । ଏହାଛଡ଼ା ସେ ଏସ୍‌ପିଙ୍କ ପାଖରେ ଲିଖିତ ଅଭିଯୋଗ କରିଥିଲେ; କିନ୍ତୁ ତାଙ୍କ ଅଭିଯୋଗକୁ ନ୍ୟାୟ ଦେବା ତ ଦୂରର କଥା, କେସ୍ ପଞ୍ଜିକୃତ କରାଗଲା ନାହିଁ। ଏହା ହୋଇଥିଲେ ଛାତ୍ରୀ ଜଣକ ହୁଏତ ଏଭଳି ଚରମ ପଦକ୍ଷେପ ନେବାରୁ ନିବୃତ ରହିଥାନ୍ତେ। ଏହାଦ୍ୱାରା ପୁଲିସ ପ୍ରଶାସନ ଓ ନ୍ୟାୟ ବ୍ୟବସ୍ଥା ଉପରେ ସାଧାରଣ ଲୋକଙ୍କ ଭରସା ଉଠିଯାଉଛି। କେବଳ ସରକାରୀ ଅଧିକାରୀ ମାନେ ନୁହେଁ ନିର୍ବାଚିତ ଜନପ୍ରତିନିଧିମାନେ ମଧ୍ୟ ଉତ୍ତରଦାୟୀ ହେବା ଉଚିତ। ତେଣୁ ଯେଉଁମାନେ ଛାତ୍ରୀଙ୍କ ଅଭିଯୋଗକୁ ଅଣଦେଖା କରିଛନ୍ତି ସେମାନେ ସମସ୍ତେ ଏହି ଛାତ୍ରୀର ମୃତ୍ୟୁ ପାଇଁ ଦାୟୀ । ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷା ମନ୍ତ୍ରୀ ଏହି ଘଟଣାର ନୈତିକ ଦାୟିତ୍ୱ ନେଇ ନିଜ ପଦରୁ ଇସ୍ତଫା ଦେବା ଦରକାର। ଏହି ଘଟଣାର ତଦନ୍ତ ଏକ କାର୍ଯ୍ୟରତ ବିଚାରପତିଙ୍କ ଦ୍ୱାରା ବିଚାର ବିଭାଗୀୟ ତଦନ୍ତ ପାଇଁ ବିଜେଡି ଦାବି କରିଛି।

ଏଫ୍‌ଏମ୍ କଲେଜ ଛାତ୍ରୀଙ୍କ ମୃତ୍ୟୁ ଘଟଣା

# ଏସ୍‌ୟୁସିଆଇ ପକ୍ଷରୁ ଶୋଭାଯାତ୍ରା, ଶ୍ରଦ୍ଧାଞ୍ଜଳି ସଭା

ଅନୁଗୋଳ, ୧୫।୭ (ସମିସ)

ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର କର୍ତ୍ତୃପକ୍ଷଙ୍କ ଅନ୍ୟାୟ, ପ୍ରିୟାପ୍ରିତି ଓ ନିର୍ଯାତନା ବିରୁଦ୍ଧରେ ଦୀର୍ଘଦିନ ଧରି ଦୃଢ଼ ପ୍ରତିବାଦ କରିଆସିଥିବା ଛାତ୍ରୀ ସୌମ୍ୟାଶ୍ରୀ ବିଶି ନ୍ୟାୟ ପାଇବାରେ ନିରାଶ ହୋଇ ଆତ୍ମାହୁତି ଉଦ୍ୟମ କରି ଗତକାଲି ରାତିରେ ଚିକିତ୍ସାଧୀନ ଅବସ୍ଥାରେ ଭୁବନେଶ୍ୱର ଏମ୍ସରେ ଦୁଃଖଦ ମୃତ୍ୟୁ ଘଟିଛି। ରାଜ୍ୟ ଉଚ୍ଚ ଶିକ୍ଷା ବିଭାଗର ଅବ୍ୟବସ୍ଥା ବିରୁଦ୍ଧରେ ପ୍ରତିବାଦ କରି ଦୁଃଖଦ ମୃତ୍ୟୁବରଣ କରିଥିବା ଛାତ୍ରୀ ସୌମ୍ୟାଶ୍ରୀଙ୍କ ବିୟୋଗରେ ଏସ୍‌ୟୁସିଆଇ (କମ୍ୟୁନିଷ୍ଟ) ପକ୍ଷରୁ ଗଭୀର ଶୋକ ପ୍ରକାଶ କରାଯିବା ସହିତ ଆଜି ରାଜ୍ୟବ୍ୟାପୀ ଶୋକ ଦିବସ ପାଳନ କରାଯାଇଛି। ଏହି ପରିପ୍ରେକ୍ଷୀରେ ଅନୁଗୁଳ ଜିଲ୍ଲା ଏସ୍‌ୟୁସିଆଇ (କମ୍ୟୁନିଷ୍ଟ) କର୍ମୀଙ୍କ ପକ୍ଷରୁ କଳାବ୍ୟାଜ୍ ପରିଧାନ କରି ସ୍ଥାନୀୟ ଅମଲାପଡ଼ା ଛକରୁ ଶୋକ ଶୋଭାଯାତ୍ରାରେ ଆସି ଥାନାଛକରେ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଶ୍ରଦ୍ଧାଞ୍ଜଳି ସଭାରେ ସହରର ବିଶିଷ୍ଟ ବୁଦ୍ଧିଜୀବୀ, ବ୍ୟବସାୟୀ, ସାଧାରଣ ନାଗରିକ, କଲେଜର ଛାତ୍ରଛାତ୍ରୀ ଯୋଗଦେଇ ମୃତ ସୌମ୍ୟାଶ୍ରୀଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଦେଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ମୃତ ଛାତ୍ରୀଙ୍କ ପରିବାରକୁ ଅବିଳମ୍ବେ ୧କୋଟି ଟଙ୍କାର ସହାୟତା ଯୋଗାଇଦେବା, ଏହିଭଳି ଅମାନବୀୟ ଘଟଣାର ଉଚ୍ଚସ୍ତରୀୟ ତଦନ୍ତ କରି ଏହାର ରିପୋର୍ଟ ୭ଦିନ ମଧ୍ୟରେ ସର୍ବସାଧାରଣରେ ପ୍ରକାଶ କରିବା, ଘଟଣାରେ ସମ୍ପୃକ୍ତ ସମସ୍ତ ଅପରାଧୀ ତଥା ଦୀର୍ଘମାସ ଧରି ପୀଡ଼ିତା ଛାତ୍ରୀଙ୍କୁ ଯୌନ ନିର୍ଯାତନା, ମାନସିକ ନିର୍ଯାତନା ଏବଂ ଏକାଡେମିକ ହାରାସମେଣ୍ଟର ଅଭିଯୋଗକୁ କର୍ଣ୍ଣପାତ କରିନଥିବା ବ୍ୟକ୍ତିମାନଙ୍କ ବିରୁଦ୍ଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା, ଏହିଭଳି ସମ୍ବେଦନଶୀଳ ଦୁଃଖଦାୟକ ଘଟଣାର ସମସ୍ତ ନୈତିକ ଦାୟିତ୍ୱ ବହନ କରି ରାଜ୍ୟ ଉଚ୍ଚ ଶିକ୍ଷାମନ୍ତ୍ରୀ ଅବିଳମ୍ବେ ଇସ୍ତଫା ପ୍ରଦାନ କରିବା, ସମସ୍ତ କଲେଜ ଓ ବିଶ୍ୱବିଦ୍ୟାଳୟ ଭିତରେ ଏବଂ ବାହାରେ ଛାତ୍ରୀମାନଙ୍କ ପ୍ରତି ହେଉଥିବା ଯୌନ ନିର୍ଯାତନା ଓ ଏକାଡେମିକ ହାରାସମେଣ୍ଟର ଭୟଭିତି ସଂସ୍କୃତି ବନ୍ଦ କରିବା ଏବଂ ଛାତ୍ରୀମାନଙ୍କୁ ସମସ୍ତ ପ୍ରକାର ନିରାପତ୍ତା ଯୋଗାଇଦେବା ଦାବିରେ ଏସ୍‌ୟୁସିଆଇ (କମ୍ୟୁନିଷ୍ଟ) ପକ୍ଷରୁ ୧୭ ଜୁଲାଇରେ ସାରା ଓଡ଼ିଶା ବନ୍ଦକୁ ସଫଳ କରିବା ପାଇଁ ଶ୍ରଦ୍ଧାଞ୍ଜଳି ସଭାରେ ଜନସାଧାରଣଙ୍କୁ ନିବେଦନ କରାଯାଇଛି। ଶୋକ ଶୋଭାଯାତ୍ରା ଏବଂ ଶ୍ରଦ୍ଧାଞ୍ଜଳି ସଭାରେ ଏସ୍‌ୟୁସିଆଇ (କମ୍ୟୁନିଷ୍ଟ) ରାଜ୍ୟ କମିଟି ସଭ୍ୟ ବ୍ରଜବନ୍ଧୁ ସାହୁ, କେଦାରନାଥ ସାହୁ, ଜିଲ୍ଲା କମିଟି ସଭ୍ୟ ନବକିଶୋର ପ୍ରଧାନ, ସୁବାସ ପ୍ରଧାନ, ତୀର୍ଥବାସୀ ଭୋଇ, ମାନସ ପାଲ, ସରୋଜିନୀ ନାୟକ, ମାନସୀ ସ୍ୱାଇଁ, କୈଳାସ ସାହୁ, ରଣଜିତ ପ୍ରଧାନ, ସହରର ବିଶିଷ୍ଟ ବୁଦ୍ଧିଜୀବୀ ପ୍ରଦୀପ ପ୍ରଧାନ, ଅକ୍ଷୟ କୁମାର ବାରିକ, କାଳୀଚରଣ ପ୍ରଧାନ ଉପସ୍ଥିତ ଥିଲେ।




## ବିଭିନ୍ନ ସମସ୍ୟା ନେଇ ଜିଲ୍ଲାପାଳଙ୍କୁ ଦାବିପତ୍ର

ବଇଣ୍ଡା, ୧୫।୭ (ସମିସ): ଅନୁଗୋଳ ଜିଲ୍ଲା କିଶୋରନଗର ବ୍ଲକ ବଇଣ୍ଡା ଅଞ୍ଚଳରେ ଏବେ ଅନେକ ସମସ୍ୟା ଲାଗି ରହିଛି। ସେଗୁଡ଼ିକ ସମାଧାନ କରାଯାଉ ନାହିଁ। ଫଳରେ ସାଧାରଣ ଲୋକେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସମସ୍ୟାଗୁଡ଼ିକ ସମାଧାନ କରିବା ପାଇଁ ବିଜେପି ଯୁବନେତା ରାଜେନ୍ଦ୍ର ସାହୁ ସୋମବାର ଅନୁଗୋଳ ଜିଲ୍ଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି। ଦାବିପତ୍ରରେ ଉଲ୍ଲେଖ କରିଛନ୍ତି ଯେ, ଆଠମଲ୍ଲିକ ଉପଖଣ୍ଡର ମୁଖ୍ୟ ବ୍ୟବସାୟୀ ସ୍ଥଳ ଭାବରେ ପରିଚିତ ଏହି ଅଞ୍ଚଳରେ ଏବେ ଅନେକ ସମସ୍ୟା ଲାଗି ରହିଛି। ବିଶେଷ କରି ବଇଣ୍ଡାରେ ଯାତ୍ରୀ ବିଶ୍ରାମଗାର ନିର୍ମାଣ ହେଉନାହିଁ। ଯାହାକି ଯାତ୍ରୀମାନେ ବସ୍‌କୁ ଅପେକ୍ଷା କରି ରାସ୍ତାକଡ଼ରେ ଘଣ୍ଟା ଘଣ୍ଟା ଧରି ଛିଡ଼ା ହେଉଛନ୍ତି। ସେହିପରି ଅଞ୍ଚଳରେ ଥିବା ବଇଣ୍ଡା ପୂର୍ତ୍ତ ବିଭାଗର ଡାକବଙ୍ଗଳା ନିର୍ମାଣ କରାଯାଉ ନାହିଁ। ଯାହାଫଳରେ ଭିଆଇପିମାନେ ଆସିଲେ ବଇଣ୍ଡା ବଦଳରେ ନାକିଚିରେ ଥିବା ବଙ୍ଗଳା ଉପରେ ଭରସା କରୁଛନ୍ତି। ଅଗ୍ନିଶମ ନିର୍ମାଣ ପାଇଁ ପୂର୍ବରୁ ସରକାର ଘୋଷଣା କରିଥିଲେ ମଧ୍ୟ ନିର୍ମାଣ କରାଯାଇ ନାହିଁ। ଫଳରେ ଏହି ଅଞ୍ଚଳବାସୀ ୩୬ କିମି ଦୂର ବାମୁର ଅଗ୍ନିଶମ ବିଭାଗ ଉପରେ ନିର୍ଭର କରୁଛନ୍ତି। ଅଞ୍ଚଳରେ ଅଏଲ ଲାଇନ ଯାଇଥିବା ବେଳେ କୌଣସି ଦୁର୍ଘଟଣା ଘଟିଲେ ୩୬ କିମି ଉପରେ ଭରସା କରିବାକୁ ପଡ଼ିବ। ସେହିପରି ନୁନୁକାପଶିରେ ଶ୍ମଶାନ ନଥିବା ଯୋଗୁଁ ମୃତଶରୀରକୁ ୪ କିମି କଦଳୀମୁଣ୍ଡା ଶ୍ମଶାନକୁ ପୋଡ଼ିବା ପାଇଁ ନିଆଯାଉଛି। ଯାହାକି ଅଞ୍ଚଳବାସୀ ହଇରାଣ ହେଉଛନ୍ତି। ବଇଣ୍ଡାରେ ଥିବା ସାପ୍ତାହିକ ହାଟକୁ ନିର୍ମାଣ ହୋଇଥିବା କଂକ୍ରିଟ ରାସ୍ତା କାମ ୪ ବର୍ଷ ହେବ ସରିଥିଲେ ମଧ୍ୟ ବ୍ଲକ ପ୍ରଶାସନ ଏହି ବିଲ୍‌କୁ ମଞ୍ଜୁର କରୁ ନାହାନ୍ତି। ତୁରନ୍ତ ଏହି ସମସ୍ୟାର ସମାଧାନ ପାଇଁ ଦାବି କରିଛନ୍ତି।

## ସରକାରୀ ଭାଷା କାର୍ଯ୍ୟାନ୍ୱୟନ କମିଟିର ବୈଠକ



ନାଲକୋ ନଗର, ୧୫।୭ (ସମିସ): ଅନୁଗୋଳର ନଗର ସରକାରୀ ଭାଷା କାର୍ଯ୍ୟାନ୍ୱୟନ କମିଟିର ୪୬ତମ ବୈଠକ ନାଲକୋ ଏସ୍ ଆଣ୍ଡ ପି କମ୍ପ୍ଲେକ୍ସରେ ନାଲକୋ ଇଡିଏନ ଏନଏସ ସୁବ୍ରମଣ୍ୟମଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଅନୁଗୁଳ ଓ ଢେଙ୍କାନାଳ ଜିଲ୍ଲାରେ ପ୍ରାୟ ୪୨ଟି ସରକାରୀ ଅନୁଷ୍ଠାନ, ରାଷ୍ଟ୍ରୟତ କମ୍ପାନୀ, ଉପକ୍ରମ, ଆଞ୍ଚଳିକ ଅଫିସ, ବିଭିନ୍ନ ଓ କଲେଜର ଅଧିକାରୀମାନେ ଯୋଗଦେଇଥିଲେ। ବିଚିତ୍ର ସେନ, ଉପନିର୍ଦ୍ଦେଶକ (କାର୍ଯ୍ୟାନ୍ୱୟନ), ପୂର୍ବାଞ୍ଚଳ, ରାଜଭାଷା ବିଭାଗ, ଗୃହ ମନ୍ତ୍ରାଳୟ, ଭାରତ ସରକାରଙ୍କ ତରଫରୁ ବୈଠକରେ ଯୋଗଦେଇ ଅନୁଗୁଳ ଓ ଢେଙ୍କାନାଳ ଜିଲ୍ଲାରେ ହିନ୍ଦୀ ଭାଷାର କାର୍ଯ୍ୟକାରିତା ଦିଗରେ ସମୀକ୍ଷା କରିବା ସହ ବିଭିନ୍ନ ଦିଗରେ ପରାମର୍ଶ ଦେଇଥିଲେ। ବୈଠକରେ ଜିଜିଏମ (ମାନବ ସମ୍ବଳ ଓ ପ୍ରଶାସନିକ) ସୁନୀଲ କୁମାର ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟାନ୍ୱୟନ କମିଟି ମେମ୍ବର ସେକ୍ରେଟାରୀ ତଥା ନାଲକୋ ଅନଗୁଳର ରାଜଭାଷା ଅଧିକାରୀ ପବନ ତ୍ରିପାଠୀ ମିଟିଂକୁ ପରିଚାଳନା କରିଥିଲେ।

## ଓକିଲ ସଂଘ କାର୍ଯ୍ୟାଳୟର ଶୁଭ ଉନ୍ମୋଚନ

ଅନୁଗୋଳ, ୧୫।୭ (ସମିସ): ଅନୁଗୋଳ ଓକିଲ ସଂଘ କାର୍ଯ୍ୟାଳୟର ରୂପାନ୍ତରୀକରଣ, ଶୀତତାପ ନିୟନ୍ତ୍ରଣ ଯନ୍ତ୍ର ତଥା ଆଲୋକୀକରଣ ସହ ଶୁଦ୍ଧ ପାନୀୟ ଜଳ ଯୋଗାଣ ପ୍ରକଳ୍ପର ଶୁଭ ଉନ୍ମୋଚନ ବିଧାୟକ ପ୍ରତାପ ଚନ୍ଦ୍ର ପ୍ରଧାନ ଓ ଛେଣ୍ଡିପଦାର ବିଧାୟକ ଅଗସ୍ତି ବେହେରାଙ୍କ ଦ୍ୱାରା ଉନ୍ମୋଚିତ ହୋଇଛି। ଉକ୍ତ କାର୍ଯ୍ୟକ୍ରମରେ ଅନୁଗୋଳ ଓକିଲ ସଂଘର ସଭାପତି ହିମାଂଶୁ ଭୂଷଣ ସାମଲ, ଉପସଭାପତି ପ୍ରତାପ କୁମାର ନାଏକ, ସାଧାରଣ ସମ୍ପାଦକ ଧ୍ରୁବଚରଣ ସାହୁ, ସହ ସମ୍ପାଦକ ପୁରୁଷୋତ୍ତମ ନାୟକ, କୋଷାଧ୍ୟକ୍ଷ ପ୍ରଦୀପ କୁମାର ସେଠୀ, ସାଂସ୍କୃତିକ ସମ୍ପାଦକ ସୁଶ୍ରୀ ଜ୍ୟୋତ୍ସ୍ନାମୟୀ ସାହୁଙ୍କ ସମେତ ବରିଷ୍ଠ ଆଇନଜୀବୀ ସୁବାଷ ଚନ୍ଦ୍ର ମିଶ୍ର, ସୁବାସ ସାହୁ, ଦ୍ୱାରିକା ପ୍ରସାଦ ନନ୍ଦ, ଉଦୟ ଶଙ୍କର ମିଶ୍ର, ଦିଲ୍ଲୀପ ଦାସ, ଭୂପେଶ ଚନ୍ଦ୍ର ପ୍ରଧାନ, ତପନ କୁମାର ଦେହୁରୀ, ସୋମନାଥ ରାଉତ, ରଞ୍ଜନ ପାତ୍ର, ଦିଲ୍ଲୀପ କୁମାର ପ୍ରଧାନ, ହେମନ୍ତ କୁମାର ସାହୁ, ବିନୟ କୁମାର ପ୍ରଧାନ, ଚୌଧୁରୀ ପ୍ରଧାନ, ସୁଦୀପ୍ତ ସ୍ୱାଇଁ, ପାର୍ଥ ସାରଥୀ ପ୍ରଧାନ, ଗଣେଶ୍ୱର ଧଳ, ମମତା ପ୍ରଧାନ, ଆଶୀର୍ବାଦ ସାହୁ ପ୍ରମୁଖ ଆଇନଜୀବୀ ଯୋଗଦାନ କରିଥିଲେ।



## ହାତୀ ଉପଦ୍ରବ ପାଇଁ ଲୋକେ ଆତଙ୍କିତ

ବଇଣ୍ଡା, ୧୫।୭ (ସମିସ): କିଶୋରନଗର ବ୍ଲକ ହଣ୍ଡପା ରେଞ୍ଜର ବିଡିସିଙ୍ଗ ଗ୍ରାମରେ ମଙ୍ଗଳବାର ଦିନ ହାତୀ ଉପଦ୍ରବ ଦେଖିବାକୁ ମିଳିଛି। ଫଳରେ ସ୍ଥାନୀୟ ଅଞ୍ଚଳବାସୀ ମାନେ ଆତଙ୍କିତ ହୋଇପଡ଼ିଛନ୍ତି। ହାତୀମାନେ ନିକଟରେ ଥିବା ଜଙ୍ଗଲରୁ ଆସି ଗ୍ରାମର ଅରୁଣ ସାହୁ, ଅଲେଖ ସାହୁ, ଗୋବର୍ଦ୍ଧନ ସାହୁ, ଗିରିଧାରୀ ସାହୁଙ୍କର ବ୍ୟାପକ ଧାନ ତଳିକୁ ପାଦରେ ଦଳି ନଷ୍ଟ କରିଦେଇଛନ୍ତି। ସେହିପରି ଗ୍ରାମର ବିଭିନ୍ନ ପନିପରିବା କ୍ଷେତରେ ପଶି ବ୍ୟାପକ ଫସଲ ନଷ୍ଟ କରିଛନ୍ତି। ହାତୀପଲ କିଛି ଦିନ ହେବ ନିକଟସ୍ଥ ଗ୍ରାମଗୁଡ଼ିକରେ ରହି ଫସଲ ନଷ୍ଟ କରୁଥିବା ବେଳେ ବନ ବିଭାଗ ପକ୍ଷରୁ ହାତୀକୁ ଘଉଡ଼ାଉ ନଥିବା ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ତୁରନ୍ତ ଏଥିପ୍ରତି ବିଭାଗୀୟ ଅଧିକାରୀମାନେ ଦୃଷ୍ଟିଦେବାକୁ ସାଧାରଣରେ ଦାବି ହୋଇଛି।

## ଲକ୍ଷ୍ମୀପୂଜା କମିଟିର ବୈଠକ

ତାଳଚେରସଦର, ୧୫।୭ (ସମିସ): ତାଳଚେର ବ୍ଲକ କଳମଛୁଇଁ ଗ୍ରାମରେ ଅନୁଷ୍ଠିତ ହେବାକୁ ଥିବା ଗଜଲକ୍ଷ୍ମୀ ପୂଜା ନିମନ୍ତେ ପ୍ରସ୍ତୁତି ବୈଠକ ସ୍ଥାନୀୟ ଦୋଳମଣ୍ଡପ ପଡ଼ିଆରେ ଅନୁଷ୍ଠିତ ହୋଇଛି। ବୈଠକରେ କଳମଛୁଇଁ କେନ୍ଦ୍ରୀୟ ଲକ୍ଷ୍ମୀପୂଜା କମିଟି ସଭାପତି ଗଗନ ବିହାରୀ ସାହୁ ଅଧ୍ୟକ୍ଷତା କରିଥିଲେ। ଗ୍ରାମର ୧୬ଟି ପୂଜା ମଣ୍ଡପର ସଭାପତି, ସମ୍ପାଦକ, ଶାନ୍ତି କମିଟି ସଦସ୍ୟଙ୍କ ସହ ଗ୍ରାମର ବରିଷ୍ଠ ବ୍ୟକ୍ତିମାନେ ଉପସ୍ଥିତ ଥିଲେ। ଚଳିତବର୍ଷ ଗଜଲକ୍ଷ୍ମୀ ପୂଜାକୁ ଅଧିକ ଆକର୍ଷଣୀୟ ତଥା ଶାନ୍ତିଶୃଙ୍ଖଳାରେ ସମ୍ପନ୍ନ କରିବା ନେଇ ବୈଠକରେ ବ୍ୟାପକ ଆଲୋଚନା ହୋଇଥିଲା। ଆସନ୍ତା ଅକ୍ଟୋବର ୬ ତାରିଖରୁ ୯ ଦିନ ବ୍ୟାପୀ ଗଜଲକ୍ଷ୍ମୀଙ୍କ ପୂଜା ଅନୁଷ୍ଠିତ ହେବ। ୧୫ ତାରିଖ ଭସାଣି ଉତ୍ସବ ସମ୍ପନ୍ନ ହେବ ବୋଲି ନିଷ୍ପତ୍ତି ନିଆଯାଇଛି। କଳମଛୁଇଁ ଦେଉଳଛକ ମେଳଣପଡ଼ିଆରେ ସମସ୍ତ ମେଢ଼ ୧୫ ତାରିଖ ଏକତ୍ରିତ ହୋଇ ଭସାଣି ନିମନ୍ତେ ପ୍ରସ୍ଥାନ କରିବେ ବୋଲି ସମସ୍ତେ ଏକମତ ହୋଇଥିଲେ। ଶେଷରେ ସମ୍ପାଦକ ହରେଶ କୁମାର ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ।

## ଅବସରପ୍ରାପ୍ତ ଡାକ ଅଧିକାରୀଙ୍କ ପରଲୋକ

କିଶୋରନଗର, ୧୫।୭ (ସମିସ): କିଶୋରନଗର ବ୍ଲକ ଧଉରାପାଲ୍ଲୀ ଗ୍ରାମର ଅବସରପ୍ରାପ୍ତ ଡାକ ବିଭାଗ ଅଧିକାରୀ ଭୂବନାନନ୍ଦ ପ୍ରଧାନଙ୍କ ଆଜି ପରଲୋକ ଘଟିଛି। ଶ୍ରୀ ପ୍ରଧାନଙ୍କ ଆଜି ସକାଳେ ଛାତିରେ ଯନ୍ତ୍ରଣା ହେବାରୁ ତାଙ୍କୁ ଚିକିତ୍ସା ପାଇଁ ପ୍ରଥମେ କିଶୋରନଗର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ନିଆଯାଇଥିଲା। ଗୁରୁତର ଅବସ୍ଥାରେ ଡାକ୍ତର ତାଙ୍କୁ ରେଢାଖୋଲ ଡାକ୍ତରଖାନାକୁ ନିଆଯାଇଥିଲା। ହେଲେ ସେଠାରେ ତାଙ୍କର ମୃତ୍ୟୁ ଘଟିଥିଲା। ତାଙ୍କ ବିୟୋଗରେ ଅଞ୍ଚଳରେ ଶୋକରଛାୟା ଖେଳିଯାଇଛି। ମୃତ୍ୟୁ ବେଳକୁ ତାଙ୍କୁ ୭୬ ବର୍ଷ ବୟସ ହୋଇଥିଲା। ତାଙ୍କର ଅନ୍ତିମ ଶଯ୍ୟାରେ ବନ୍ଧୁ, ପରିବାର ବର୍ଗ ଓ ଆତ୍ମୀୟ ସ୍ୱଜନ ଉପସ୍ଥିତ ଥିଲେ।

## ବର୍ଷାଋତୁରେ ଲୋକଙ୍କୁ ଚିନ୍ତାରେ ପକାଉଛି ହୋଟେଲର ବାସିଖାଦ୍ୟ

ତାଳଚେରସଦର, ୧୫।୭ (ସମିସ): ଦୂଷିତ ପାଇପ୍ ପାଣି, ହୋଟେଲ୍ ଫାଷ୍ଟଫୁଡ୍ ଓ ଅଧିକାଂଶ ମିଠା ଦୋକାନଗୁଡ଼ିକରେ ବାସିଖାଦ୍ୟ ଲୋକଙ୍କୁ ଚିନ୍ତାରେ ପକାଉଛି। ଏହାକୁ ଖାଇ ବହୁ ଲୋକ ପେଟରୋଗ ଓ ଚର୍ମରୋଗରେ ଆକ୍ରାନ୍ତ ହେବାର ଆଶଙ୍କା ମଧ୍ୟ ରହିଛି। ମଶା, ମାଛି, ଡାଉଁଶ ବର୍ଷା ଦିନ ଆସିଲେ ଏମାନଙ୍କ ଦ୍ୱାରା ଝାଡ଼ାବାନ୍ତି ରୋଗ ବ୍ୟାପିଥାଏ। ଲୋକଙ୍କୁ ଯେପରି ବିଶୁଦ୍ଧ ପାଇପ୍ ପାଣି ପହଞ୍ଚି ପାରିବ ସେ ଦିଗରେ ପ୍ରଶାସନ ପକ୍ଷରୁ ତତ୍ପରତା ପାଇବା ଆବଶ୍ୟକ। ସେହିପରି ପ୍ରଶାସନିକସ୍ତରରେ ଏନେଇ ବୈଠକ କରାଯିବା ଆବଶ୍ୟକ ବୋଲି ମତପ୍ରକାଶ ପାଇଛି। ଦୋକାନ ବଜାରରେ ଗ୍ରାହକମାନଙ୍କୁ ପରସା ଯାଉଥିବା ବାସି ଖାଦ୍ୟ ଉପରେ କଡ଼ାକଡ଼ି ପଦକ୍ଷେପ ଗ୍ରହଣ କରାଯାଉ ନଚେତ୍ ହଇଜା ଆଶଙ୍କାକୁ ଏଡ଼ାଇ ଦିଆଯାଇନପାରେ। ଖାଦ୍ୟ ସୁରକ୍ଷା ବିଭାଗ ପକ୍ଷରୁ ଘନଘନ ଚଢ଼ଉ କରାଯାଇ ବାସି ଓ ପଚାସଢ଼ା ଖାଦ୍ୟ, ପାନୀୟଜଳ, ପରିଷ୍କାର ପରିଚ୍ଛନ୍ନତା ଏପରିକି, ମାଛି ବସୁଥିବା ଖାଦ୍ୟ ଉପରେ ରୋକ ଲଗାଇବାର ଆବଶ୍ୟକତା ରହିଛି। କର୍ତ୍ତୃପକ୍ଷ ସେହିଭଳି ଆଖିଦୃଶିଆ ପଦକ୍ଷେପ ନେଉନଥିବା ଅଭିଯୋଗ ହେଉଛି। କେତେକ ସ୍ଥାନରେ ରାସ୍ତା ପାର୍ଶ୍ୱରେ ଫାଷ୍ଟଫୁଡ୍ ଦୋକାନ ଖୋଲି ଅସ୍ୱାସ୍ଥ୍ୟକର ପରିବେଶରେ ଖାଦ୍ୟ ପ୍ରସ୍ତୁତ କରାଯାଉଛି। ଖାଦ୍ୟକୁ ଆକର୍ଷିତ କରିବାକୁ ବିଭିନ୍ନ ରଙ୍ଗ ମିଶ୍ରଣ କରାଯାଉଥିବା ବେଳେ ବହୁ ଫାଷ୍ଟଫୁଡ୍ ଦୋକାନରେ ମଧ୍ୟ ବାସିଖାଦ୍ୟ ଦିଆଯାଉଛି ବୋଲି ଅଭିଯୋଗ ହେଉଛି। ସେହିପରି କେତେକ ମିଠା ଦୋକାନରେ ଏହି ଘଟଣାମାନ ଦେଖିବାକୁ ମିଳୁଛି। ଫଳରେ ଲୋକମାନେ ଏହି ଖାଦ୍ୟଖାଇ ରୋଗାକ୍ରାନ୍ତ ହେବାର ଆଶଙ୍କା ଦୃଢ଼ୀଭୂତ କରୁଛି। ସରକାରୀ ନିୟମ ଅନୁଯାୟୀ, ମିଠା ପ୍ରସ୍ତୁତକାରୀ ସଂସ୍ଥା ମିଠାଗୁଡ଼ିକୁ ଯେଉଁ ପ୍ୟାକେଟରେ ରଖାଯାଉଛି ତା ଉପରେ ତାରିଖ ଏବଂ ବ୍ୟବହାରର ଶେଷଦିନ ଲେଖିବାର ନିୟମ ଥିଲେ ମଧ୍ୟ କେହି ନିୟମକୁ ପାଳନ କରୁନାହାନ୍ତି। ସେହିପରି ରାସ୍ତା ପାର୍ଶ୍ୱରେ ଥିବା କିଛି ଜଳଖିଆ ବ୍ୟବସାୟୀ ସକାଳର ଜଳଖିଆ ସନ୍ଧ୍ୟାରେ ଏବଂ ରାତିର ବଳକା ଜଳଖିଆ ସକାଳେ ବିକ୍ରୟ କରୁଥିବା ମଧ୍ୟ ଅଞ୍ଚଳବାସୀଙ୍କ ନିକଟରୁ ଶୁଣିବାକୁ ମିଳେ। ଠେଲାଗାଡ଼ି ଯୋଗେ ଚାର୍ଟ, ଗୁପ୍‌ଚୁପ୍, ଦହିବରା, ତେଲଭାଜି ବିଭିନ୍ନ ମନୋଲୋଭଣିଆ ବାସିଖାଦ୍ୟ ବିକ୍ରି କରାଯାଉଥିବା ମଧ୍ୟ କେତେକ ସମୟରେ ଅଭିଯୋଗ ହେଉଛି। ଖାଦ୍ୟ ସୁରକ୍ଷା ବିଭାଗ ବର୍ଷାଋତୁକୁ ଦୃଷ୍ଟି ଦେଇ ଦୃଢ଼କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ବାସିଖାଦ୍ୟ ବିକ୍ରୟ କରୁଥିବା ଦୋକାନୀଙ୍କ ଠାରୁ ଜୋରିମାନା ଆଦାୟ କରାଗଲେ ହୁଏତ ଏହାର ବିକ୍ରି କମିଯିବା ସହ ଜନସାଧାରଣ ସତର୍କତା ଅବଲମ୍ବନ ପାରିବେ ବୋଲି ସାଧାରଣରେ ଚର୍ଚ୍ଚା ହେଉଛି।



## ଜିଲ୍ଲା ଆଇନସେବା ପ୍ରାଧିକରଣ ପକ୍ଷରୁ ଆଇନ ସଚେତନତା ଶିବିର

ଅନୁଗୋଳ, ୧୫।୭ (ସମିସ): ଜିଲ୍ଲା ଓ ଦୌରାଜଜ୍ ତଥା ଜିଲ୍ଲା ଆଇନସେବା ପ୍ରାଧିକରଣ ଅନୁଗୋଳର ଅଧ୍ୟକ୍ଷ ଦାମୋଦର ରଥଙ୍କ ନିର୍ଦ୍ଦେଶ କ୍ରମେ ଜିଲ୍ଲା ଆଇନସେବା ପ୍ରାଧିକରଣ ତରଫରୁ ସ୍ଥାନୀୟ କନଫରେନ୍ସ ହଲ, ରିଜିଓନାଲ ଜୁଡିସିଆଲ ଏକାଡେମୀ, ସିଭିଲ କୋର୍ଟ ପରିସରରେ 'କର୍ମକ୍ଷେତ୍ରରେ ମହିଳାମାନଙ୍କ ଯୌନ ଉତ୍ପୀଡ଼ନ' (ପ୍ରତିରୋଧ, ନିଷେଧ ଏବ ପ୍ରତିକାର) ଅଧିନିୟମ ଏବଂ ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି (ଅତ୍ୟାଚାର ନିବାରଣ) ଅଧିନିୟମ ସମ୍ପର୍କିତ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଅନୁଗୋଳର ମୁଖ୍ୟ ବିଚାର ବିଭାଗୀୟ ଦଣ୍ଡାଧିକାରୀ ଶ୍ରୀମୟୀ ଆଚାର୍ଯ୍ୟ, ରେଜିଷ୍ଟ୍ରାର, ସିଭିଲ୍ କୋର୍ଟ ସୁକୁମାର ମହାପାତ୍ର, ବରିଷ୍ଠ ଦେୱାନୀ ବିଚାରପତି ତଥା ମହିଳା ଅଦାଲତର ବିଚାରପତି ସଙ୍ଗୀତା ମିଶ୍ର, ବରିଷ୍ଠ ଦେୱାନୀ ବିଚାରପତି (ଏଲ୍‌ଆରଏଲ୍‌ଟିଭି) ଲୋପାମୁଦ୍ରା ପଣ୍ଡା, ଉପବିଭାଗୀୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ୍ ବନିଲ କୁମାର ଖଟାଇ, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ବିଚାରପତି ଆର୍ଯ୍ୟ ଏଶ୍ୱରିୟା ଆଚାର୍ଯ୍ୟ, ଦ୍ୱିତୀୟ ଶ୍ରେଣୀ ବିଚାର ବିଭାଗୀୟ ବିଚାରପତି ସରିତା ମହାରଣା, ଜିଲ୍ଲା ଆଇନସେବା ପ୍ରାଧିକରଣ ସଦସ୍ୟ ପରମାନନ୍ଦ ମିଶ୍ର, ଶିଶୁ ମଙ୍ଗଳ କମିଟିର ସଦସ୍ୟ କଲ୍ୟାଣ କିଶୋର ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ମଞ୍ଚାସୀନ ଅତିଥିମାନେ 'କର୍ମକ୍ଷେତ୍ରରେ ମହିଳାମାନଙ୍କ ଯୌନ ଉତ୍ପୀଡ଼ନ' ଅଧିନିୟମ ଓ ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି ଅଧିନିୟମ ବିଷୟରେ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମରେ ଅନୁଗୋଳ ଜିଲ୍ଲାରେ କାର୍ଯ୍ୟାରତ ପୁଲିସ, ଜିଲ୍ଲାପାଳ, ଅନୁଗୋଳଙ୍କ ଅଧୀନରେ ବିଭିନ୍ନ ବିଭାଗରେ କାର୍ଯ୍ୟ କରୁଥିବା ମହିଳା କର୍ମଚାରୀ ଗଣ, ବିଭିନ୍ନ ବ୍ୟାଙ୍କରେ କାର୍ଯ୍ୟ କରୁଥିବା ମହିଳା କର୍ମଚାରୀ ଗଣ ଓ ଅବକାରୀ ବିଭାଗର ମହିଳା କର୍ମଚାରୀ ଗଣ ଅଂଶଗ୍ରହଣ କରିଥିଲେ। କାର୍ଯ୍ୟକ୍ରମକୁ ଜିଲ୍ଲା ଆଇନସେବା ପ୍ରାଧିକରଣର ସଚିବ କମଳାକାନ୍ତ ନାୟକ ପରିଚାଳନା କରିଥିଲେ।



## ରିମିଟ ମହାବିଦ୍ୟାଳୟରେ 'ବିଶ୍ୱ ଯୁବ ଦକ୍ଷତା ଦିବସ'




ଅନୁଗୋଳ, ୧୫।୭ (ସମିସ): ଅନୁଗୋଳ ଜିଲ୍ଲା ପଞ୍ଚମହଲାସ୍ଥିତ ରିମିଟ ମହାବିଦ୍ୟାଳୟରେ କ୍ରୀଡ଼ା ବ୍ୟାପାର ମନ୍ତ୍ରାଳୟ ଭାରତ ସରକାରଙ୍କ ମୋ ଯୁବା ଭାରତ ତରଫରୁ ଓ ଉତ୍କର୍ଷ ପରିବାରର ମିଳିତ ଆନୁକୂଲ୍ୟରେ ବିଶ୍ୱ ଯୁବା ଦକ୍ଷତା ଦିବସ ପାଳନ କରାଯାଇଛି। ଯୁବପିଢ଼ିଙ୍କ ପାଇଁ ଶିକ୍ଷା ସହିତ ଦକ୍ଷତା ବୃଦ୍ଧିର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି ବୋଲି ସ୍କିଲ ଇଣ୍ଡିଆ ଏନଏସ୍‌ଡିସି ମୁଖ୍ୟ ସୀତାଂଶୁ ବିଶ୍ୱାଳ ଛାତ୍ରଛାତ୍ରୀଙ୍କୁ ଅବଗତ କରାଇଥିଲେ। କର୍ମଶାଳାରେ ଅନୁଗୋଳ ଲାଇଟ ହାଉସ ମୁଖ୍ୟ ସଂଯୋଜକ ରାଜେଶ ସ୍ୱାଇଁ, ରିମିଟ କଲେଜ ଚେୟାରମ୍ୟାନ ଅଭୟ କୁମାର ସାହୁ, ମୋ ଯୁବା ଭାରତ କର୍ମ କର୍ତ୍ତା ତପନ କୁମାର ସାମଲ ଓ ଉତ୍କର୍ଷ ପରିବାର ସଭାପତି ଭୀଷ୍ମ ସାହୁ ଉପସ୍ଥିତ ଥିଲେ। ମାଆ ପାଇଁ ଗଛଟିଏ କାର୍ଯ୍ୟକ୍ରମକୁ ତ୍ୱରାନ୍ୱିତ କରିବା ପାଇଁ ଉତ୍କର୍ଷ ପରିବାର ତରଫରୁ ମହାବିଦ୍ୟାଳୟ ପରିସରରେ ଫଳ ଚାରାରୋପଣ କରାଯାଇଥିଲା। କାର୍ଯ୍ୟକ୍ରମକୁ ସ୍ମୃତିରେଖା ସାହୁ, ଅନୁପ ପଟ୍ଟନାୟକ ଓ ଶୁଭେନ୍ଦୁ ପ୍ରଧାନ ପରିଚାଳନା କରିଥିଲେ।

ବାରୁଆଁ ଗାଁକୁ ନାହିଁ ପକ୍କା ରାସ୍ତା

# କାଦୁଅ ରାସ୍ତାରେ ଯାତାୟାତ ବେଳେ ସମସ୍ୟା ଭୋଗୁଛନ୍ତି ଗ୍ରାମବାସୀ

କଣିହାଁ, ୧୫।୭ (ସମିସ)

ଭାରତ ସ୍ୱାଧୀନତାର ଅମୃତୋତ୍ସବ ପାଳନ କରୁଥିବା ବେଳେ ଆଜି ମଧ୍ୟ ଗାଁକୁ ପକ୍କା ସଡ଼କ ନାହିଁ। ଫଳରେ ଲୋକମାନେ କାଦୁଅ ରାସ୍ତାରେ ବହୁ କଷ୍ଟରେ ଯିବାଆସିବା କରୁଛନ୍ତି। ଏହିଭଳି ଘଟଣା ଅନୁଗୁଳ ଜିଲ୍ଲା କଣିହାଁ ବ୍ଲକ କୁଲେଇ ପଞ୍ଚାୟତ ବାରୁଆଁ ଗ୍ରାମରେ ଦେଖିବାକୁ ମିଳିଛି। ଲୋକମାନଙ୍କ ଅଭିଯୋଗ ଅନୁଯାୟୀ, ବାରୁଆଁ ଗ୍ରାମର ନୂଆସାହିରୁ କଲୋନୀ ଯାଏଁ ୧ କିଲୋମିଟର ରାସ୍ତା ବର୍ଷାଦିନେ ଯମ ଯନ୍ତ୍ରଣା ଦେଉଛି। ବର୍ଷା ହେଲେ ଏହି ରାସ୍ତାରେ ଯିବା ବଡ଼ କଷ୍ଟକର। ଏହି ରାସ୍ତା ଉପରେ ୩୦ରୁ ଅଧିକ ପରିବାର ସହ ବିଦ୍ୟୁତ୍ ସବ୍‌ଷ୍ଟେସନ, ଜଙ୍ଗଲ ବିଭାଗର ୱାଚ୍‌ଟାୱାର ଓ ବିଟ୍‌ହାଉସ ଆଦିର କର୍ମଚାରୀ ନିର୍ଭର କରୁଛନ୍ତି। ହାତୀର ପ୍ରଦୁର୍ଭାବ ରହୁଥିବାରୁ ହାତୀ ଘଉଡ଼ାଇବାକୁ କର୍ମଚାରୀ ଏହି ରାସ୍ତାରେ ଆସି ପାରୁନାହାନ୍ତି। ଛୋଟ ଛୋଟ ସ୍କୁଲ ଛାତ୍ରଛାତ୍ରୀ ଏହି ରାସ୍ତାରେ ଏବେ ଯିବା ସମ୍ଭବପର ହେଉନଥିବାରୁ ସ୍କୁଲ ଯାଉନଥିବା ଲୋକ ଅଭିଯୋଗ କରିଛନ୍ତି। ପୂର୍ବରୁ ଏହା ମାଟି ରାସ୍ତାଥିଲେ ମଧ୍ୟ ଯିବା ଆସିବା ସମ୍ଭବପର ଥିଲା। କିନ୍ତୁ ୪ରୁ ୫ ବର୍ଷ ହେବ ମନରେଗା ଯୋଜନାରେ ପ୍ରତ୍ୟେକ ବର୍ଷ ମାଟି ୪/୫ ଟ୍ରିପ୍ ପକାଉଛନ୍ତି। ଯାହା ବର୍ଷା ଦିନେ ଦାଉ ସାଜୁଛି। ଯେତିକି ଟଙ୍କା ମନରେଗାରେ ଖର୍ଚ୍ଚ ହେଉଛି ସେଥିରେ ପକ୍କା ରାସ୍ତା ନିର୍ମାଣ ହୋଇପାରିବ ବୋଲି ଅତ୍ୟନ୍ତ କ୍ଷୋଭର ସହ ପ୍ରକାଶ କରିଛନ୍ତି। ଏନେଇ ବହୁବାର ଅଭିଯୋଗ କରିଥିଲେ ମଧ୍ୟ ଫଳ ଶୂନ। ଏଥରର ନୂଆ ସରକାର ଓ ସ୍ଥାନୀୟ ବିଧାୟକ ଅଶୋକ ମହାନ୍ତିଙ୍କ ନିଜ ପଞ୍ଚାୟତ ହୋଇଥିବାରୁ ଅଞ୍ଚଳବାସୀଙ୍କର ଦୁଃଖ ଯଥାଶୀଘ୍ର ଶୁଣି ପକ୍କା ରାସ୍ତା ନିର୍ମାଣ କରିବେ ବୋଲି ଆଶା କରିଛନ୍ତି।

● ଶୀଘ୍ର ନିର୍ମାଣ ପାଇଁ ଦାବି



## ଅଠରଫୁଟିଆ ପୋଲ ଅବସ୍ଥା ଶୋଚନୀୟ



କିଶୋରନଗର, ୧୫।୭ (ସମିସ): ବଇଣ୍ଡା-ଆଠମଲ୍ଲିକ ୬୨ନଂ ରାଜ୍ୟ ରାଜପଥର ଠାକୁରଗଡ଼ ନିକଟରେ ପୂର୍ତ୍ତ ବିଭାଗ ଦ୍ୱାରା ନିର୍ମିତ ଅଠରଫୁଟିଆ ପୋଲ ଏବେ ମରାମତି ଅଭାବରୁ ଶୋଚନୀୟ ହୋଇପଡ଼ିଛି। ଫଳରେ ଏହା ମରଣଯନ୍ତା ପାଲଟିଛି। ପ୍ରତିଦିନ ଏହି ରାଜ୍ୟ ରାଜପଥରେ ବହୁ ସଂଖ୍ୟାରେ ଦୁଇଚକିଆ ଯାନଠାରୁ ଆରମ୍ଭ କରି ଚାରିଚକିଆ ଯାନ ପର୍ଯ୍ୟନ୍ତ ଚଳାଚଳ କରିଥାନ୍ତି। ହେଲେ ନିମ୍ନମାନର କାମ ତଥା ମରାମତି ଅଭାବରୁ ପୋଲ ଅବସ୍ଥା ଶୋଚନୀୟ ହୋଇପଡ଼ିଛି। ପୋଲର ଗୋଟିଏ ପାର୍ଶ୍ୱ କଂକ୍ରିଟ ଉଠି ଲୁହାରଡ୍ ବାହାରକୁ ବାହାରି ପଡ଼ିଲାଣି। କୌଣସି ମୁହୂର୍ତ୍ତରେ ପୋଲ ଭୁଶୁଡ଼ିପଡ଼ିବା ଆଶଙ୍କାକୁ ଏଡ଼ାଇ ଦିଆଯାଇ ନ ପାରେ। ତୁରନ୍ତ ପୂର୍ତ୍ତ ବିଭାଗ ଉଚ୍ଚ କର୍ତ୍ତୃପକ୍ଷ ଏଥିପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

# ମରାମତି ଅଭାବରୁ ୧୦୮ ଆମ୍ବୁଲାନ୍ସ ଅଚଳ

ଢେଙ୍କାନାଳ, ୧୫।୭(ସମିସ)

ଢେଙ୍କାନାଳ ଜିଲ୍ଲାରେ ୧୦୮ ଆମ୍ବୁଲାନ୍ସ ମରାମତି ଅଭାବରୁ ଅଚଳ ହୋଇପଡ଼ିଥିବା ଯୋଗୁଁ ଏଠାରେ ରୋଗୀସେବା ବ୍ୟାହତ ହେବା ସହ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ଜିଲ୍ଲାରେ ଅଚଳ ହୋଇପଡ଼ିଛି ଆମ୍ବୁଲାନ୍ସ ସେବା। ଦିନ ଦିନ ଧରି ମରାମତି ଓ ରକ୍ଷଣାବେକ୍ଷଣ ଅଭାବରୁ ୧୦୮ ଆମ୍ବୁଲାନ୍ସର ଭିତରେ କେଉଁଠି ପାଣି ଗଳିଲାଣି କେଉଁଠି ଡୋରାବନ୍ଧାଯାଇ ବିପଦପୂର୍ଣ୍ଣ ଭାବେ ରୋଗୀ ବୁହାହେଉଛନ୍ତି। ଆମ୍ବୁଲାନ୍ସରେ ଲଗାଯାଇଥିବା ଫ୍ୟାନ ଓ ଅନ୍ୟ ଜରୁରୀ ଉପକରଣ ଅଚଳ ହୋଇପଡ଼ିଛି। ସ୍ୱାସ୍ଥ୍ୟ ବିଭାଗ କି ରାଜ୍ୟ ସରକାର ଏଥିପ୍ରତି ଦୃଷ୍ଟି ଦେଉନଥିବା ଅଭିଯୋଗ ହୋଇଛି। ରୋଗୀ ପରିବହନ କରୁଥିବା ଆମ୍ବୁଲାନ୍ସଗୁଡ଼ିକରେ ଏଭଳି ସ୍ଥିତିକୁ ଚାଲିଗଲାଣି ସାମାନ୍ୟ ବର୍ଷା ପାଣି ଗଳି ଆମ୍ବୁଲାନ୍ସ ଭିତରେ ପଶୁଛି। ଫଳରେ କର୍ମଚାରୀମାନେ ଛାଇକୁ ଖୋଜି ତଳେ ଆଶ୍ରୟ ନେଉଥିବାର ଜଣାପଡ଼ିଛି। କେତେକ ଆମ୍ବୁଲାନ୍ସରେ ବ୍ରେକ୍‌ଡାଉନ ହୋଇପଡ଼ିଥିବା ବେଳେ ଆମ୍ବୁଲାନ୍ସକୁ ଲୋକେ



● ରୋଗୀ ସେବାରେ ବ୍ୟାହତ

ଠେଲି ଠେଲି ନେବାକୁ ପଡୁଛି। କେବଳ ସେତିକି ନୁହେଁ ଦୀର୍ଘଦିନ ହେବ ମରାମତି ହେଉନଥିବାରୁ ଡୋର ଭାଙ୍ଗି ଇନ୍ ପଡ଼ୁ ନଥିବାରୁ କପଡ଼ାରେ ଡୋରକୁ ବନ୍ଧା ହେଉଛି। ଏପଟେ କଳଙ୍କି ଲାଗି ଭାଙ୍ଗିରୁଜି ଯାଉଥିବା ଏହି ଆମ୍ବୁଲାନ୍ସରେ ବିପଦପୂର୍ଣ୍ଣ ଭାବେ ରୋଗୀ ମଧ୍ୟ ବୁହା ହେଉଛନ୍ତି ଅଧିକାଂଶ ୧୦୮ ରେ ତ କେଉଁଠି ଏସି କାମ କରୁନି ତ ଆଉ କେଉଁଠି ଫ୍ୟାନ, ପୁଣି ଆଉ କେଉଁଠି ଅକ୍ସିଜେନ ବି ରହୁନାହିଁ। ଆମ୍ବୁଲାନ୍ସରେ ପାଈପଓ କିମ୍ବା ଅନ୍ୟ ଆବଶ୍ୟକ ମେଡିକାଲ ଉପକରଣ ମିଳିବା କାଠିକର ପାଠ। ୧୦୮ ଆମ୍ବୁଲାନ୍ସର ଏଭଳି ଅବସ୍ଥାକୁ ନେଇ ଏବେ ରୋଗୀଙ୍କ ସମ୍ପର୍କୀୟ ବୁଦ୍ଧିଜୀବୀ ମହଲରେ ତିବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଜଣାପଡ଼ିଛି ଯେ, ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ଗୋଟିଏ ଦିନରେ ତିନୋଟି ଆମ୍ବୁଲାନ୍ସ ରୋଗୀମାନେ ଯିବା ବାଟରେ ବ୍ରେକ୍‌ଡାଉନ ହୋଇଥିଲା। କଙ୍କଡାହାଡ ସାଗବାରି ଗାଁରୁ ଜଣେ ରୋଗୀଙ୍କୁ ନେଇ ଏକ ୧୦୮ ଆମ୍ବୁଲାନ୍ସ ଆସୁଥିବା ବେଳେ ଗାଡିଟି ଅଧାବାଟରେ ଖରାପ ହୋଇଥିଲା। ଫଳରେ ତାଙ୍କୁ ଅନ୍ୟ ଏକ ବେସରକାରୀ ଗାଡ଼ିରେ କାମାକ୍ଷାନଗର ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ସେହିପରି ପରଜଙ୍ଗ ଚିକିତ୍ସାଳୟର ମାତ୍ର ୫୦୦ ମିଟର ଦୂରରେ ଏକ ୧୦୮ ଆମ୍ବୁଲାନ୍ସ ଖରାପ ହୋଇଥିବା ବେଳେ, ଢେଙ୍କାନାଳ-କାମାକ୍ଷାନଗର ମୁଖ୍ୟ ରାସ୍ତାର ମହୁଲି ଗାଁ ନିକଟରେ ମଧ୍ୟ ରୋଗୀଙ୍କୁ ନେଉଥିବା ସମୟରେ ୧୦୮ ଆମ୍ବୁଲାନ୍ସ ବ୍ରେକଡାଉନ ହୋଇପଡ଼ିଥିଲା। ଯାହାକୁ ନେଇ ରୋଗୀ ଓ ରୋଗୀଙ୍କ ସମ୍ପର୍କୀୟଙ୍କ ମଧ୍ୟରେ ତିବ୍ର ଅସନ୍ତୋଷ ଦେଖିବାକୁ ମିଳିଥିଲା। ସିଡିଏମ୍‌ଓଙ୍କ ସୂଚନା ଅନୁସାରେ, ଆମ୍ବୁଲାନ୍ସ ଅବ୍ୟବସ୍ଥା ସମ୍ପର୍କରେ ସ୍ଥାନୀୟ ଯୋଗାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର ଓ ଉପରିସ୍ଥ ବିଭାଗକୁ ଜଣାଇ ଦିଆଯାଇଛି। ଜିଲ୍ଲାକୁ କିଛି ନୂଆ ଆମ୍ବୁଲାନ୍ସ ମଧ୍ୟ ଯୋଗାଇ ଦେବାକୁ ଲିଖିତ ଭାବେ ଜଣାଯାଇଛି। ଖୁବ୍ ଶୀଘ୍ର ସମସ୍ୟାର ସମାଧାନ ହେବା ନେଇ ଆଶା ରଖାଯାଇଛି। ଢେଙ୍କାନାଳ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ସଞ୍ଜୟ କୁମାର ମହାପାତ୍ରଙ୍କ ସୂଚନା ଅନୁସାରେ ରାଜ୍ୟରେ ରୋଗୀଙ୍କୁ ତୁରନ୍ତ ଚିକିତ୍ସା ସେବା ଯୋଗାଇଦେବା ପାଇଁ ବ୍ୟବହୃତ ହେଉଥିବା ୧୦୮ ଆମ୍ବୁଲାନ୍ସର ସମସ୍ୟା ଦେଖାଦେଇଥିଲେ। ଫଳରେ ରୋଗୀମାନେ ସଠିକ ସମୟରେ ଉପଯୁକ୍ତ ଚିକିତ୍ସାରୁ ବଞ୍ଚିତ ହେଉଛନ୍ତି। ଏହାକୁ ନେଇ ଏଠାରେ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ଏହାର ସମାଧାନ ପାଇଁ ରାଜ୍ୟ ସରକାର ଓ ସ୍ୱାସ୍ଥ୍ୟ ବିଭାଗ ତୁରନ୍ତ ପଦକ୍ଷେପ ନେବାକୁ ଦାବୀ ହୋଇଛି। ଢେଙ୍କାନାଳ ଜିଲ୍ଲାରେ ମୋଟ ୨୭ଟି ଆମ୍ବୁଲାନ୍ସ ଚଳାଚଳ କରୁଥିବା ବେଳେ ତନ୍ମଧ୍ୟରୁ ୨୦ଟିର ଅବସ୍ଥା ଶୋଚନୀୟ ରହିଥିବାର ଜଣାପଡ଼ିଛି।

## ପୂର୍ତ୍ତ ବିଭାଗ ରାସ୍ତାରେ ହାତୀପଲ



ପରଜଙ୍ଗ, ୧୫।୭(ସମିସ): ଢେଙ୍କାନାଳ ଜିଲ୍ଲା ମହାବିରୋଡ ରେଞ୍ଜ ପରଜଙ୍ଗ ବ୍ଲକ ସାଆନ୍ଦା ପରେଶ୍ଚ ବିଟ ଅଞ୍ଚଳରେ ମଙ୍ଗଳବାର ସକାଳୁ ସକାଳୁ ପୂର୍ତ୍ତ ବିଭାଗ ରାସ୍ତାରେ ହାତୀପଲ ପାର ହେଉଥିବା ଦୃଶ୍ୟ

● ଅଞ୍ଚଳବାସୀ ଆତଙ୍କିତ

ଦେଖିବାକୁ ମିଳିଥିଲା। ବ୍ଲକର ଭାଲୁମୁଣ୍ଡା ଛକରୁ ସାଆନ୍ଦା ଅଭିମୁଖେ ଯାଉଥିବା ପୂର୍ତ୍ତ ରାସ୍ତାର କୁମୁସି ଛକ ନିକଟରେ ୨୦ରୁ ଊର୍ଦ୍ଧ୍ୱ ଛୋଟବଡ ହାତୀପଲ୍ଲ ରାସ୍ତା ପାରହୋଇ ନିକଟସ୍ଥିତ ଜଙ୍ଗଲକୁ ଯାଉଥିବା ଦୃଶ୍ୟ ଦେଖିବାକୁ ମିଳିଥିଲା। ହାତୀପଲଙ୍କୁ ଲୋକେ ଦେଖିବା ପାଇଁ ଯେତିକି ଖୁସି ମନାଉଥିଲେ ସେତିକି ଅଞ୍ଚଳର ଲୋକମାନେ ଚିନ୍ତାଗ୍ରସ୍ତ ରହିଛନ୍ତି। କାରଣ ସନ୍ଧ୍ୟା ହେଲେ ଏମାନେ ଜନବସତି ଗ୍ରାମକୁ ଯାଇ କ୍ଷୟକ୍ଷତି ଘଟାଉଥିାନ୍ତି। ବର୍ତ୍ତମାନ ଅଞ୍ଚଳରୁ ଏତେ ସଂଖ୍ୟକ ହାତୀମାନଙ୍କୁ ଅନ୍ୟତ୍ର ତଡ଼ିବା ସହେ ଯେପରି ବନ ବିଭାଗ ପାଇଁ କାଠିକର ପାଠ ହୋଇପଡ଼ିଛି। ସକାଳୁ ସକାଳୁ ରାସ୍ତା ପାର ହେଉଥିବା ଦଳଗତ ହାତୀପଲଙ୍କୁ ଦେଖି କିଛି ସମୟ ପଥଚାରୀଙ୍କ ଯାତାୟାତ ଠପ୍ ହୋଇଯାଇଥିଲା।

## ପ୍ରସାଦ ଖାଇ ୨ ବଳଦ ମୃତ

ଭୁବନ, ୧୫।୭(ସମିସ): ପ୍ରସାଦ ଖାଇ ୨ ବଳଦର ମୃତ୍ୟୁ ଘଟିଥିବା ବେଳେ ଏନେଇ ଥାନାରେ ମାମଲା ରୁଜୁ ହୋଇଛି। ସୂଚନାନୁଯାୟୀ, ଭୁବନର ପ୍ରସିଦ୍ଧ ଶୈବପୀଠ ବୁଦ୍ଧେଶ୍ୱର ପୀଠରେ ବୋଲବମ ଭକ୍ତଙ୍କ ପାଇଁ ହୋଇଥିବା ପ୍ରସାଦ ବଳକା ହେବାରୁ ତାହାକୁ ପକାଇ ଦିଆଯାଇଥିଲା। ସେହି

● ଥାନାରେ ଏତଲା

ପ୍ରସାଦ ଖାଇ ୱାର୍ଡନମ୍ବର ୧୨ ଅଧୀନ ପେଣ୍ଠସାହିର ଚାଷୀ ପତିତପାବନ ମଲ୍ଲିକ (୫୬)ଙ୍କ ୨ଟି ବଳଦର ମୃତ୍ୟୁ ଘଟିଥିବା ଭୁବନ ଥାନାରେ ଅଭିଯୋଗ ହୋଇଛି। ପୁଲିସ ତଦନ୍ତ କରି ଏତଲା ରୁଜୁ ହୋଇଛି। ତେବେ ଶବ ଜବତ ପାଇଁ ଉତ୍ସାହ ଦେଖାଇ ନଥିଲା ପୁଲିସ। ଫଳରେ ଚାଷୀ ଥାନାରୁ ମନ୍ଦିର, ଗୁହାଳରୁ ପ୍ରାଣୀ ଚିକିତ୍ସା ଅଧିକାରୀଙ୍କ କାର୍ଯ୍ୟାଳୟ ଦୌଡ଼ି ଦୌଡ଼ି ନୟାନ୍ତ ହୋଇପଡ଼ିଲେ। ସନ୍ଧ୍ୟା ପର୍ଯ୍ୟନ୍ତ ପୁଲିସ ଓ ପ୍ରାଣୀ ବିଭାଗ ପକ୍ଷରୁ ସହଯୋଗ ମିଳିନଥିଲା। ଶେଷରେ ଚାଷୀ ନିଜର ୫ ଝିଅଙ୍କ ସହଯୋଗରେ ରାତ୍ରି ୮ଟାରେ ୨ଟି ଯାକ ବଳଦକୁ ଗାଆଁ ବାହାରକୁ ଆଣି ଶେଷକୃତ କରିଥିଲେ। ଧାନ ଚାଷ ସମୟରେ ବଳଦ ମରିଯିବାରୁ ପତିତପାବନଙ୍କ ପରିବାର ଦୁଃଖରେ ଭାଙ୍ଗି ପଡ଼ିଛନ୍ତି। ଏହି ଭାଗଚାଷୀ ପରିବାରକୁ ସାହାଯ୍ୟର ହାତ ବଢ଼ାଇବାକୁ ମାନବାଧିକାର କର୍ମୀ ସଞ୍ଜୟ କୁମାର ନାୟକ ପ୍ରକାଶ କରିଛନ୍ତି। ଦିନ ତମାମ ଚାଷୀଙ୍କୁ ସହଯୋଗ କରିଥିଲେ ବି ପୁଲିସର ଅମନ ଯୋଗୀତା ଯୋଗୁଁ ଶବ ବ୍ୟବଚ୍ଛେଦ ହୋଇପାରିଲା ନାହିଁ ବୋଲି ଭିମ୍‌ଆର୍ମିର ମୁରବି ହୃଦାନନ୍ଦ ମଲ୍ଲିକ କହିଛନ୍ତି।

## ରେଳବାଇ ବ୍ରିଜ୍ ତଳେ ଜମିରହୁଛି ବର୍ଷାପାଣି

ପଞ୍ଚୁପାଣ୍ଡବ, ୧୫।୭(ସମିସ): ଡେରାବିଶ ବ୍ଲକ ଅଧୀନରେ ହୋଇଥିବା ରେଳବାଇର ବିଭିନ୍ନ ବ୍ରିଜ ତଳେ ବର୍ଷା ପାଣି ଜମି ରହିଥିବା ଦେଖିବାକୁ ମିଳୁଛି। ଯେବେଠୁ ଏହି ବ୍ରିଜ ନିର୍ମାଣ ହେଲାଣି ସେବେଠାରୁ ବର୍ଷାଦିନେ ବ୍ରିଜ ତଳେ ପାଣି ନିଷ୍କାସନ ହୋଇ ନ ପାରି ଜମି ରହୁଛି। ଏମିତି ଦେଖିବାକୁ ମିଳୁଛି ପଞ୍ଚୁପାଣ୍ଡବ ଛକ ନିକଟରେ ହୋଇଥିବା ରେଳବାଇ ବ୍ରିଜ, ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ କଂସାରିପାଟଣା ଗ୍ରାମ ଦେଇ ଯାଇଥିବା ବ୍ରିଜ, ମନ୍ତ୍ରିପଡ଼ା, ଅଳାବାଙ୍କ ଓ ବିଭିନ୍ନ ବ୍ରିଜ ତଳେ ଦୀର୍ଘଦିନ ଧରି ପାଣି ଜମି ରହୁଥିବା ଦେଖିବାକୁ ମିଳୁଛି। ଏହି ବ୍ରିଜ ତଳ ଖାଲ ହୋଇଥିବାରୁ ଅସରାଏ ବର୍ଷା ହେଲେ ପାଣି ନିଷ୍କାସନ ନ ହୋଇ ପାଣି ଜମି ରହୁଛି। ଏହି ବ୍ରିଜ ଦେଇ ଲୋକେ ଯିବା ଆସିବା କରିବାପାଇଁ ବିଭିନ୍ନ ପ୍ରକାର ସମସ୍ୟା ଭୋଗୁଥିବା ଅଞ୍ଚଳବାସୀ କହିଛନ୍ତି। କେତେକ ବ୍ରିଜ ତଳେ ପାଣି ପାଇପ ଲାଇନ୍ ଯାଇଥିବାରୁ ପାଇପ ଫାଟି ପାଣି ଜମି ରହିଥିବା ଦେଖିବାକୁ ମିଳୁଛି। ଏହି ବ୍ରିଜ ତଳ ଖାଲକୁ ଉଚ୍ଚ କରିବା ସହ ପାଣି ନିଷ୍କାସନ ପାଇଁ ବ୍ୟବସ୍ଥା କରିବାକୁ ସ୍ଥାନୀୟ ଲୋକେ ଦାବି କରିଛନ୍ତି।

## କେନାଲ ବନ୍ଧ ରାସ୍ତା ମରଣଯନ୍ତା



ଡେରାବିଶ, ୧୫।୭(ସମିସ): ଡେରାବିଶ ବ୍ଲକ ଲକ୍ଷ୍ମୀନାରାୟଣପୁର ପଞ୍ଚାୟତ ଅନ୍ତର୍ଗତ ଲକ୍ଷ୍ମୀନାରାୟଣପୁର ଗ୍ରାମଦେଇ ଯାଇଥିବା ୮ ନଂ (ଖ) କେନାଲ ବନ୍ଧ ରାସ୍ତାଟି ଏବେ ମରଣଯନ୍ତା ପାଲଟିଛି। ଲକ୍ଷ୍ମୀନାରାୟଣପୁର, ବାଲିଆ, ଏଣ୍ଡର, ଗୋଲରାହାଟ ଆଦି ପଞ୍ଚାୟତର ଲୋକେ ଜାତୀୟ ରାଜପଥକୁ ଯିବାକୁ ହେଲେ ଏହି କେନାଲ ବନ୍ଧରୁ ଲକ୍ଷ୍ମୀନାରାୟଣପୁର ଗ୍ରାମ ଦେଇ ଯିବାକୁ ପଡୁଥିଲା। ଫଳରେ ଗ୍ରାମ ମଧ୍ୟରେ ଥିବା ବିଭିନ୍ନ ଗଳି ଓ ବାଙ୍କ ବାଟଦେଇ ଗାଡ଼ି ଚଳାଚଳ ଯୋଗୁଁ ଟ୍ରାଫିକ ସମସ୍ୟା ଉପୁଜୁଥିଲା। ଗ୍ରାମ ରାସ୍ତାରେ ଭାରୀଯାନ ଚଳପ୍ରଚଳ ହେବା ଯୋଗୁଁ ଗ୍ରାମରାସ୍ତା ଖରାପ ହୋଇଥିଲା। ଏହି ସମସ୍ୟାରୁ ବର୍ତ୍ତିବା ପାଇଁ ୧୦ ବର୍ଷ ପୂର୍ବେ ଆରଡି ବିଭାଗ ପକ୍ଷରୁ ଏହି କେନାଲର ବାମପାର୍ଶ୍ୱ ବନ୍ଧକୁ ୧ କିଲୋମିଟର ରାସ୍ତା ସୁଦୃଢ଼ୀକରଣ କରାଯାଇ ପିଚୁ ରାସ୍ତା ନିର୍ମାଣ କରାଯାଇଥିଲା। ଫଳରେ ଉପରୋକ୍ତ ପଞ୍ଚାୟତର ଲୋକେ ବିନା ବାଧାରେ ଲକ୍ଷ୍ମୀନାରାୟଣପୁର ଗ୍ରାମବାଟ ଦେଇ ଜାତୀୟ ରାଜପଥକୁ ଯାଇପାରୁଥିଲେ। ତେବେ ଏହି ୧ କିଲୋମିଟର ବନ୍ଧରେ ଏବେ ଶତାଧିକ ବଡ଼ ବଡ଼ ଗାତ ସୃଷ୍ଟି ହୋଇ ଯାତାୟାତ ଅନୁପଯୋଗୀ ହୋଇପଡ଼ିଛି। ଅବସ୍ଥା ଏପରି ହୋଇଛି, ଯଦି ଟିକିଏ ଅସାବଧାନ ହେବ ତେବେ ଦୁର୍ଘଟଣା ଘଟିବା ନିଶ୍ଚିତ। ତୁରନ୍ତ ଏହି ରାସ୍ତାକୁ ମରାମତି କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ପାଲଲହଡ଼ା ବିଧାନସଭାସ୍ତରୀୟ ଉନ୍ନୟନ କମିଟିର ସମୀକ୍ଷା ବୈଠକ




ପାଲଲହଡ଼ା, ୧୫।୭(ସମିସ): ପାଲଲହଡା ନିର୍ବାଚନମଣ୍ଡଳୀର ବିଧାନସଭାସ୍ତରୀୟ ଉନ୍ନୟନ କମିଟିର ସମୀକ୍ଷା ବୈଠକ ଉପଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ପ୍ରକୋଷ୍ଠରେ ଅନୁଷ୍ଠିତ ହୋଇଯାଇଛି। ପାଲଲହଡା ବିଧାୟକ ଅଶୋକ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଅନୁଗୁଳ ଜିଲ୍ଲାପାଳ ଅବଦଲ ଏମ ଅଖତର, ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଦେବଦତ୍ତ ମହାନ୍ତ, ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟ, ଆଇଏଏସ ପ୍ରବେଶନର କସ୍ତୁରୀ ସା, ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଗୌରୀଶଙ୍କର ବଳଙ୍କ ସମେତ ଜିଲ୍ଲାର ସମସ୍ତ ବିଭାଗର ପ୍ରଶାସନିକ ଅଧିକାରୀ ଏବଂ ଉପଖଣ୍ଡସ୍ତରୀୟ ସମସ୍ତ ଅଧିକାରୀ ଉପସ୍ଥିତ ଥିଲେ। ବିଗତ ଏକ ବର୍ଷ ମଧ୍ୟରେ ପାଲଲହଡା ନିର୍ବାଚନମଣ୍ଡଳୀରେ କେତେ ବିକାଶ ମୂଳକ କାର୍ଯ୍ୟ କରାଯାଇଛି ଓ ଆଗାମୀ ଦିନ ପାଇଁ କଣ ଯୋଜନା ପ୍ରସ୍ତୁତ କରାଯାଇଛି ତାକୁ ନେଇଁ ସମୀକ୍ଷା କରିଥିଲେ ବିଧାୟକ। ୪୧ଟି ବିଭାଗର ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ, ସେବା ଓ ପ୍ରକଳ୍ପର ସମୀକ୍ଷା କରାଯାଇଥିଲା। ବିଭିନ୍ନ ବିଭାଗରେ ଥିବା ଅନୁମୋଦିତ ପଦ, ବର୍ତ୍ତମାନର ନିଯୁକ୍ତି ସଂଖ୍ୟା, ଖାଲିଥିବା ପଦବୀ ସଂଖ୍ୟା, ସ୍ୱାସ୍ଥ୍ୟ ବିଭାଗର କାର୍ଯ୍ୟକଳ୍ପ ଯୋଜନା, ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା, ମ୍ୟାଲେରିଆ ସଚେତନତା, ଶିକ୍ଷା ବିଭାଗରେ ଖାଲିଥିବା ପଦବୀ, ଆନୁପାତିକ ଶିକ୍ଷକ ବିନ୍ୟାସ, ମଧ୍ୟାହ୍ନ ଭୋଜନ, ଜାତୀୟ ଖାଦ୍ୟ ସୁରକ୍ଷା, ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ, ସୁଭଦ୍ରା ଯୋଜନା ପ୍ରମୁଖର ବିସ୍ତୃତ ସମୀକ୍ଷା ବିଧାୟକ ମହାନ୍ତି କରିଥିଲେ। ଏଥିସହ ବାର୍ହାକୁଦର ଗ୍ରାମର ୧୩ ଜଣଙ୍କୁ ଜଙ୍ଗଲ ଜମିପଟ୍ଟା ବଣ୍ଟନ କରାଯାଇଥିବା ବେଳେ ଗୋଷ୍ଠୀଗତ ଭାବେ ତିମି, ସନ୍ଧାର, କରଡ଼ାପାଳ ଓ ଫପଣ୍ଡ ଗ୍ରାମକୁ ଜଙ୍ଗଲ ଜମି ଅଧିକାର ପ୍ରଦାନ କରାଯାଇଥିଲା। ଦୁର୍ଗମ ଅଞ୍ଚଳ ଗୁଡିକରେ ରହିଥିବା ଅନେକ ଗାଁରେ ବିଜୁଳି ପହଞ୍ଚି ପାରିନାହିଁ ଏବଂ ସେହି ଗାଁକୁ ତୁରନ୍ତ ବିଜୁଳି ସଂଯୋଗ ପାଇଁ ବିଭାଗକୁ ନିର୍ଦ୍ଦେଶ ଦେଇଥିଲେ ବିଧାୟକ। ଲୋକଙ୍କ ପ୍ରତି ଦାୟିତ୍ୱବାନ ଓ ଉତ୍ତରଦାୟୀ ହେବାସହ ବିଭାଗୀୟ ସମନ୍ୱୟ ରକ୍ଷା କରି ଉନ୍ନତିମୂଳକ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ପାଇଁ ଅଧିକାରୀଙ୍କୁ ବିଧାୟକ ନିର୍ଦ୍ଦେଶ ଦେଇଥିଲେ। ସେହିପରି ଜିଲ୍ଲାପାଳ ନିୟମିତ ମନିଟରିଂ ଓ ଦୁର୍ଗମ ଅଞ୍ଚଳକୁ ଗସ୍ତ କରି ଉନ୍ନୟନମୂଳକ କାର୍ଯ୍ୟର ତଦାରଖ କରିବାକୁ ପ୍ରତିଶ୍ରୁତି ଦେଇଥିଲେ।

## ରାଜ୍ୟସ୍ତରୀୟ ଯୋଗାସନ ପ୍ରତିଯୋଗିତାରେ କେନ୍ଦ୍ରାପଡ଼ା ଛାତ୍ରଛାତ୍ରୀଙ୍କ କୃତିତ୍ୱ

କେନ୍ଦ୍ରାପଡ଼ା, ୧୫।୭(ସମିସ): ଓଡ଼ିଶା ଯୋଗ ଆସୋସିଏସନ ଆନୁକୂଲ୍ୟରେ କଟକସ୍ଥ କଳିଙ୍ଗ ଜିମ୍ନାସିୟମରେ ଆୟୋଜିତ ୩୧ତମ ରାଜ୍ୟସ୍ତରୀୟ ଯୋଗାସନ କ୍ରୀଡ଼ା ପ୍ରତିଯୋଗିତାରେ କେନ୍ଦ୍ରାପଡ଼ା ଜିଲ୍ଲାର ଛାତ୍ରଛାତ୍ରୀ କୃତିତ୍ୱ ଅର୍ଜନ କରିଛନ୍ତି। ଚଳିତ ମାସ ୧୨ ଓ ୧୩ ତାରିଖ ଦୁଇଦିନ ଧରି ଅନୁଷ୍ଠିତ ପ୍ରତିଯୋଗିତାରେ କେନ୍ଦ୍ରାପଡ଼ା ଜିଲ୍ଲା ପକ୍ଷରୁ ୨୭ ଜଣ ବାଳକ ଓ ବାଳିକା ଏହି କ୍ରୀଡ଼ା ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ।




୧୮-୨୧ ବର୍ଷ ବାଳିକା ବିଭାଗର ଆଟିଷ୍ଟିକ ଯୋଗାସନରେ ଶୁଭଶ୍ରୀ ସରିତା ରାଉତ ପ୍ରଥମ ସ୍ଥାନ ଅଧିକାର କରିଥିବାବେଳେ ଆଟିଷ୍ଟିକ ଓ ଟ୍ରାଡିସନାଲ ଯୋଗାସନରେ ପ୍ରିୟଦର୍ଶିନୀ ମଲ୍ଲିକ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ସେହିପରି ୧୮-୨୧ ବର୍ଷ ବାଳକ ବିଭାଗର ଆଟିଷ୍ଟିକ ଯୋଗାସନରେ ଓମ ପ୍ରକାଶ ମଲ୍ଲିକ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ୨୧-୨୫ ବର୍ଷ ବାଳିକା ବିଭାଗର ଆଟିଷ୍ଟିକ ଯୋଗାସନ ପ୍ରତିଯୋଗିତାରେ ସ୍ମିତି ମଲ୍ଲିକ ଦ୍ୱିତୀୟ ଓ ଟ୍ରାଡିସନାଲ ଯୋଗାସନରେ ସ୍ମିତିପ୍ରଜ୍ଞା ମହାନ୍ତି ତୃତୀୟ ସ୍ଥାନ ଅଧିକାର କରି ଜିଲ୍ଲାକୁ ଗୌରବାନ୍ୱିତ କରିଛନ୍ତି। ୧୬-୧୮ ବର୍ଷ ବାଳକ ବିଭାଗର ଆଟିଷ୍ଟିକ ଯୋଗାସନ ପ୍ରତିଯୋଗିତାରେ ବିଶ୍ୱଜିତ ଦାସ ତୃତୀୟ ସ୍ଥାନ ଅଧିକାରୀ କରିଛନ୍ତି। କୃତୀ ପ୍ରତିଯୋଗୀଙ୍କୁ ମୁଖ୍ୟଅତିଥି ପୁରସ୍କାର ସହ ମାନପତ୍ର ପ୍ରଦାନ କରିଥିଲେ। କୃତୀ ପ୍ରତିଯୋଗୀଙ୍କୁ ଜିଲ୍ଲାପାଳ ସ୍ମୃତିରଞ୍ଜନ ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ନବକ୍ରିଷ୍ଟ ଜେନା, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ରବୀନ୍ଦ୍ର ମଲ୍ଲିକ, ଉପଜିଲ୍ଲାପାଳ ଅରୁଣ ନାୟକଙ୍କ ସମେତ ଜିଲ୍ଲା କ୍ରୀଡା ଅଧିକାରୀ ତଥା ଆନ୍ତର୍ଜାତିକ ଯୋଗ ବିଚାରକ ଲୋକନାଥ ପାଣିଗ୍ରାହୀ ପ୍ରମୁଖ ଅଭିନନ୍ଦନ ଜଣାଇଛନ୍ତି।

## ୧୭ରେ ଓଡ଼ିଶା ବନ୍ଦ ଘୋଷଣାକୁ ସଫଳ ପାଇଁ ଆହ୍ୱାନ

ଅନୁଗୋଳ, ୧୫।୭(ସମିସ): ନ୍ୟାୟ ପାଇଁ ଲଢେଇ କରି ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଗତକାଲି ରାତି ୧୧ଟା ୪୬ ମିନିଟରେ ଦେହାନ୍ତ ଘଟିଛି। ଛାତ୍ରୀଙ୍କ ଅକାଳ ବିୟୋଗରେ ଅନୁଗୋଳ ଜିଲ୍ଲା କଂଗ୍ରେସ କମିଟି ଗଭୀର ଶୋକ ବ୍ୟକ୍ତ କରିବା ସହ ତାଙ୍କ ଆତ୍ମାର ସଦଗତି ପାଇଁ ଜିଲ୍ଲା କଂଗ୍ରେସ କମିଟି ପକ୍ଷରୁ ଅନୁଗୋଳ ସରକାରୀ ସ୍ୱୟଂଶାସିତ ମହାବିଦ୍ୟାଳୟ ସମ୍ମୁଖରେ ଆୟୋଜିତ ପ୍ରତିବାଦ ସଭାରେ ଦୁଇ ମିନିଟ୍ ନିରବ ପ୍ରାର୍ଥନା କରାଯାଇଥିଲା। ଜିଲ୍ଲା ସଭାପତି ଅମ୍ବିକା ପ୍ରସାଦ ଭଞ୍ଜଙ୍କ ସଭାପତିତ୍ୱରେ ପ୍ରତିବାଦ ସଭାରେ ସମସ୍ତ ବକ୍ତାମାନେ ମତବ୍ୟକ୍ତ କରିବା ସହ ନୈତିକତା ଦୃଷ୍ଟିରୁ ଉଚ୍ଚ ଶିକ୍ଷାମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀ ଇସ୍ତଫା ପ୍ରଦାନ କରିବା ଉଚିତ ବୋଲି ଦାବି ରଖିଥିଲେ। ଆଗାମୀ ୧୭ ତାରିଖ ଦିନ ଉପରୋକ୍ତ ଘଟଣାକୁ ନେଇ ପ୍ରଦେଶ କଂଗ୍ରେସ କମିଟିର ସଭାପତି ଓଡ଼ିଶା ବନ୍ଦ ଘୋଷଣା କରିଛନ୍ତି। ବନ୍ଦକୁ ରାଜ୍ୟର ସମସ୍ତ ବାମପନ୍ଥୀ ଦଳମାନେ ପୂର୍ଣ୍ଣ ସମର୍ଥନ ଦେଇଥିବା ହେତୁ ଜିଲ୍ଲା କଂଗ୍ରେସ ଘୋଷିତ ଓଡ଼ିଶା ବନ୍ଦକୁ ପୂର୍ଣ୍ଣ ମାତ୍ରରେ ସଫଳ କରିବା ସହ ୧୭ ତାରିଖ ଅନୁଗୋଳର ସମସ୍ତ ଜନସାଧାରଣ ଏଭଳି ସ୍ପର୍ଶକାତର ଘଟଣାକୁ ନିନ୍ଦା କରିବା ଏବଂ ସମସ୍ତ ସ୍କୁଲ, କଲେଜ, ସରକାରୀ ଓ ବେସରକାରୀ ଅନୁଷ୍ଠାନ ସହ ସମସ୍ତ ଯାନବାହାନ, ଦୋକାନ ବଜାର ବନ୍ଦ ରଖିବାକୁ ଜିଲ୍ଲା କଂଗ୍ରେସ ନିବେଦନ କରିଛି। ପ୍ରତିବାଦ ସଭାରେ ବରିଷ୍ଠ କଂଗ୍ରେସ ନେତା ଦିଗାମ୍ବର ଗଡ଼ନାୟକ, ଜଗଦାନନ୍ଦ ପ୍ରଧାନ, ଗୋପାଳ ଚନ୍ଦ୍ର ନାଥ, ଗୋବିନ୍ଦ ନାଏକ, ଉମେଶ ଚନ୍ଦ୍ର ସାହୁ, ଜୟନ୍ତ ସାହୁ, ସରୋଜ ପ୍ରଧାନ, ସୁଦୀପ ମିଶ୍ର, ତପନ ପ୍ରଧାନ, ସବିତା ଧିର, ସନତ ପ୍ରଧାନ, ଭଜମନ ଦାସ, ଲୋକନାଥ ସାହୁ, ରମାକାନ୍ତ ପ୍ରଧାନ, ପ୍ରଦ୍ୟୁମ୍ନ ସାହୁ, ଲୁଲୁ ପାଣିଗ୍ରାହୀ, କ୍ୱାସିଦା ଖାନ, ସୌମେନ୍ଦ୍ର ଦେହୁରୀ, କେଶବ ଭୂତିଆ, ରାଜ କିଶୋର ସାହୁ, ସହଦେବ ବେହେରା, ଖିରୋଦ ପଟ୍ଟନାଏକ ପ୍ରମୁଖ ଶତାଧିକ କଂଗ୍ରେସ କର୍ମୀ ଉପସ୍ଥିତ ଥିଲେ। ସେହିପରି ସନ୍ଧ୍ୟାରେ ଜିଲ୍ଲା କଂଗ୍ରେସ ପକ୍ଷରୁ କଂଗ୍ରେସ ଭବନଠାରୁ ଏକ ମୌନ ଶୋଭାଯାତ୍ରାରେ ବାହାରି ଶୈଳଶ୍ରୀ କ୍ଷେତ୍ରଠାରେ କଂଗ୍ରେସ କର୍ମୀମାନେ ଏକତ୍ର ହୋଇ ମହମବତୀ ଜାଳି ସୌମ୍ୟଶ୍ରୀଙ୍କ ଅମର ଆତ୍ମାର ସଦଗତି ପାଇଁ ପ୍ରଭୁ ଜଗନ୍ନାଥଙ୍କଠାରେ ପ୍ରାର୍ଥନା କରିଥିଲେ।

## ନାଳରେ ଭାସିଯାଇ ଚାଷୀଙ୍କ ମୃତ୍ୟୁ

ଭୁବନ, ୧୫।୭(ସମିସ): ନାଳରେ ଭାସିଯାଇ ଜଣେ ଚାଷୀଙ୍କ ମୃତ୍ୟୁ ଘଟିଛି। ମୃତକ ଚାଷୀ ଜଣଙ୍କ ହେଲେ ଭୁବନ ଥାନା ଅନ୍ତର୍ଗତ ବାଲିବୋ ପଞ୍ଚାୟତର ଅରିଲୋ ଗ୍ରାମର ଦୁର୍ଯୋଧନ ଦେହୁରୀ (୨୭)। ମଙ୍ଗଳବାର ସେ ବିଲକୁ ଯାଇ ଫେରିଲା ବେଳକୁ ପାଣ୍ଡରା ନାଳରେ ଭାସି ଯାଇଥିଲେ। ସନ୍ଧ୍ୟାରେ ଗ୍ରାମବାସୀଙ୍କ ସହଯୋଗରେ ଅଗ୍ନିଶମ ବାହିନୀର କର୍ମଚାରୀ ବନ୍ୟାପାଣିରୁ ଉଦ୍ଧାର କରିଥିବା ଜଣାପଡ଼ିଛି। ଖବରଲେଖାଯିବାପର୍ଯ୍ୟନ୍ତଦୁର୍ଯ୍ୟୋଧନଙ୍କଶରୀରଏକତାଳିପଞ୍ଚାୟତ ଚନ୍ଦାର ଗ୍ରାମର ମିନି ଷ୍ଟାଡିୟମ ଠାରେ ରଖାଯାଇଥିଲା। ମୃତକଙ୍କ ପରିବାରକୁ ସରକାରୀ ସହାୟତା ପ୍ରଦାନ ପାଇଁ ଦାବି ହୋଇଛି।

## ମଦ ଜବତ ଜଣେ ଗିରଫ

ବଇଣ୍ଡା, ୧୫।୭(ସମିସ): ହଣ୍ଡପା ପୁଲିସ ସୋମବାର ନାକିଚି ଅଞ୍ଚଳରୁ ବି ନାୟକଙ୍କ ଠାରୁ ୮ ଲିଟର ଚୋରା ମଦ ଜବତ କରିଥିବା ବେଳେ ତାଙ୍କୁ ଗିରଫ କରିଛି। ସେ ବେଆଇନ ଭାବରେ ଘରେ ମଦ ବିକ୍ରି କରିବା ପାଇଁ ନେଉଥିବା ବେଳେ ପୁଲିସ ତାଙ୍କୁ ଅଟକାଇ ଗିରଫ କରିଥିଲା। ଏନେଇ ନମ୍ବର ମାମଲା ରୁଜୁ ହୋଇଛି।

## ବଜାରରେ ବୁଲୁଛି ନକଲି ନୋଟ




ଅନୁଗୋଳ, ୧୫।୭(ସମିସ): ଅନୁଗୋଳ ସହର ମଧ୍ୟରେ ଥିବା ଅନେକ ଦୋକାନ ଗୁଡିକରେ ଏବେ ନକଲି ନୋଟ ବୁଲୁଥିବା ଅଭିଯୋଗ ହୋଇଛି। ଅବିକଳ ଅସଲି ନୋଟ ଭଳି ଦେଖାଯାଉଥିବା ଏହି ନୋଟଗୁଡିକ ଦୋକାନ ଗହଳି ଦେଖି କିଛି ଅସାମାଜିକ ବ୍ୟକ୍ତି ଦୋକାନୀ ହାତରେ ଦେଇ ପାର୍ ହୋଇଯାଉଛନ୍ତି। ଏଭଳି ଘଟଣା ବହୁଳ ଭାବରେ ଦେଖା ଦେଇଥିବା ବେଳେ ପ୍ରଶାସନ ଏହା ଉପରେ ପଦକ୍ଷେପ ନେବାକୁ ସାଧାରଣରେ ଦାବି ହୋଇଛି। ୧୦ ଟଙ୍କିଆ ଓ ୨୦୦ ଟଙ୍କିଆ ନୋଟଗୁଡ଼ିକ ଅବିକଳ ଦେଖାଯାଉଥିବା ବେଳେ ଭାରତୀୟ ମନୋରଞ୍ଜନ ବ୍ୟାଙ୍କ ବୋଲି ଲେଖାରହିଛି। ଅଧିକ ପରିମାଣ ଟଙ୍କା ମଧ୍ୟରେ ଏହି ନକଲି ନୋଟ ହତାହାତି ନେଣଦେଣ ସମୟରେ ଏଭଳି କାର୍ଯ୍ୟ ହେଉଥିବା ଜଣାପଡ଼ିଛି।

## ଛାତ୍ରଛାତ୍ରୀଙ୍କ ପକ୍ଷରୁ ଶ୍ରଦ୍ଧାଞ୍ଜଳି ସଭା

ଛେଣ୍ଡିପଦା, ୧୫।୭(ସମିସ): ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ବ୍ଲକ ଜରପଡ଼ାସ୍ଥିତ ପତିତପାବନ ମହାବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ପକ୍ଷରୁ ମଙ୍ଗଳବାର ବାଲେଶ୍ୱର ଏଫଏମ ମହାବିଦ୍ୟାଳୟର ଛାତ୍ରୀଙ୍କ ଦୁଃଖଦ ମୃତ୍ୟୁରେ ଅଲଇଣ୍ଡିଆ ଡିଏସଓ ଛାତ୍ରୀ ନେତ୍ରୀ ନିରୁପମା ନାୟକଙ୍କ ତତ୍ତ୍ୱାବଧାନରେ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ବାଲେଶ୍ୱର ଫକିରମୋହନ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶି ଯେଉଁ ଭାବରେ ବିଭାଗୀୟ ମୁଖ୍ୟଙ୍କ ଦ୍ୱାରା ନିର୍ଯାତିତ ହୋଇ ନ୍ୟାୟ ପାଇବା ଆଶାରେ ସମସ୍ତ ସ୍ଥାନରେ ଅଭିଯୋଗ କଲେ ମଧ୍ୟ କେହି ଗୁରୁତ୍ୱ ନଦେବାରୁ ଲଗାତର ଶିକାର ହୋଇ ଆତ୍ମାହୁତି ଦେବା ସହ ଗତ ୧୪ତାରିଖ ସୋମବାର ରାତ୍ରିରେ ଭୁବନେଶ୍ୱରର ଏମ୍ସରେ ଚିକିସାଧୀନ ଅବସ୍ଥାରେ ଶେଷ ନିଶ୍ୱାସ ତ୍ୟାଗ କରିଛନ୍ତି। ଏହି ଘଟଣା ଶୁଭ ବୁଦ୍ଧି ସମ୍ପନ୍ନ ମଣିଷର ହୃଦୟକୁ ଦୋହଲାଇ ଦେଇଛି। ଏଥିପାଇଁ ସୌମ୍ୟାଶ୍ରୀଙ୍କ ଅମର ଆତ୍ମାର ସଦଗତି ନିମନ୍ତେ ପତିତପାବନ ମହାବିଦ୍ୟାଳୟର ମୁଖ୍ୟ ଫାଟକ ସମ୍ମୁଖରେ ଛାତ୍ରଛାତ୍ରୀ ଏକତ୍ରୀତ ହୋଇ ଶ୍ରଦ୍ଧାଞ୍ଜଳି ଜଣାଇବା ସହ ଦୋଷୀକୁ କଠୋର ଦଣ୍ଡ, ଛାତ୍ରୀ ଓ ମହିଳାମାନଙ୍କୁ ସୁରକ୍ଷା ଦାବି କରିଥିଲେ। ଏହି ଶ୍ରଦ୍ଧାଞ୍ଜଳି ସଭାରେ ଯୁବ ସଂଗଠକ ଭରତ କୁମାର ନାଏକ, ଲମ୍ବୋଦର ପଣ୍ଡା ଓ ବବିତା ସାହୁ ପ୍ରମୁଖ ଉପସ୍ଥିତଥିଲେ।

## କୃତ୍ରିମ ପାଣିରେ ଭାସୁଛି ଗାଁ ରାସ୍ତା; ହନ୍ତସନ୍ତ ଗ୍ରାମବାସୀ

ପରଜଙ୍ଗ, ୧୫।୭(ସମିସ)

ଢେଙ୍କାନାଳ ଜିଲ୍ଲାର ପରଜଙ୍ଗ ବ୍ଲକ କୁଆଲୁ ପୁରୁଣା ଗ୍ରାମ ହରିଜନବସ୍ତିର ଦୂରାବସ୍ଥା କହିଲେ ନସରେ। ଜନବସତି ସାହିର ଉଭୟ ପାର୍ଶ୍ୱରେ ବସବାସ କରି ରହୁଥିବା ମଝିରେ ରହିଛି ଗାଁ ରାସ୍ତା। ଏହି ରାସ୍ତାଟି ଗ୍ରାମବାସୀଙ୍କ ସମେତ ବିଭିନ୍ନ ଦିଗରୁ ଆସୁଥିବା ଅନ୍ୟ ପଥଚାରୀଙ୍କ ପାଇଁ

● ମରାମତି ପାଇଁ ଦାବି

ପ୍ରମୁଖ ରାସ୍ତା ହୋଇରହିଛି। ବର୍ଷା ହେଲେ ଗ୍ରାମବାସୀଙ୍କ ଠାରୁ ଆରମ୍ଭ କରି ପଥଚାରୀଙ୍କ ପାଇଁ ମୁଣ୍ଡ ବ୍ୟଥାର କାରଣ ହୋଇପଡ଼ିଛି। କାରଣ ସାହି ମଝିରେ ରହିଥିବା ରାସ୍ତାରୁ କୃତ୍ରିମ ପାଣି ନିଷ୍କାସନ ହୋଇ ନପାରି ହନ୍ତସନ୍ତ ହେଉଛନ୍ତି ସମସ୍ତ ଜନଯାତ୍ରୀ ଓ ସାହିର ବାସିନ୍ଦାମାନେ।




ପାଣି ନିଷ୍କାସନ ପାଇଁ ଡ୍ରେନ ରହିଛି, କିନ୍ତୁ ଡ୍ରେନ କେବଳ ଲୋକ ଦେଖାଣିଆ ହୋଇରହିଛି। ଯାହାଫଳରେ ବର୍ଷା ପାଣିରେ ରାସ୍ତାଟି ପୋଖରୀ ସଦୃଶ ଦେଖିବାକୁ ମିଳିଛି। ଏହାର ପ୍ରଭାବରେ ସାହିର ଲୋକମାନେ ନାହିଁ ନଥିବା ହନ୍ତସନ୍ତ ହେଉଥିବା ବେଳେ ଏଥିରୁ ନିର୍ଗତ ହେଉଥିବା ପଚାସଢ଼ା ଦୁର୍ଗନ୍ଧରେ କାଳାତିପାତ କରିବାକୁ ପଡୁଛି। ବିଭିନ୍ନ ପ୍ରକାର ରୋଗଦାଉରୁ ରକ୍ଷା ପାଇବା ପାଇଁ ସାହିର ଲୋକମାନେ ସତେ ଯେପରି ନିରୁପାୟ ହୋଇପଡ଼ିଛନ୍ତି। ରାସ୍ତାଟି ପାଠପଢ଼ା ଛାତ୍ରଛାତ୍ରୀଙ୍କ ପାଇଁ ଦିଗହରା ହୋଇପଡ଼ିଛି। ବିଗତ ଦିନରେ ରାସ୍ତାଟି ପ୍ରଧାନମନ୍ତ୍ରୀ ସଡ଼କ ଯୋଜନାରେ ରହିଥିଲା। ଯାହାଫଳରେ ୫୩ ନଂ ଜାତୀୟ ରାଜପଥ ହାତିଲୁଚାଣି ଛକରୁ ବାଲିସାହ, ସିଂହଡା ଛକ, ସ୍କୁଲ ଓ କଲେଜ ସମ୍ମୁଖ ଦେଇ କୁଆଲୁ ପୁରୁଣା ଗାଁ ଭିତର ଦେଇ ପରମହଂସପୁର ଛକ ନିକଟରେ ରହିଥିବା ୧୪୯ ନଂ ଜାତୀୟ ରାଜପଥ ସହିତ ରାସ୍ତାଟି ସଂଯୋଗ ରହିଛି। ବର୍ତ୍ତମାନ ଏହା କିଛି ବର୍ଷ ପୂର୍ବେ ଆରଡି ବିଭାଗ ଅଧୀନରେ ଥିବା ବେଳେ ମରାମତି ଅଭାବରୁ ହାତିଲୁଚାଣି ଛକରୁ ପରମହଂସପୁର ଛକ ପର୍ଯ୍ୟନ୍ତ ପ୍ରାୟ ୫ କିଲୋମିଟର ରାସ୍ତାଟି ଶୋଚନୀୟ ଦିଗକୁ ଗତି କରିଛି। ଯାହାଫଳରେ ଖାଲଖମା ସୃଷ୍ଟି ହୋଇଥିବା ରାସ୍ତାରେ କୁଆଲୁ ଗ୍ରାମବାସୀଙ୍କ ଠାରୁ ଆରମ୍ଭ କରି ସମସ୍ତ ପଥଚାରୀ ହନ୍ତସନ୍ତ ହେବାକୁ ପଡୁଛି। ରାସ୍ତାଟି ମରାମତି କରିବାକୁ ଗ୍ରାମବାସୀ ବିଭାଗୀୟ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି।

## ଅଏଲ ପାମ୍ ରିସୋର୍ସେସ କମ୍ପାନୀର ଏକ୍ସପୋଜର ଭିଜିଟ

ଢେଙ୍କାନାଳ, ୧୫।୭(ସମିସ): ଢେଙ୍କାନାଳ ଜିଲ୍ଲାର ଆଠଟି ଯାକ ବ୍ଲକରୁ ତାଳ ତେଲ ଚାଷ କରୁଥିବା କିମ୍ବା ଚାଷ ପ୍ରତି ମନବଳାଇଥିବା ତିରିଶରୁ ଅଧିକ ଚାଷୀଙ୍କୁ ନେଇ ଏକ୍ସପୋଜର ଭିଜିଟ କରାଯାଇଛି। ନୟାଗଡ଼ ଜିଲ୍ଲାରେ ତାଳ ତେଲ ଚାଷ କରୁଥିବା ଚାଷୀଙ୍କ ବଗିଚା ବୁଲି ଦେଖିବା ସହ ଏହାକୁ କିଭଳି କଟିଂ ଓ ଅଏଲ ପ୍ରଡକ୍ସନ କରାଯାଏ। ଚାଷୀ ଏହି ଚାଷ କରିବା ଦ୍ୱାରା କିଭଳି ଲାଭବାନ ହେଉଛନ୍ତି ଓ ଏହାର ରକ୍ଷଣାବେକ୍ଷଣ କିଭଳି କରାଯାଏ ସେ ବାବଦରେ ପ୍ରତ୍ୟକ୍ଷ ଭାବରେ ଟ୍ରେନିଂ ନେବା ପାଇଁ ଏଭଳି ପଦକ୍ଷେପ ନିଆଯାଇଥିବା କହିଛନ୍ତି ଜିଲ୍ଲା ଉପ ଉଦ୍ୟାନ କୃଷି ନିର୍ଦ୍ଦେଶକ ଗୀତାଶ୍ରୀ ପାଢ଼ି। ଢେଙ୍କାନାଳ ଜିଲ୍ଲାରେ ବର୍ତ୍ତମାନ ସୁଦ୍ଧା ଶହେ ଏକର ଅଏଲ ପାମ୍ ଚାଷ ହୋଇ ସାରିଥିବା ବେଳେ ଆଗାମୀ ଦିନରେ ଏହା ଦୁଇ ଶହ ହେକ୍ଟର ଯାଗାରେ କରାଯିବ ବୋଲି ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି।



ସକାଳ
THE SAKALA



ବନ୍ଧୁକ ଠାରୁ ବୁଦ୍ଧି ଅଧିକ ଶକ୍ତିଶାଳୀ।
-ଷ୍ଟାଲିନ୍

# କ୍ଷମତାର ବ୍ୟଥା ଓ କଥା

ଆମେରିକା ପରେ ଚୀନ ବିଶ୍ୱର ଦ୍ୱିତୀୟ କ୍ଷମତାକେନ୍ଦ୍ର। ଡୋନାଲ୍ଡ ଟ୍ରମ୍ପ ଆମେରିକାର ରାଷ୍ଟ୍ରପତି ଦାୟିତ୍ୱ ଗ୍ରହଣ କରିବା ପରେ ବାଣିଜ୍ୟ ଶୁଳ୍କ ନିର୍ଦ୍ଧାରଣକୁ ନେଇ ସେ ଯେଉଁ ଅଘୋଷିତ ଯୁଦ୍ଧ ପରିବେଶ ସୃଷ୍ଟି କରିଛନ୍ତି ତାହାର ଖୋଲା ମୁକାବିଲା କେବଳ ଚୀନ କରିଛି। ଆମେରିକାର ଯେକୌଣସି ଆହ୍ୱାନର ସମ୍ମୁଖୀନ ହେବା ସକାଶେ ଚୀନ ପ୍ରସ୍ତୁତ ଅଛି କହିବା ପଛରେ ରାଷ୍ଟ୍ରପତି ସି ଜିନପିଙ୍ଗଙ୍କ ପ୍ରଭାବୀ ଭୂମିକାକୁ ଅସ୍ୱୀକାର କରି ହେବନି। ଏପରିକି ଆମେରିକୀୟ ଡଲାରର ଥିବା ବିଶ୍ୱବ୍ୟାପୀ ପ୍ରାଧାନ୍ୟକୁ ଖର୍ବ କରିବା ସକାଶେ ବ୍ରିକ୍ସ ସମ୍ମିଳନୀ ମାଧ୍ୟମରେ ଜିନପିଙ୍ଗଙ୍କ ସମାନ୍ତରାଳ ମୁଦ୍ରା. ପ୍ରଚଳନ ପ୍ରସ୍ତାବ ଟ୍ରମ୍ପଙ୍କୁ ବିବ୍ରତ କରିଛି। ଏଥିରୁ ସ୍ପଷ୍ଟ ଅନୁମେୟ ଯେ ଆମେରିକାର ନାଟୋ ସାମରିକ ମେଣ୍ଟ ଭଳି ଚୀନ ମଧ୍ୟ ନିଜର ଆର୍ଥିକ ଦମ୍ଭ ଓ ସାମରିକ ଶକ୍ତି ବଳରେ ଆହ୍ୱାନ ଦେଲା ଭଳି ସାମର୍ଥ୍ୟ ଏକଜୁଟ କରିବାକୁ ସମର୍ଥ ହୋଇଛି। ବ୍ରିକ୍ସ ସଂଗଠନର ପ୍ରମୁଖ ପୁରୋଧା ହେଉଛି ଚୀନ। ତେବେ ନିକଟରେ ବ୍ରାଜିଲରେ ଅନୁଷ୍ଠିତ ସମ୍ମିଳନୀରେ ଚୀନ ରାଷ୍ଟ୍ରପତି ସି. ଜିନପିଙ୍ଗଙ୍କ ଅନୁପସ୍ଥିତି ସମସ୍ତଙ୍କୁ ଚକିତ କରିଥିଲା। ଗତ ୧୨ ବର୍ଷ ମଧ୍ୟରେ ଏହା ହିଁ ଥିଲା ସବୁଠାରୁ ବିରଳ ଘଟଣା। ଏହି ଅନୁପସ୍ଥିତି ବିଭିନ୍ନ ମହଲକୁ ଚର୍ଚ୍ଚାର ଖୋରାକ୍ ଯୋଗାଇଛି।

ଗତ ମେ' ମାସର ଦ୍ୱିତୀୟ ଭାଗରୁ ସାଧାରଣ ଜୀବନରେ ତାଙ୍କର ଅନୁପସ୍ଥିତି ପରିଲକ୍ଷିତ ହୋଇଛି। ଏମିତିରେ ଚୀନର ଆଭ୍ୟନ୍ତରୀଣ ପରିସ୍ଥିତି, ଏପରିକି କୌଣସି ବଡ଼ ଘଟଣା ଖୁବ୍ କ୍ୱଚିତ ସାଧାରଣରେ ପ୍ରକାଶ ପାଇଥାଏ। ସମସ୍ତ ତଥ୍ୟ ସରକାରୀ କଟକଣାକୁ ଅତିକ୍ରମ କରି ପ୍ରକାଶ ପାଇବା ସମ୍ଭବ ନୁହେଁ। ଯାଞ୍ଚ ଓ ସରକାରୀ ସ୍ୱୀକୃତି ପରେ ଯାହା ପ୍ରକାଶ ପାଏ ତାହା ଯେ ପ୍ରକୃତ ଚିତ୍ର ଏକଥା ଜୋରଦେଇ କହିହେବନି। ତେଣୁ ଜିନପିଙ୍ଗ ଏବେ କେଉଁ ଅବସ୍ଥାରେ ଅଛନ୍ତି ତାହାର ସ୍ପଷ୍ଟଚିତ୍ର ଏଯାବତ ମିଳିନାହିଁ। ସେ ଗୁରୁତର ଅସୁସ୍ଥ ନା ଗୃହବନ୍ଦୀ ଅବସ୍ଥାରେ ତାହା ମଧ୍ୟ ଜୋର ଦେଇ କହିହେବନି। ସବୁଠାରୁ ଉଲ୍ଲେଖଯୋଗ୍ୟ ହେଲା, ଚୀନର ସରକାରୀ ଗଣମାଧ୍ୟମରେ ଯେଭଳି ପ୍ରାଧାନ୍ୟ ଦେଇ ପ୍ରକାଶ ପାଉଥିଲା, ଏବେ ତାହା ମଧ୍ୟ ଦୃଶ୍ୟମାନ ହେଉନାହିଁ। ତେଣୁ ଏହା ପଛରେ କିଛି ନା କିଛି ରହସ୍ୟ ତ ନିଶ୍ଚୟ ଅଛି। ଏକଦଳୀୟ ଶାସନ ବ୍ୟବସ୍ଥାରେ କ୍ଷମତା କେନ୍ଦ୍ର ଯିଏ ହେଉନା କାହିଁକି ଯେତେବେଳେ ନେତୃତ୍ୱ ପରିବର୍ତ୍ତନର ଝଡ଼ ସୃଷ୍ଟି ହୁଏ ସେଥିରେ କେତେ କିଏ ଧରାଶାୟୀ ହୁଅନ୍ତି ତାହା ସାଧାରଣରେ ପ୍ରକାଶ ନ ପାଇଲେ ମଧ୍ୟ ତାହାରି ମଧ୍ୟରୁ ହଠାତ୍ ନୂଆ ନେତାଙ୍କ ଆବିର୍ଭାବ ହୁଏ। ଯେତେଦୂର ମନେହୁଏ ସେହି ପ୍ରକ୍ରିୟା ସଂପ୍ରତି ଚୀନରେ ଜାରି ରହିଛି।

ଏଥିମଧ୍ୟରେ ଦୁଇଟି ଖବର ସାମ୍ନାକୁ ଆସିଛି। ହାଠତ୍ ରବିବାର ଜିନପିଙ୍ଗଙ୍କ ଚୀନ ଡିଜିଟାଲ ମିଡିଆରେ ଆବିର୍ଭାବ ଘଟିଛି। ସେ ତାଙ୍କର ସଂକ୍ଷିପ୍ତ ବକ୍ତବ୍ୟ ରଖିଛନ୍ତି। ଅନ୍ୟ ଖବରଟି ହେଲା, ଜିନପିଙ୍ଗ ଓ ପ୍ରଧାନମନ୍ତ୍ରୀ ଲି କ୍ୱାଙ୍ଗଙ୍କୁ ଭେଟି ଆଲୋଚନା କରିବା ସକାଶେ ଅଷ୍ଟ୍ରେଲିଆର ପ୍ରଧାନମନ୍ତ୍ରୀ ଆନ୍ଥୋନୀ ଆଲବାନିସ୍ ୬ ଦିନିଆ ଚୀନ୍‌ଗସ୍ତରେ ଆସିଛନ୍ତି। ସେ ନିବେଶ, ପର୍ଯ୍ୟଟନ ଓ ବାଣିଜ୍ୟ କାରବାର ସଂପର୍କରେ ଚୀନ ନେତୃତ୍ୱ ସହ ଆଲୋଚନା କରିବାର କାର୍ଯ୍ୟକ୍ରମ ରହିଛି। ଚୀନର ଆଭ୍ୟନ୍ତରୀଣ ରାଜନୈତିକ ପରିସ୍ଥିତି ଯାହା ହେଉନା କାହିଁକି ଏ ସଂପର୍କରେ କୂଟନୈତିକ ମହଲରେ ଯେଭଳି କୌଣସି ଭୁଲ ବାର୍ତ୍ତା ନଯିବ ସେ ନେଇ କମ୍ୟୁନିଷ୍ଟ ପାର୍ଟି ଆବଶ୍ୟକତାଠାରୁ ଅଧିକ ସତର୍କ। ତେଣୁ ଆଲ୍‌ବାନିସ୍ ଓ ଜିନପିଙ୍ଗଙ୍କ ମଧ୍ୟରେ ଆଲୋଚନାର ଗତି ଓ ପ୍ରକୃତିରେ ନିଶ୍ଚୟ ସ୍ୱାଭାବିକତା ରହିବ। କାରଣ ନେତୃତ୍ୱ ବଦଳିଲେ ମଧ୍ୟ ନୀତି ଓ ଆଦର୍ଶ ପୂର୍ବ ଭଳି ଅତୁଟ ରହିବ। କାରଣ ଏଥିସହ ଚୀନର ବିପୁଳ ନିବେଶ ଓ ସାମରିକ ସହଯୋଗିତା ସଂଶ୍ଳିଷ୍ଟ ରହିଛି। ଅଷ୍ଟ୍ରେଲିଆ ଓ ଚୀନ ମଧ୍ୟରେ ଦ୍ୱିପାକ୍ଷିକ ସଂପର୍କ ତଥା ବୁଝାମଣା ଏହି ଗସ୍ତକ୍ରମ ଉପରେ କୌଣସି ପ୍ରତିକୂଳ ପ୍ରଭାବ ପକାଇବ ନାହିଁ। ଭାରତର ବୈଦେଶିକ ମନ୍ତ୍ରୀ ଜୟଶଙ୍କରଙ୍କୁ ମଧ୍ୟ ଜିନ୍‌ପିଙ୍ଗ ଭେଟିଛନ୍ତି, ଯାହା ବିରଳ ପଦବାଚ୍ୟ ହୋଇପାରେ। କାରଣ ଜିନ୍‌ପିଙ୍ଗଙ୍କ ସ୍ୱଭାବ ଓ ମାନସିକତା ଯାହା ସେ ସବୁବେଳେ ତାଙ୍କ ପ୍ରତିପକ୍ଷଙ୍କୁ ହିଁ ସାକ୍ଷାତ କରନ୍ତି। କୌଣସି ଦେଶର ବୈଦେଶିକ ମନ୍ତ୍ରୀଙ୍କ ସହିତ ସାକ୍ଷାତ ଆଲୋଚନା କରିବାକୁ ଜିନ୍‌ପିଙ୍ଗ ଅନୁମତି ଦେବା ପଛରେ ଚୀନ୍ ବୋଧହୁଏ ଏହା ପ୍ରମାଣିତ କରିବାକୁ ଚାହୁଁଛି ଯେ ସବୁକିଛି ଠିକ୍‌ଠାକ୍ ଅଛି।

ଚୀନ ସାମରିକ ବାହିନୀ ଜିନପିଙ୍ଗଙ୍କ ପୂର୍ଣ୍ଣ ନିୟନ୍ତ୍ରଣରେ ରହିଛି। ତିନି ବାହିନୀର ପ୍ରମୁଖଙ୍କ ବିରୋଧରେ ଗୁରୁତର ଅଭିଯୋଗ ଆସିଥିବାରୁ ସେ ଦାୟିତ୍ୱ ଓ ନେତୃତ୍ୱ ପରିବର୍ତ୍ତନ କରିଥିବାର କୁହାଯାଉଛି। ଦୁର୍ନୀତି ଓ ଭ୍ରଷ୍ଟାଚାର ଅଭିଯୁକ୍ତଙ୍କୁ ଫାଶୀ ଦଣ୍ଡ ତ ଚୀନର ଏକ ସ୍ୱାଭାବିକ ବ୍ୟାପାର। ଖବରରୁ ପ୍ରକାଶ ଯେ ନୌବାହିନୀ ପ୍ରମୁଖ ଓ ଜଣେ ବରିଷ୍ଠ ପରମାଣୁ ବୈଜ୍ଞାନିକଙ୍କୁ ମଧ୍ୟ ଦାୟିତ୍ୱର ଅନ୍ତର କରାଯାଇଛି। ଗୁରୁତ୍ୱପୂର୍ଣ୍ଣ ତଥ୍ୟ ପ୍ରଘଟ ଅଭିଯୋଗ ସେମାନଙ୍କ ବିରୋଧରେ ରହିଛି। ଏବେ କମ୍ୟୁନିଷ୍ଟ ପାର୍ଟିର କ୍ଷମତା କେନ୍ଦ୍ର ପକ୍ଷରୁ ଦୁର୍ନୀତି ଓ ଭ୍ରଷ୍ଟାଚାର ରୋକିବା ପାଇଁ ଦଣ୍ଡବିଧାନ ଶେଷ କଥା ନୁହେଁ ବରଂ ବ୍ୟବସ୍ଥାରେ ପରିବର୍ତ୍ତନ ଆଣିବାକୁ ପରାମର୍ଶ ଦିଆଯାଇଛି। ପରିସ୍ଥିତି କ୍ରମେ ଭିନ୍ନ ମୋଡ଼ ନେଉଥିବାରୁ ଜିନପିଙ୍ଗ ଦଳର ପ୍ରମୁଖ ସଂଗଠନ ସହ ଆଲୋଚନା କରି କ୍ଷମତା ଆବଣ୍ଟନ କରିଥିବାରୁ ଶୁଣାଯାଉଛି। ଯଦିବା ଏହି ସତ ହୋଇଥାଏ ତେବେ ଚୀନରେ ନେତୃତ୍ୱ ପରିବର୍ତ୍ତନ ଅବଶ୍ୟାମ୍ଭାବୀ। ଫାଶୀଦଣ୍ଡ ବିରୋଧରେ ବିଶ୍ୱବ୍ୟାପୀ ଜନମତ ପ୍ରକାଶ ପାଇଥିବାବେଳେ ଚୀନରେ ଏପ୍ରକାର ଦଣ୍ଡବିଧାନ ସର୍ବାଧିକ। ଏକ ରିପୋର୍ଟରୁ ପ୍ରକାଶ ଯେ ୨୦୨୩ ରେ କେବଳ ଚୀନରେ ୧୦୦୦ ଲୋକଙ୍କୁ ଫାଶୀ ଦିଆଯାଇଛି।

ଚୀନରେ ନେତୃତ୍ୱ ପରିବର୍ତ୍ତନ ହେଉ ବା ନହେଉ ପାକିସ୍ତାନ ପ୍ରତି ବେଜିଂର ସଂପର୍କ ପୂର୍ବଭଳି ଅତୁଟ ରହିବ। କାରଣ ଚୀନର ମହତାକାଂକ୍ଷୀ ନିବେଶର ଭବିଷ୍ୟତ ପ୍ରତି କୌଣସି ପରିସ୍ଥିତିରେ ଆଖିବୁଜି ଦିଆଯାଇପାରିବ ନାହିଁ। ଦକ୍ଷିଣ ଏସିଆ କୂଟନୀତିରେ ପାକିସ୍ତାନ ଏକ ପ୍ରମୁଖ ଅଙ୍ଗର ମର୍ଯ୍ୟାଦା ହାସଲ କରିସାରିଛି। ପହଲଗାମ ଆତଙ୍କବାଦୀ ଘଟଣାରେ ନିନ୍ଦା ପ୍ରସ୍ତାବ ଗ୍ରହଣ କରାଯାଇଥିଲେ ମଧ୍ୟ ଏଥିରେ ପାକିସ୍ତାନର ସମ୍ପୃକ୍ତିକୁ ଉଦ୍ଦେଶ୍ୟମୂଳକ ଭାବେ ବାଦ ଦିଆଯାଇଛି। ତେଣୁ ଜିନପିଙ୍ଗ କ୍ଷମତାରେ ରହନ୍ତୁ ନରହନ୍ତୁ ଭାରତ ପାଇଁ କିଛି ଫରକ ପଡ଼ିବ ନାହିଁ।

# ବାସ୍ତୁହରା ଗ୍ରାମବାସୀ

**ବୈକୁଣ୍ଠନାଥ ମିଶ୍ର**

ପୂର୍ବ କାଳରେ ରାଜା ମହାରାଜାମାନେ ଯୁଦ୍ଧ ଅଭିଯାନରେ ଯାଇ ରାଜ୍ୟ ଜୟ କରି ବିଜିତ ରାଜ୍ୟକୁ ନିଜ ମୂଳ ଭୂଖଣ୍ଡ ସହ ମିଶାଇ ରାଜ୍ୟର ସୀମା ବୃଦ୍ଧି କରୁଥିଲେ। ଜୋର ଯା'ର ମୂଲକ ତା'ର ନ୍ୟାୟରେ ପରାଜିତ ରାଜାମାନେ ବିଜେତାଙ୍କ ବଶତା ସ୍ୱୀକାର କରୁଥିଲେ। ପରାଜିତ ରାଜ୍ୟର ପ୍ରଜାକୁଳ ପୁରାତନ ଶାସନ ପରିବର୍ତ୍ତେ ଏକ ନୂତନ ଶାସନ ପଦ୍ଧତିକୁ ଆପଣେଇ ନେଉଥିଲେ। ସେମାନଙ୍କୁ ନାନା ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଥିଲେ ମଧ୍ୟ ଅନନ୍ୟୋପାୟ ହୋଇ ନୂତନତାକୁ ଆଦରିବାକୁ ପଡୁଥିଲା। ପ୍ରଜାମାନଙ୍କୁ ମାନିନେବାକୁ ହେଉଥିଲା ନୂତନ କର ନୀତି। ତାହା ଯେତେ କଷ୍ଟକର ହେଲେ ମଧ୍ୟ ବିନା ପ୍ରତିବାଦରେ ତାକୁ ଗ୍ରହଣ କରିବାକୁ ପଡୁଥିଲା।

ଏକବିଂଶ ଶତାବ୍ଦୀର ଏକ-ଚତୁର୍ଥାଂଶ ପୃଥିବୀ ଭୋଗ କରି ସାରିଲାଣି। ଏକଚ୍ଛତ୍ର ଶାସନ ପ୍ରାୟତଃ ସତ୍ତା ହରାଇଛି। ଗଣତନ୍ତ୍ରର ମହନୀୟତାକୁ ପୃଥିବୀବାସୀ ଆଦରି ନେଇଛନ୍ତି। ବଂଶାନୁକ୍ରମିକ ଶାସନ ପ୍ରାୟତଃ ଲୋପ ପାଇଛି। ନିର୍ବାଚନ ମାଧ୍ୟମରେ ଜନସାଧାରଣ ନିର୍ଣ୍ଣୟ କରୁଛନ୍ତି ତାଙ୍କ ଶାସକ ଗୋଷ୍ଠୀକୁ। ଶାସନ ଜନସାଧାରଣଙ୍କର ପ୍ରିୟଭାଜନ ହେଲେ ସରକାର ଦୀର୍ଘସ୍ଥାୟୀ ହେବ। ନଚେତ ପରବର୍ତ୍ତୀ ନିର୍ବାଚନରେ ନୂଆ ସରକାର ଆବିର୍ଭାବ ହେବ। ଭାରତ ଭଳି ସଂଘୀୟ ବ୍ୟବସ୍ଥାରେ ଜନସାଧାରଣ ରାଜ୍ୟ ଓ କେନ୍ଦ୍ର ପାଇଁ ପୃଥକ ସରକାର ବାଛନ୍ତି। ଉଭୟଙ୍କର କ୍ଷମତା ପରିସର ସମ୍ବିଧାନ ଅନୁଯାୟୀ ସ୍ଥିତୀକୃତ ହୋଇଛି। ଗୋଟିଏ ରାଜ୍ୟ ଚାହିଁଲେ ବି ଅନ୍ୟ ରାଜ୍ୟ ଦଖଲ କରି ପାରିବ ନାହିଁ। କିନ୍ତୁ ସଂପ୍ରତି ଦେଖିବାକୁ ମିଳୁଛି ଯେ ନିଜ ରାଜ୍ୟର ସୀମା ଡେଇଁ ପଡ଼ୋଶୀ ରାଜ୍ୟର କିଛି ଅଂଶ ଦଖଲ କରିବାକୁ ଅନୌପଚାରିକ ପ୍ରୟାସ ଜାରି ରହିଛି।

ଓଡ଼ିଶାର କୋରାପୁଟ ଜିଲ୍ଲାର ଆନ୍ଧ୍ର ସଂଲଗ୍ନ କୋଟିଆ ପଞ୍ଚାୟତ ଉପରେ ଆନ୍ଧ୍ରର ଶ୍ୟେନ ଦୃଷ୍ଟି ପଡ଼ିଛି, ଯାହା ଓଡ଼ିଶାବାସୀଙ୍କୁ ବିବ୍ରତ କରିଛି। ଓଡ଼ିଶାରେ ପ୍ରଚଳିତ ସମସ୍ତ ଜନକଲ୍ୟାଣ ଯୋଜନାକୁ ପ୍ରତିହତ କରି ଆନ୍ଧ୍ର ଆକର୍ଷଣୀୟ ଯୋଜନାମାନ ପ୍ରଚଳନ କରୁଛି। ଓଡ଼ିଶାଠାରୁ ଅଧିକ ଭତ୍ତା, ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ପାଇଁ ଲୋଭନୀୟ ଅନୁଦାନ, ସ୍କୁଲ ଓ ଚିକିତ୍ସାଳୟ ସୁବିଧା ସହ ସଡ଼କ ସେତୁ ନିର୍ମାଣ କରି କୋଟିଆବାସୀଙ୍କ ମନ କିଣିବାକୁ ସକ୍ଷମ ହୋଇଛି। କୋଟିଆ ଅଞ୍ଚଳରେ ଥିବା ମୂଲ୍ୟବାନ ଧାତୁପଥର ଗଚ୍ଛିତ ପାହାଡ଼ ପର୍ବତ ଓ ମୂଲ୍ୟବାନ ଅରଣ୍ୟସମ୍ପଦକୁ ହାତେଇବା ଆନ୍ଧ୍ରର ଲକ୍ଷ୍ୟ। ପଡ଼ୋଶୀ ପଶ୍ଚିମବଙ୍ଗ ମଧ୍ୟ ଉତ୍ତର ବାଲେଶ୍ୱରର କିଛି ଅଞ୍ଚଳ ଉପରେ ଲୋଲୁପ ଦୃଷ୍ଟି ରଖିଛି। ସେହିପରି ଝାରସୁଗୁଡ଼ା ଜିଲ୍ଲାର ଲଖନପୁର ବ୍ଲକର କିଛି ଅଂଶ ଓ ନୂଆପଡ଼ା ଜିଲ୍ଲାର ଖଡ଼ିଆଳ ଅଞ୍ଚଳର କିଛିଅଂଶ ଉପରେ ଛତିଶଗଡ଼ର ଲୋଭନୀୟ ଦୃଷ୍ଟି ପଡ଼ିଛି। ଜାତୀୟସ୍ତରରେ ମଧ୍ୟ ଉତ୍ତର-ପୂର୍ବାଞ୍ଚଳ ରାଜ୍ୟ ଅରୁଣାଚଳ ପ୍ରଦେଶକୁ ଦଖଲ କରିବା ପାଇଁ ଚୀନ ସଦସର୍ବଦା ପ୍ରୟାସ ଜାରି ରଖିଛି। ନିଜ ଦେଶ ସଂଲଗ୍ନ ପଡ଼ୋଶୀ ଭାରତର କିଛିଅଂଶ ନିଜର ବୋଲି ଦାବିକରି ଚୀନ ମାନଚିତ୍ର ମଧ୍ୟ ପ୍ରକାଶ କରିଛି, ଯାହାକୁ ଭାରତ ଦୃଢ଼ତାର ସହ ବିରୋଧ କରିଛି।

ଆମ ଆଲୋଚନାର ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଲାଯେ ଦେଶ ବା ରାଜ୍ୟ କଥା ଦୂରେ ଥାଉ, ଜଣେ ବ୍ୟକ୍ତି ଇଚ୍ଛା କଲେ ସମ୍ପୂର୍ଣ୍ଣ ଏକ ଜନବସତିପୂର୍ଣ୍ଣ ଗ୍ରାମକୁ କ୍ରୟ କରିପାରିବ କି? ଆଶ୍ଚର୍ଯ୍ୟ ଲାଗିଲେ ମଧ୍ୟ ଘଟଣାଟି ସତ୍ୟ। ଗଜପତି ଜିଲ୍ଲା ଗୋଷାଣି ବ୍ଲକର ଗ୍ରାମଟିଏ। ନାଁ ତା'ର ଡାକ୍ତରବାଞ୍ଜୋରି। ଏହି ଗ୍ରାମର ମୋଟ ଚାଷ ଜମିର ପରିମାଣ ୪୭ ଏକର। ଗ୍ରାମବାସୀ କହନ୍ତି ଏହି ଗାଁ ଥିଲା ପାରଳା ମହାରାଜାଙ୍କର। ରାଙ୍ଗାରାଓ ନାମକ ଜଣେ ଡାକ୍ତରଙ୍କ ସେବାକାର୍ଯ୍ୟରେ ପ୍ରୀତ ହୋଇ ରାଜା ତାଙ୍କୁ ଏହି ଗ୍ରାମ ଦାନ କରିଥିଲେ। ପରେ ଡାକ୍ତର ଏଇ ଗାଁ ଛାଡ଼ି କେଉଁ ଆଡ଼େ ଚାଲିଗଲା ପରେ ୧୦୦ଟି ଆଦିବାସୀ ପରିବାର ବଂଶାନୁକ୍ରମିକ ଭାବେ ଉକ୍ତ ଗାଁରେ ବାସ କରି ଆସୁଛନ୍ତି। ବିସ୍ମୟର କଥା ଯେ ବ୍ରହ୍ମପୁରର ଜଣେ ମହିଳା ୧କୋଟି ୫୦ଲକ୍ଷ ଟଙ୍କାରେ ଉକ୍ତ ଗ୍ରାମଟିକୁ କିଣି ନେଇଛନ୍ତି। ବିଡ଼ମ୍ବନାର କଥା ଏଇଆ ଯେ ଗ୍ରାମରେ ଥିବା ସରକାରୀ ଓ ବେସରକାରୀ ଅର୍ଥରେ ଗଢ଼ି ଉଠିଥିବା ସମସ୍ତ ନିର୍ମାଣକୁ କେବଳ ଜମି ଦର୍ଶାଯାଇ ଯୋଜନାବଦ୍ଧ ଭାବେ ବିକ୍ରିକରି ଦିଆଯାଇଥିବା ଗଣମାଧ୍ୟମ ସୂତ୍ରରୁ ପ୍ରକାଶ।

ଆଗେ ରାଜାରାଜୁଡ଼ା ଶାସନ ବେଳେ ଜମିଦାରମାନେ ଜମିମାଲିକ ଥାଇ ପ୍ରଜାଙ୍କୁ କିଛି ଜମିଦାନ କରୁଥିଲେ। ସେହି ପ୍ରଜାମାନେ ଜମିଦାରଙ୍କ ଘରେ ବିନା ପାରିଶ୍ରମିକରେ ବା ସ୍ୱଳ୍ପ ପାରିଶ୍ରମିକରେ କାମ କରୁଥିଲେ। ପରେ ଉକ୍ତ ଜମିକୁ ସଂପୃକ୍ତ ପ୍ରଜାମାନଙ୍କୁ ହସ୍ତାନ୍ତର କରାଯାଉଥିଲା। କିନ୍ତୁ ଗଣତନ୍ତ୍ର ପ୍ରତିଷ୍ଠାର ଏତେବର୍ଷ ପରେ ଜଣେ ବ୍ୟକ୍ତି ଗୋଟିଏ ଗ୍ରାମକୁ ନିଜ ମାଲିକାନା ଦର୍ଶାଇ ଅନ୍ୟଜଣଙ୍କୁ ବିକ୍ରି କରିଦେବା କେତେଦୂର ସମୀଚୀନ ତାହା ବିଚାରଯୋଗ୍ୟ। ଗ୍ରାମବାସୀ କେତେକଷ୍ଟରେ ବାସଗୃହ ଖଣ୍ଡେ କରି ପିଢ଼ି ପରେ ପିଢ଼ି ବଂଶାନୁକ୍ରମିକ ଭାବେ ଉକ୍ତ ଗ୍ରାମରେ ବସତି ସ୍ଥାପନ କରିଆସୁଛନ୍ତି। ଗାଁଟିରେ କେତେ ଗୋସମ୍ପଦ, ମୂଲ୍ୟବାନ ବୃକ୍ଷସମ୍ଭାର, ଲୋକଙ୍କର ଜୀବିକା ପାଇଁ ଚାଷ ଜମି ବ୍ୟତୀତ ସରକାରୀ ଅନୁଦାନରେ ବିଦ୍ୟାଳୟ, ଅଙ୍ଗନବାଡ଼ି କେନ୍ଦ୍ର, ପାନୀୟ ଜଳ ବ୍ୟବସ୍ଥା ଓ ସଡ଼କସେତୁ ପରି ଜନକଲ୍ୟାଣକାରୀ ଯୋଜନା ମଧ୍ୟ କାର୍ଯ୍ୟକାରୀ ହୋଇଛି। ଯଦି ଏହି ଗ୍ରାମଟି କୌଣସି ବ୍ୟକ୍ତିଙ୍କର ନିଜସ୍ୱ ବ୍ୟକ୍ତିଗତ ମାଲିକାନରେ ଅଛି, ତେବେ ବିଦ୍ୟାଳୟ, ଅଙ୍ଗନବାଡ଼ି କେନ୍ଦ୍ର, ସଡ଼କ ପରି ସୁବିଧାମାନ ନିର୍ମାଣ କଲା ବେଳେ ଏକଥା ସରକାରଙ୍କ ନଜରକୁ ଆସିଲା ନାହିଁ କିପରି? ଆହୁରି ଆଶ୍ଚର୍ଯ୍ୟର କଥା ଯେ ନିଜକୁ ଜମି ମାଲିକ ଦର୍ଶାଉଥିବା ବ୍ୟକ୍ତି ଜଣକ ଏଠାରେ ସରକାରୀ ନିର୍ମାଣକୁ ବିରୋଧ କଲେ ନାହିଁ କାହିଁକି? ଏସବୁ ବାବଦରେ ସରକାରୀ ଅଧିକାରୀ କ'ଣ ଅଜ୍ଞ ଥିଲେ ନା ଏଥିରେ ତଞ୍ଚକତା ଭରି ରହିଛି? ଗ୍ରାମବାସୀ ସମୂହ ଭାବେ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ ମଧ୍ୟ କର୍ତ୍ତୃପକ୍ଷ ସେପରି ସମ୍ବେଦନ ଥିବା ପରି କୌଣସି ସୂଚନା ପରିଲକ୍ଷିତ ହେଉନାହିଁ। ଅବଶ୍ୟ ଗ୍ରାମବାସୀଙ୍କ ଆକୁଳ ପ୍ରାର୍ଥନା ପରେ ଜିଲ୍ଲାପାଳ ଏ ବିଷୟରେ ଅନୁଧ୍ୟାନ କରିବେ ବୋଲି ଆଶ୍ୱାସନା ଦେଇଛନ୍ତି।

ଶୁଣାଯାଏ ଗ୍ରାମଟିକୁ ନିଜ ନାମରେ ପଞ୍ଜିକରଣ କଲା ପରେ ନୂତନ ମାଲିକ ଗ୍ରାମବାସୀଙ୍କୁ ବିତାଡ଼ିତ କରି ସେଠାରେ କିଛି ପ୍ରକଳ୍ପ କରିବାର ଯୋଜନା ରଖିଛନ୍ତି। ଗ୍ରାମଟି ଯଦି ଗ୍ରାମବାସୀଙ୍କର ନଥିଲା ତେବେ ସେମାନେ ଏତେକାଳ ଧରି ସେଠାରେ ସପରିବାର ରହିଆସୁଛନ୍ତି କିପରି? ପ୍ରଥମରୁ ଆପତ୍ତି ଉଠାଇଥିଲେ ସେଠାରେ ଜନବସତି ଗଢ଼ିଉଠି ନଥା'ନ୍ତା କି ସରକାର ମଧ୍ୟ ମୌଳିକ ସୁବିଧାମାନ ଯୋଗାଇ ଆସୁ ନ ଥା'ନ୍ତେ। ପ୍ରଶ୍ନ ଉଠେ ସେଠାରେ ଗଢ଼ି ଉଠିଥିବା ସରକାରୀ ପ୍ରକଳ୍ପଗୁଡ଼ିକ କ'ଣ ଘରୋଇ ମାଲିକାନାକୁ ଚାଲିଯିବ? ଏହା କୌଣସି ଦୁଇଟି ରାଜ୍ୟ ମଧ୍ୟରେ ଘଟିଥିବା ଘଟଣା ନୁହେଁ କିମ୍ବା ଦେଶଦେଶ ମଧ୍ୟରେ ଘଟିଥିବା ଘଟଣା ନୁହେଁ, ଯାହାର ସମାଧାନ ପାଇଁ ଆନ୍ତର୍ଜାତିକ ନ୍ୟାୟାଳୟ ପର୍ଯ୍ୟନ୍ତ କଥାଯିବ। ଏହା ଗୋଟିଏ ଜିଲ୍ଲାର ଏକ ନିର୍ଦ୍ଦିଷ୍ଟ ଗ୍ରାମାଞ୍ଚଳର କଥା। ପଞ୍ଜିକରଣ ସମୟରେ ଉକ୍ତ ଜମିରେ କେତେ ବୃକ୍ଷ, କେତେ ଜଳଉତ୍ସ, କେତେ ନିର୍ମାଣ ସବୁକଥା ସରକାରୀ ଅଧିକାରୀ ଯାଞ୍ଚ କରି ପଞ୍ଜିକରଣ କାର୍ଯ୍ୟ ସମ୍ପାଦନ କରିଥିବେ। ସେତେବେଳେ ଏସବୁ ନିର୍ମାଣକୁ ସେ ଅଣଦେଖା କଲେ କିପରି? ଖବରକାଗଜରେ ଏଭଳି ଏକ ଘଟଣା ପ୍ରକାଶ ପାଇ ଜନମାନସକୁ ଆନ୍ଦୋଳିତ କରୁଛି। ଆଶା କରାଯାଏ ସରକାର ସୁବିଚାର କରି ଉକ୍ତ ୧୦୦ଟି ଆଦିବାସୀ ପରିବାରଙ୍କୁ ନ୍ୟାୟ ପ୍ରଦାନ କରିବେ।

ସିଦ୍ଧଳ(ଜଗତସିଂହପୁର), ମୋ: ୯ ୯୩୭୪୫୦୫୪୦

# ନ୍ୟାୟ ଦେବ କିଏ?

**ଡ. ସ୍ୱାଧୀନ କୁମାର ଦାଶ**

ଓଡ଼ିଶାର ମୁଖ୍ୟମନ୍ତ୍ରୀ ନିକଟରେ ଦିଲ୍ଲୀଗସ୍ତ କାଳରେ ଦେଶର ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ ଓ ମାନ୍ୟଗଣ୍ୟ ବ୍ୟକ୍ତିଙ୍କୁ ଓଡ଼ିଶାର ଭବିଷ୍ୟତ କାର୍ଯ୍ୟ ସମ୍ବଳିତ ଏକ ପୁସ୍ତକ- 'ଓଡ଼ିଶା ଭିଜନ୍-୨୦୩୬' ପ୍ରଦାନ କରିଛନ୍ତି। ଏହି ସମୟରେ ବାଲେଶ୍ୱରରେ ଏକ ସ୍ପର୍ଶକାତର, ନିନ୍ଦନୀୟ ଘଟଣା ଘଟିଛି, ଯାହା ସାରା ଦେଶରେ ଚର୍ଚ୍ଚା ଓ ସମାଲୋଚନାର ଶିରୋନାମା ହୋଇ ଆମ ରାଜ୍ୟକୁ ନିନ୍ଦିତ କରିଛି। ରାଜ୍ୟର ଲବ୍ଧପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନ ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଅଧ୍ୟକ୍ଷଙ୍କ ପ୍ରକୋଷ୍ଠ ସମ୍ମୁଖରେ ଆତ୍ମାହୁତି ଉଦ୍ୟମ କରିଥିବା ଇଣ୍ଟିଗ୍ରେଟେଡ୍ ବି.ଇଡି ଦ୍ୱିତୀୟ ବର୍ଷର ଛାତ୍ରୀ ସୌମ୍ୟାଶ୍ରୀ ବିଶି ଜୀବନଯୁଦ୍ଧରେ ହାରିଯାଇ ଭୁବନେଶ୍ୱରରେ ଏମ୍ସରେ ଚିକିତ୍ସାଧୀନ ଅବସ୍ଥରେ ମୃତ୍ୟୁବରଣ କରିଛନ୍ତି। ଏପରି ଲୋମହର୍ଷଣକାରୀ ଘଟଣା ଛାତ୍ରଛାତ୍ରୀ, ଜନତା ଓ ବୁଦ୍ଧିଜୀବୀ ମହଲରେ ରାଜ୍ୟର ଆଇନ ଶୃଙ୍ଖଳା ପରିସ୍ଥିତି ଏବଂ ଶିକ୍ଷାନୁଷ୍ଠାନଗୁଡ଼ିକରେ ଘଟୁଥିବା ପରଦା ଆଢ଼ୁଆଳର ଚିତ୍ରକୁ ପ୍ରଦର୍ଶିତ କରୁଛି। ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଏହି ପ୍ରସଙ୍ଗରେ ରାଜ୍ୟପାଳଙ୍କ ହସ୍ତକ୍ଷେପ ଲୋଡ଼ିଛନ୍ତି। ବିରୋଧୀଦଳ ମୁଖ୍ୟ ସଚେତକ ତଥା ବିଧାୟିକା ଶ୍ରୀମତୀ ପ୍ରମିଳା ମଲ୍ଲିକଙ୍କ ନେତୃତ୍ୱରେ ବିଜେଡିର ତିନିଜଣିଆ ମହିଳା ଟିମ୍ ରାଷ୍ଟ୍ରପତିଙ୍କୁ ଭେଟି ଉଦ୍‌ବେଗ ପ୍ରକାଶ କରିବା ସହିତ ନ୍ୟାୟ ଦାବି କରିଛନ୍ତି। ରାଜ୍ୟର ଏକ ଉଜ୍ଜ୍ୱଳ ଭବିଷ୍ୟତ ଆତ୍ମାହୁତି କରି କ'ଣ ପ୍ରମାଣିତ କରିବାକୁ ଚାହୁଁଛି? ଏହି କଳୁଷିତ ନିନ୍ଦନୀୟ ଘଟଣା ପାଇଁ ଦାୟୀ ଯିଏ? ତା' ପ୍ରତି କି ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରାଯିବ? ତାହାର ଉତ୍ତର ସମୟ କହିବ।

ମଣିଷ ଯେତେବେଳେ ପାରିପାର୍ଶ୍ୱିକ ଅବ୍ୟବସ୍ଥା ଏବଂ ନିଜେ ଭୋଗୁଥିବା କିଛି ସମସ୍ୟାର ସମାଧାନ ନିମନ୍ତେ ଉଚ୍ଚ କର୍ତ୍ତୃପକ୍ଷ, ପ୍ରଶାସନ ଓ ଶାସନ ବ୍ୟବସ୍ଥା ନିକଟରେ ଆବେଦନ, ନିବେଦନ ଓ ଗୁହାରି କରି ପ୍ରତିକାର ପାଏ ନାହିଁ, ସେତେବେଳେ ସେ ନିଜର ବିଚାର ବ୍ୟବସ୍ଥାକୁ ଗ୍ରହଣ କରି ଭଗ୍ନ ମାନସିକତାରେ ନିଷ୍ପତ୍ତି ନିଏ। ତାହା ସୌମ୍ୟାଶ୍ରୀଙ୍କ କ୍ଷେତ୍ରରେ ପରିଲକ୍ଷିତ ହୋଇଛି। ଉଚ୍ଚଶିକ୍ଷା ନିମନ୍ତେ ଆସିଥିବା ଏହି ଛାତ୍ରୀଜଣଙ୍କ ସମ୍ମୁଖୀନ ହେଉଥିବା ନିର୍ଯାତନାର ପ୍ରତିକାର ପାଇଁ ଜୁଲାଇ ୧ରେ ରାଜ୍ୟର ମୁଖ୍ୟମନ୍ତ୍ରୀ, ବିଭାଗୀୟ ମନ୍ତ୍ରୀ, ଜିଲ୍ଲାପାଳ, ବିଧାୟକ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ପ୍ରମୁଖଙ୍କୁ ସାମାଜିକ ଗଣମାଧ୍ୟମ (ଏକ୍ସ)ରେ ନିବେଦନ କଲା ପରେ ମଧ୍ୟ ଫଳଶୂନ ଥିଲା। ଏଣୁ ସେ ଏପରି ଚରମ ନିଷ୍ପତ୍ତି ନେବାକୁ ବାଧ ହୋଇଥିଲେ। ଉଚ୍ଚଶିକ୍ଷା ନିର୍ଦ୍ଦେଶକ୍ରମେ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟମାନଙ୍କରେ ଗଠିତ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ସୌମ୍ୟାଶ୍ରୀଙ୍କ କ୍ଷେତ୍ରରେ ଧର୍ମକୁ ଆଖିଠାର ପରି ମନେ ହେଲା। ମହିଳାମାନଙ୍କୁ ସୁରକ୍ଷା ପ୍ରଦାନ କରି ସୁସ୍ଥ ସମାଜ ସ୍ଥାପନା ସରକାରଙ୍କର ମୁଖ୍ୟ ଦାୟିତ୍ୱ। କିନ୍ତୁ ରାଜ୍ୟ ସରକାରଙ୍କର ଆନ୍ତରିକତାହୀନ ଶାସନ ବ୍ୟବସ୍ଥା ସାରା ରାଜ୍ୟକୁ ନିନ୍ଦିତ କରିଛି।

ସମ୍ପ୍ରତି ନାରୀ ନିର୍ଯାତନା, ଶୋଷଣ, ଯୌନ ଉତ୍ପୀଡ଼ନ ଆଦି ଘଟଣା ଦିନକୁ ଦିନ ବଢ଼ିବାରେ ଲାଗିଛି। ଏପରିକି ଯୁକ୍ତରାଷ୍ଟ୍ର ଆମେରିକା ତା' ଦେଶର ନାଗରିକଙ୍କ ଉଦ୍ଦେଶ୍ୟରେ ଏକ ନିର୍ଦ୍ଦେଶନାମା ଜାରି କରି ଭାରତର କିଛି ରାଜ୍ୟକୁ ଯିବାକୁ ବାରଣ କରିଛି। ସେହି ରାଜ୍ୟମାନଙ୍କ ମଧ୍ୟରେ ଓଡ଼ିଶାର ନାମ ସ୍ଥାନିତ ହେବା ନିଶ୍ଚିତ ଭାବେ ଆମ ଢିଲା ଶାସନ ବ୍ୟବସ୍ଥା ଏବଂ ଆଇନ ଶୃଙ୍ଖଳାର ଅପାରଦର୍ଶିତାକୁ ପଦାରେ ପକାଇ ଦେଇଛି।

ବର୍ତ୍ତମାନ ରାଜ୍ୟ ସରକାର ନିର୍ବାଚନ ସମୟରେ ପୂର୍ବ ସରକାରଙ୍କର ଶାସନ ପରିଚାଳନାରେ ଅବ୍ୟବସ୍ଥା, ଓ ଅସ୍ମିତାର ଦ୍ୱାହି ଦେଇ କ୍ଷମତାକୁ ଆସିଥିଲେ। ମୁଖ୍ୟମନ୍ତ୍ରୀ ମଧ୍ୟ ଅନେକ ଥର ଆମ ସରକାର, ଲୋକଙ୍କର ସରକାର ଓ ଜନସାଧାରଣଙ୍କର ମୌଳିକ ସୁବିଧାକୁ ଅଗ୍ରାଧିକାର ଦେଇ ସୁଶାସନ ପ୍ରତିଶ୍ରୁତି ଦେଇଆସିଛନ୍ତି। କିନ୍ତୁ ସୌମ୍ୟାଶ୍ରୀଙ୍କ ଆତ୍ମାହୁତି ଘଟଣା, ଗୋପାଳପୁର ଦୁଷ୍କର୍ମ ଘଟଣା ଆଦି ସୂଚାଉଛି ଯେ ରାଜ୍ୟରେ ଆପରାଧିକ କାର୍ଯ୍ୟକଳାପ ଦିନକୁ ଦିନ ବଢ଼ିବାରେ ଲାଗିଛି। ମହାତ୍ମା ଗାନ୍ଧୀଙ୍କର 'ୟଙ୍ଗ୍ ଇଣ୍ଡିଆ'ରେ ୧୯୨୦ ମସିହାରେ ଲିଖିତ ଉକ୍ତି ଆଜି ୧୦୫ ବର୍ଷ ପରେ ମଧ୍ୟ ସେହି ସମାନ ପ୍ରଶ୍ନକୁ ତୋଳି ଧରୁଛି। ସେହି ଉକ୍ତିରେ ମହିଳାମାନଙ୍କର ସ୍ୱାବଲମ୍ବନଶୀଳତା, ଉଚ୍ଚଶିକ୍ଷିତା ଓ ନାରୀମାନଙ୍କର ଘରୁ ବାହାରି ବିଭିନ୍ନ ଦାୟିତ୍ୱ ନିର୍ବାହ କରିବାର କ୍ଷମତା ଆସିଲେ ହିଁ ଏକ ପ୍ରଗତିଶୀଳ ସମାଜ ଗଠନ କରିହେବ ବୋଲି ଯାହା ଉଲ୍ଲେଖ ହୋଇଥିଲା ତାହା ଆଜି ମଧ୍ୟ ପ୍ରଶ୍ନ ଘେରରେ। ଏହାଦ୍ୱାରା ଏକ ସୁ-ରାଷ୍ଟ୍ର ନିର୍ମାଣ ଏବଂ ସମାଜର ଭିତ୍ତିଭୂମି ସୁଦୃଢ଼ ହୋଇପାରିବ ନାହିଁ ଏହା ନିଶ୍ଚିତ।

ସୌମ୍ୟାଶ୍ରୀଙ୍କର ଘଟଣା ପରେ ଗାଁଗହଳିରୁ କୌଣସି ମହାବିଦ୍ୟାଳୟ, ବିଶ୍ୱବିଦ୍ୟାଳୟ କିମ୍ବା ଯେକୌଣସି ଶିକ୍ଷାନୁଷ୍ଠାନକୁ ଉଚ୍ଚଶିକ୍ଷା ନିମନ୍ତେ ଯାଉଥିବା ଝିଅଟିର ସୁରକ୍ଷା ସମ୍ବଳିତ ଅନେକ ପ୍ରଶ୍ନ ଓ ଭୟ ମନ ଭିତରେ ଉଠୁଛି। ଛାତ୍ରୀଟିର ଶିକ୍ଷା ଶେଷ ହେବା ଯାଏଁ ଅଭିଭାବକଟିଏ ମଧ୍ୟ ନିଶ୍ଚିନ୍ତ ହୋଇପାରୁନାହିଁ। ୧୯୬୪ ମସିହାରେ ଡ. ଡି ଏସ୍ କୋଠାରିଙ୍କ ଅଧ୍ୟକ୍ଷତାରେ ଗଠିତ ଜାତୀୟ ଶିକ୍ଷାନୀତି କମିଶନ୍ ଜୁନ୍ ୨୯, ୧୯୬୬ରେ ଯେଉଁ ରିପୋର୍ଟ ପ୍ରଦାନ କରିଥିଲେ, ସେଥିରେ ଶିକ୍ଷକଙ୍କ ଚଳଣି ଓ ଚରିତ୍ର ସଠିକ୍ ହେଲେ ହିଁ ଶିକ୍ଷା ବ୍ୟବସ୍ଥାରେ ସଂସ୍କାର ଆସିବ ଏବଂ ଅନେକ କୃତୀ ଛାତ୍ରଛାତ୍ରୀ ସୃଷ୍ଟି ହୋଇ ରାଷ୍ଟ୍ର ନିର୍ମାଣରେ ସହାୟକ ହେବେ ବୋଲି ଉଲ୍ଲେଖ ଥିଲା। ସରକାର ନିଜକୁ ରାଜନୀତିରୁ ଊର୍ଦ୍ଧ୍ୱରେ ରଖି ନିରପେକ୍ଷ ଭାବେ ଆଇନର ବ୍ୟବସ୍ଥା ଶୃଙ୍ଖଳିତ ଭାବେ କାର୍ଯ୍ୟକାରୀ କଲେ ଯାଇ ଏହା ସମ୍ଭବ ହୋଇପାରିବ।

ସୌମ୍ୟାଶ୍ରୀଙ୍କ ହୃଦୟ ବିଦାରକ ଘଟଣା ଉଚ୍ଚଶିକ୍ଷା କ୍ଷେତ୍ରରେ ଚାଲିଆସୁଥିବା ବହୁଦିନର ସମସ୍ୟାକୁ ଲୋକଲୋଚନକୁ ଆଣିପାରିଛି। ଅନେକ ଛାତ୍ରଛାତ୍ରୀ ଏପରି ପିଶାଚରୂପୀ ଶିକ୍ଷକଙ୍କ ଦ୍ୱାରା ନିର୍ଯାତିତ ହୋଇ ଶିକ୍ଷାରେ ଡୋରି ବାନ୍ଧି ଦେଉଛନ୍ତି ତ କେହି କେହି ପାରିବାରିକ ସମସ୍ୟାକୁ ଦୃଷ୍ଟିରେ ରଖି ସବୁକିଛି ନିରବରେ ସହି ଯାଉଛନ୍ତି। ଉଚ୍ଚ ପଦାଧିକାରୀଙ୍କୁ ଜଣାଇଲେ ଲାଭ କିଛି ହେଉନାହିଁ, ବରଂ ଆହୁରି ଆକ୍ରୋଶର ଶିକାର ହେବାକୁ ପଡୁଛି। ତେଣୁ କହିବେ କାହାକୁ, ଶୁଣିବ କିଏ?

ସରକାର ଏହି ସ୍ପର୍ଶକାତର ଘଟଣାକୁ ଗୁରୁତ୍ୱର ସହିତ ନେଇ ଶାସନ ବ୍ୟବସ୍ଥାକୁ ଶୃଙ୍ଖଳିତ କରିବାର ବେଳ ଆସିଛି। ସଂସ୍କାର ଓ ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରି ସୌମ୍ୟାଶ୍ରୀଙ୍କ ପରିବାରକୁ ଉପଯୁକ୍ତ ନ୍ୟାୟ ପ୍ରଦାନ କରିବା ଜରୁରୀ। ଏହି ଘଟଣା ପଛରେ ଥିବା କୁତ୍ସିତ ମାନସିକତାଧାରୀମାନଙ୍କୁ ଉଚିତ୍ ଦଣ୍ଡବିଧାନ କରାଯାଇ ପାରିଲେ ଆଗାମୀ ଦିନରେ ଶିକ୍ଷା ଭଳି ଏକ ପବିତ୍ର ଧର୍ମର ଗରିମା ବଜାୟ ରହିବ। ନ ହେଲେ ଦିନକୁ ଦିନ ଏଭଳି ଅଘଟଣମାନ ବଢ଼ି ବଢ଼ି ଶିକ୍ଷା ବ୍ୟବସ୍ଥାକୁ ଭିତରୁ ନଷ୍ଟଭ୍ରଷ୍ଟ କରିଦେବ। ଦିନ ଆସିବ ମଣିଷ ଗଢ଼ୁ ଗଢ଼ୁ ମାଙ୍କଡ଼ ଗଢ଼ିବା ସାର ହେବ। ଆଗାମୀ ଦିନମାନଙ୍କରେ ଛାତ୍ରଛାତ୍ରୀଙ୍କର ଅଭିଯୋଗକୁ ଗୁରୁତ୍ୱର ସହିତ ନେଇ ଏହା ତ୍ୱରିତ ସମାଧାନ କରିବା ନିହାତି ଆବଶ୍ୟକ। ନ ହେଲେ ଆଗାମୀ ଦିନରେ ସୌମ୍ୟାଶ୍ରୀଙ୍କ ପରି ଅନେକ ଛାତ୍ରଛାତ୍ରୀଙ୍କର ଭବିଷ୍ୟତ ମଉଳିଯିବା ସାର ହେବ। କିନ୍ତୁ ସବୁରି ଊର୍ଦ୍ଧ୍ୱରେ ଏବେ ପ୍ରଶ୍ନ ଉଠୁଛି ନ୍ୟାୟ ଦେବ କିଏ?

ଭୁବନେଶ୍ୱର, ମୋ: ୯ ୯୩୭୭୮୧୦୧୨

# ଭିତର ବେଢ଼ାରେ ଗୋପେଶ୍ୱର

**ସ୍ୱପ୍ନେଶ୍ୱର**

## ଲୋକକଥାରେ ଲୋକଦେବତା

ଦ୍ୱାପର ଯୁଗରେ ବୃନ୍ଦାବନରେ ଗୋପାଳକୃଷ୍ଣଙ୍କର ରାସଲୀଳା ଦିବ୍ୟଦର୍ଶନରୁ ଦେବତାମାନେ ମଧ୍ୟ ବଞ୍ଚିତ ହେଉଥିଲେ। କାରଣ ଲୀଳାସ୍ଥଳକୁ ଅନ୍ୟ ପୁରୁଷମାନଙ୍କର ପ୍ରବେଶ ନିଷେଧ ଥିଲା। ଦିନେ ଶ୍ରୀକୃଷ୍ଣଙ୍କର ଏହି ଦିବ୍ୟଲୀଳାର ପ୍ରତ୍ୟକ୍ଷ ଅନୁଭବ ପାଇଁ ଦେବ ଦେବ ମହାଦେବ ବୃନ୍ଦାବନରେ ପହଞ୍ଚିଲେ। ସେତେବେଳେ ଗୋପାଳକୃଷ୍ଣ ଗୋପୀମାନଙ୍କ ସହ ରାସଲୀଳାରେ ମଗ୍ନ ଥିଲେ। କେତେକ ଗୋପୀ ହାତରେ ବେତ ଧରି ଚାରିପଟେ ଜଗି ରହିଥିଲେ। ଶିବ ନିଜର ପରିଚୟ ଦେଇ ଭିତରକୁ ଯିବା ପାଇଁ ଅନୁରୋଧ କରିବା ପରେ ସେମାନେ କହିଲେ, 'ଏହି ଗୁପ୍ତ ରାସଲୀଳାରେ ଶ୍ରୀକୃଷ୍ଣ ଏକମାତ୍ର ପୁରୁଷ ଏବଂ ଅନ୍ୟ ସମସ୍ତେ ନାରୀ। ଆପଣ ଯଦି ଏହି ଲୀଳା ସଂଦର୍ଶନ କରିବା ପାଇଁ ଚାହୁଁଛନ୍ତି, ତା' ହେଲେ ଆପଣଙ୍କୁ ଏହି ମାନସ ସରୋବରରେ ସ୍ନାନ କରି ଗୋପୀରେ ରୂପାନ୍ତରିତ ହେବାକୁ ପଡ଼ିବ। ତା' ପରେ ଆପଣ ଭିତରକୁ ଯାଇ ରାସ ଲୀଳା ଦର୍ଶନର ସୌଭାଗ୍ୟ ପ୍ରାପ୍ତ ହେବେ।'

ଦେବ ଦେବ ମହାଦେବ ସେହି ଲୀଳା ଦର୍ଶନ କରିବା ପାଇଁ ଏତେମାତ୍ରାରେ ଆଗ୍ରହୀ ଥିଲେ ଯେ ସେ ସଙ୍ଗେସଙ୍ଗେ ସରୋବରରେ ସ୍ନାନ କରି ଗୋପୀସ୍ୱରୂପ ପ୍ରାପ୍ତ ହେଲେ। ତା' ପରେ ଗୋପୀମାନେ ତାଙ୍କୁ ରାସମଣ୍ଡଳରେ ପ୍ରବେଶ କରିବାର ଅନୁମତି ଦେଲେ। ସେଠାରେ ସେ ଗୋପୀଜନମୋହନ ଶ୍ରୀକୃଷ୍ଣଙ୍କର ଭୁବନମୋହନ ରୂପ ଲାବଣ୍ୟ ଦର୍ଶନ କରି ବିମୋହିତ ହେଲେ ଏବଂ ସେ ଦର୍ଶନର ସୌଭାଗ୍ୟ ଅର୍ଜନ କରିଥିବାରୁ ତାଙ୍କ ପଦ୍ମପାଦରେ ପ୍ରଣିପାତ କଲେ। ନାରୀ ସ୍ୱରୂପ ଧାରଣ କରିଥିଲେ ମଧ୍ୟ ଶ୍ରୀକୃଷ୍ଣ ତାଙ୍କୁ ପ୍ରଥମ ଦର୍ଶନରେ ଚିହ୍ନି ପାରିଲେ ଏବଂ ତଳୁ ଉଠାଇ ନେଇ ଆଲିଙ୍ଗନ କଲେ। ଶିବ ବୃନ୍ଦାବନର ସୌନ୍ଦର୍ଯ୍ୟ, ରାସଲୀଳାର ମାଧୁର୍ଯ୍ୟ ଓ ଶ୍ରୀକୃଷ୍ଣଙ୍କ ସାନିଧ୍ୟରେ ଏତେ ପରିମାଣରେ ପ୍ରଭାବିତ ହୋଇଥିଲେ ଯେ ଗୋପରେ ସେମାନଙ୍କ ସହ ବାସ କରିବା ପାଇଁ ଶ୍ରୀକୃଷ୍ଣଙ୍କର ଅନୁମତି ପ୍ରାର୍ଥନା କଲେ। ଶ୍ରୀକୃଷ୍ଣ ତଥାସ୍ତୁ କହି ଶିବଙ୍କ ଇଚ୍ଛା ପୂରଣ କଲେ। ଶିବ ଗୋପେଶ୍ୱର ମହାଦେବ ନାମ ଧାରଣ କରି ବୃନ୍ଦାବନରେ ବିରାଜମାନ କଲେ।

ଦ୍ୱାପର ଯୁଗପରେ ଶ୍ରୀକୃଷ୍ଣ କଳିଯୁଗରେ ଶ୍ରୀଜଗନ୍ନାଥ ନାମ ଗ୍ରହଣ କରି ନୀଳାଚଳରେ ଦାରୁବ୍ରହ୍ମରୂପେ ଆରାଧିତ ହେଲେ। ତେଣୁ ଗୋପେଶ୍ୱର ମହାଦେବ ମଧ୍ୟ ମହାପ୍ରଭୁଙ୍କ ସାନିଧ୍ୟରେ ନୀଳାଚଳରେ ବାସ କରିବା ପାଇଁ ତାଙ୍କୁ ପ୍ରାର୍ଥନା କଲେ। ମହାପ୍ରଭୁଙ୍କ ଅନୁମତି ପ୍ରାପ୍ତ ହୋଇ ସେ ଭିତର ବେଢ଼ାର ପଶ୍ଚିମ ପାର୍ଶ୍ୱରେ ଏକ ମନ୍ଦିରରେ ବିରାଜମାନ କଲେ। ଶ୍ରୀକୃଷ୍ଣ ଅପ୍ରକଟ ହେବା ପରେ ତାଙ୍କର ଜନ୍ମିତ ପିତାମାତା ବସୁଦେବ ଓ ଦେବକୀ ଏବଂ ପାଳିତ ପିତାମାତା ନନ୍ଦ ଓ ଯଶୋଦା ଦୁଃଖରେ ମ୍ରିୟମାଣ ହୋଇ ପଡ଼ିଥିଲେ। ତେଣୁ ଗୋପେଶ୍ୱର ମହାଦେବ ସେମାନଙ୍କୁ ସାଙ୍ଗରେ ଆଣିବା ସହ ମାତା ରୋହିଣୀ, ଭାଇ ବଳରାମ, ଉପନନ୍ଦ, ଉଗ୍ରସେନ, ଦାମ ଓ ସୁଦାମଙ୍କୁ ମଧ୍ୟ ସାଙ୍ଗରେ ନେଇ ଆସିଲେ। ସେମାନେ ସମସ୍ତେ ଗୋପେଶ୍ୱରଙ୍କ ସହ ତାଙ୍କ ମନ୍ଦିରରେ ବିରାଜମାନ କଲେ।

ଦେବ ଦେବ ମହାଦେବ ସଚରାଚର ଲିଙ୍ଗ ସ୍ୱରୂପରେ ଆରାଧିତ ହେଉଥିବା ବେଳେ ଏହି ମନ୍ଦିରରେ ପୂର୍ଣ୍ଣାବୟବ ଧାରଣ କରି ବିଜେ କରିଛନ୍ତି। ଚତୁର୍ଭୁଜ ଶିବଙ୍କ ମସ୍ତକରେ ଅର୍ଦ୍ଧଚନ୍ଦ୍ର ଶୋଭା ପାଉଛନ୍ତି ଏବଂ ଗଳା ଓ ବାହୁରେ ସର୍ପ ଭୂଷଣ ଧାରଣ କରିଛନ୍ତି। ସିଂହାସନରେ ତାଙ୍କ ସହ ଦେବୀ ପାର୍ବତୀ, ବଳରାମ, ବସୁଦେବ, ଦେବକୀ, ନନ୍ଦ, ଯଶୋଦା, ଉଗ୍ରସେନ, ଦାମ ଓ ସୁଦାମ ବିଗ୍ରହ ଆରାଧିତ ହେଉଛନ୍ତି। ଏଠାରେ ଶ୍ରୀକୃଷ୍ଣଙ୍କ ଜନ୍ମିତ ଓ ପାଳିତ ପିତାମାତା ବିରାଜମାନ କରୁଥିବାରୁ ସେମାନଙ୍କ ତତ୍ତ୍ୱାବଧାନରେ କୃଷ୍ଣ ଜନ୍ମୋତ୍ସବ ମହାସମାରୋହରେ ପାଳନ କରାଯାଏ। ଏହି ମନ୍ଦିରକୁ ସେବକମାନେ 'ମଣ୍ଡଣୀ ଘର' ବୋଲି କହନ୍ତି। ଅନବସର ପରେ ପଟି ଦିଅଁ ଏହି ମନ୍ଦିରରେ ଅବସ୍ଥାନ କରନ୍ତି। ଏହି ମନ୍ଦିରର ସେବକମାନଙ୍କୁ 'ମଣ୍ଡଣୀ ସେବକ' କୁହାଯାଏ। ସେମାନେ ଏହି ମନ୍ଦିରର ପୂଜାର୍ଚ୍ଚନା କରିବା ସହ ଚଳନ୍ତି ପ୍ରତିମାମାନେ ବିଜେ କରୁଥିବା ପାଲିଙ୍କି ବା ବିମାନର ମଣ୍ଡଣୀ କରନ୍ତି। ଦେବତାମାନଙ୍କ ମସ୍ତକ ଉପରେ ଚାନ୍ଦୁଆ ବାନ୍ଧନ୍ତି। ଗୁରୁବାର ଦିନ ମାଜଣା ମଣ୍ଡପରେ ଏବଂ ଜଳକ୍ରୀଡ଼ା ସମୟରେ ଜଳକ୍ରୀଡ଼ା ମଣ୍ଡପରେ ଚାନ୍ଦୁଆ ବାନ୍ଧନ୍ତି। ଦୁର୍ଗାମାଧବଙ୍କ ରଥ ଓ ରୁକ୍ମିଣୀ ହରଣ ବେଳେ ମଦନମୋହନଙ୍କ ରଥ ମଣ୍ଡଣୀ କରନ୍ତି। ଚନ୍ଦନ ଯାତ୍ରାରେ ଚନ୍ଦନ ଚକଡ଼ାରେ ପାଣିକୁଣ୍ଡରେ ପାଣି ଭର୍ତ୍ତି କରିବା କାମ ମଧ୍ୟ ସେହି ସେବକମାନେ କରିଥା'ନ୍ତି।

ମୋ: ୯ ୯୦୦୦୮ ୩୪୩୩

ସକାଳ
THE SAKALA

## ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଜୋରଦାର ହେବ ମାଓ ଅପରେସନ୍

# କନ୍ଧମାଳ, କଳାହାଣ୍ଡି, ରାୟଗଡ଼ାକୁ ଫୋକସ୍

**ଭୁବନେଶ୍ୱର,୧୫।୭(ସମିସ):** ଜୋରଦାର ହେବ ମାଓ ଅପରେସନ। ଘଞ୍ଚ ଜଙ୍ଗଲରେ ମାଓବାଦୀ ଲୁଚିଥିଲେ ସେମାନଙ୍କୁ ଖୋଜିବ ପୁଲିସର ଅତ୍ୟାଧୁନିକ ଡ୍ରୋନ। ଏହି ଡ୍ରୋନ୍ ଜଙ୍ଗଲ ଉପରେ ବୁଲି ମାଓବାଦୀଙ୍କ ଗତିବିଧି ଠାବ କରି ତୁରନ୍ତ ସିଗ୍ନାଲ ମନିଟରିଂ କରୁଥିବା ଅଧିକାରୀଙ୍କ ନିକଟକୁ ପଠାଇ ଦେବେ। ଏହାପରେ ସୁରକ୍ଷାକର୍ମୀ ଜଙ୍ଗଲରେ ପଶି କୁମ୍ବିଂ ଅପରେସନ୍‌କୁ ଜୋରଦାର କରିବେ। ଆହୁରି ମଧ୍ୟ ସାଇଲାଇଟ୍ ଇମେଜ୍ ମାଧ୍ୟମରେ ସେମାନଙ୍କୁ ଠାବ କରାଯିବ। ସେହିପରି ମାଓବାଦୀଙ୍କ ଲ୍ୟାଣ୍ଡମାଇନ୍‌କୁ ଠାବ କରିବ ପୁଲିସର ଅତ୍ୟାଧୁନିକ ମେସିନ୍। ଯାହା ସୁରକ୍ଷାକର୍ମୀ ଜଙ୍ଗଲ ଭିତରକୁ ପ୍ରବେଶ ପୂର୍ବରୁ ଏହି ମେସିନ୍ ସହାୟତାରେ ପୋତା ଯାଇଥିବା ଲ୍ୟାଣ୍ଡମାଇନ୍‌କୁ ଠାବ କରାଯିବ। ବିଶେଷ କରି କନ୍ଧମାଳ, କଳାହାଣ୍ଡି, ରାୟଗଡ଼ ଜିଲ୍ଲାକୁ ଅଧିକ ଫୋକସ୍ ଦିଆଯିବ। ଆଜି ମାଓ ସମୀକ୍ଷା ବେଳେ ଏପରି ସୂଚନା ଦେଇଛନ୍ତି ଏଡ଼ିଜି ସଞ୍ଜୀବ ପଣ୍ଡା ।



ସେ କହିଛନ୍ତି ଯେ ଛତିଶଗଡ଼ରେ ମାଓ ଅପରେସନ ପରେ ଏବେ ସୀମାବର୍ତ୍ତୀ ଜିଲ୍ଲାଗୁଡ଼ିକରେ ଟେନସନ ରହିଛି। କଳାହାଣ୍ଡି, କନ୍ଧମାଳ, ବୌଦ୍ଧ, ନୂଆପଡା ଆଦି ଜିଲ୍ଲାରେ ବଢିଛି ନକ୍ସଲଙ୍କ ଉପଦ୍ରବ। ଜିଲ୍ଲା ଗୁଡିକରେ ଏସ୍‌ଓଜି, ଏସ୍‌ଆଇଡବ୍ଲ୍ୟୁରେ ମିଳିତ ଅପରେସନକୁ ଜୋରଦାର କରିବା ନେଇ ବ୍ଲୁ ପ୍ରିଣ୍ଟ ପ୍ରସ୍ତୁତ ହୋଇଛି।

ନକ୍ସଲ ଉପସ୍ଥିତି ନେଇ ସୂଚନା ଦେବା ପାଇଁ ଖୁବଶୀଘ୍ର ଟୋଲ ଫ୍ରି ନମ୍ବର ଜାରି ହେବ। ଖବରଦାତାଙ୍କୁ ପୁରସ୍କାର ମଧ୍ୟ ମିଳିବାର ଯୋଜନା କରାଯାଉଛି। ୨୦୨୬ ସୁଦ୍ଧା ଓଡିଶାକୁ ମାଓମୁକ୍ତ କରିବା ପାଇଁ ସରକାରଙ୍କ ନିର୍ଦ୍ଦେଶରେ ଆକ୍ସନ ପ୍ଲାନ ତିଆରି ହେଉଥିବା ବେଳେ ପୁନର୍ବାସ ଯୋଜନାରେ ସାମିଲ ହୋଇ ଶିକ୍ଷା, ସ୍ୱାସ୍ଥ୍ୟ, ଗମନାଗମନ ରେ ଉନ୍ନତି ଆଣିବା ପାଇଁ ଅପିଲ କରିଛନ୍ତି ଏଡ଼ିଜି ଶ୍ରୀ ପଣ୍ଡା।

# ବ୍ୟକ୍ତିଗତ ଅଭିଯୋଗର ସମାଧାନ ପାଇଁ ରୁଜୁ ଆବେଦନ ପିଆଇଏଲ ଭାବେ ଗ୍ରହଣଯୋଗ୍ୟ ନୁହେଁ: ହାଇକୋର୍ଟ

କଟକ, ୧୫।୭(ସମିସ): ବ୍ୟକ୍ତିଗତ ବିବାଦ କିମ୍ବା ଅଭିଯୋଗର ସମାଧାନ ନିମନ୍ତେ ଜନସ୍ୱାର୍ଥ ମାମଲାକୁ ଗ୍ରହଣ କରାଯାଇପାରିବ ନାହିଁ । ଯେଉଁ ଆବେଦନ ବା ରିଟ୍ ପିଟିସନ୍‌ରେ ଆବଶ୍ୟକ ସୂଚନାର ଅଭାବ ଥାଏ ତଥା ନାଗରିକଙ୍କ ମୌଳିକ ଅଧିକାରକୁ ଉଲ୍ଲଂଘନ ହେବା ଭଳି କିଛି ତଥ୍ୟ ନ ଥାଏ, ସେହି କ୍ଷେତ୍ରରେ ଅଦାଲତ ଏହାକୁ ଜନସ୍ୱାର୍ଥ ମାମଲା(ପିଆଇଏଲ) ଭାବେ ଉତ୍ସାହିତ କରିବା ଅନୁଚିତ ବୋଲି ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ସେକ ଅମଜାତଙ୍କ ପକ୍ଷରୁ ପିଆଇଏଲ ଭାବେ ରୁଜୁ ଏକ ଆବେଦନକୁ ଖାରଜ କରି ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ୍ ଏମ.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ରାୟ ପ୍ରକାଶ କରିଛନ୍ତି।

ବରଗଡ଼ ଜିଲ୍ଲା ଅତାବିରା ଥାନା ଗୋଡ଼ଭାଗା ମୌଜାରେ ଥିବା ୫ ନମ୍ବର ପ୍ରତିପକ୍ଷଙ୍କ ଏକ ପ୍ଲଟରୁ ମୋବାଇଲ୍ ଟାୱାରକୁ କାହିଁକି ହଟାଯିବ ନାହିଁ, ସେ ବିଷୟରେ ପ୍ରତିପକ୍ଷଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରାଯାଉ ଓ ଉପରୋକ୍ତ ଜମିରୁ ମୋବାଇଲ୍ ଟାୱାର ହଟାଇବା ପାଇଁ ନିର୍ଦ୍ଦେଶ ପ୍ରଦାନ ପାଇଁ ପ୍ରାର୍ଥନା କରି ଏହି ଜନସ୍ୱାର୍ଥ ମାମଲା ରୁଜୁ ହୋଇଥିଲା। ମୋବାଇଲ୍ ଟାୱାର ସ୍ଥାପନ ସ୍ୱାସ୍ଥ୍ୟ ଉପରେ କିପରି ପ୍ରଭାବ ପକାଇବ ସେ ସମ୍ପର୍କିତ ତଥ୍ୟ ଉଲ୍ଲେଖ ନ ଥିବା ବେଳେ ଏହା କେବଳ ଆବେଦନକାରୀଙ୍କ ବାସସ୍ଥାନ ନିକଟରେ ରହିଥିବା ହେତୁ ବ୍ୟକ୍ତିଗତ ବିବାଦ ଅନ୍ତର୍ଭୁକ୍ତ ଥିବା ଶୁଣାଣି ବେଳେ ସ୍ପଷ୍ଟ ହୋଇଥିଲା। ଯଦି ଅଦାଲତ କୌଣସି କର୍ତ୍ତୃପକ୍ଷଙ୍କୁ କିଛି କାର୍ଯ୍ୟ କରିବାକୁ ନିର୍ଦ୍ଦେଶ ଦେଇଥିବେ ଓ ଏହାକୁ ଅନୁପାଳନ କ୍ଷେତ୍ରରେ କର୍ତ୍ତୃପକ୍ଷଙ୍କ ନିଷ୍କ୍ରିୟତା ପାଇଁ ଆଉ ଏକ ଜନସ୍ୱାର୍ଥ ମାମଲା ଦାୟର କରାଯାଇପାରିବନାହିଁ। ଏଭଳି କ୍ଷେତ୍ରରେ ଜଣେ ଆଇନ ଅନୁସାରେ ଉପଯୁକ୍ତ ଫୋରମର ଦ୍ୱାରସ୍ଥ ହୋଇପାରିବେ ବୋଲି କହିଛନ୍ତି ଖଣ୍ଡପୀଠ।

## ଅବଶିଷ୍ଟାଂଶ

### କ୍ରୋଧରେ ଜଳୁଛି...

ମାଲକାନଗିରିରୁ ଭୁବନେଶ୍ୱର ଯାଏଁ ପ୍ରତିବାଦର ନିଆଁ ଜଳିଛି। ମୁଖ୍ୟମନ୍ତ୍ରୀଙ୍କ, ଶିକ୍ଷାମନ୍ତ୍ରୀ, ବାଲେଶ୍ୱର ସାଂସଦଙ୍କ କୁଶପୁତ୍ତଳିକା ଦାହ କରି ଛାତ୍ର, ନାଗରିକ ସମାଜ ନିଜର କ୍ରୋଧ ଏବଂ ଅସନ୍ତୋଷ ଜାହିର କରିଛନ୍ତି। ଘଟଣାର ପ୍ରତିବାଦରେ ଆସନ୍ତାକାଲି ବିଜେଡି ବାଲେଶ୍ୱର ବନ୍ଦ ଡ଼ାକରା ଦେଇଛି, ୧୭ ତାରିଖରେ କଂଗ୍ରେସ ଓଡ଼ିଶା ବନ୍ଦ କରିବାକୁ ଘୋଷଣା କରିଛି ।

ସୋମବାର ବିଳମ୍ବିତ ରାତିରେ ସୌମ୍ୟାଶ୍ରୀଙ୍କ ମୃତ୍ୟୁ ସଂକ୍ରାନ୍ତ ବୁଲେଟିନ୍ ଏମ୍ସ କର୍ତ୍ତୃପକ୍ଷ ଜାରି କରିବା ପରଠାରୁ ଗୋଟିଏ ପରେ ଗୋଟିଏ ସନ୍ଦେହ ଦାନା ବାନ୍ଧିବାରେ ଲାଗିଛି। ସୌମ୍ୟାଶ୍ରୀଙ୍କ ପ୍ରତି ହୋଇଥିବା ଅବିଚାର, ଏହାକୁ ଲୁଚାଇବାକୁ ବିଫଳ ସରକାରୀ ପ୍ରଚେଷ୍ଟା, ତରବରିଆ ଭାବରେ ରାତିରେ ଶବ ବ୍ୟବଚ୍ଛେଦ, ପୁଲିସକୁ ବ୍ୟବହାର କରି ରାତାରାତି ସୌମ୍ୟାଶ୍ରୀଙ୍କ ମର ଶରୀରକୁ ତାଙ୍କ ଗାଁକୁ ପଠାଇବା ଘଟଣା ବିଫଳ ସରକାରୀ ବ୍ୟବସ୍ଥାକୁ ଖିନ୍‌ଭିନ୍ କରିଦେଇଛି । ସରକାରଙ୍କ କାର୍ଯ୍ୟକଳାପ ଏବଂ ପଦକ୍ଷେପ ସାଧାରଣରେ ଅସମାହିତ ପ୍ରଶ୍ନକୁ ଜନ୍ମ ଦେଇଛି। ସୌମ୍ୟାଶ୍ରୀଙ୍କ ଆତ୍ମଦାହ ପରଠାରୁ ରାଜ୍ୟବାସୀଙ୍କ ରୋଷ ଆହୁରି ତୀବ୍ର ହୋଇଛି । ଦିଲ୍ଲୀରୁ ଭୁବନେଶ୍ୱର ଯାଏଁ ଏପରି ସ୍ପର୍ଶକାତର ଘଟଣାକୁ ନେଇ ଉଦବେଗ ପ୍ରକାଶ ପାଇବା ସହ ସମ୍ବେଦନହୀନ ସରକାର ଏବଂ ପ୍ରଶାସନକୁ କଡ଼ା ସମାଲୋଚନା କରାଯାଉଛି। ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ, ପ୍ରିୟଙ୍କା ଗାନ୍ଧୀ ପର୍ଯ୍ୟନ୍ତ ଘଟଣାକୁ ନେଇ ସାମାଜିକ ଗଣମାଧ୍ୟମରେ ସରକାରଙ୍କ ବିରୋଧରେ ବର୍ଷିଥିବା ବେଳେ ବିରୋଧୀ ବିଜେଡି ପକ୍ଷରୁ ରାଜ୍ୟବ୍ୟାପୀ ବିକ୍ଷୋଭ, ପ୍ରତିବାଦ କରାଯାଇଛି। ଦଳ ପକ୍ଷରୁ ହାଇକୋର୍ଟ ବିଚାରପତିଙ୍କୁ ତଦନ୍ତ ଦାୟିତ୍ୱ ଦେବାକୁ ଦାବି ଉଠିଛି ।

ସୋମବାର ବିଳମ୍ବିତ ରାତିରେ ଲୁଚାଛୁପା ଭାବେ ସୌମ୍ୟାଶ୍ରୀଙ୍କ ଶବ ବ୍ୟବଚ୍ଛେଦ କରି ଶବ ସଂସ୍କାର କରିବାକୁ ଉଦ୍ୟମ କରୁଥିବା ରାଜ୍ୟ ସରକାରଙ୍କ ଉଦ୍ୟମକୁ ବିଭିନ୍ନ ଛାତ୍ର ସଂଗଠନର ନେତା ପଣ୍ଡ କରି ଦେଇଥିଲେ। ଏମ୍ସ ପରିସରରେ ଛାତ୍ରନେତାଙ୍କ ଦୁର୍ବାର ବିରୋଧ କାରଣରୁ ଶେଷରେ ସରକାର ସୌମ୍ୟାଶ୍ରୀଙ୍କୁ ତାଙ୍କ ଗାଁକୁ ନେଇ ଶବ ସଂସ୍କାର କରିବାକୁ ଏକ ପ୍ରକାର ବାଧ୍ୟ ହୋଇଛନ୍ତି। ରାଜ୍ୟବ୍ୟାପୀ ଛାତ୍ର ସଂଗଠନ, ସାମାଜିକ ସଂଗଠନ, ନାଗରିକ ସଂଗଠନ, ରାଜନୈତିକ ଦଳ ରାଜରାସ୍ତାକୁ ଓହ୍ଲାଇଛନ୍ତି। ସରକାରଙ୍କ ବେପରୁଆ ମନୋଭାବ, ଦାୟିତ୍ୱହୀନତା ସର୍ବୋପରି କାପୁରୁଷତାକୁ ନେଇ ମାଳ ମାଳ ପ୍ରଶ୍ନ କରିବା ସହ ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷାମନ୍ତ୍ରୀଙ୍କ କୁଶ ପୁତ୍ତଳିକା ଦାହ କରିଛନ୍ତି। ଶାସକ ଦଳର ଛାତ୍ର ସଙ୍ଗଠନ ସରକାର ନିଜ ଛାତ୍ର ସଂଗଠନର ଜଣେ ନେତରୀଙ୍କ ସୁରକ୍ଷା ଦେଇପାରିଲେ ନାହିଁ। ତାହେଲେ ଏ ସରକାର କାହାକୁ ସୁରକ୍ଷା ଦେବେ ବୋଲି ସାଧାରଣ ଲୋକେ ପ୍ରଶ୍ନ କରୁଛନ୍ତି। ରାଜ୍ୟରେ ଦୈନିକ ୧୫ଟି ଦୁଷ୍କର୍ମ ଘଟୁଛି। ପର୍ଯ୍ୟଟନସ୍ଥଳୀଠାରୁ ଶିକ୍ଷାନୁଷ୍ଠାନ ପର୍ଯ୍ୟନ୍ତ କେଉଁଠି ବି ମହିଳା, ଛାତ୍ରୀ ସୁରକ୍ଷିତ ନୁହନ୍ତି। ସରକାର କୋଉଠି ବୋଲି ରାଜ୍ୟବାସୀଙ୍କ ମଧ୍ୟରେ ପ୍ରତିକ୍ରିୟା ପ୍ରକାଶ ପାଇଛି।

### ଏକ ସଂଗଠିତ...

ଏହାର ଉତ୍ତର ଚାହେଁ ଓ ଭାରତର ଝିଅମାନେ ସୁରକ୍ଷା ଏବଂ ନ୍ୟାୟ ଚାହାଁନ୍ତି ବୋଲି ରାହୁଲ୍ କହିଛନ୍ତି।

ସେହିପରି କଂଗ୍ରେସ ମହାସଚିବ ପ୍ରିୟଙ୍କା ଗାନ୍ଧୀ ଏହି ପ୍ରଧାନମନ୍ତ୍ରୀଙ୍କୁ ଟାର୍ଗେଟ୍ କରିଛନ୍ତି। ସେ ଏକ୍ସରେ ଉଲ୍ଲେଖ କରିଛନ୍ତି ଯେ ନ୍ୟାୟ ପାଇଁ ଲଢ଼ିବା ସମୟରେ ଓଡ଼ିଶାର ଆଉ ଏକ ଝିଅ ପ୍ରାଣ ହରାଇଲା। ସେ ତାଙ୍କ ଉପରେ ହୋଇଥିବା ଅତ୍ୟାଚାର ବିରୋଧରେ ସ୍ୱର ଉଠାଇଥିଲେ। ନ୍ୟାୟ ପାଇବା ପରିବର୍ତ୍ତେ ତାଙ୍କୁ ଅପମାନ ଏବଂ ହଇରାଣ କରାଗଲା। ଫଳରେ ସେ ଆତ୍ମାହୁତି ଦେବାକୁ ବାଧ୍ୟ ହେଲେ। ଦିଲ୍ଲୀରୁ ୟୁପି, ମଣିପୁରରୁ ଓଡ଼ିଶା, ବିଜେପି କେବଳ ଅଭିଯୁକ୍ତଙ୍କ ସହିତ ଠିଆ ହେବା ଏବଂ ପୀଡିତାଙ୍କୁ ହଇରାଣ କରିବା ଏବଂ ନ୍ୟାୟରେ ବାଧା ସୃଷ୍ଟି କରିବା ପାଇଁ ରହିଛି କି ବୋଲି ପ୍ରିୟଙ୍କା ପ୍ରଶ୍ନ କରିଛନ୍ତି।

କଂଗ୍ରେସ ନେତା ଜୟରାମ ରମେଶ ମଧ୍ୟ ସରକାରଙ୍କ ଉପରେ ବର୍ଷିବା ସହ ବିଜେପିର ପଚାସଢ଼ା ବ୍ୟବସ୍ଥା ତାଙ୍କୁ ଆତ୍ମାହୁତି ଦେବାକୁ ବାଧ୍ୟ କରିଛି ବୋଲି କହିଛନ୍ତି। ବିଜେପି ସରକାରରେ ଅପରାଧର ଶିକାର ହୋଇଥିବା ମହିଳାମାନଙ୍କୁ ଶୁଣିବା ପାଇଁ କେହି ନାହାନ୍ତି। ଏହା ବ୍ୟତୀତ ଯେଉଁମାନଙ୍କ କାନ୍ଧରେ ସୁରକ୍ଷାର ଦାୟିତ୍ୱ ଥିଲା ସେମାନେ ଆଜି ଅତ୍ୟାଚାରୀଙ୍କ ସହିତ ହାତ ମିଳାଇ ଠିଆ ହୋଇଛନ୍ତି ବୋଲି ଜୟରାମ କହିଛନ୍ତି। ଏହି ନେତାମାନଙ୍କ ସହ ଏଆଇସିସି ସଂଗଠନ ସମ୍ପାଦକ କେସି ବେଣୁଗୋପାଳ ଓଡ଼ିଶା ପିସିସି ପ୍ରଭାରୀ ଅଜୟ କୁମାର ଲଲ୍ଲୁ ମଧ୍ୟ ଏକ୍ସ ଯୋଗେ ନିଜର ପ୍ରତିକ୍ରିୟା ଦେଇ ଡବଲ ଇଂଜିନ ସରକାର ଉପରେ ବର୍ଷିଛନ୍ତି।

### ଯୋଜନାବଦ୍ଧ ଅନ୍ୟାୟ...

ମର୍ମାହତ। ଏପରି ସମୟକୁ ସାମ୍ନା କରିବା ପାଇଁ ମହାପ୍ରଭୁ ପରିବାର ଲୋକଙ୍କୁ ଅସୀମ ଧୈର୍ଯ୍ୟ ଦିଅନ୍ତୁ। ମନକୁ ଏହା ଅଧିକ ବିଚଳିତ କରୁଛି ଯେ, କିପରି ଗୋଟେ ବିଫଳ ବ୍ୟବସ୍ଥା ଜଣଙ୍କ ଜୀବନ ନେଇଯାଇପାରେ। ସବୁଠୁ କଷ୍ଟଦାୟକ ହେଉଛି, ଏହା କୌଣସି ଦୁର୍ଘଟଣା ନୁହେଁ, ବରଂ ଏପରି ଏକ ବ୍ୟବସ୍ଥାର ଫଳ; ଯାହା ସାହାଯ୍ୟ କରିବା ବଦଳରେ ଚୁପ୍ ରହିଲା। ନ୍ୟାୟ ପାଇବାକୁ ସଂଗ୍ରାମ କରି କରି ଶେଷରେ ଝିଅଟି ଆଖି ବୁଜିଦେଲା। ସେ ଅତି ସାହସିକତାର ସହ ତା' ସହିତ ଘଟିଥିବା ଯୌନ ନିର୍ଯାତନା ବିଷୟରେ କଲେଜ ଅଧ୍ୟକ୍ଷଙ୍କୁ ଚିଠି ଲେଖି ଅବଗତ କରିଥିଲା। କଲେଜ ପଦାଧିକାରୀଙ୍କ ଦ୍ୱାରା ଅଣଦେଖା ହେବା ପରେ ସେ ଅଟକି ଯାଇ ନଥିଲା। ନ୍ୟାୟ ପାଇବାକୁ ସେ ଉଚ୍ଚଶିକ୍ଷା ମନ୍ତ୍ରୀ, ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ଓ ଜଣେ କେନ୍ଦ୍ରମନ୍ତ୍ରୀଙ୍କୁ ଜଣାଇଥିଲା। ଏପରି କି ବାଲେଶ୍ୱର ସାଂସଦଙ୍କୁ ମଧ୍ୟ ବ୍ୟକ୍ତିଗତ ଭାବେ ଭେଟି ନିଜ ଦୁଃଖ ବିଷୟରେ କହିଥିଲା। ଜଣେ କେହି ବି ଯଦି ଉତ୍ତରଦାୟିତ୍ୱ ନେଇ ବ୍ୟକ୍ତିଗତ ଭାବେ ଏଥିରେ ହସ୍ତକ୍ଷେପ କରିଥାନ୍ତେ; ତେବେ ହୁଏତ ଝିଅଟିର ଜୀବନ ବଞ୍ଚିଯାଇଥାନ୍ତା। ସେ କେବଳ ଶାରୀରିକ ଆଘାତ ପାଇ ପ୍ରାଣ ହରାଇ ନାହିଁ, ବରଂ ରାଜ୍ୟ ସରକାରଙ୍କ ଅଣଦେଖା ପାଇଁ; ଯାହା ତାଙ୍କୁ ନିଜ ସଂଗ୍ରାମରେ ଏକାକୀ ଛାଡ଼ି ଦେଇଥିଲା। ପୁରା ଘଟଣାକ୍ରମରୁ ଜଣାପଡୁଛି, ଏହା ଆନୁଷ୍ଠାନିକ ବିଶ୍ୱାସଘାତକତାରୁ କିଛି କମ୍ ନୁହେଁ; ଯାହା ଏକ ଯୋଜନାବଦ୍ଧ ଅନ୍ୟାୟ। ମୁଁ ପୁଣିଥରେ ରାଜ୍ୟପାଳଙ୍କୁ ଅନୁରୋଧ କରୁଛି, ସେ ଏହା ସୁନିଶ୍ଚିତ କରନ୍ତୁ ଯେ, ନା କେବଳ କଲେଜ କର୍ତ୍ତୃପକ୍ଷ ବରଂ କ୍ଷମତାରେ ଥିବା ବ୍ୟକ୍ତିମାନେ ମଧ୍ୟ ଉତ୍ତରଦାୟୀ ହୁଅନ୍ତୁ; ଯେଉଁମାନେ ପୀଡ଼ିତାଙ୍କ ଆକୁଳ ଗୁହାରି ପରେ ବି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କଲେ ନାହିଁ। ପୀଡ଼ିତାଙ୍କ ଆତ୍ମାର ଆତ୍ମାର ସଦଗତି ହେଉ। ପ୍ରଭୁ ଜଗନ୍ନାଥଙ୍କ ନିକଟରେ ମୁଁ ପୁଣିଥରେ ପ୍ରାର୍ଥନା କରୁଛି, ଏହି ଦାରୁଣ ଦୁଃଖକୁ ସାମ୍ନା କରିବା ପାଇଁ ସେ ପରିବାର ସଦସ୍ୟମାନଙ୍କୁ ଶକ୍ତି ଏବଂ ସାହସ ଦିଅନ୍ତୁ ବୋଲି ନବୀନ କହିଛନ୍ତି।

### ମହାକାଶରୁ ଫେରିଲେ...

ପରିବାରରେ ଖୁସିର ଲହରୀ ଖେଳି ଯାଇଛି। ମାଆ ଆଶା ଶୁକ୍ଳା ଖୁସିରେ କାନ୍ଦି ପକାଇଛନ୍ତି। ପୁଅର ସକୁଶଳ ଯାତ୍ରା ପାଇଁ ସେ ଈଶ୍ୱରଙ୍କୁ ଧନ୍ୟବାଦ ଦେଇଛନ୍ତି।

ଦିନକ ତଳେ ସୋମବାର ସନ୍ଧ୍ୟା ୪ଟା ୪୫ରେ ଏହି ଚାରି ମହାକାଶଚାରୀ ଆଇଏସଏସ ଛାଡ଼ି ପୃଥିବୀ ଅଭିମୁଖେ ବାହାରି ଥିଲେ। ଏଠାରେ ରହଣୀ କାଳରେ ଶୁଭାଂଶୁ ୬୦ରୁ ଅଧିକ ବୈଜ୍ଞାନିକ ପରୀକ୍ଷଣରେ ସାମିଲ ହୋଇଥିଲେ। ଏଥିରେ ଭାରତର ୭ଟି ପରୀକ୍ଷଣ ସାମିଲ ଥିଲା। ସେ ମେଥି ଏବଂ ମୁଗ ଚାରା ଅଙ୍କୁରିତ କରିବାରେ ସଫଳ ହୋଇଥିଲେ। ମହାକାଶରେ ହାଡ଼ ଯତ୍ନ ଉପରେ ମଧ୍ୟ ପରୀକ୍ଷଣ କରିଥିଲେ। ସେ ଗତ ୨୮ ତାରିଖରେ ମୋଦୀଙ୍କ ସହ ମଧ୍ୟ କଥା ହୋଇଥିଲେ। ଆଜି ୩ଟା ୨ରେ ସ୍ପେସ୍‌ଏକ୍ସ ଯାନ ପ୍ରଶାନ୍ତ ମହାସାଗରରେ ଅବତରଣ କରିଥିଲା। ଏହା ପରେ ସ୍ପେସ୍ ଏକ୍ସ ଏବଂ ଅକ୍ସିଅମ ସ୍ପେସ ରିକଭରି କ୍ରୁଙ୍କ ବୋଟ୍ ଅବତରଣ ସ୍ଥଳରେ ପହଞ୍ଚି ଥିଲେ। ଏହି ଟିମ୍ ପ୍ରଥମେ ଗ୍ରେସ ଆଖପାଖରୁ ବିଷାକ୍ତ ଗ୍ୟାସ୍ ନିର୍ଗତ ହେଉଛି କି ନାହିଁ ଅନୁଧ୍ୟାନ କରିଥିଲେ। ପିପିପି କିଟ୍ ପିନ୍ଧି ଏହି ଦଳ ୩ଟା ୧୫ରେ କ୍ୟାପ୍‌ସୁଲକୁ ଟାଣି ଟାଣି ବୋଟ୍‌କୁ ଆଣିଥିଲେ। ସୁରକ୍ଷା ଯାଞ୍ଚ କରିବା ପରେ ୩ଟା ୪୧ ମହାକାଶଚାରୀଙ୍କୁ ବାହାରକୁ ବାହାର କରିବା ପାଇଁ ପ୍ରସ୍ତୁତି କରିଥିଲେ। ୩ଟା ୪୯ରେ ମିଶନ କମାଣ୍ଡର ପେଗି ହ୍ୱିଟ୍‌ସନ୍ ହସି ହସି ପ୍ରଥମେ କ୍ୟାପ୍‌ସୁଲ ବାହାରକୁ ଆସିଥିଲେ। ଆଉ କିଛି ମିନିଟ ମଧ୍ୟରେ ୩ଟା ୫୨ରେ ଶୁଭାଂଶୁ, ବିଶେଷଜ୍ଞ ସ୍ଲାଓସ୍‌ଜ ଉଜନାନସ୍କି ଏବଂ ଟିବୋର କାପୁ ବାହାରକୁ ଆସିଥିଲେ। ସମସ୍ତେ ଏବେ ସୁରକ୍ଷିତ ଅଛନ୍ତି।

ଏହି ଅକ୍ସିଅମ-୪ ଅଭିଯାନ ପାଇଁ ଭାରତ ୭୦ ମିଲିୟନ ଡଲାର ଖର୍ଚ୍ଚ କରିଛି। ୪୩୩ ଘଣ୍ଟା, ୧୮ ଦିନ ଏବଂ ପୃଥିବୀ ଚାରିପଟେ ୨୮୮ ଥର ପରିକ୍ରମାରେ ୧୨.୨ ନିୟୁତ କିମି ଅତିକ୍ରମ କରି ମହାକାଶଚାରୀ ପୃଥିବୀ ଫେରିଛନ୍ତି। ଏହି ଅଭିଯାନରେ ମହାକାଶରୁ ବିଭିନ୍ନ ପରୀକ୍ଷଣ ତଥ୍ୟ ଧରି ଯାନ ଫେରିଛି। ଏହା କେବଳ ବୈଜ୍ଞାନିକ ସଫଳତା ନୁହେଁ, ବରଂ ଭାରତ, ପୋଲାଣ୍ଡ ଏବଂ ହଙ୍ଗେରୀ ଲାଗି ଏକ ଐତିହାସିକ ମାଇଲ ଖୁଣ୍ଟ ସାବ୍ୟସ୍ତ ହୋଇଛି।

### ବଢ଼ିବ ତଦନ୍ତ...

ଗଣମାଧ୍ୟମ ପ୍ରତିନିଧିଙ୍କୁ ସୂଚନା ଦେଇ ସେ କହିଛନ୍ତି ଯେ ଯେଉଁମାନେ କର୍ତ୍ତବ୍ୟରେ ଅବହେଳା କରିଛନ୍ତି, ଯେଉଁଥିପାଇଁ ଏଭଳି ଅଭାବନୀୟ ଘଟଣା ଘଟିଲା, ସେମାନଙ୍କୁ ମଧ୍ୟ ଠାବ କରାଯିବ। ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଗତ ୧୫ଦିନ ମଧ୍ୟରେ ପ୍ରତ୍ୟେକ ଦିନ କିଛି ନା କିଛି ଘଟଣା ଘଟିଛି। ପ୍ରତ୍ୟେକ ଦିନ ଛାତ୍ରୀଜଣକ ମାନସିକ ଯନ୍ତ୍ରଣାର ଶିକାର ହୋଇଛି। ୧୫ଦିନ କଷ୍ଟର ସମାହାର ଶେଷରେ ଆତ୍ମାହୁତିରେ ରୂପାନ୍ତରିତ ହୋଇଛି। ପୀଡ଼ିତାଙ୍କ ମୃତ୍ୟୁ ପରେ ଦଫାରେ ପରିବର୍ତ୍ତନ ହେଲାଣି। ଆତ୍ମହତ୍ୟା ପାଇଁ ପ୍ରୟାସ କରିବାର ଦଫା ପୂର୍ବରୁ ଲାଗିଥିବା ବେଳେ ବର୍ତ୍ତମାନ ଆତ୍ମହତ୍ୟା ପାଇଁ ଯେଉଁମାନେ ପ୍ରେରିତ କରିଥିଲେ, ସେମାନଙ୍କ ବିରୋଧରେ ମଧ୍ୟ ଦଫା ଲାଗିଛି। ଯେଉଁମାନେ ମାନସିକ ଯନ୍ତ୍ରଣା ଦେଇଛନ୍ତି, ସେମାନଙ୍କ ବିରୋଧରେ ଦଫା ଲାଗିଛି। କେଉଁମାନେ ଘଟଣାରେ ସଂପୃକ୍ତ, ସେନେଇ ତର୍ଜମା କରାଯାଉଛି। ସମ୍ପୂର୍ଣ୍ଣ ତଥ୍ୟ ସଂଗ୍ରହ ପାଇଁ ଆଉ କିଛି ସମୟ ଲାଗିବ ବୋଲି ମନ୍ତ୍ରୀ କହିଛନ୍ତି।

ସେ ଆହୁରି ମଧ୍ୟ କହିଛନ୍ତି ଯେ ମୃତକଙ୍କ ମା ମଧ୍ୟ ତଦନ୍ତର ପରିସର ବୃଦ୍ଧି ପାଇଁ ଚାହୁଁଛନ୍ତି। ଫଳରେ କେବଳ ପ୍ରଫେସର୍, ପ୍ରିନ୍ସିପାଲ ନୁହନ୍ତି, ଅନ୍ୟ ଯେଉଁମାନେ ଛାତ୍ରୀଙ୍କୁ ଅପମାନିତ କରିଛନ୍ତି ଓ ମାନସିକ ନିର୍ଯାତନା ଦେଇଥିଲେ, ସେମାନଙ୍କୁ ତଦନ୍ତ ପରିସରଭୁକ୍ତ କରିବା ପାଇଁ ମା'ଙ୍କ ଦାବି ରହିଛି। ଆଇନଗତ ଦୃଷ୍ଟିରୁ କ'ଣ ଭଲ ହୋଇପାରିବ, ସେନେଇ ବିଚାରବିମର୍ଶ ଜାରି ରହିଛି। ବିଭିନ୍ନ ମହଲରୁ ସରକାର ତଥ୍ୟ ଏକତ୍ର କରୁଛନ୍ତି। ଶିକ୍ଷା ବିଭାଗ ତଦନ୍ତର ରିପୋର୍ଟର ତର୍ଜମା କରାଯାଉଛି। ପରେ ସରକାର ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବେ। ଝିଅର ମୃତ୍ୟୁକୁ ନେଇ ରାଜନୀତି ନ କରିବା ପାଇଁ ଛାତ୍ରୀଙ୍କ ବାପା-ମା'ଙ୍କ ଆବେଦନ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ବୋଲି ସେ କହିଛନ୍ତି।

### ଫ୍ୟାକ୍ଟ ଫାଇଣ୍ଡିଂ କମିଟି...

ତଦାରଖ କରିବେ। କେଉଁ ପରିସ୍ଥିତିରେ ସମ୍ପୃକ୍ତା ଛାତ୍ରୀ ଆତ୍ମହତ୍ୟା କଲେଜ, ତାଙ୍କ ଅଭିଯୋଗର ସମାଧାନ ପାଇଁ କି ପଦକ୍ଷେପ ନିଆଯାଇଥିଲା ଓ ଛାତ୍ରଛାତ୍ରୀଙ୍କୁ ସହାୟତା ପାଇଁ କଲେଜରେ କି ବ୍ୟବସ୍ଥା ରହିଛି ଆଦି ଅନୁଧ୍ୟାନ କରିବେ ବୋଲି ଜଣାପଡ଼ିଛି। ୭ ଦିନ ମଧ୍ୟରେ କମିଟି ନିଜର ରିପୋର୍ଟ ୟୁଜିସି କର୍ତ୍ତୃପକ୍ଷଙ୍କ ନିକଟରେ ଦାଖଲ କରିବାକୁ ନିର୍ଦ୍ଦେଶନାମାରେ ଉଲ୍ଲେଖ ରହିଛି।

### ୨୦ ଲକ୍ଷ ଲୋକଙ୍କ...

ହୋଇପାରିଲେ ନାହିଁ। ରାଜ୍ୟରେ ପାଖାପାଖି ୮୫ ଲକ୍ଷ ରାସନ କାର୍ଡ ରହିଛି। ୩କୋଟିରୁ ଊର୍ଦ୍ଧ୍ୱ ଲୋକ ରାସନ ପାଉଛନ୍ତି। ବର୍ତ୍ତମାନ ସୁଦ୍ଧା ୭୦ ପ୍ରତିଶତ ଲୋକ ଇ-କେୱାଇସି କରିସାଲେଣି। ବାକି ୩୦ ପ୍ରତିଶତ ଭିତରେ ଅଧିକାଂଶ ବୃଦ୍ଧା/ବୃଦ୍ଧା ଅଛନ୍ତି। ସେମାନଙ୍କର ବୟସାଧିକ କାରଣରୁ ଆଖି ଓ ଟିପ ଦ୍ୱାରା କେୱାଇସି ଅପ୍‌ଡେଟ୍ ହୋଇପାରୁନି। ସେଭଳି କିଛି ଲୋକ ରାଜ୍ୟ ତଥା ଦେଶ ବାହାରେ ବି ଶ୍ରମିକ ଭାବେ କାମ କରୁଛି। ଯେଉଁମାନେ ଇ-କେୱାଇସି କରିବାକୁ ସମର୍ଥ ନୁହନ୍ତି। ତେଣୁ ଏପରିସ୍ଥଳେ ସରକାର ଏମାନଙ୍କ ପାଇଁ ବିକଳ୍ପ ପନ୍ଥା ଆପଣାନ୍ତୁ ବୋଲି ସାଧାରଣରେ ଦାବି ହେଉଛି। ହଠାତ୍ ଏମିତି ରାସନ ବନ୍ଦ କରିଦେଲେ, ସାଧାରଣ ଲୋକ ସର୍ବହରା ହୋଇଯିବେ ବୋଲି ବୁଦ୍ଧିଜୀବୀ ମହଲରେ ମତପ୍ରକାଶ ପାଉଛି।

ଅନ୍ୟପକ୍ଷରେ ରାସନ ଯୋଗାଣକୁ ନେଇ ରାଜ୍ୟରେ ବହୁ ଏକାଧିକ ସମସ୍ୟା ରହିଛି। ଏହାକୁ ଯୋଗାଣ ବିଭାଗ ସମାଧାନ କରିବାରେ ବିଫଳ ହୋଇଛି। ବିଶେଷକରି 'ୱାନ୍ ରାସନ୍ ୱାନ୍ ନେସନ୍' ବ୍ୟବସ୍ଥା ୩ ବର୍ଷ ହେଲା ଦେଶରେ ଲାଗୁ ହୋଇଥିଲେ ବି ଏପର୍ଯ୍ୟନ୍ତ ସାରା ରାଜ୍ୟରେ କାର୍ଯ୍ୟକାରୀ ହୋଇପାରୁନି। ଗାଁ ଗହଳିରୁ ଆସି ରାଜଧାନୀରେ ରହି କାମ ଧନ୍ଦା କରି ଚଳୁଥିବା ଲୋକମାନଙ୍କୁ ଏଠିକାର ରାସନ ଡିଲର୍‌ମାନେ ରାସନ ଦେବାକୁ ସିଧାସଳଖ ମନା କରି ଦେଉଛନ୍ତି। ଯେଉଁମାନେ ବି ଦେଉଛନ୍ତି, ଦୂର୍‌ଦୂର୍ ମାର୍‌ମାର୍ କରୁଛନ୍ତି। ଫଳରେ ଲୋକମାନେ ଶେଷରେ ଖର୍ଚ୍ଚାନ୍ତ ହୋଇ ନିଜ ଗାଁକୁ ଆଣିବାକୁ ଯାଉଛନ୍ତି। ସେହିଭଳି ମଞ୍ଚେଶ୍ୱର ପ୍ରଥମ ଚାଉଳ ଏଟିଏମ୍ ସରକାର ଉଦ୍‌ଘାଟନ କରିଥିଲେ। ହେଲେ ଏହା ଅଧା ଦିନ ଚାଲିଲେ, ଅଧା ଦିନ ବନ୍ଦ ରହୁଛି। ଏହାର ସୁଫଳ ସାଧାରଣ ଲୋକ ପାଇପାରୁନାହାନ୍ତି। ବରଂ ଚାଉଳ ଏଟିଏମ୍ କଥା ଶୁଣି ବହୁ ଦୂରଦୂରାନ୍ତରୁ ଲୋକମାନେ ଆସି ଫେରି ଯାଉଛନ୍ତି। ଏହି ସବୁ ସମସ୍ୟା ଉପରେ ଦୃଷ୍ଟି ଦେଇ ଏହାର ସମାଧାନ କରିବା ପାଇଁ ଦାବି ହେଉଛି।

### ଓଡ଼ିଶାର ଗାଁ...

ଲାଗି ରହିଛି। ୧୯୮୦-୧୯୯୦ ଓଡ଼ିଶା-ଆନ୍ଧ୍ର ମଧ୍ୟରେ ରହିଥିବା ଯୁଗ୍ମ ସେଟେଲମେଣ୍ଟ ମ୍ୟାପକୁ ଧରି ଦୁଇ ରାଜ୍ୟ ପ୍ରଶାସନ ପକ୍ଷରୁ ଆଲୋଚନା ହେଲେ ସମସ୍ୟାର ସ୍ଥାୟୀ ସମାଧାନ ହୋଇପାରିବ ବୋଲି ଉପଜିଲ୍ଲାପାଳ ଶ୍ରୀ ପଣ୍ଡା କହିଛନ୍ତି।

ସୂଚନାଯୋଗ୍ୟ, ପ୍ରତିବର୍ଷ ବିଭିନ୍ନ ସମୟରେ ଆନ୍ଧ୍ର ଏମିତି ଦାଦାଗିରି କରି ଆସୁଛି। ଓଡ଼ିଶା ସୀମାନ୍ତବର୍ତ୍ତୀ ଅଞ୍ଚଳ ଉପରେ ଲୋଲୁପ ଦୃଷ୍ଟି ପକାଇ ବାଲି, ମାଟି, ଗୋଡ଼ି ଭଳି ଖଣିଜ ସମ୍ପଦଠାରୁ ଆରମ୍ଭ କରି ପାଣି, କ୍ଷୀର ଆଦି ଲୁଟି ଚାଲିଛି। ସୀମାନ୍ତରେ ନିଜର କାୟା ବିସ୍ତାର ପାଇଁ କେତେବେଳେ ଆନ୍ଧ୍ର ମନ୍ତ୍ରୀ ଗୁଣ୍ଡା ସାଜି ଓଡ଼ିଶାର ପ୍ରଶାସନିକ ଅଧିକାରୀଙ୍କୁ ଧମକଚମକ ଦେଉଛନ୍ତି ତ ଆଉ କେତେବେଳେ ଗଜପତି ଜିଲ୍ଲାରେ ଥିବା ଗ୍ରାମାଞ୍ଚଳବାସୀଙ୍କୁ ହାତେଇବାକୁ ବିଭିନ୍ନ ଆଳ କରୁଛନ୍ତି। ଏପରକି, କେତେବେଳେ ଆନ୍ଧ୍ରର ନିର୍ବାଚନରେ ଭାଗ ନେବାକୁ ସୀମାନ୍ତବର୍ତ୍ତୀ ଗ୍ରାମରେ ଲୋକଙ୍କୁ ଉସୁକାଇବା ଭଳି କାମ କରୁଥିବାର ପୂର୍ବରୁ ବହୁ ଦୃଷ୍ଟାନ୍ତ ରହିଛି। ଏପରି ସ୍ଥିତିରେ ଓଡ଼ିଶା ସରକାରଙ୍କ ତରଫରୁ ସ୍ଥାୟୀ ସୀମା ନିର୍ଦ୍ଧାରଣ କରାନଯିବା ଏବଂ ବିବାଦୀୟ ସ୍ଥାନରେ ସରକାରୀ କର୍ମଚାରୀଙ୍କ ଅନୁପସ୍ଥିତି ଆଦିର ଭରପୂର ଫାଇଦା ଉଠାଉଛି ଆନ୍ଧ୍ର।


**DISTRICT WELFARE OFFICE, BARGARH** g-64

Applications are invited from eligible candidates of Bargarh District for engagement of 24 no. of Lady Matrons in the SSD Hostels of Bargarh District.

The detailed advertisement and selection criteria may be obtained from the office notice Board of District Welfare Office, Bargarh and District website **http://bargarh.odisha.gov.in.**

The last date to apply is **04.08.2025.**

Sd/- District Welfare Officer, Bargarh

OIPR-26025/11/0001/2526

**DISTRICT PROJECT OFFICE**
**SAMAGRA SHISHA {S.S}**
**MALKANGIRI - 764048**

Contact: 06861-231481 (Off)
Emails: dpcmalkanssa.opepa@nic.in
stc.malkangiri@gmail.com

**Letter No. 2759/Civil/2025 / Date: 11.07.2025**

**TENDER CALL NOTICE**

Sealed tender in the prescribed form to be eventually drawn-up in PWD Form P-1 (Percentage Rate Bids) in conformity with detailed Tender Call Notice are invited by the District Project Coordinator, Samagra Shiksha, Malkangiri, on behalf of Government of Odisha for tenders for construction of building works as mentioned below from eligible Contractors registered with the State Government and contractor of equivalent grade/class registered with Central Government / MES / Railways, having registration for Civil works on production of definite proof from the appropriate authority.

The detailed list of works is available on the website **https://malkangiri.odisha.gov.in** and Office Notice Board.

| | | |
|---|---|---|
| Name of Work | : | Construction of Additional Class Room Building in different area of Malkangiri District under SETU 2024-25 |
| No. Of Works | : | 30 Nos (Thirty) Nos |
| Estimated Cost | : | As laid down in the DTCN |
| Amount put to Tender | : | As laid down in the DTCN |
| Tender Paper cost | : | As laid down in the DTCN |
| E.M.D Amount Required | : | 1% of the Amount put to tender (As laid down in the DTCN) |
| Period of completion | : | As laid down in the DTCN for each work |
| Date of sale of Tender papers | : | The Bid documents can be downloaded from the Govt. Web site https://malkangiri.odisha.gov.in only from **17.07.2025 to 30.07.2025** |
| Date of receipt of Tender paper | : | From **17.07.2025 to 30.07.2025 up to 5.00 PM** (in working days) through Registered Post/Speed Post only. No tender paper will receive by hand or Courier services |
| Date of opening of Tender papers | : | **At 11.00 A.M on 31.07.2025** in the Office Chamber of Collector, Malkangiri in presence of Tender finalisation Committee member, tenderer or their authorised representatives. |

**N.B- If the last date of sale/receipt of tender paper turns out be a holiday, it will automatically be extended to next working day.** The amendment in safe of corrigendum / addendum will be notified on website https://malkangiri.odisha.gov.in only & the prospective bidders are request to take cognizance of such notification while submitting their tender proposal.

District Project Coordinator
Samagra Shiksha, Malkangiri

OIPR-27141/11/0016/2526 n-102

**AFFIDAVIT**

By virtue of an affidavit, sl. no. 2, dtd.15.07.2025 before the Notary, Purushottampur, Ganjam, I, Santosh Maharana, At/Po- Chatamundali, Po-Purushottampur, Dist- Ganjam have changed my son's name from Sujit Maharana to Sujita Maharana. Henceforth he will be known as **Sujita Maharana** for all purposes.

Sd/- Santosh Maharana

**AFFIDAVIT**

By virtue of an affidavit sworn before the Executive Magistrate Bissam Cuttack, Dist-Rayagada, Odisha, vide affidavit sl.no.1728/2025, dated-19/06/2025, that Smt Sadai Miniaka, W/o- Late Kirti Miniaka of village - Sana Gotiguda, Po-Badda Gotiguda, P.s-Bissam Cuttack, which is wrongly recorded in Aadhaar Card. Hence for the changed the name of his minor Daughter Sanju Miniaka instead of Sanjukta Miniyaka. Henceforth the minor Daughter shall be known as **Sanju Miniaka** In her Aadhar and for all purposes.

Sd/- Deponent

**AFFIDAVIT**

I, Sukant Swain, aged about 57 years, S/o.: Dhruba Charan Swain, resident of Village/PO.: Korua, P.S.: Naugaon, Dist.: Jagatsinghpur, Odisha, declare by this affidavit No.: 1049, dated-14.07.2025, that now onwards I shall be known as **Sukant Kumar Swain** for all future purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated-15/07/2025. I, **Sunita Jyotisha** (Applicant name), Wife of Preamraj Jyotisha, Permanent resident of At-Goudtula, P.O. Kursud, P.S. Sindhekela, Dist- Balangir, (Odisha), PIN- 767035 now residing at the same place affirm that I have changed my minor son's name from **Premraj Jyotish** (old name) to **Sunil Jyotisha** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he will be known as **Sunil Jyotisha** (new name).

**Sunita Jyotisha**

**AFFIDAVIT**

By virtue of an affidavit before the Executive Magistrate, Bhawanipatna, Kalahandi, I, Jagdeesh Nag have changed my name and date of birth from Jagasdisha Nag, date of Birth as 19.09.2001 to Jagdeesh Nag, date of birth as 24.01.2001. Hencefroth I shall be known as Jagdeesh Nag and my date of birth as 24.01.2001 for all purposes.

Sd/- Jagdeesh Nag

**AFFIDAVIT**

By virtue of an affidavit before the Notary Public, Titilagarh, on dated-14/07/2025. I, **Rama Sahu** (new name), formerly called as Rambha Sahu (old name), W/o Dambarudhara Sahu, permanent resident of AT-Bandepadar, P.O.- Dhandamunda, P.S. Khaprakhol, Dist- Balangir, (Odisha), PIN- 767028 now residing at the same place affirm that I have changed my name from **Rambha Sahu** (old name) to **Rama Sahu** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Rama Sahu** (new name).

**Rama Sahu**

**AFFIDAVIT**

By virtue of an affidavit before Exicutive Magistrate, Rasgovindpur, Mayurbhanj dtd 07.07.2025. I, Padmabati Jati, residing At- Nakichua, P.o.- Chinchalgadia, P.s- Rasgovindpur, Dist- Mayurbhanj - 756030 declare that I have changed my name from Srimati Padmamnani Jyoti to Padmabati Jati. Henceforth, I shall be known as **Padmabati Jati** for all purposes.

Padmabati Jati

**AFFIDAVIT**

By virtue of an affidavit no 3807 before the Executive Magistrate, Champua on dated- 29/05/2025. I, **Rohit Rajak** (new name), S/o- Dola Rajak, resident of At-Panchapokhoria, PS-Champua, Dist- Keonjhar, PIN- 758041, Odisha have changed my name from **Lipun Rajak** (old name) to **Rohit Rajak** (new name). Henceforth, I shall be known as **Rohit Rajak** (new name) for all future purposes.

**Rohit Rajak**

**AFFIDAVIT**

By virtue of an affidavit Sl No 1863, dtd.14.07.2025 before the Executive Magistrate, Kandhamal, Phulbani. I, Sushant Kanhar, resident of At: Talatamtingia, PO: Sripalla, Dist.: Kandhamal have changed my minor daughter's name from Prangya Kanhar to Pragnyasini Kanhar. Henceforth, she shall be known as **Pragnyasini Kanhar** for all purposes.

Sd/- Sushant Kanhar

**AFFIDAVIT**

By virtue of an affidavit sworn before Executive Magistrate, PURI, dated 02/04/2025. I, OSAPILI CHITAMA, Address: VTC-PENTHAKATA, P.S.–SEA BEACH, PURI declare that I have changed my name from **VASIPILLI RAJILU** to **OSAPILI CHITAMA** Henceforth, I shall be known as **OSAPILI CHITAMA** for all purposes.

Sd/- OSAPILI CHITAMA

**AFFIDAVIT**

By virtue of an affidavit sworn before The Executive Magistrate, Gaisilet vide affidavit no.62 dated 11/07/2025 I, Debashish Purohit, S/o - Manabhanjan Purohit resident of At/Po./Ps.- Gaisilet, Dist.- Bargarh, Odisha, Pin- 768037 state that, I have changed my son's name from **Swapnil Purohit** to **Pragyan Purohit**. Henceforth, my son shall be known as **Pragyan Purohit** for all purposes.

**AFFIDAVIT**

I, Pranab Bhusan Pattanaik, aged about 61 years, S/o- Late Anirudha Pattanaik, resident of Flat No-J/212, Trident Galaxy Apartment, Kalinga nagar, Ps-Chandaka, Bhubaneswar, Dist-Khurda, PIN- 751003, Odisha declared by this affidavit No- 77AA306781, dtd- 30/06/2025 that now onwards I shall be known as **PRANAB BHUSAN PATTNAIK** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Banpur, vide no-2799, dated 15/07/2025 I, Rabindra Panda, S/o- Late Panchanan Panda, of At- Chiankasahi, Po/Ps- Banpur, Dist- Khordha, declare that in my adhar card my name is wrongly mentioned as **Rabindra Nath Panda** instead of Rabindra Panda. Henceforth, I shall be known as **Rabindra Panda** for all purposes.

**AFFIDAVIT**

I, SK Namul Haque, aged about 61 years, S/O- Sk Azizul Haque, resident of At/Po- Olaver, Ps- Rajkanika, Dist- Kendrapara, Odisha, Pin- 754227 declare by this affidavit No. 1373, dtd. 12/07/2025, that now onwards I shall be known as **SK NAIMUL HAQUE** for all future purposes.

**AFFIDAVIT**

By virtue of an affidavit sworn before The Executive Magistrate, champua cf no4532 dated-7/07/2025. I, **Priyanka Priyadarshini Sarangi,** W/o- Shasibhusan Sarangi, resident of AT- Nakasara, PO- Naksara, PS-Ghagarbeda, Dist- Mayurbhanj, PIN-757035, Odisha declare that I have changed my name from **Priyanka Priyadarshini Behera To Priyanka Priyadarshini Sarangi** (new name). Henceforth, I shall be known as **Priyanka Priyadarshini Sarangi,** W/o- Shasibhusan Sarangi for all future purposes.

Priyanka Priyadarshini Sarangi

**COLLECTORATE, RAYAGADA** F-42
**(NIZARAT SECTION)**
**TENDER/QUOTATION CALL NOTICE**

Sealed Tender/quotation is invited from the interested reputed Travel Agencies / Tour Operators or private individuals for providing of vehicle on hire charges on or before **06.08.2025 by 1.00 P.M.**

For specification details please visit our official website: **www.rayagada.odisha.gov.in**

Sd/- COLLECTOR, RAYAGADA

OIPR-24365/11/0008/2526

# ବନ୍ୟା ପାଣିରେ ବୁଡ଼ିଲା ଯୋଗାଣ ବିଭାଗ ଚାଉଳ



**ମାଳିପୁର, ୧୫।୭ (ସମିସ):** ବ୍ରାହ୍ମଣୀରେ ପ୍ରଥମ ବନ୍ୟା ଜଳ ଆସିବାର କିଛିଦିନ ବିତିଯାଇଥିଲେ ବି ବନ୍ୟାଜଳ ପଉନ ବୃଦ୍ଧି ନ ପାଇ ସ୍ଥିର ରହିଥିଲା। ଆଜି ସକାଳୁ ପୁଣି ବନ୍ୟା ଜଳ ପଉନ ବୃଦ୍ଧି ପାଇବାରେ ଲାଗିଛି। ଫଳରେ ପଟ୍ଟାମୁଣ୍ଡାଇ ଧୋୟାଞ୍ଚଳର ଶ୍ରୀରାମପୁର, ଡାମରପୁର, ବଳଭଦ୍ରପୁର, ଶାସନ ପ୍ରଭୃତି ପଞ୍ଚାୟତରେ ବନ୍ୟାଜଳ ବୃଦ୍ଧି ପାଇଁ ରାସ୍ତା ଉପରେ ବୁଡି ପ୍ରବାହିତ ହେଉଛି। ବନ୍ୟାଞ୍ଚଳ ରାସନ କାର୍ଡଧାରୀଙ୍କୁ ବନ୍ୟା ସମୟରେ ଖୁବଶୀଘ୍ର ରାସନ ଚାଉଳ ଯୋଗାଇ ଦେବାକୁ ସରକାରୀ ନିର୍ଦ୍ଦେଶ ପରେ ବନ୍ୟା ପ୍ରଭାବିତ ବିଭିନ୍ନ ପଞ୍ଚାୟତକୁ ଯୋଗାଣ ବିଭାଗ ଚାଉଳ ଟ୍ରକ୍ ଯୋଗେ ବିଭିନ୍ନ ରିଟେଲର ସେଣ୍ଟରକୁ ପଠାଉଛନ୍ତି। ଏଥିପାଇଁ ଲକ୍ଷ୍ମୀନାରାୟଣପୁରରୁ ଏକ ଚାଉଳ ବୋଝେଇ ମିନି ଟ୍ରକ ୧୨୦ ବସ୍ତା ଚାଉଳ ବୋଝେଇ କରି ବଳଭଦ୍ରପୁର ପଞ୍ଚାୟତର ଡିଲର ସୁରେନ୍ଦ୍ର ପରିଡାଙ୍କ ଗୋଦାମ ଅଭିମୁଖେ ଯାଉଥିଲା। ମାଳିପୁର ଛକରୁ ଗଡ଼ାଣି ରାସ୍ତାରେ ଗଡି ବାଲିପାଟଣା ଅଭିମୁଖେ ଯାଉଥିବାବେଳେ ଡ୍ରାଇଭର ବେପରୁଆ ଭାବେ ପାଣି ବୁଡି ଚାଲୁଥିବା ରାସ୍ତାରେ ଗାଡ଼ି ପୂରାଇ ଚଳାଇ ନେଉଥିଲେ। ତେବେ ପାଣିରେ ବୁଡି ରହିଥିବା ରାସ୍ତା ଠିକ ଭାବେ ଦେଖାଯାଉ ନ ଥିବାରୁ ମିନି ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ଧାରରୁ ଖସିଯାଇଥିଲା। ଅଧିକ ଓଜନ ଥିବାରୁ ଧୀରେ ଧୀରେ ଟ୍ରକଟି ପାଣି ଭିତରେ ବୁଡି ଯାଇଥିଲା। ସେଥିରେ ବୋଝେଇ ହୋଇଆସିଥିବା ସମସ୍ତ ୧୨୦ ବସ୍ତା ଚାଉଳ ପାଣିରେ ବୁଡି ଓଦା ହୋଇଯାଇଥିଲା। ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ପୁଲିସ ପହଞ୍ଚି ଟ୍ରକ୍‌କୁ ହେପାଜତକୁ ନେଇଛି। ପରେ ବୁଡିଯାଇଥିବା ଟ୍ରକରୁ ଚାଉଳ ବସ୍ତା ଖାଲି କରି ଶୁଖିଲା ସ୍ଥାନକୁ ଆଣି ଅନ୍ୟଏକ ଗାଡି ଯୋଗେ ଲକ୍ଷ୍ମୀନାରାୟଣପୁରକୁ ଫେରସ୍ତ ଯାଇଥିବା ଜଣାପଡିଛି।

# ନାଇଟ୍ ୱାଚମ୍ୟାନ ଓ ହାଉସ୍‌କିପିଂ କର୍ମଚାରୀ ସଙ୍ଘର ଜିଲ୍ଲାପାଳଙ୍କୁ ଦାବିପତ୍ର




**କେନ୍ଦ୍ରାପଡ଼ା, ୧୫।୭ (ସମିସ):** ନିଖିଳ ଓଡିଶା ନାଇଟ୍ ୱାଚମ୍ୟାନ ଓ ହାଉସକିପିଂ କର୍ମଚାରୀ ସଙ୍ଘ କେନ୍ଦ୍ରାପଡା ଜିଲ୍ଲା କମିଟି ପକ୍ଷରୁ ବିଭିନ୍ନ ସମସ୍ୟା ନେଇ ମଙ୍ଗଳବାର ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ଜିଲ୍ଲାପାଳଙ୍କ ଅନୁପସ୍ଥିତିରେ ଅତିରିକ୍ତ ଜିଲ୍ଲାପାଳ ରବୀନ୍ଦ୍ର ମଲ୍ଲିକଙ୍କୁ ଏହି ଦାବିପତ୍ର ପ୍ରଦାନ କରାଯାଇଛି। "ମୋ ସ୍କୁଲ ଅଭିଯାନ'ରେ ପିଅନ ଓ ରାତ୍ର ଜଗୁଆଳ ନ ଥିବା ଉଚ୍ଚବିଦ୍ୟାଳୟରେ ସରକାରଙ୍କ ନିର୍ଦ୍ଦେଶରେ ସ୍ଥାନୀୟ ବେକାରୀ ଯୁବକ ଓ ଯୁବତୀଙ୍କୁ ମହିଳା ସ୍ୱୟଂସହାୟିକା ଗୋଷ୍ଠୀ ମାଧ୍ୟମରେ ନାଇଟ୍ ୱାଚମ୍ୟାନ ଓ ହାଉସ୍‌କିପିଂ କର୍ମଚାରୀ ଭାବେ ନିଯୁକ୍ତି ପ୍ରଦାନ କରାଯାଇଥିଲା। ନାଇଟ୍ ୱାଚମ୍ୟାନଙ୍କୁ ମାସିକ ପାରିଶ୍ରମିକ ଭାବେ ୧୦ ହଜାର ୯୮୦ ଟଙ୍କା ଓ ସୁଇପର କିମ୍ବା ହାଉସକିପିଂ କର୍ମଚାରୀଙ୍କୁ ମାସିକ ପାରିଶ୍ରମିକ ଭାବେ ୪୨୪୩ ଟଙ୍କା ପ୍ରଦାନ କରାଯିବାର ବ୍ୟବସ୍ଥା କରାଗଲା। ଦୁଃଖର କଥା ଏହି କର୍ମଚାରୀ ଦିନରାତି ନିଷ୍ଠାର ସହ କାର୍ଯ୍ୟ କରିଆସୁଥିଲେ ମଧ୍ୟ ସେମାନଙ୍କୁ ଦୀର୍ଘ ୧୭ ମାସ ଧରି ପାରିଶ୍ରମିକ ପ୍ରଦାନ କରାଯାଇ ନ ଥିବା ସେମାନେ ଅଭିଯୋଗ କରିଥିଲେ। ସ୍ଥାୟୀ କର୍ମଚାରୀଙ୍କ ଭଳି ଏହି କର୍ମଚାରୀ ନିଜ ଦାୟିତ୍ୱ ନିର୍ବାହ କରିଆସୁଥିଲେ ମଧ୍ୟ ସେମାନଙ୍କୁ ପ୍ରତ୍ୟେକ ମାସରେ ପାରିଶ୍ରମିକ ପ୍ରଦାନ କରାଯାଉନାହିଁ। ଏଣୁ ସେମାନଙ୍କ ବକେୟା ପ୍ରାପ୍ୟ ତୁରନ୍ତ ପ୍ରଦାନ କରାଯିବା, ପ୍ରତ୍ୟେକ ମାସର ପ୍ରଥମ ସପ୍ତାହରେ ଦରମା ପ୍ରଦାନ, ଅସୁସ୍ଥତା ପାଇଁ ଛୁଟି ପ୍ରଦାନର ବ୍ୟବସ୍ଥା ସମେତ ସେମାନଙ୍କ ପ୍ରାପ୍ୟ ବୃଦ୍ଧି କରାଯିବାକୁ ସଙ୍ଘ ପକ୍ଷରୁ ଦାବି କରାଯାଇଛି। ଆଇଏନଟିୟୁସି ନେତା ବରିଷ୍ଠ ଆଇନଜୀବୀ ରମଣୀରଞ୍ଜନ ରାଉତରାୟଙ୍କ ନେତୃତ୍ୱରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ ସମୟରେ ସୁଶାନ୍ତ ନାୟକ, ସୁମିତ୍ରା ସାହୁ, ବସନ୍ତ ସାହୁ, ଗିନୁ ଦାସ, କ୍ଷୀରୋଦ ମଲ୍ଲିକ, ଅମୂଲ୍ୟ ଲେଙ୍କା, ଅମୀୟ ରଣା, ହରପ୍ରିୟା ବେହେରା, ରଶ୍ମିତା ଜେନା ପ୍ରମୁଖ ଉପସ୍ଥିତ ଥିଲେ।

# ସାପ କାମୁଡ଼ାରେ ମହିଳା ଗୁରୁତର



**ଆଳି, ୧୫।୭ (ସମିସ):** କେନ୍ଦ୍ରାପଡ଼ା ଜିଲ୍ଲା ଆଳି ଥାନା ଅନ୍ତର୍ଗତ ମେଣ୍ଢପୁର ପଞ୍ଚାୟତ ଅଧୀନ ପଦନପୁର ଗ୍ରାମର ଜଣେ ମହିଳା ବାଡ଼ିକୁ ଯାଇଥିବାବେଳେ ତାଙ୍କୁ ସେଠାରେ ଏକ ସାପ କାମୁଡ଼ି ଦେବା ଫଳରେ ସେ ଗୁରୁତର ଆହତ ହୋଇ ମେଡିକାଲରେ ଭର୍ତ୍ତି ହୋଇଥିବା ଜଣାପଡ଼ିଛି। ଏସକେ ନାସିରଉଦ୍ଦିନଙ୍କ ପତ୍ନୀ ଫିରୋଜା ବିବି (୫୫) ଆଜି ଅପରାହ୍ନରେ ନିଜସ୍ୱ କାର୍ଯ୍ୟ ପାଇଁ ଘର ବାଡ଼ି ପଟକୁ ଯାଇଥିଲେ। ସେଠାରେ ସାପ କାମୁଡ଼ି ଦେବା ପରେ ତୁରନ୍ତ ତାଙ୍କୁ ଆଳି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିଲା। ପରେ ତାଙ୍କ ଅବସ୍ଥା ଗୁରୁତର ହେବାରୁ କେନ୍ଦ୍ରାପଡା ଜିଲ୍ଲା ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା।

# ଦୁର୍ଘଟଣାରେ ୩ ଗୁରୁତର ଆହତ

**ଆଳି, ୧୫।୭ (ସମିସ):** ଆଳି ଥାନା ଅନ୍ତର୍ଗତ କଟକ-ଚାନ୍ଦବାଲି ରାସ୍ତାର ବାଳକାଟି ହନୁମାନ ଛକ ନିକଟରେ ସନ୍ଧ୍ୟା ସମୟରେ ଏକ ବାଇକ ସାମ୍ନାକୁ ଗାଈ ଆସିଯିବାରୁ ଭାରସାମ୍ୟ ହରାଇ ତଳେ ପଡିଯିବାରୁ ବାଇକ୍‌ରେ ଥିବା ୩ ଜଣ ଆହତ ହୋଇଛନ୍ତି। ରସୁଲପୁରର ଗ୍ରାମର ସେକ ଆଲ୍ଲାଦ୍ଦିନ (୩୨), ରିଜୱାନ ବିବି (୨୩) ଓ ଜସ୍ମିନ ବେଗମ (୭) ଆହତ ହୋଇଥିବା ଜଣାପଡ଼ିଛି। ସେମାନେ ରାଜକନିକାରୁ କାମ ସାରି ବାଇକ୍‌ରେ ନିଜ ଘର ଆଳିକୁ ଫେରୁଥିବା ସମୟରେ ବାଳକାଟି ହନୁମାନ ଛକ ନିକଟରେ ଏକ ଗାଈ ଆଗକୁ ଆସିଯିବା ଫଳରେ ବାଇକଟି ଭାରସାମ୍ୟ ହରାଇ ପଡ଼ିଯାଇଥିଲା। ଫଳରେ ଉପରୋକ୍ତ ତିନିଜଣ ଆହତ ହୋଇଥିଲେ। ସମସ୍ତଙ୍କୁ ପ୍ରଥମେ ଆଳି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ନିଆଯାଇଥିଲା। ଡାକ୍ତର ଆଶୁ ଚିକିତ୍ସା କରାଇ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲେ।

# ଜଙ୍ଗଲ ଓ ଗୋଚାରଣ ଭୂମି ପାଲଟିଲାଣି ଗ୍ରାମୀଣ ପାର୍କ

**ଡେରାବିଶ, ୧୫।୭ (ସମିସ)**




**ରକ୍ଷଣାବେକ୍ଷଣ ଅଭାବ**


ସରକାର ଗ୍ରାମାଞ୍ଚଳର ଲୋକଙ୍କ ମନୋରଞ୍ଜନ କରିବା ଉଦ୍ଦେଶ୍ୟରେ ଡେରାବିଶ ବ୍ଲକ୍‌ର ପ୍ରତ୍ୟେକ ପଞ୍ଚାୟତ ଗୋଟିଏ ଲେଖାଏଁ ପାର୍କ ନିର୍ମାଣ କରିଛନ୍ତି। ଏହି ପାର୍କ ନିର୍ମାଣ ପାଇଁ ସେତେବେଳେ ରାଜକୋଷରୁ କୋଟି କୋଟି ଟଙ୍କା ବ୍ୟୟବରାଦ କରାଯାଇଥିଲା। ଏବେ ଏହି ପାର୍କର ରକ୍ଷଣାବେକ୍ଷଣ ଅଭାବରୁ ଏହା ଜଙ୍ଗଲର ଭ୍ରମ ସୃଷ୍ଟି କଲାଣି। ବହୁ ପଞ୍ଚାୟତରେ ଏହି ପାର୍କ ସମ୍ପୂର୍ଣ୍ଣ ନଷ୍ଟ ହୋଇଯାଇଥିବାବେଳେ କେତେକ ପଞ୍ଚାୟତରେ ଏହା ଲୋକଙ୍କ ମନୋରଞ୍ଜନ କରିବା ବଦଳରେ ସରିସୃପଙ୍କ ଆଡ୍ଡାସ୍ଥଳୀ ପାଲଟିଛି। ଆଉ କେତେକ ପଞ୍ଚାୟତରେ ଗ୍ରାମୀଣ ପାର୍କରେ ସ୍ଥାନୀୟ ଗ୍ରାମବାସୀ ନିଜ ନିଜର ଗାଈଗୋରୁଙ୍କୁ ଛାଡ଼ିଦେଇ ଗେଟ୍ ଲକ୍ କରିଦେଉଛନ୍ତି। ଏ ସମ୍ପର୍କରେ ବିଭିନ୍ନ ପଞ୍ଚାୟତର ସରପଞ୍ଚଙ୍କୁ ପଚାରିଲେ କହୁଛନ୍ତି, ସରକାରୀ ଭାବେ ଏହି ପାର୍କର ରକ୍ଷଣାବେକ୍ଷଣ କରିବା ପାଇଁ ଅର୍ଥ ବ୍ୟବସ୍ଥା ହେଉ ନ ଥିବାରୁ ପାର୍କର ଅବସ୍ଥା ଏପରି ହୋଇଛି। ବ୍ଲକ୍ ଅନ୍ତର୍ଗତ ରତାଦିଆ ପଞ୍ଚାୟତରେ ଥିବା ପାର୍କ ସମ୍ପୂର୍ଣ୍ଣ ନଷ୍ଟ ହୋଇଯାଇଥିବାବେଳେ ନିକଟସ୍ଥ ଖମୋଳ ପଞ୍ଚାୟତରେ ବହୁ ଅର୍ଥ ବ୍ୟୟ କରାଯାଇ ବ୍ଲକ୍‌ର ସବୁଠାରୁ ସୁନ୍ଦର ଭାବେ ନିର୍ମାଣ କରାଯାଇଥିବା ପାର୍କର ଅବସ୍ଥା ମଧ୍ୟ ତଦ୍ରୁପ। ଏହି ପାର୍କର ରକ୍ଷଣା ବେକ୍ଷଣ ହେଉ ନ ଥିବାରୁ ଏଥିରେ ରହିଥିବା ଘାସ ବଢ଼ି ଜଙ୍ଗଲର ଭ୍ରମ ସୃଷ୍ଟି କରୁଛି। ଗୋଲରାହାଟ ପଞ୍ଚାୟତର ତିଳକପୁରଠାରେ ଥିବା ପାର୍କର ଅବସ୍ଥା ମଧ୍ୟ ସମାନ। ସେହିପରି ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ ତବେଲାରପୁର ଗ୍ରାମରେ ଥିବା ପାର୍କରେ ସ୍ଥାନୀୟ ଗ୍ରାମବାସୀ ଗାଈଗୋରୁଙ୍କୁ ଛାଡ଼ି ଏହାକୁ ଗୋଚରଣ ଭୂମି ଭାବେ ବ୍ୟବହାର କରୁଥିବା ଦେଖିବାକୁ ମିଳିଛି। ତେଣୁ ତୁରନ୍ତ ସରକାରଙ୍କ ପକ୍ଷରୁ ବ୍ଲକ ଅନ୍ତର୍ଗତ ସମସ୍ତ ପାର୍କର ରକ୍ଷଣାବେକ୍ଷଣ ନିମନ୍ତେ ଅନୁଦାନ ଯୋଗାଇ ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

# ବ୍ରାହ୍ମଣୀରେ ପୁଣି କୁମ୍ଭୀର ଆତଙ୍କ; ଲୋକେ ଛାନିଆଁ

**ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି, ୧୫।୭ (ସମିସ):** ବ୍ରାହ୍ମଣୀରେ ପୁଣି କୁମ୍ଭୀର ଆତଙ୍କ ସୃଷ୍ଟି କରିଛି। ଧୋୟାଞ୍ଚଳର ଲୋକେ ଆତଙ୍କିତ ଅବସ୍ଥାରେ ଦିନ କାଟୁଛନ୍ତି। ଉପର ମୁଣ୍ଡରେ ଲଗାଣ ବର୍ଷା ହେବା କାରଣରୁ ବ୍ରାହ୍ମଣୀରେ ବନ୍ୟା ଜଳ ପ୍ରବେଶ କରିଛି। ବ୍ରାହ୍ମଣୀରେ ପ୍ରବାହିତ ବନ୍ୟା ଜଳ କୂଳ ଲଙ୍ଘି ତଳିଆ ଅଞ୍ଚଳରେ ପ୍ରବାହିତ ହେବା କାରଣରୁ ଧୋୟାଞ୍ଚଳର ଚାଷଜମି ସମେତ କେତେକ ଗ୍ରାମ ଓ ପଡ଼ା ଗ୍ରାମ ପାଣି ଘେରରେ ରହିଛି। ଏପରି ସ୍ଥଳେ ଧୋୟାଞ୍ଚଳରେ କୁମ୍ଭୀରର ଆବିର୍ଭାବ ଅଳପୁଆ, ତରଡିପାଳ, ପେଣ୍ଠପାଳ, ଅଣ୍ଡରା, ଅମୃତମଣୋହି, ବଲୁରିଆ, ସିଂହଗାଁ ଆଦି ୭ଟି ପଞ୍ଚାୟତରେ ଆତଙ୍କର ବାତାବରଣ ସୃଷ୍ଟି ହୋଇଛି। ଧୋୟାଞ୍ଚଳରେ ପୂର୍ବରୁ କୁମ୍ଭୀର ଆକ୍ରମଣରେ ୩ଟି ମୂଲ୍ୟବାନ ଜୀବନ ଯାଇସାରିଛି। କିଛିଦିନ ପୂର୍ବରୁ ଏକ ବିରାଟକାୟ କୁମ୍ଭୀରର ବ୍ରାହ୍ମଣୀ ନଦୀରେ ଆବିର୍ଭାବ ଆତଙ୍କର ବାତାବରଣ ସୃଷ୍ଟି କରିଥିବାବେଳେ ଆଜି ଧୋୟାଞ୍ଚଳର ଅଳପୁଆ ଦାମୋଦରପାଟଣାଠାରେ ୨୦ ଫୁଟ ଲମ୍ବର କୁମ୍ଭୀର ଭାସୁଥିବା ଦେଖିବାକୁ ମିଳିଛି। କୁମ୍ଭୀରକୁ ଦେଖି ନଦୀକୂଳିଆ ଗ୍ରାମବାସୀ ଆତଙ୍କିତ ଅବସ୍ଥାରେ ଅଛନ୍ତି। ମୁଖ୍ୟତଃ ଅଳପୁଆ, ଦାମୋଦରପାଟଣା, ସୁବଳପୁର, ରାମନାୟକଡିଆ, ଘାଗରାଡ଼ିଆ, ତୁଳସୀଡ଼ିଆ, କୂଳସାହି, ନାହିଆଡିଆ, ପଥୁରିଆଡ଼ିଆ, ଅଳିଆଡିଆ ଓ ଜଗନ୍ନାଥପୁର ଲୋକେ ଭୟଭୀତ ହୋଇପଡ଼ିଛନ୍ତି। ବ୍ରାହ୍ମଣୀ ନଦୀ ଉପରେ ଏସବୁ ଗ୍ରାମର ଲୋକେ ନିର୍ଭରଶୀଳ। ପାନୀୟଜଳ ବ୍ୟବସ୍ଥା ଏହି ଅଞ୍ଚଳରେ ପହଞ୍ଚି ପାରି ନ ଥିବାରୁ ଲୋକେ ମୁଖ୍ୟତଃ ଶୌଚ ହେବା ପାଇଁ ନଦୀ ଉପରେ ନିର୍ଭର କରୁଛନ୍ତି। ନଦୀ ତୁଠରେ ଯେଉଁ ବ୍ୟାରିକେଡ୍ ହୋଇଥିଲା, ତାହା ସମ୍ପୂର୍ଣ୍ଣ ଭାବେ ଭାଙ୍ଗିଯାଇଛି। ସଚେତନତା ପାଇଁ ବନ ବିଭାଗ କେବଳ ପ୍ରଚାର କରି କାମ ସାରିଦେଇଛି। ସରକାର ଏଥିପ୍ରତି ଧ୍ୟାନ ଦେଇ ବ୍ୟାରିକେଡ୍ ମରାମତି କରିବା ପାଇଁ ଅଳପୁଆ ସରପଞ୍ଚ ପଦ୍ମିନୀ ବେହେରା, ସମିତିସଭ୍ୟ ରାମଚନ୍ଦ୍ର ସେଠୀ, ପୂର୍ବତନ ସମିତିସଭ୍ୟ ଚନ୍ଦନ ସାହୁ, ସମାଜସେବୀ ଗଗନ ମହାଲିକ, ସୁବାସ ସାହୁ, କିଶୋର ରାଉତ, ସୁକାନ୍ତ ରାଉତ, ରବୀନ୍ଦ୍ର ପରିଡା, କୈଳାସ ଦାସ, ରବୀନ୍ଦ୍ର ଧଳ ପ୍ରମୁଖ ଦାବି କରିଛନ୍ତି।



# ମହାକାଳପଡ଼ାରେ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା




**ମାର୍ଶାଘାଇ, ୧୫।୭ (ସମିସ):** ମାର୍ଶାଘାଇ ବ୍ଲକ ସଭାଗୃହରେ ବିଧାୟକ ଦୁର୍ଗାପ୍ରସନ ନାୟକଙ୍କ ଅଧ୍ୟକ୍ଷତାରେ ମହାକାଳପଡ଼ା ସାମ୍ବିଧାନିକ କ୍ଷେତ୍ର ବିଭିନ୍ନ ଉନ୍ନୟନ କାର୍ଯ୍ୟର ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଜିଲ୍ଲାପାଳ ସ୍ମୃତିରଞ୍ଜନ ପ୍ରଧାନ, ଏଡିଏମ ନବକୃଷ୍ଣ ନାୟକ, ଉପଜିଲ୍ଲାପାଳ ଅରୁଣ ନାୟକ, ମଧୁସ୍ମିତା ସାମଲ, ଅଜାମ୍ବର ମହାନ୍ତି, ମୀରାରାଣୀ ମହାନ୍ତି, ବିଡିଓ ସୌମ୍ୟଶ୍ରୀ ପାଣିଗ୍ରାହୀ ପ୍ରମୁଖ ଯୋଗଦେଇଥିଲେ। ଆଦର୍ଶ ବିଦ୍ୟାଳୟ ଛାତ୍ରବାସ ନିର୍ମାଣ କାର୍ଯ୍ୟକ୍ରମ ୩ ମାସରେ ସମ୍ପୂର୍ଣ୍ଣ କରାଯିବ। ଶ୍ରେଣୀଗୃହ ଅଭାବ ଥିବା ବିଦ୍ୟାଳୟରେ ବିପଦସଂକୁଳ ପୁରୁଣା ଶ୍ରେଣୀ ଗୃହକୁ ଭାଙ୍ଗିବା ଓ ନୂଆ ଶ୍ରେଣୀ ଗୃହ ନିର୍ମାଣ, ମହାକାଳପଡ଼ା ବ୍ଲକ ବତୀଘର ପଞ୍ଚାୟତରେ ବୋଟ ଆମ୍ବୁଲାନ୍ସ ପର୍ଯ୍ୟନ୍ତ ଏକ ଗାଡି ବ୍ୟବସ୍ଥା କରିବା, ପାନୀୟଜଳ ବ୍ୟବସ୍ଥା କରିବା, ମହାକାଳପଡ଼ାର ୧୭ ହଜାର ଓ ମାର୍ଶାଘାଇର ୭ ହଜାର ମତ୍ସ୍ୟଜୀବୀଙ୍କ ଉନ୍ନତି, ଗ୍ରାମ୍ୟ ଉନ୍ନୟନ ବିଭାଗ ଦ୍ୱାରା ଉନ୍ନତିକରଣ ହୋଇ ପାରୁ ନ ଥିବା ରାସ୍ତାକୁ ପୂର୍ତ୍ତ ବିଭାଗକୁ ହସ୍ତାନ୍ତର କରିବା, ମେଗା ପାନୀୟଜଳ ପ୍ରକଳ୍ପ କାମ ତ୍ୱରାନ୍ୱିତ କରାଯିବାକୁ କୁହାଯାଇଥିଲା। ମାର୍ଶାଘାଇ ଟାଟା ପାୱାର ଡିଭିଜନ ମ୍ୟାନେଜର ବସନ୍ତ ଦାସ, କେନ୍ଦ୍ରାପଡ଼ା ଜଳସମ୍ପଦ ଅଧିକ୍ଷଣ ଯନ୍ତ୍ରୀ ଉମେଶ ଚନ୍ଦ୍ର ସେଠୀ, ପୂର୍ତ୍ତ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ରବୀନ୍ଦ୍ର ଜେନା, ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ସୁରଜ ବିଶ୍ୱାଳ, ଜଳ ନିକାସ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ବିଜୟ ସେଠୀ, ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ମନୋରଞ୍ଜନ ରାଉତ, ଜିଲ୍ଲା ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ମନୋଜ ପଟ୍ଟନାୟକ, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ, ଜିଲ୍ଲା ମତ୍ସ୍ୟ ଅଧିକାରୀ ଶଶାଙ୍କ ଶେଖର ସାହୁ, ଗ୍ରାମ୍ୟ ଜଳ ଯୋଗାଣ ଓ ପରିମଳ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ବସନ୍ତ ନାୟକ ପ୍ରମୁଖ ଉପସ୍ଥିତ ଥିଲେ।

# କାଟଣା ମେଡିକାଲ ଆବର୍ଜନା କକ୍ଷ ପାଲଟିଛି କର୍ମଚାରୀଙ୍କ ଆଶ୍ରୟସ୍ଥଳ

**ରାଜକନିକା, ୧୫।୭ (ସମିସ):** କୋଟି କୋଟି ଟଙ୍କା ବ୍ୟୟରେ ମେଡିକାଲ ଭିତ୍ତିଭୂମିର ବିକାଶ ହୋଇଥିବାବେଳେ କାଟଣା ମେଡିକାଲ ଆବର୍ଜନା କକ୍ଷକୁ ଜଣେ ଫାର୍ମାସିଷ୍ଟ ଦଖଲ କରିଥିବା ଘଟଣା ଏବେ ସାମ୍ନାକୁ ଆସିଛି। ସେ ଏହି କକ୍ଷରେ ଖଟ, ଚୌକି, ଆଲମିରା, ଏସି ଲଗାଇ କ୍ୱାଟର ଭଳି ବ୍ୟବହାର କରିଛନ୍ତି। ଏ ସମ୍ପର୍କରେ ପଚାରିଲେ କୌଣସି ସନ୍ତୋଷଜନକ ଉତ୍ତର ଦେଇ ନ ଥିବାବେଳେ ମେଡିକାଲ ଅଫିସରଙ୍କ ମତାମତ ନେବାକୁ ଚେଷ୍ଟା କଲେ ବି ଆଜି କିଏ ମେଡିକାଲ ଇନଚାର୍ଜ ତାହା ଜାଣିବା ମୁସ୍କିଲ ହୋଇଛି। ଆଜି ଯିଏ ମେଡିକାଲ ଅଫିସର ଅଛନ୍ତି ବୋଲି କୁହାଯାଉଛି ତାଙ୍କର ଦର୍ଶନ ମିଳି ନ ଥିବାବେଳେ ସେ ଫୋନ ଉଠାଉନାହାନ୍ତି। ଏମିତି ଅବସ୍ଥାରେ ଥିବା କାଟଣା ପିଏଚସିରେ ବହୁ ଅନିୟମିତତା ମଧ୍ୟ ଦେଖିବାକୁ ମିଳିଛି।

ଡ୍ରେସିଂ ରୁମରେ ବାଇକ ଷ୍ଟାଣ୍ଡ, ବାରଣ୍ଡାରେ ଗାଡ଼ି ପାର୍କିଂ। ରୋଗୀଙ୍କ ସେବା ନାଁରେ ଏଠାରେ କର୍ମଚାରୀ ମଉଜ କରୁଛନ୍ତି। ମେଡିକାଲ ପରିସରରେ ଆବର୍ଜନା, ଅଳିଆ, ଜଙ୍ଗଲ ହୋଇଥିବାବେଳେ ଡାକ୍ତରଙ୍କ ଅନୁପସ୍ଥିତିରେ ଫାର୍ମାସିଷ୍ଟ ଏଠାରେ ରୋଗୀ ଦେଖି ଡାକ୍ତର ସାଜୁଛନ୍ତି। ନା ଅଛି ରୋଗୀ କଲ୍ୟାଣ ସମିତିର ତଦାରଖଳ, ନା ହେଲଥ ସୁପରଭାଇଜରଙ୍କ ଏଥିପ୍ରତି ନଜର।




ସବୁଠୁ ଆଶ୍ଚର୍ଯ୍ୟର କଥା ହେଉଛି ରାଜକନିକା ମେଡିକାଲର ହେଲଥ ସୁପରଭାଇଜର ଜଣକ ରାଜକନିକା ସିଏଚସିର ଏସି ରୁମରେ ଅୟସ କରୁଥିବାବେଳେ ଏପଟେ ଗ୍ରାମାଞ୍ଚଳର ପିଏଚସିରେ ଦିନକୁ ଦିନ ଅସ୍ୱାସ୍ଥ୍ୟକର ପରିବେଶ ରୋଗୀଙ୍କୁ ଡରାଉଛି। ଏମିତି ଅନିୟମିତତା ମଧ୍ୟରେ ଚାଲୁଥିବା ଏହି ମେଡିକାଲର କର୍ମଚାରୀ ବେଆଇନ କାମ କରି ନିୟମିତ ସେବା ଦେଉଥିବା ଗୋଲାପୀ ଚିତ୍ର ଦେଖାଉଛନ୍ତି। ସିଡିଏମଓ ନଜର ଦେଲେ ଗ୍ରାମାଞ୍ଚଳର ସ୍ୱାସ୍ଥ୍ୟ ସେବା ପ୍ରତି ଲୋକେ ଭରସା କରିବେ ବୋଲି କୁହାଯାଉଛି।

# ବୋଟ୍ ସହ ୧୦ କ୍ୱିଣ୍ଟାଲ ବାଉରା ଚେର ଜବତ




**ରାଜନଗର, ୧୫।୭ (ସମିସ):** ଭିତରକନିକା ଜାତୀୟ ଉଦ୍ୟାନର କାକରାନାସୀ ଫରେଷ୍ଟ ବ୍ଲକ ଅଞ୍ଚଳରେ ମଫିଆ ଜଳପଥରେ ଆସି ଶିକାର କରିବା ସହ ବାଉରା ଗଛର ଚେର କଟିନେଉଥିବା ଖବର ମିଳିଥିଲା। ବନଖଣ୍ଡ ଅଧିକାରୀ ସୁଦର୍ଶନ ଗୋପୀନାଥ ଯାଦବଙ୍କ ନିର୍ଦ୍ଦେଶକ୍ରମେ ଏସିଏଫ ମାନସ ଦାସ, ଗଗନ ମଲ୍ଲିକ ଓ ରେଞ୍ଜ ଅଫିସର ଚିତ୍ତରଞ୍ଜନ ବେଉରା ନେତୃତ୍ୱରେ ଦୁଇଟି ଟିମ ଗଠନ କରାଯାଇଥିଲା। ବନ କର୍ମଚାରୀ ଏହା ଉପରେ ନଜର ରଖିଥିଲେ। ବାଉଁଶଗଡ ନଦୀରେ ବନ ବିଭାଗର ଦୁଇଟି ବୋଟ ଅଡା ପକାଇ ଦେଇଥିଲା। ମାଫିଆମାନେ ବାଉରା ଚେର ନେଉଥିବା ବୋଟକୁ ବୁଲାଇ ନ ପାରି କୂଳରେ ଲଗାଇ ଘଞ୍ଚ ଜଙ୍ଗଲ ଭିତରକୁ ପଳାଇଥିଲେ। ୨୦ରୁ ଅଧିକ ବନ କର୍ମଚାରୀ ଏହି ଚଢ଼ଉରେ ସାମିଲ ଥିଲେବି ଜଣେ ବି ମାଫିଆକୁ ଧରିପାରି ନ ଥିଲେ। ବନ ବିଭାଗ ଟିମ ମାଫିଆ ବ୍ୟବହାର କରୁଥିବା ବୋଟ ସହିତ ବୋଟରେ ଥିବା ୧୦ କ୍ୱିଣ୍ଟାଲ ବାଉରା ଚେର ଜବତ କରିଛନ୍ତି।

# ଅବସରପ୍ରାପ୍ତ ସରକାରୀ କର୍ମଚାରୀଙ୍କ ଦାବିପତ୍ର ପ୍ରଦାନ

**ରାଜନଗର, ୧୫।୭ (ସମିସ):** ରାଜନଗର ବ୍ଲକ୍ ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଂଘ ପକ୍ଷରୁ ୮ ଦଫା ଦାବିପତ୍ର ରାଜନଗର ବିଡିଓଙ୍କ ଜରିଆରେ ପ୍ରଧାନମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କୁ ପ୍ରଦାନ କରାଯାଇଛି। ସଭାପତି କୃପାସିନ୍ଧୁ ସାମଲଙ୍କ ନେତୃତ୍ୱରେ ସମ୍ପାଦକ ବିଜୟ ଜେନା, ସତ୍ୟବାଦୀ ଜେନା, ଅନୀଲ ବଳ, ବୀରକିଶୋର ଜେନା, ବିଜୟ ବେହେରା, ଘନଶ୍ୟାମ ବଳ, ଦାଶରଥି ଲେଙ୍କା, ଅର୍ଜ୍ଜୁନ ଚରଣ ସ୍ୱାଇଁ, ସୁରେନ୍ଦ୍ରନାଥ ପ୍ରଧାନ, ନନ୍ଦକିଶୋର ସ୍ୱାଇଁ, ନାରାୟଣ ଦାସ, ଅଭିରାମ ପତି, ବେଣୁଧର ସେଠୀ, ପ୍ରଫୁଲ ପ୍ରଧାନ, ଭାସ୍କର ପ୍ରଧାନ, ଦୋଳଗୋବିନ୍ଦ ସେଠୀ, କ୍ଷୀରୋଦ ମଲ୍ଲିକ, ମହେଶ୍ୱର ରାଉତ ପ୍ରମୁଖ ଅବସରପ୍ରାପ୍ତ କର୍ମଚାରୀ ବ୍ଲକକୁ ଯାଇ ବିଡିଓ ନ ଥିବାରୁ ଜିପିଓ ଧର୍ମେନ୍ଦ୍ର ଦାଶଙ୍କୁ ଦାବିପତ୍ର ପ୍ରଦାନ କରିଥିଲେ।

# ପଟ୍ଟାମୁଣ୍ଡାଇରେ ଶୀତଳଭଣ୍ଡାର ପ୍ରତିଷ୍ଠା ଦାବି

**ପଟ୍ଟାମୁଣ୍ଡାଇ, ୧୫।୭ (ସମିସ)**

ସମ୍ପ୍ରତି ବ୍ରାହ୍ମଣୀ ଓ ଗୋବରୀ ନଦୀ ଅବବାହିକା ପଟ୍ଟାମୁଣ୍ଡାଇ ସହରାଞ୍ଚଳ ଓ ଆଖପାଖ ଅଞ୍ଚଳରେ ପର୍ଯ୍ୟାପ୍ତ ସବୁଜ ପନିପରିବା ବର୍ଷ ସାରା ଚାଷ ହୋଇଥାଏ। ବାଇଗଣ, ଟମାଟୋ, ଭେଣ୍ଡି, ଜହ୍ନି, ପୋଟଳ, ଛଚିନ୍ଦ୍ରା, ବିନ, କଖାରୁ, ପୋଇ, ଝୁଡଙ୍ଗ, କୋବି, ମୂଳା, ବିଟ୍, ଗାଜର, କନ୍ଦ କଲରା, କୁନ୍ଦୁରୀ, ସିମ୍ବ, ଲାଉ, କାଙ୍କଣ, କ୍ୟାପ୍ସିକମ, ଲଙ୍କା ପ୍ରଭୃତି ଚାଷ ହେଉଥିବାବେଳେ କାକୁଡି, ତରଭୁଜ, ଅମୃତଭଣ୍ଡା, କଦଳୀ ଆଦି ବ୍ୟାପକ ଭାବେ ଚାଷ କରାଯାଇଥାଏ। ସେହିପରି ସାରୁ, ଆଳୁ, ମାଟିଆଳୁ, ପିଆଜ, ରସୁଣ, ଅଦା ଆଦି ଅର୍ଥକରି ଫସଲ ଚାଷ ହୁଏ। ଚିନାବାଦାମ, ମୁଗ, ବିରି, କୋଳଥ, ମାଣ୍ଡିଆ, ସୋରିଷ, ଧଣିଆ, ଫେସି, ଯଅ, ଧାନ ଆଦି ମଧ୍ୟ ବହୁଳ ଭାବେ ଚାଷ ହୋଇଥାଏ। ଚାଷୀ ଏହାକୁ ପଟ୍ଟାମୁଣ୍ଡାଇ ବଜାର ସମେତ ଆଖପାଖ ଗ୍ରାମାଞ୍ଚଳ ବଜାର ଓ ଜିଲ୍ଲାର ଅନ୍ୟ ବ୍ଲକ୍‌ରେ ଥିବା ହାଟରେ ବିକ୍ରି କରି ଦୁଇ ପଇସା ରୋଜଗାର କରନ୍ତି। ପନିପରିବା ଓ କୃଷିଜାତ ଦ୍ରବ୍ୟ ବିକ୍ରି କରି କୃଷିଜୀବୀ ସେମାନଙ୍କ ପରିବାରର ଗୁଜରାଣ ମେଣ୍ଟାଇଥା'ନ୍ତି। କିନ୍ତୁ ପଟ୍ଟାମୁଣ୍ଡାଇରେ ଶୀତଳଭଣ୍ଡାର ନ ଥିବାରୁ ବଳକା ପନିପରିବା ଓ ଅନ୍ୟାନ୍ୟ କୃଷିଜାତ ଦ୍ରବ୍ୟ ସାଇତି ରଖିବା ସମ୍ଭବ ହେଉନାହିଁ। ଫଳରେ ବଳକା ପନିପରିବା ପଚି ନଷ୍ଟ ହୋଇଯିବା ସହିତ ଅନ୍ୟାନ୍ୟ କୃଷିଜାତ ଦ୍ରବ୍ୟ ଅଳ୍ପଦିନ ମଧ୍ୟରେ ନଷ୍ଟ ହୋଇଯାଏ। ଚାଷୀ କ୍ଷତି ସହିବାକୁ ବାଧ ହେଉଛନ୍ତି। ତେଣୁ ପଟ୍ଟାମୁଣ୍ଡାଇରେ ଶୀତଳଭଣ୍ଡାର ପ୍ରତିଷ୍ଠା କରାଯିବାକୁ ଚାଷୀ ଦାବି କରୁଛନ୍ତି।

ଚାଷୀ ଚଢ଼ା ମୂଲ୍ୟରେ ମଞ୍ଜି, ବିହନ, ସାର, ଔଷଧ କିଣି ଫସଲ ଫଳାଉଥିଲେ ମଧ୍ୟ ଶୀତଳଭଣ୍ଡାର ନ ଥିବାରୁ ବହୁ ସମୟରେ ଉତ୍ପାଦିତ କୃଷିଜାତ ଦ୍ରବ୍ୟ ନଷ୍ଟ ହୋଇଯିବା ଭୟରେ ଚାଷୀ କମ୍ ମୂଲ୍ୟରେ ବିକ୍ରି କରିବାକୁ ବାଧ ହେଉଛନ୍ତି। ଶୀତଳଭଣ୍ଡାର ନ ଥିବାରୁ ଦୈବୀ ଦୁର୍ବିପାକ ସମୟରେ କ୍ଷେତରୁ ଫସଲ ଆଣି ସାଇତି ରଖିବା ମଧ୍ୟ ସମ୍ଭବ ହେଉନାହିଁ। ପଟ୍ଟାମୁଣ୍ଡାଇ ଧୋୟାଞ୍ଚଳର ବ୍ରାହ୍ମଣୀ ଅବବାହିକାରେ ଥିବା ଅଳପୁଆ, ତରଡ଼ିପାଳ, ପେଣ୍ଠପାଳ, ଅମୃତମଣୋହି, ଅଣ୍ଡରା, ସିଂହଗାଁ, ବଲୁରିଆ, ନୀଳକଣ୍ଠପୁର, ବାଲିପାଟଣା, ବାଛରା-ମଣ୍ଡପଡ଼ା, ଶାସନ, ଶ୍ରୀରାମପୁର, ଡାମରପୁର, ବଳଭଦ୍ରପୁର ପ୍ରଭୃତି ପଞ୍ଚାୟତରେ ଧୋୟାଞ୍ଚଳର ପଟୁମାଟିରେ ପ୍ରଚୁର ଭାବେ ପନିପରିବା ଚାଷ ହୋଇଥାଏ। ସେହିପରି ପୌରାଞ୍ଚଳ ତନୁପୁର, ନନ୍ଦିନନଗର, ଷଣ୍ଢପଲ୍ଲୀ, କଷଣଅଣ୍ଟା, ବାଲିପଡ଼ା, ତଳବାଲିପଡ଼ା, ସିଦ୍ଧପାଟଣା, ବଳଦେବନଗର, ନୂଆଗାଁ, କାକୁଡିପଲ୍ଲୀ ଓ ଅଳଭା ଆଦି ଅଞ୍ଚଳରେ ସବୁଜ ପନିପରିବା ସମେତ ଉନ୍ନତମାନର କୃଷି ଜାତ ଦ୍ରବ୍ୟ ଉତ୍ପାଦନ ହୋଇଥାଏ। ଭେଡା ଅଞ୍ଚଳର ଗୋବରୀ ନଦୀ ଅବବାହିକାରେ ଥିବା ଅଥରବାଟିଆ, ନରସିଂହପୁର, ଦିହାପଡ଼ା, ଗଙ୍ଗାରାମପୁର, ଗୁଣ୍ଡପୁର, ପଦ୍ମନାଭପୁର, ତେଲଙ୍ଗାବସନ୍ତ, ସେକପୁର ଆଦି ଭେଡା ଅଞ୍ଚଳରେ ମଧ୍ୟ ବ୍ୟାପକ ଭାବେ ପନିପରିବା ଚାଷ କରାଯାଉଥିବାବେଳେ ଉତ୍ପାଦିତ ସବୁଜ ପନିପରିବା ଚାହିଦା ଅଧିକ ରହିଥାଏ। ଦୀର୍ଘବର୍ଷ ଧରି ପଟ୍ଟାମୁଣ୍ଡାଇରେ ଶୀତଳଭଣ୍ଡାର ପ୍ରତିଷ୍ଠା କରାଯିବାକୁ ଦାବି ହୋଇଆସୁଥିଲେ ହେଁ ସରକାରୀ ସ୍ତରରେ କୌଣସି ଉଦ୍ୟମ କରାଯାଇନାହିଁ। ସ୍ଥାନୀୟ ପ୍ରଶାସନ ଓ ଜିଲ୍ଲା ପ୍ରଶାସନ ପକ୍ଷରୁ ପଟ୍ଟାମୁଣ୍ଡାଇଠାରେ ଶୀତଳ ଭଣ୍ଡାର ପ୍ରତିଷ୍ଠା ପ୍ରସଙ୍ଗରେ ତଥ୍ୟ ବାରମ୍ବାର ସରକାରଙ୍କୁ ପ୍ରଦାନ କରାଯାଉଥିଲେ ମଧ୍ୟ ତାହା କାର୍ଯ୍ୟକାରୀ ହୋଇପାରୁନାହିଁ। ଫଳରେ ଚାଷୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ସୃଷ୍ଟି ହେଉଛି। ସରକାର ପଟ୍ଟାମୁଣ୍ଡାଇରେ ଶୀତଳଭଣ୍ଡାର ପ୍ରତିଷ୍ଠା ଦିଗରେ ପଦକ୍ଷେପ ନେବାକୁ ସାଧାରଣରେ ଦାବି ହୋଇଛି।

# ସାପ କାମୁଡ଼ାରେ ଶ୍ରମିକଙ୍କ ମୃତ୍ୟୁ

**ରାଜନଗର, ୧୫।୭ (ସମିସ):** ରାଜନଗର ବ୍ଲକ କୁରୁଣ୍ଟି ପଞ୍ଚାୟତ ନୋଧାବସନ୍ତ ଶିରିଗଡ ଗ୍ରାମର ନାଥୁରାମ ପ୍ରଧାନଙ୍କ ସାପ କାମୁଡାରେ ମୃତ୍ୟୁ ଘଟିଛି। ଆଜି ଉଠିବା ବିଳମ୍ବ ହେବାରୁ ପରିବାର ଲୋକେ ତାଙ୍କୁ ଡାକିଥିଲେ। ସେ କୌଣସି ଜବାବ ନ ଦେବାରୁ ତାଙ୍କୁ ସଙ୍ଗେ ସଙ୍ଗେ ରାଜନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ସେ ଶ୍ରମିକ ଭାବେ କାମ କରୁଥିଲେ।

# ପାଣି ଘେରରେ ସାତଭାୟାବାସୀଙ୍କ ଥଇଥାନ ସ୍ଥଳୀ

**ରାଜନଗର, ୧୫।୭ (ସମିସ):** ବଙ୍ଗୋପସାଗର ଦ୍ୱାରା ପ୍ରଭାବିତ ସାତଭାୟାର ୭୧୯ ପରିବାରକୁ ବଗପାଟିଆଠାରେ ଥଇଥାନ କରାଯାଇଛି। ତେବେ ବିପନ୍ନ ଅଧିବାସୀ ବଗପାଟିଆରେ ନର୍କ ଯନ୍ତ୍ରଣା ଭୋଗୁଛନ୍ତି। ବଗପାଟିଆ ଥଇଥାନ ସ୍ଥଳୀ କନେକ୍ଟିଭ



ରାସ୍ତା ସମ୍ପୂର୍ଣ୍ଣ ନଷ୍ଟ ହୋଇଯାଇଛି। ସାମାନ୍ୟ ବର୍ଷାରେ ଥଇଥାନ ସ୍ଥଳୀ ରାସ୍ତାରେ ଯାତାୟାତ କରିହେଉନି। ଥଇଥାନ ସ୍ଥଳୀରେ ଥିବା ୧୮ଟି କନେକ୍ଟିଭ ରାସ୍ତା ମଧ୍ୟରୁ ୨ ନମ୍ବର, ୩ ନମ୍ବର, ୪ ନମ୍ବର, ୫ ନମ୍ବର, ୬ ନମ୍ବର, ୭ ଓ ୮ ନମ୍ବର ରାସ୍ତାରେ ଏବେ ଆଣ୍ଠୁଏ ପାଣି। ରାସ୍ତା ଉପରେ ୨ ଫୁଟ ଉଚ୍ଚର ବର୍ଷାଜଳ ଜମି ରହିଛି। ଲୋକେ ଘରୁ ବାହାରି ପାରୁନାହାନ୍ତି। ଏକପ୍ରକାର ଜଳବନ୍ଦୀ ଜୀବନ ବିତାଉଛନ୍ତି। ରାସ୍ତାରେ ୨ ଫୁଟ ପାଣି ଓ କାଦୁଅ ଯୋଗୁଁ ଛାତ୍ରଛାତ୍ରୀ ବିଦ୍ୟାଳୟକୁ ଯାଇପାରୁନାହାନ୍ତି। ଏପରିକି ରାସନ ସାମଗ୍ରୀ ପାଇଁ ଯାଇପାରୁନାହାନ୍ତି। ଥଇଥାନ ସ୍ଥଳୀରେ ମାଟି ଫିଲିଙ୍ଗ କାମ ଅଧାପନ୍ତରିଆ କରି ଛାଡିଦିଆଯିବା ଯୋଗୁଁ ଏପରି ପରିସ୍ଥିତି ସୃଷ୍ଟି ହୋଇଛି। ଖାଲୁଆ ସ୍ଥାନରେ ପାଣି ଜମି ରହିବା ସହ ପାଣି ନିଷ୍କାସନ ହୋଇ ନ ପାରିବାରୁ ବର୍ଷାଜଳ ଏବେ ଘରେ ପଶିଲାଣି। ଯେଉଁ ପରିବାର କୋଠାଘର ନିର୍ମାଣ ଶେଷ କରି ନ ପାରି ମାଟିଘରେ ରହୁଛନ୍ତି, ସେମାନଙ୍କ ଘରର ଚଟାଣ ସନ୍ତସନ୍ତିଆ ହୋଇପଡିଛି। ୧୦ ମାସ ତଳେ କେନ୍ଦ୍ରପଡ଼ା ଜିଲ୍ଲାପାଳ ଘନଘନ ବୈଠକ କରି ସାତଭାୟାକୁ ଆଦର୍ଶ କଲୋନୀ କରାଯିବ ଓ ସବୁ ସମସ୍ୟା ସମାଧାନ ପାଇଁ ମାଷ୍ଟର ପ୍ଲାନ ପ୍ରସ୍ତୁତ କରିଥିଲେ। ଆଜିଯାଏଁ କୌଣସି କାମ କରାଗଲା ନାହିଁ। ଏପଟେ ସାତଭାୟାର ଲୋକେ ଏକପ୍ରକାର ଗୃହବନ୍ଦୀ ଜୀବନ ବିତାଉଥିବା ସରପଞ୍ଚ ପ୍ରସନ୍ନ ପରିଡା ଓ ସୁଦର୍ଶନ ରାଉତ କହିଛନ୍ତି।

■ ସୌମ୍ୟାଶ୍ରୀଙ୍କୁ ନ୍ୟାୟ ପ୍ରଦାନ ପାଇଁ ଆନ୍ଦୋଳନ

## ଏଆଇଡିଏସ୍‌ଓର ଛାତ୍ରନେତାଙ୍କ ଗିରଫଦାରିକୁ ନିନ୍ଦା

ଢେଙ୍କାନାଳ, ୧୫।୭ (ସମିସ): ଏଫ୍‌ଏମ୍ କଲେଜର ଛାତ୍ରୀ ସୌମ୍ୟାଶ୍ରୀଙ୍କୁ ନ୍ୟାୟ ପ୍ରଦାନ ପାଇଁ ଚାଲିଥିବା ଆନ୍ଦୋଳନକୁ ଦମନ କରିବା ଉଦ୍ଦେଶ୍ୟରେ ରେଭେନ୍ସା ସମାବର୍ତ୍ତନ ସଭାଆଳରେ ଏଆଇଡିଏସ୍‌ଓର କଟକ ଜିଲ୍ଲା ସମ୍ପାଦକ ତରୁଣସେନ ନାୟକଙ୍କୁ ପୁଲିସ ଜିଲ୍ଲା ଅଫିସରୁ ଗିରଫ କରିବା ସହ ଅନ୍ୟ ଛାତ୍ରନେତାଙ୍କୁ ଗିରଫ ପାଇଁ ତନାଘନା ଆରମ୍ଭ କରିଛି। ଗିରଫଦାରୀକୁ ଏଆଇଡିଏସ୍‌ଓର ରାଜ୍ୟ ସମ୍ପାଦକ ମଣ୍ଡଳୀ ସଦସ୍ୟ ତଥା ସଂଗଠନର ଢେଙ୍କାନାଳ ଜିଲ୍ଲା ସଂଯୋଜକ ବିନୋଦ ସେଠୀ ତୀବ୍ର ନିନ୍ଦା କରିଛନ୍ତି। ସଂଗଠନ ତରଫରୁ କୁହାଯାଇଛି ଯେ ଦୀର୍ଘ ୮ ମାସ ଧରି ବାଲେଶ୍ୱରର ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ପୀଡ଼ିତା ଛାତ୍ରୀ ନ୍ୟାୟ ପାଇଁ ଲଢେଇ କରି ଆସୁଥିଲେ। ମହାବିଦ୍ୟାଳୟ କର୍ତ୍ତୃପକ୍ଷ, ପୁଲିସ, ରାଜ୍ୟ ସରକାର ତଥା ବାଲେଶ୍ୱରର ସାଂସଦ, ବିଧାୟକ ସମସ୍ତଙ୍କୁ ଜଣାଇବା ପରେ ନ୍ୟାୟ ପାଇବାରୁ ବଞ୍ଚିତ ହେବାରୁ ଗତ ୧୨ ଜୁଲାଇ ଆତ୍ମାହୁତି ଭଳି ଚରମ ପଦକ୍ଷେପ ନେଇଥିଲେ। ଘଟଣାର ଉଚ୍ଚସ୍ତରୀୟ ବିଚାରବିଭାଗୀୟ ତଦନ୍ତ କରି ସମ୍ପୃକ୍ତ ଦୋଷୀମାନଙ୍କୁ ଉପଯୁକ୍ତ ଦଣ୍ଡ ଦାବିରେ ଏଆଇଡିଏସ୍‌ଓ ପକ୍ଷରୁ ରାଜ୍ୟ ବ୍ୟାପୀ ଆନ୍ଦୋଳନ ଜାରିରହିଛି। ଗତକାଲି ରାତିରେ ପୀଡ଼ିତାଙ୍କ ମୃତ୍ୟୁ ପରେ ଆନ୍ଦୋଳନ ବ୍ୟାପକ ରୂପ ନେବ ବୋଲି ରାଜ୍ୟ ସରକାର ଆଶଙ୍କା କରି ଆଜି ରେଭେନ୍ସା ସମାବର୍ତ୍ତନ ସଭାଆଳରେ ଛାତ୍ରନେତାମାନଙ୍କୁ ଗିରଫ କରିବା ଆରମ୍ଭ କରିଛି। ପୀଡ଼ିତାଙ୍କ ଦୁଃଖଦ ମୃତ୍ୟୁ ଘଟଣାରେ ସମ୍ପୃକ୍ତ ଅଭିଯୁକ୍ତ ତଥା ଛାତ୍ରୀଙ୍କ ଅଭିଯୋଗ ପରେ କୌଣସି ପଦକ୍ଷେପ ନେଇନଥିବା ବ୍ୟକ୍ତିମାନଙ୍କୁ ଦୃଷ୍ଟାନ୍ତମୂଳକ ଶାସ୍ତି ପ୍ରଦାନ କରିବା ଓ ଶିକ୍ଷାନୁଷ୍ଠାନ ସମେତ ସମସ୍ତ ସ୍ଥାନରେ ଛାତ୍ରୀମାନଙ୍କର ନିରାପତ୍ତା ସୁନିଶ୍ଚିନ୍ତ କରିବା ଦାବି କରାଯାଇଛି।

## ବାଜିରାଉତ କଲେଜ ଆଗରେ ଛାତ୍ର କଂଗ୍ରେସର ପ୍ରତିବାଦ

ଭୁବନ, ୧୫।୭ (ସମିସ): ଫକୀରମୋହନ ବିଶ୍ୱବିଦ୍ୟାଳୟର ଛାତ୍ରୀ ସୌମ୍ୟଶ୍ରୀଙ୍କ ମୃତ୍ୟୁ ପରେ ସାରା ରାଜ୍ୟରେ ତେଜୁଛି ଛାତ୍ର ଆନ୍ଦୋଳନ। ଭୁବନ ଛାତ୍ର କଂଗ୍ରେସ ନେତା ପଞ୍ଚାନନ ରାଉତଙ୍କ ନେତୃତ୍ୱରେ ଶତାଧିକ ଛାତ୍ରଛାତ୍ରୀ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ମୁଖ୍ୟମନ୍ତ୍ରୀ, ଶିକ୍ଷା ମନ୍ତ୍ରୀ, ସାଂସଦ ବାଲେଶ୍ୱରଙ୍କ ଇସ୍ତଫା ଦାବି କରିଥିଲେ। ମୁଖ୍ୟ ଅଭିଯୁକ୍ତ ପ୍ରାଧ୍ୟାପକ ସମୀର ସାହୁ ତାଙ୍କର ଚାକିରି ଜୀବନ ଭୁବନ ବାଜିରାଉତ କଲେଜରୁ ଆରମ୍ଭ ହୋଇଥିଲା। ତାଙ୍କର ଏଠାକାର ଚାକିରି କାଳରେ ମଧ୍ୟ ଅନୁରୂପ ଅଭିଯୋଗ ଥିଲା। ସମୀର ସାହୁଙ୍କ କୁଶ ପୁତ୍ତଳିକା ଦାହ କରାଯାଇଥିଲା। ଗୁଲସନ ସାହୁ, ଚିନ୍ମୟ ମହାରଣା, ବିଶ୍ୱରଞ୍ଜନ ଚିନରା, ଓମ୍‌ଜିତ ମହାନ୍ତି ନେତୃତ୍ୱ ନେଇଥିଲେ।

# ଏଫ୍‌ଏମ୍ ଛାତ୍ରୀଙ୍କ ମୃତ୍ୟୁକୁ ନେଇ ବିଜେଡିର ପ୍ରତିବାଦ

● ଶିକ୍ଷାମନ୍ତ୍ରୀ, ମୁଖ୍ୟମନ୍ତ୍ରୀଙ୍କ କୁଶପୁତ୍ତଳିକା ଦାହ




କାମାକ୍ଷାନଗର, ୧୫।୭ (ସମିସ): ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀ ସୌମ୍ୟଶ୍ରୀ ବିଶିଙ୍କ ମୃତ୍ୟୁକୁ ନେଇ ସାରା ରାଜ୍ୟରେ ଉଦ୍‌ବେଗ ପ୍ରକାଶ ପାଇଥିବା ବେଳେ ରାଜ୍ୟ ସରକାରଙ୍କ ଅପାରଗତାକୁ ନେଇ ପ୍ରତିବାଦ କରିଛି ବିଜେଡି। ଆଜି କାମାକ୍ଷାନଗର ମହାବିଦ୍ୟାଳୟ ସାମ୍ନାରେ ଏହାର ପ୍ରତିବାଦରେ ଶତାଧିକ ବିଜେଡି ନେତା ଓ କର୍ମୀ ଉପସ୍ଥିତ ରହି ସରକାରଙ୍କୁ ବିରୋଧ କରିଥିବା ବେଳେ ରାଜ୍ୟର ମୁଖ୍ୟମନ୍ତ୍ରୀ ଓ ଶିକ୍ଷାମନ୍ତ୍ରୀଙ୍କ କୁଶ ପୁତ୍ତଳିକା ଦାହ କରିଛନ୍ତି। ରାଜ୍ୟ ସରକାରଙ୍କ ଉଦାସୀନତା ଯୋଗୁଁ ସୌମ୍ୟଶ୍ରୀଙ୍କ ମୃତ୍ୟୁ ହୋଇଥିବା ବେଳେ ବିଜେଡିର ପ୍ରତିବାଦକୁ ସମର୍ଥନ ଜଣାଇଛନ୍ତି କଲେଜ ଛାତ୍ରୀ। ବହୁ ସଂଖ୍ୟାରେ କଲେଜ ଛାତ୍ରୀ ପ୍ରତିବାଦରେ ସାମିଲ ରହି ଅଭିଯୁକ୍ତମାନଙ୍କ ପ୍ରତି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଦାବି କରିଥିବା ବେଳେ ରାଜ୍ୟରେ କ୍ରମାଗତ ଭାବେ ନାରୀ ନିର୍ଯାତନା, ଦୁଷ୍କର୍ମ ବନ୍ଦ କରିବା ପାଇଁ ଦାବି କରିଛନ୍ତି। ମୁଖ୍ୟମନ୍ତ୍ରୀ ତୁରନ୍ତ ଗାଦି ଛାଡ଼ିବା ସହ ଇସ୍ତଫା ଦାବି କରିଛନ୍ତି ବିଜେଡି ନେତା, କର୍ମୀ ଓ କଲେଜ ଛାତ୍ରୀ। କାର୍ଯ୍ୟକ୍ରମରେ ବିଜେଡିର ବହୁ ନେତା ସାମିଲ ହୋଇଥିଲେ। ଢେଙ୍କାନାଳ ଜିଲ୍ଲା ଯୁବ ବିଜେଡି ସଭାପତି ଧର୍ମାନନ୍ଦ ପରିଡ଼ାଙ୍କ ନେତୃତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ କାମାକ୍ଷାନଗର ଏନ୍‌ଏସି ଉପାଧ୍ୟକ୍ଷା ଶକୁନ୍ତଳା ସେଠୀ, ବ୍ଲକ ବିଜେଡି ସଭାପତି ପ୍ରଭାସ ରଞ୍ଜନ ମିଶ୍ର, ସମସ୍ତ କାଉନସିଲର, ବହୁ ବରିଷ୍ଠ ବିଜେଡି ନେତା ଓ କର୍ମୀ ଯୋଗଦେଇଥିଲେ।

## ଛାତ୍ର ବିଜେଡି ପକ୍ଷରୁ ବିକ୍ଷୋଭ

ପରଜଙ୍ଗ: ବାଲେଶ୍ୱର ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁକୁ ନେଇ ବିଭିନ୍ନ ମହଲରେ ଉତ୍ତେଜନା ପ୍ରକାଶ ପାଇଛି। ଜୀବନ ଯୁଦ୍ଧରେ ହାରିଯାଇଥିବା ସୌମ୍ୟାଙ୍କ ପାଇଁ ଆଜି ସାରା ରାଜ୍ୟ ମର୍ମାହତ। ଏହି ଘଟଣା ପ୍ରତିବାଦରେ ଢେଙ୍କାନାଳ ଜିଲ୍ଲା ପରଜଙ୍ଗ ବ୍ଲକ ଛାତ୍ର ବିଜେଡି କର୍ମୀମାନେ ରାଜରାସ୍ତାକୁ ଓହ୍ଲାଇ ରଣହୁଙ୍କାର ଦେଇଛନ୍ତି। ଛାତ୍ର ବିଜେଡି କର୍ମୀମାନେ ମଙ୍ଗଳବାର ପୂର୍ବାହ୍ନ ୧୧ଟା ସମୟରେ ପରଜଙ୍ଗ ମହାବିଦ୍ୟାଳୟର ପ୍ରବେଶ ପଥ ମୁଖ୍ୟ ଫାଟକ ସମ୍ମୁଖରେ ଶୋଇ ବିଜେପି ସରକାର ବିରୁଦ୍ଧରେ ବିକ୍ଷୋଭ ପ୍ରଦର୍ଶନ କରି ନାରାବାଜି କରିଥିବା ଦୃଶ୍ୟ ଦେଖିବାକୁ ମିଳିଥିଲା। ଛାତ୍ର ବିଜେଡି ସଦସ୍ୟ ଅଜିତ କୁମାର ସାମଲ, ଜିତେନ୍ଦ୍ର ବେହେରା, କ୍ରିଶ ସାମଲଙ୍କ ନେତୃତ୍ୱରେ କର୍ମୀମାନେ କଲେଜ ପ୍ରବେଶ ପଥ ମୁଖ୍ୟଫାଟକ ସମ୍ମୁଖରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ହାଏ ହାଏ, ଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ତୁମେ ଇସ୍ତଫା ଦିଅ ଏବଂ ବିଜେପି ସରକାର ଡାଉନ ଡାଉନ ସ୍ଲୋଗାନ ଦେଇ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଓ ଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜଙ୍କ ଇସ୍ତଫା ଦାବି କରି ଉଭୟଙ୍କ ଫଟୋଚିତ୍ର ରଖି କୁଶପୁତ୍ତଳିକା ଦାହ କରିଥିଲେ।



## ଝାଡ଼ାବାନ୍ତିରେ ବୃଦ୍ଧା ମୃତ

ଗଁଦିଆ, ୧୫।୭ (ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଅଧୀନ ପିଙ୍ଗୁଆ ଗ୍ରାମରେ ଝାଡ଼ା ପ୍ରକୋପରେ ଜଣେ ବୃଦ୍ଧାଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ପିଙ୍ଗୁଆ ଗ୍ରାମର ଉପେନ୍ଦ୍ର ସାହୁଙ୍କ ସ୍ତ୍ରୀ ଜତନୀ ସାହୁ (୭୭)। ଗତ ଶନିବାର ସେ ଝାଡାବାନ୍ତିରେ ଅକ୍ରାନ୍ତ ହେବାରୁ ତାଙ୍କୁ ଶ୍ରୀରାମଚନ୍ଦ୍ରପୁର ଗୋଷ୍ଠି ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ରବିବାର ସ୍ୱାସ୍ଥ୍ୟବସ୍ଥା ସଙ୍କଟାପନ୍ନ ହେବାରୁ ଡାକ୍ତର ତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲେ। ଅପରାହ୍ଣ ୩ଟାବେଳେ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ମଙ୍ଗଳବାର ସକାଳେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ ବୋଲି ତାଙ୍କ ପୁଅ ଅନ୍ତର୍ଯ୍ୟାମୀ ସାହୁ ପ୍ରକାଶ କରିଛନ୍ତି। ଉକ୍ତ ଗ୍ରାମର ୱାର୍ଡ ୧ରେ ଦୂଷିତ ପାଣି ପିଇବା ଫଳରେ ଏଠାରେ ଏହି ଝାଡ଼ାବାନ୍ତି ରୋଗ ବ୍ୟାପିଥିଲା। ଏଥିରେ ସମୁଦାୟ ୨୩ ଜଣ ଆକ୍ରାନ୍ତ ହୋଇ ଆକ୍ରାନ୍ତ ହୋଇ ବିଭିନ୍ନ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସିତ ହେଉଥିଲେ।

## ଆଇନଶୃଙ୍ଖଳାକୁ ନେଇ ଜିଲ୍ଲା ଓକିଲ ସଂଘ ପକ୍ଷରୁ ଏସ୍‌ପିଙ୍କ ସହ ଆଲୋଚନା

ଢେଙ୍କାନାଳ, ୧୫।୭ (ସମିସ): ଢେଙ୍କାନାଳ ଜିଲ୍ଲା ଓକିଲ ସଂଘର ସଭାପତି ଗୋପାଳ ଚନ୍ଦ୍ର ପାତ୍ରଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ଜିଲ୍ଲାର ବର୍ତ୍ତମାନ ଆଇନଶୃଙ୍ଖଳା ପରିସ୍ଥିତି ବିଷୟରେ ଆଲୋଚନା କରିବା ପାଇଁ ଜିଲ୍ଲା ଆରକ୍ଷୀ ଅଧିକ୍ଷକଙ୍କୁ ତାଙ୍କ କାର୍ଯ୍ୟାଳୟରେ ସାକ୍ଷାତ କରିଥିଲେ। ଆଲୋଚନା ସମୟରେ ଜିଲ୍ଲାର ବିଭିନ୍ନ ପ୍ରକାର ଆଇନଶୃଙ୍ଖଳା ପରିସ୍ଥିତି ଉପରେ ପୁଙ୍ଖାନୁପୁଙ୍ଖ ଭାବରେ ଆଲୋଚନା କରାଯାଇଥିଲା। ମୁଖତଃ ଜିଲ୍ଲାରେ ବର୍ତ୍ତମାନର ଟ୍ରାଫିକ୍ ସମସ୍ୟା, ରାହାଜାନୀ, ଚୋରି, ଅଜ୍ଞାତ ଲୋକମାନଙ୍କର ଜିଲ୍ଲାରେ ବସବାସ, ଜିଲ୍ଲାରେ ବର୍ଦ୍ଧିତ ମଦ୍ୟପ ଓ ଡ୍ରଗ୍ସ ନିଶାସକ୍ତଙ୍କର ପ୍ରାଦୁର୍ଭାବ, ଦାଦାବଟୀ, ସମୟେ ସମୟେ ପୁଲିସ୍‌ର ନିଷ୍କ୍ରିୟତା ଆଲୋଚନା କରାଯାଇଥିଲା। ଅଭିଯୋଗ ଶୁଣିଲା ପରେ ଆରକ୍ଷୀ ଅଧିକ୍ଷକ ଅଭିନବ ସୋନକର ସମସ୍ତ ବିଷୟରେ ତୁରନ୍ତ ପଦକ୍ଷେପ ଗ୍ରହଣ କରିବା ପାଇଁ ପ୍ରତିଶ୍ରୁତି ପ୍ରଦାନ କରିଥିଲେ। ଢେଙ୍କାନାଳ ଜିଲ୍ଲାକୁ ସମ୍ପୂର୍ଣ୍ଣ ଅପରାଧ ମୁକ୍ତ କରିବା ପାଇଁ ସମସ୍ତଙ୍କର ସହଯୋଗ କାମନା କରିଥିଲେ। ପ୍ରତିନିଧି ଦଳରେ ଜିଲ୍ଲା ଓକିଲ ସଂଘର ଉପସଭାପତି ଟଙ୍କଧର ବେହେରା, ସମ୍ପାଦକ ତାପସ କୁମାର କବିଶତପଥି, ପୂର୍ବତନ ସଭାପତି ପଙ୍କଜ ଲୋଚନ ସାହୁ, ପ୍ରତାପ ନାରାୟଣ ତ୍ରିପାଠୀ, ଶିବସାଇ ମହାପାତ୍ର, ବରିଷ୍ଠ ସଭ୍ୟ ସୁଶ୍ରୀଭାସୀନ ମହାଖୁଡ, ନିର୍ମଳ ମିଶ୍ର, କିସାନ ବିଶ୍ୱାଳ, ପ୍ରକାଶ ରାଉତ, ଦୀପ୍ତିମୟ ପଟ୍ଟନାୟକ, ରାଜେନ୍ଦ୍ର ନାରାୟଣ ରାଉତ ଓ ଗୁପ୍ତେଶ୍ୱର ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ।

■ ସମଗ୍ର ଶିକ୍ଷା କାର୍ଯ୍ୟକ୍ରମ ସମୀକ୍ଷା

## ଶିକ୍ଷା ସହିତ ସମସ୍ତ ପ୍ରକାର ସହାୟତା ଯୋଗାଇବାକୁ ନିର୍ଦ୍ଦେଶ



ଢେଙ୍କାନାଳ, ୧୫।୭ (ସମିସ): ସ୍ଥାନୀୟ ଜିଲ୍ଲା କାର୍ଯ୍ୟାଳୟର ସଦ୍‌ଭାବନା ସଭାଗୃହରେ ଜିଲ୍ଲାରେ କାର୍ଯ୍ୟକାରୀ ହେଉଥିବା ସମଗ୍ର ଶିକ୍ଷା ଅଭିଯାନ ସମ୍ପର୍କରେ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ସରକାରଙ୍କ ପକ୍ଷରୁ ପିଲାମାନଙ୍କୁ ଯୋଗାଇ ଦିଆଯାଉଥିବା ପୋଷାକ, ଜୋତା, ମୋଜା, ପୁସ୍ତକ ଆଦି ତୁରନ୍ତ ପିଲାଙ୍କୁ ପ୍ରଦାନ କରିବାକୁ ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ ବିଭାଗୀୟ ଅଧିକାରୀ ମାନଙ୍କୁ ତାଗିଦ କରିଥିଲେ। ସେମାନଙ୍କ ପାଇଁ ଉଦ୍ଦିଷ୍ଟ ଖେଳ ଉପକରଣ, ବିଜ୍ଞାନଗାର ଉପକରଣ ବ୍ୟବହାରକୁ ନିୟମିତ କରିବାକୁ କହିଥିଲେ। ବିଇଓମାନେ ନିୟମିତ ଭାବେ ବିଭିନ୍ନ ବିଦ୍ୟାଳୟ ଗସ୍ତକରି କାର୍ଯ୍ୟ ଖସଡା ଅନୁସାରେ ବିଦ୍ୟାଳୟରେ ନିୟମିତ ଶିକ୍ଷାଦାନ ଓ ସମସ୍ତ କାର୍ଯ୍ୟକ୍ରମ ତଦାରଖ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଛାତ୍ରଛାତ୍ରୀଙ୍କୁ ଫିଟ୍‌ଫାଟ୍ ରଖି ସେମାନଙ୍କର ସାମଗ୍ରୀକ ବିକାଶରେ ସମସ୍ତେ ଉଦ୍ୟମ କରନ୍ତୁ ବୋଲି କହିଥିଲେ। ଜିଲ୍ଲା ଶିକ୍ଷା ଅଧିକାରୀ ତଥା ସମଗ୍ର ଶିକ୍ଷାର ପ୍ରକଳ୍ପ ନିର୍ଦ୍ଦେଶିକା ବିନିତା ସେନାପତି ବିଦ୍ୟାଳୟରେ ପିଲାମାନଙ୍କର ସ୍ୱାସ୍ଥ୍ୟକୁ ଦୃଷ୍ଟିରେ ରଖି ପ୍ରାଥମିକ ଚିକିତ୍ସାର ବ୍ୟବସ୍ଥା, ଆଦର୍ଶ ବିଦ୍ୟାଳୟ ମାନଙ୍କରେ ନିୟମିତ ସ୍ୱାସ୍ଥ୍ୟ ପରୀକ୍ଷା, ୮ଟି ବିଦ୍ୟାଳୟରେ ସକ୍ଷମ କେନ୍ଦ୍ର ଓ ୫ଟି ବିଦ୍ୟାଳୟରେ ପ୍ରତିବନ୍ଧମୁକ୍ତ କେନ୍ଦ୍ର ଖୋଲାଯାଇ ପିଲାମାନଙ୍କୁ ଶିକ୍ଷା ସହିତ ଅନ୍ୟ ସମସ୍ତ ପ୍ରକାର ସହାୟତା ଯୋଗାଣ ସମ୍ପର୍କରେ ସେ ସୂଚନା ଦେଇଥିଲେ। ଶିକ୍ଷାଦାନ, ଦିବ୍ୟାଙ୍ଗ ପିଲାମାନଙ୍କ ନିମନ୍ତେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ, ସେଥିପାଇଁ ବିଭିନ୍ନ ହେଉଥିବା ସ୍ତରରେ ଟ୍ରେନିଂ, ପ୍ରତ୍ୟେକ ବିଦ୍ୟାଳୟର ଇଣ୍ଟରନାଲ କମିଟି ଗଠନ ଆଦି ସମ୍ପର୍କରେ ସେ ସୂଚନା ପ୍ରଦାନ କରିଥିଲେ। ଜିଲ୍ଲା ଶିକ୍ଷା।। ଓ ପ୍ରଶିକ୍ଷଣ ପ୍ରତିଷ୍ଠାନର ଅଧ୍ୟକ୍ଷ ଲକ୍ଷ୍ମଣ କୁମାର ସାହୁ ଶିଶୁ ବାଟିକାର କାର୍ଯ୍ୟକାରିତା ସମ୍ପର୍କରେ ବର୍ଣ୍ଣନା କରି ପିଲାମାନଙ୍କୁ କିଭଳି ମୌଳିକ ସାକ୍ଷରତା ଓ ସଂଖ୍ୟା ଜ୍ଞାନ ପ୍ରଦାନ କରାଯାଉଛି ବୋଲି ଅବଗତ କରାଇଥିଲେ।

## ଅଭ୍ୟାସ ବିଦ୍ୟାଳୟ ଓ ଡାଏଟ ମଧ୍ୟରେ ଦ୍ୱିପାକ୍ଷିକ ଆଲୋଚନା

■ ୬ଟି ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅଭ୍ୟାସ ପାଠଦାନ ହେବ



ଢେଙ୍କାନାଳ, ୧୫।୭ (ସମିସ): ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନରେ ଅଧ୍ୟୟନରତ ପ୍ରଥମ ବାର୍ଷିକ ଗୁରୁଛାତ୍ରଛାତ୍ରୀଙ୍କ ଅଭ୍ୟାସ ପଠାଦାନ ବା ଇର୍ଣ୍ଣନସିପ ଆସନ୍ତା ୧୬ ତାରିଖରୁ ସହର ମଧ୍ୟସ୍ଥ ୬ଟି ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ ହେବାକୁ ଯାଉଛି। ଏଥିପାଇଁ ଅଭ୍ୟାସ ବିଦ୍ୟାଳୟର ପ୍ରଧାନଶିକ୍ଷକ ଓ ଡାଏଟର ଶିକ୍ଷକ ପ୍ରଶିକ୍ଷକମାନଙ୍କୁ ନେଇ ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ପ୍ରଶିକ୍ଷଣ ପ୍ରତିଷ୍ଠାନର ଅଧ୍ୟକ୍ଷ ଲକ୍ଷ୍ମଣ କୁମାର ସାହୁ ଅଧ୍ୟକ୍ଷତା କରିଥିବା ବେଳେ ବରିଷ୍ଠ ଶିକ୍ଷକ ପ୍ରଶିକ୍ଷିକା ସ୍ନେହଲତା ରାଜ ଇର୍ଣ୍ଣନସିପର ଆଧାର ଓ ନୀତି ନିୟମ ଆଲୋଚନା କରିଥିଲେ। ବିଦ୍ୟାଳୟର ଶୈକ୍ଷିକକାର୍ଯ୍ୟ ବ୍ୟତୀତ ସହ ଶୈକ୍ଷିକ କାର୍ଯ୍ୟରେ ଗୁରୁଛାତ୍ରଛାତ୍ରୀଙ୍କ ଅଂଶଗ୍ରହଣକୁ ଯେପରି ସୁନିଶ୍ଚିତ କରାଯିବ ସେଥିଲାଗି ପ୍ରଧାନ ଶିକ୍ଷକମାନେ ଯତ୍ନବାନ ହେବେ ବୋଲି ନିଷ୍ପତି ହୋଇଥିଲା। ଅଭ୍ୟାସ ପାଠଦାନ ସମୟ ଅବଧି ଭିତରେ ୫ଟି ବିଦ୍ୟାଳୟଭିତ୍ତିକ କାର୍ଯ୍ୟକୁ ସମ୍ପର୍ଣ୍ଣ ଜାରିବା ଦିଗରେ ବିଦ୍ୟାଳୟଗୁଡିକ ସହାୟତା ଯୋଗାଇ ଦେବାକୁ ସହମତ ହୋଇଥିଲେ। ସଭା ପ୍ରାରମ୍ଭରେ ପ୍ରାକସେବା ଶିକ୍ଷକ, ଶିକ୍ଷାବିଭାଗର ମୁଖ୍ୟ ତଥା ପ୍ରଶିକ୍ଷିକା ପ୍ରଭାତୀ ସ୍ୱାଇଁ ସ୍ୱାଗତ ଭାଷଣ ଦେଇଥିବାବେଳେ ଅନ୍ୟତମ ପ୍ରଶିକ୍ଷିକା ସୌମ୍ୟା ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ। ଆଜିର ବୈଠକରେ ସଦର ଅତିରିକ୍ତ ଗୋଷ୍ଠୀ ଶିକ୍ଷାକ୍ଷ ଅଧିକାରୀ ଦେବବ୍ରତ ନାଥ ଯୋଗଦେଇଥିବା ବେଳେ କଲେଜପଡ଼ା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, କୁଞ୍ଜକାନ୍ତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ଜର୍ଜ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ପୋଲିସ ଲାଇନ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ମୁକ୍ତାଦେଇପୁର ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଓ ବାପୁଜୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କ ସମେତ ପ୍ରଶିକ୍ଷଣ ପ୍ରତିଷ୍ଠାନର ସମସ୍ତ ଅଧ୍ୟାପିକା ଯୋଗଦେଇଥିଲେ।

## ବିଶ୍ୱଭୂଷଣ ପ୍ରଦେଶ ଛାତ୍ର କଂଗ୍ରେସର ସାଧାରଣ ସମ୍ପାଦକ



ଢେଙ୍କାନାଳ, ୧୫।୭ (ସମିସ): ପ୍ରଦେଶ ଛାତ୍ର କଂଗ୍ରେସର ସଭାପତି ଉଦିତ ପ୍ରଧାନ ଏବଂ ଓଡ଼ିଶା ପ୍ରଭାରୀ ଚୁନୁସିଂଙ୍କ ପ୍ରସ୍ତାବ କ୍ରମେ ରାଷ୍ଟ୍ରୀୟ ଛାତ୍ର କଂଗ୍ରେସର ସଭାପତି ବରୁଣ ଚୌଧୁରୀ ବିଶ୍ୱଭୂଷଣ ନାୟକଙ୍କୁ ପ୍ରଦେଶ ଛାତ୍ର କଂଗ୍ରେସର ସାଧାରଣ ସମ୍ପାଦକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି। ସେ ତାଙ୍କର ଦାୟିତ୍ୱ ନିଷ୍ଠାର ସହ ପାଳନ କରିବା ପାଇଁ ସଂକଳ୍ପବଦ୍ଧ ହେବା ସହ ଛାତ୍ର କଂଗ୍ରେସ ସଂଗଠନକୁ ସୁଦୃଢ଼ କରିବା ପାଇଁ ସମସ୍ତ ଉଦ୍ୟମ କରିବେ ବୋଲି ପ୍ରକାଶ କରିଛନ୍ତି। ସେ ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ର ଥିଲେ। ଜିଲ୍ଲାରେ ଛାତ୍ର ସଂଗଠନରେ କାର୍ଯ୍ୟ କରିଥିଲେ। ତାଙ୍କର ନବନିଯୁକ୍ତି ପାଇଁ ସେ ପିସିସି ସଭାପତି ଭକ୍ତଚରଣ ଦାସ, ଓଡ଼ିଶା ପ୍ରଭାରୀ ଅଜୟ କୁମାର ଲଲ୍ଲୁ, ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ଉଦିତ ପ୍ରଧାନ, ପ୍ରଭାରୀ ଚୁନୁସିଂ ଏବଂ ପ୍ରଦେଶ କଂଗ୍ରେସ ସମ୍ପାଦିକା ଶିଳ୍ପିଶ୍ରୀ ହରିଚନ୍ଦନ ଓ ବରିଷ୍ଠ କଂଗ୍ରେସ ନେତା ବନମାଳି ଦାସଙ୍କୁ କୃତଜ୍ଞତା ଜଣାଇଛନ୍ତି। ଜନନାୟକ ରାହୁଲ ଗାନ୍ଧୀଙ୍କର ବିଚାର ଧାରା, ସଂଗ୍ରାମ ଏବଂ ଆଦର୍ଶକୁ ପାଥେୟ କରି ସେ ତାଙ୍କ କର୍ତ୍ତବ୍ୟ ପାଳନ କରିବେ।

### ରୋଗୀ ସେବାକୁ ନେଇ ହିନ୍ଦୋଳବାସୀଙ୍କୁ ଭଗବାନ ଭରସା

# ୨୮ ଡାକ୍ତର ସହ ୫୭ ପଦବୀ ଖାଲି; ନାହିଁ ଜରୁରୀକାଳୀନ ସେବା

ହିନ୍ଦୋଳ, ୧୫।୭ (ସମିସ)

ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ଉପଖଣ୍ଡ ଚିକିତ୍ସାଳୟରେ ଆବଶ୍ୟକ ଡାକ୍ତର ଅଭାବରୁ ଏଠାରେ ଚିକିତ୍ସା ସେବା ବ୍ୟାହତ ହେଉଥିବାର ଅଭିଯୋଗ ହେଉଛି। ସ୍ୱାସ୍ଥ୍ୟସେବାକୁ ଅଗ୍ରାଧିକାର କରାଯାଉଥିବାର ଡିଣ୍ଡିମ ପିଟାଯାଉଥିବା ବେଳେ ବାସ୍ତବରେ ଏଠାରେ ଆବଶ୍ୟକ

● ସମାଧାନ ନ ହେଲେ ଆନ୍ଦୋଳନ

ଡାକ୍ତର ଅଭାବ ଯୋଗୁଁ ଉପଖଣ୍ଡର ରୋଗୀମାନେ ଅକଥନୀୟ ଦୁର୍ଦ୍ଦଶାର ସମ୍ମୁଖୀନ ହେଉଛନ୍ତି। ଉପଖଣ୍ଡ ଚିକିତ୍ସାଳୟରେ ରହିଥିବା ୧୦ଶଯ୍ୟା ବିଶିଷ୍ଟ ଚକ୍ଷୁ ଚିକିତ୍ସାଳୟଟି ପ୍ରାୟ ୨ ବର୍ଷହେବ ସମ୍ପୂର୍ଣ୍ଣଭାବେ ବନ୍ଦ ହୋଇଯାଇଛି। ହିନ୍ଦୋଳ ଉପଖଣ୍ଡ ଡାକ୍ତରଖାନାରେ ବହୁସମସ୍ୟା ଦୀର୍ଘବର୍ଷ ଧରି ରହିଆସିଥିଲେ ମଧ୍ୟ ପ୍ରଶାସନ ପକ୍ଷରୁ ଆନ୍ତରିକତା ନାହିଁ ବୋଲି ଅଭିଯୋଗ ହେଉଛି। ହିନ୍ଦୋଳ ଉପଖଣ୍ଡ ଚିକିତ୍ସାଳୟରେ ବିଶେଷଜ୍ଞର ସ୍ତ୍ରୀ ଓ ପ୍ରସୂତି ବିଭାଗ ୨ ପଦବୀ, ସର୍ଜରୀ ୧, ଶିଶୁବିଭାଗ




୨, ମେଡିସିନ ୧, ଚକ୍ଷୁ ୧, ଅନାସ୍ଥେସିଆ ୧, ଓର୍ଥୋପେଡ଼ିକ ୧, ପାଥୋଲୋଜି ୧, ସିନିୟର କ୍ଲାସ ୧ ଏମଓ ୨ ପଦବୀ, ଜୁନିୟର କ୍ଲାସ ଏମଓ ୬, ଫାର୍ମାସିଷ୍ଟ ୬, ନର୍ସ ୨୮, ଏଲଟି ୪, ରେଡିଓଗ୍ରାଫର ୪, ଚକ୍ଷୁ ବିଭାଗ ସହାୟକ ୧, ଆଟେଣ୍ଡାଣ୍ଟ ୮, ଝାଡୁଦାର ୪, ସେକ୍ସନ ଅଫିସର ୧, ସିନିୟର ଆସିଷ୍ଟାଣ୍ଟ ୧, ଜୁନିୟର ଆସିଷ୍ଟାଣ୍ଟ ୧ ଓ ପିଅନ ୧ ପୋଷ୍ଟ ଓ ଏସଡିଏମଓଙ୍କ ସହ ୧୯ ଡାକ୍ତର ପଦବୀ ଏବଂ ଅନ୍ୟାନ୍ୟ ୫୮ ପଦବୀ ରହିଅଛି। ଏଥିସହ ସାଧାରଣ ରୋଗୀ ଶଯ୍ୟା ୬୦, ଚକ୍ଷୁ ବିଭାଗର ୧୦, ପିପିସିର ୬ଶଯ୍ୟା ରହିଅଛି। ମାତ୍ର ହିନ୍ଦୋଳ ଜନସାଧାରଣଙ୍କ ପାଇଁ ଦୁଃଖର ବିଷୟ ବର୍ତ୍ତମାନ ଏସଡିଏମଓଙ୍କୁ ମିଶାଇ କେବଳ ୪ ଜଣ ଆସିଷ୍ଟାଣ୍ଟ ସର୍ଜନ ଡାକ୍ତର, ୩ଜଣ ଷ୍ଟାଫ ନର୍ସ, ଦୁଇଜଣ ଲାବ୍‌ରୋଟାରି ଟେକ୍ନିସିଆନ, ଜଣେ ରେଡିଓଗ୍ରାଫର, ୨ଜଣ ଏଲଟି କର୍ମଚାରୀ, ଜଣେ ଆଟେଣ୍ଡାଣ୍ଟ, ୨ ଫାର୍ମାସିଷ୍ଟଙ୍କୁ ନେଇ ଚାଲିଛି ୪ ଲକ୍ଷ ନିର୍ଭରଶୀଳ ହିନ୍ଦୋଳ ଉପଖଣ୍ଡ ଡାକ୍ତରଖାନା। ଏଥିସହ ଆବଶ୍ୟକ ଆମ୍ବୁଲାନ୍ସ ଡ୍ରାଇଭର ଅଭାବରୁ ଗୁରୁତର ରୋଗୀ ସେବାରୁ ବଞ୍ଚିତ ହୋଇଛନ୍ତି। ସମସ୍ତଙ୍କ ଆନ୍ତରିକତା ଅଭାବରୁ ନାହିଁନାହିଁରେ ଚାଲୁଥିବା ସେହିପରି ନେତୃତ୍ୱମାନେ ଗରିବଲୋକଙ୍କୁ ମୃତ୍ୟୁମୁଖକୁ ଠେଲିଦେଇ ବିଭିନ୍ନ ଆଳ ଦେଖାଇ ଏହି ମୁଖ୍ୟ ସମସ୍ୟାକୁ ବାରମ୍ବାର ଟାଳିଦେବା ଏକ ଚିରାଚରିତ ପ୍ରଥାରେ ପରିଣତ ହୋଇଯାଇଛି। ସ୍ୱାସ୍ଥ୍ୟ ସହ ସମସ୍ତ କ୍ଷେତ୍ରରେ ହିନ୍ଦୋଳ ନିର୍ବାଚନ ମଣ୍ଡଳୀର ଜନସାଧାରଣ ସବୁବେଳେ ପ୍ରତାରିତ ହେଉଥିବା ବେଳେ ଏବେ ରୋଗହେଲେ ଭଗବାନଙ୍କ ଉପରେ ଭରସା କରି ହାତଟେକି ଦେଇଛନ୍ତି। ତେବେ ହିନ୍ଦୋଳ ଉପଖଣ୍ଡ ଡାକ୍ତରଖାନା ସମେତ ଏହା ଅଧୀନରେ ଥିବା ସମସ୍ତ ୬/୭ଟି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଗୁଡିକର ଅବସ୍ଥା ମଧ୍ୟ ସମାନ। ଡାକ୍ତର ପଦବୀସହ ଅନ୍ୟାନ୍ୟ ପଦବୀ ପୂରଣ ପାଇଁ ଦୃଷ୍ଟି ଦେବାସହ ଦାବିପୂରଣ ନହେଲେ ଆଗାମୀ ଦିନରେ ବ୍ୟାପକ ଜନ ଆନ୍ଦୋଳନ କରାଯିବ ବୋଲି ନିର୍ବାଚନ ମଣ୍ଡଳୀ ବୁଦ୍ଧିଜିବିଙ୍କ ସହ ଜନସାଧାରଣ ଚେତାବନୀ ଦେଇଛନ୍ତି।

## ଜୟପୁର ବନ୍ୟାଞ୍ଚଳ ପରିଦର୍ଶନ କଲେ ଜିଲ୍ଲାପାଳ



ଭୁବନ, ୧୫।୭ (ସମିସ): ବ୍ରାହ୍ମଣୀରେ ବନ୍ୟାଜଳ ଆସିଲେ ଜୟପୁରବାସୀଙ୍କ ଚିନ୍ତା ବଢ଼େ। ଭୁବନ ଥାନା ଭୁଷଳ ପଞ୍ଚାୟତର ଜୟପୁର ଗ୍ରାମରେ ୧୫୦୦ରୁ ଅଧିକ ଲୋକ ବାସ କରନ୍ତି। ବାଘମାରି ସାହିର ଗୋହିରା ପୋଲ ନିକଟରୁ ଗ୍ରାମର ଶୈବପିଠ ପର୍ଯ୍ୟନ୍ତ ରାସ୍ତା ବନ୍ୟାଜଳରେ ବୁଡି ରହେ। ଯାହାକୁ ନେଇ ଗ୍ରାମବାସୀ ଯାତାୟାତ ପାଇଁ ସମସ୍ୟା ସୃଷ୍ଟି ହେଉଛି। ଜିଲ୍ଲାପାଳ ସୋମେଶ ଉପାଧ୍ୟାୟ ବନ୍ୟାଞ୍ଚଳ ପରିଦର୍ଶନ କରି ଗ୍ରାମବାସୀଙ୍କ ଅଭାବ ଅସୁବିଧା, ପନିପରିବା ଚାଷ ନଷ୍ଟ, ଗୋମହିଷାଦିଙ୍କ ଦୁରାବସ୍ଥା ସମ୍ପର୍କରେ ବୁଝିଥିଲେ। ଅଗ୍ନିଶମ ବାହିନୀକୁ ସଜାଗ ରହିବାକୁ କହିଥିଲେ। ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ରାସ୍ତାକୁ ଉଚ୍ଚତା କରିବା ପାଇଁ ଜିଲ୍ଲାପାଳଙ୍କ ପକ୍ଷରୁ ପ୍ରସ୍ତାବ ଦିଆଯାଇଛି।

**ମନ୍ତ୍ରୀଙ୍କ ଘୋଷଣାକୁ ବର୍ଷେ ପୂରିବ**

# ମାଗଣା ମହାପ୍ରସାଦ ବଣ୍ଟନ କେବେ?

ପୁରୀ,୧୫।୭(ସମିସ): କେବେ ଭକ୍ତଙ୍କୁ ମିଳିବ ମାଗଣା ମହାପ୍ରସାଦ? ଗତବର୍ଷ ଅଗଷ୍ଟ ମାସରେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଶ୍ରଦ୍ଧାଳୁଙ୍କୁ ମାଗଣାରେ ମହାପ୍ରସାଦ ବଣ୍ଟନ କରାଯିବ ବୋଲି ଘୋଷଣା କରିଥିଲେ। ହେଲେ ମନ୍ତ୍ରୀଙ୍କ ଘୋଷଣାକୁ ଏବେ ବର୍ଷେ ପୂରିବାକୁ ଯାଉଛି। ହେଲେ ଏଯାଏଁ ଭକ୍ତଙ୍କୁ ମାଗଣା ମହାପ୍ରସାଦ ବଣ୍ଟନ ନେଇ କିଛି ସ୍ପଷ୍ଟ ହେଲାନି। କେବେଠୁ ଏବଂ କେମିତି ଶ୍ରଦ୍ଧାଳୁ ମହାପ୍ରସାଦ ପାଇବେ, ସେନେଇ ସ୍ୱତନ୍ତ୍ର ଭାବେ ବୈଠକ ବସିନାହିଁ କିମ୍ବା ଏ ସଂକ୍ରାନ୍ତରେ କୌଣସି ଆଲୋଚନା ହୋଇନଥିବା ଜଣାପଡ଼ିଛି।

ଶ୍ରୀମନ୍ଦିରକୁ ଦୈନିକ ହଜାରହଜାର ଶ୍ରଦ୍ଧାଳୁ ଆସିଥା'ନ୍ତି। ଚତୁର୍ଦ୍ଧାବିଗ୍ରହଙ୍କୁ ଦର୍ଶନ କରିସାରିବା ପରେ ପ୍ରାୟ ପ୍ରତ୍ୟେକଙ୍କ ମହାପ୍ରଭୁଙ୍କ ମହାପ୍ରସାଦ ପାଇବାକୁ ଇଚ୍ଛା ଥାଏ। ହେଲେ ସମସ୍ତେ ଆନନ୍ଦ ବଜାରରୁ ଅବଢ଼ା କିଣି ଖାଇବାକୁ ସମର୍ଥ ହୋଇନଥା'ନ୍ତି। କିଏ ଆର୍ଥିକ ଦୃଷ୍ଟିକୋଣରୁ ତ ଆଉ କେହି ସମୟ ଅଭାବରୁ ଦର୍ଶନ ସାରି ଫେରିଯାଆନ୍ତି। ତେଣୁ ମହାପ୍ରସାଦ ପାଇବା ପାଇଁ ଆଶା ରଖିଥିବା ଶ୍ରଦ୍ଧାଳୁଙ୍କୁ ମାଗଣାରେ କଣିକାଏ ଅବଢ଼ା ଦେବା ପାଇଁ ଶ୍ରୀମନ୍ଦିର



ପ୍ରଶାସନ ବ୍ୟବସ୍ଥା କରିଥିଲା। ୨୦୧୬ ମସିହା ଅକ୍ଷୟ ତୃତୀୟାରୁ ଆରମ୍ଭ ହୋଇଥିଲା ଭକ୍ତଙ୍କୁ ମାଗଣା ମହାପ୍ରସାଦ ବଣ୍ଟନ। ଶ୍ରୀମନ୍ଦିର ପ୍ରଶାସନ ଏବଂ ସୁଆର ମହାସୁଆର ନିଯୋଗ ମିଳିତ ସହଯୋଗରେ ବାଇଶି ପାହାଚରେ ଦୁଇ ବଡ଼ ଆଟିକାରେ ପ୍ରତ୍ୟହ ଏହି ମହାପ୍ରସାଦ ବଣ୍ଟନ କରାଯାଉଥିଲା। ଆନନ୍ଦ ବଜାରରୁ ଅବଢ଼ା କିଣି ନପାରିଲେ ମଧ୍ୟ ଭକ୍ତମାନେ କଣିକାଏ ଲେଖାଏଁ ମହାପ୍ରସାଦ ପାଇ ଆନନ୍ଦ ମନରେ ଫେରୁଥିଲେ। ପ୍ରାୟ ୮ ବର୍ଷ ହେବ ବନ୍ଦ ରହିଛି ଏହି ମାଗଣା ମହାପ୍ରସାଦ ବଣ୍ଟନ। ପୁଣି ଏହି ବ୍ୟବସ୍ଥା ଆରମ୍ଭ କରାଯିବ ବୋଲି ଗତବର୍ଷ ଘୋଷଣା କରିଥିଲେ ଆଇନ ମନ୍ତ୍ରୀ।

ଗତବର୍ଷ ଅଗଷ୍ଟରେ ପୁରୀରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ଯୋଗଦେବା ଅବସରରେ ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସୁଥିବା ଶ୍ରଦ୍ଧାଳୁଙ୍କୁ ମାଗଣା ମହାପ୍ରସାଦ ମିଳିବ ବୋଲି କହିଥିଲେ। ପରବର୍ତ୍ତୀ ସମୟରେ ଏହା ଉପରେ ମନ୍ତବ୍ୟ ଦେଇ ସେ କହିଥିଲେ ଯେ ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସୁଥିବା ଭକ୍ତଙ୍କୁ ମାଗଣାରେ ମହାପ୍ରସାଦ ମିଳିବ। ଶ୍ରଦ୍ଧାଳୁଙ୍କୁ ମହାପ୍ରସାଦ କୁଡୁଆ ଦେବାକୁ ଯୋଜନା କରାଯାଉଛି। ଶ୍ରୀମନ୍ଦିରକୁ ଆସୁଥିବା ଭକ୍ତଙ୍କ ସଂଖ୍ୟା ଦୃଷ୍ଟିରୁ ବର୍ଷକୁ ଏ ବାବଦରେ ୧୪ରୁ ୧୫କୋଟି ଟଙ୍କା ଖର୍ଚ୍ଚ ହେବ। ଏଥିପାଇଁ ବଦାନ୍ୟ ବ୍ୟକ୍ତିଙ୍କ ସହଯୋଗ ନିଆଯିବ। ସେମାନେ ମଧ୍ୟ ପୁଣ୍ୟ ଅର୍ଜନ କରିବେ। ଏଥିଲାଗି ଭକ୍ତ ସମାଜକୁ ଅନୁରୋଧ କରିଛୁ, ଅନେକ ଭକ୍ତ ଆସି ସହଯୋଗର ହାତ ବି ବଢ଼ାଇଛନ୍ତି। କାର୍ତ୍ତିକ ମାସ ପରେ ଏହି ପ୍ରକ୍ରିୟା ଆରମ୍ଭ କରାଯିବ ବୋଲି କହିଥିଲେ ଆଇନ ମନ୍ତ୍ରୀ। ହେଲେ ମନ୍ତ୍ରୀ କଥା ଦେଇଥିବା କାର୍ତ୍ତିକ ଯାଇ ଆଉ ଗୋଟିଏ କାର୍ତ୍ତିକ ମାସ ଆସିବାକୁ ବସିଛି। ଏପର୍ଯ୍ୟନ୍ତ ମାଗଣା ମହାପ୍ରସାଦ ବଣ୍ଟନର ରୂପରେଖ କିଛି ସ୍ପଷ୍ଟ ହୋଇନି।

ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏପର୍ଯ୍ୟନ୍ତ ଶ୍ରୀମନ୍ଦିର ପରିଚାଳନା କମିଟି ଗଠନ ହୋଇନାହିଁ। ପୁରୁଣା କମିଟିର କାର୍ଯ୍ୟକାଳ ପ୍ରାୟ ୧୦ମାସ ହେଲା ପୂରିଗଲାଣି। ନୂଆ କମିଟି କେବେ ଗଠନ କରାଯିବ ସେନେଇ କୌଣସି ସ୍ପଷ୍ଟତା ନାହିଁ। ଏଭଳି ସ୍ଥିତିରେ ମନ୍ତ୍ରୀଙ୍କ ଘୋଷଣା କେବେଠାରୁ କାର୍ଯ୍ୟକାରୀ ହେବ, ତାକୁ ନେଇ ସନ୍ଦେହ ଦେଖାଦେଇଛି। ଅନ୍ୟପକ୍ଷରେ ଶ୍ରଦ୍ଧାଳୁମାନେ ମଧ୍ୟ ଏହି ପ୍ରସଙ୍ଗକୁ ନେଇ ମନ୍ତ୍ରୀଙ୍କୁ ପ୍ରଶ୍ନ କରିଛନ୍ତି।

ଭକ୍ତ ବାବୁଲି ମହାନ୍ତି କହିଛନ୍ତି, ମନ୍ତ୍ରୀ ଯେଉଁ ଢଙ୍ଗରେ ଘୋଷଣା କରିଥିଲେ, ଏହି ବ୍ୟବସ୍ଥା ଆରମ୍ଭ କରିବାକୁ ସେହିପରି ଭାବେ ଉଦ୍ୟମ କରିନାହାନ୍ତି। କେବଳ ଘୋଷଣା କରିଦେଲେ ହେବ ନାହିଁ, ଏହା କିପରି ବାସ୍ତବତାର ରୂପ ନେବ ସେ ଦିଗରେ ପଦକ୍ଷେପ ନେବା ଦରକାର।

## ଜଙ୍ଗଲରୁ ମାଓ ଡମ୍ପ୍ ଠାବ

ମାଲକାନଗିରି, ୧୫।୭(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ସୁକୁମା ଜିଲ୍ଲା ପୁଲିସ୍ ଏବଂ ସିଆରପିଏଫ୍‌ର ମିଳିତ ମାଓ ଦମନ ଅଭିଯାନକୁ ପୁଣି ଏକ ସଫଳତା ମିଳିଛି। ଯବାନମାନେ ସୁକୁମା ଜିଲ୍ଲା ଜାଗରଗୁଣ୍ଡା ଥାନା ଅନ୍ତର୍ଗତ ଟେକେଗୁଡେମ ଅଞ୍ଚଳରୁ



ଏକ ମାଓ ଡମ୍ପ ଠାବ କରିଛନ୍ତି। ସେଠାରୁ ୪ଟି ବନ୍ଧୁକ ମିଳିଛି। ସୁକୁମା ଜିଲ୍ଲା ଜାଗରଗୁଣ୍ଡା ଥାନା ଅନ୍ତର୍ଗତ ଟେକେଗୁଡେମ ଅଞ୍ଚଳର ପୁରସମ୍ପାରା ଜଙ୍ଗଲରେ ମାଓବାଦୀ ଉପସ୍ଥିତି ସମ୍ପର୍କରେ ସୂଚନା ମିଳିବା ପରେ ଅଞ୍ଚଳରେ ତଲାସି ଅଭିଯାନ କରାଯାଇଥିଲା।

■ **ମାଓବାଦୀଙ୍କ ବର୍ବର କାଣ୍ଡ**

## ଗଳାକାଟି ଦୁଇ ଶିକ୍ଷକଙ୍କୁ ହତ୍ୟା

ମାଲକାନଗିରି, ୧୫।୭(ସମିସ): ସହିଦ ସପ୍ତାହ ପୂର୍ବରୁ ମାତିଛନ୍ତି ମାଓବାଦୀ। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ବିଜାପୁର ଜିଲ୍ଲାରେ ଦୁଇ ଜଣ ପାରା ଶିକ୍ଷକଙ୍କୁ ଗଳାକାଟି ହତ୍ୟା କରିଛନ୍ତି ଲାଲ୍ ବାହିନୀ। ସୂଚନାନୁଯାୟୀ, ବିଜାପୁର ଜିଲ୍ଲାର ପିଲୁର ଗାଁ ନିକଟସ୍ଥ ଜଙ୍ଗଲରେ ମାଓବାଦୀମାନେ



ଜଣଙ୍କୁ ହତ୍ୟା କରିଥିବା ବେଳେ ଟେକାମେଟା ଗାଁ ନିକଟରେ ଅନ୍ୟ ଜଣଙ୍କୁ ହତ୍ୟା କରିଛନ୍ତି। ଏହି ଦୁଇ ମୃତକ ପାରା ଶିକ୍ଷକ ଭାବେ କାର୍ଯ୍ୟ କରୁଥିବା ବେଳେ ଜଣଙ୍କ ପରିଚୟ ମିଳିପାରିଛି। ପରିଚୟ ମିଳିଥିବା ମୃତକଙ୍କ ନାମ ବିନୋଦ ମାଡେ। ପୁଲିସ ଇନ୍‌ଫର୍ମର୍ ସନ୍ଦେହରେ ଦୁଇଜଣଙ୍କୁ ହତ୍ୟା କରାଯାଇଥିବା ଏକ ହାତଲେଖା ପୋଷ୍ଟରରେ ଉଲ୍ଲେଖ ରହିଛି। ଏହି ଘଟଣା ପରେ ପୁଲିସ୍ ପହଞ୍ଚି ତଦନ୍ତ ଆରମ୍ଭ କରିବା ସହ ଅଞ୍ଚଳରେ ତଲାସି ଅଭିଯାନକୁ ବଢ଼ାଇ ଦିଆଯାଇଛି।

## ମୋବାଇଲ ଟାୱାରରେ ନିଆଁ ଲଗାଇ ଦେଲେ ଲାଲ୍ ବାହିନୀ

ମାଲକାନଗିରି, ୧୫।୭(ସମିସ): ମାଲକାନଗିରି ସୀମାନ୍ତ ଛତିଶଗଡ଼ର ନାରାୟଣପୁର ଜିଲ୍ଲାରେ ପୁଣି ମାଓ ହିଂସା ଦେଖିବାକୁ ମିଳିଛି। ଜିଲ୍ଲାର ଛୋଟେଡଙ୍ଗର ଥାନା ଅନ୍ତର୍ଗତ ମାଧେନାର ଗାଁର ଏକ ମୋବାଇଲ ଟାୱାରକୁ ପୋଡ଼ି ଦେଇଛନ୍ତି ଲାଲ୍ ବାହିନୀ। ଛୋଟେଡଙ୍ଗର ଥାନାଠାରୁ ମାତ୍ର ୬ କିଲୋମିଟର ଦୂରରେ ଥିବା ମାଧେନାର ଗାଁରେ ୫୦ରୁ ୬୦ଜଣ ମାଓବାଦୀ ଆସି ନୂତନ ଭାବେ ସ୍ଥାପନ



ହୋଇଥିବା ଜିଓ ଟାୱାରକୁ ନିଆଁ ଲଗାଇ ସଂପୂର୍ଣ୍ଣ ଭାବେ ଧ୍ୱଂସ କରିଛନ୍ତି। ପୁଲିସ ଘଟଣାସ୍ଥଳରେ ସର୍ଚ୍ଚ ଅପରେସନ ଆରମ୍ଭ କରିଛି। ସହିଦ ସପ୍ତାହ ପୂର୍ବରୁ ହିଂସାକାଣ୍ଡ ଘଟାଇ ମାଓବାଦୀ ମାନେ ପୁଣିଥରେ ନିଜର ସ୍ଥିତି ଜାହିର କରିଛନ୍ତି।

## ନିଖୋଜ ଯୁବତୀଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

ନବରଙ୍ଗପୁର, ୧୫।୭(ସମିସ): ନବରଙ୍ଗପୁର ଜାନକୀନଗର ଅଞ୍ଚଳରୁ ନିଖୋଜ ହୋଇଯାଇଥିବା ଜଣେ ଯୁବତୀଙ୍କ ଆଜି ଝୁଲନ୍ତା ମୃତଦେହ ଉଦ୍ଧାର ହେଇଛି। ମୃତ ଯୁବତୀଜଣଙ୍କ ହେଲେ, ସୁମନ ହରିଜନ। ଗତ ୧୧ ତାରିଖରୁ ସେ ନିଖୋଜ ଥିଲେ। ପରିବାରଲୋକେ ବହୁ ଖୋଜାଖୋଜି କରି ନିରାଶ ହେବା ପରେ ଗତକାଲି ଟାଉନ୍ ଥାନାରେ ଏତଲା ଦେଇଥିଲେ। ଆଜି ସକାଳେ ଜାନକୀନଗର ନିକଟସ୍ଥ ତୋଟାର ଏକ ଗଛରେ ତାଙ୍କର ଶବ ଝୁଲୁଥିବା କିଛି ସ୍ଥାନୀୟ ଲୋକ ଦେଖି ନବରଙ୍ଗପୁର ଆଦର୍ଶ ଥାନା ପୁଲିସକୁ ଖବର ଦେଇଥିଲେ। ପୁଲିସ ପହଞ୍ଚି ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ସାଇଣ୍ଟିଫିକ ଟିମ ସାହାଯ୍ୟରେ ତଦନ୍ତ ଆରମ୍ଭ କରିଛି। ଶବ ନିକଟରୁ ମୃତ ଯୁବତୀଙ୍କ ଫୋନକୁ ଉଦ୍ଧାର କରିଛି ପୁଲିସ। ମୁଖ୍ୟ ଚିକିତ୍ସାଳୟରେ ବ୍ୟବଚ୍ଛେଦ ପରେ ଶବକୁ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଥିବା ଥାନା ଅଧିକାରୀ ସମ୍ବିତ କୁମାର ବେହେରା ସୂଚନା ଦେଇଛନ୍ତି।

## ହୀରାକୁଦର ୨ ଗେଟ୍ ଖୋଲା

ସମ୍ବଲପୁର, ୧୫।୭(ସମିସ): ଜଳସ୍ତର କ୍ରମଶଃ ଖସିବାରୁ ହୀରାକୁଦ ଜଳଭଣ୍ଡାର କର୍ତ୍ତୃପକ୍ଷ ଏବେ ମାତ୍ର ୨ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ କରୁଛନ୍ତି। ଆଜି ଜଳଭଣ୍ଡାରରର ଜଳସ୍ତର ୬୦୭.୮୫ ଫୁଟ୍ ରହିଛି। ଗତ ୬ ତାରିଖ ଜଳଭଣ୍ଡାରର ଜଳସ୍ତର ୬୧୦ ଫୁଟ୍ ଅତିକ୍ରମ କରିଥିବାବେଳେ ଚଳିତବର୍ଷର ପ୍ରଥମ ବନ୍ୟାଜଳ ନିଷ୍କାସନ ଆରମ୍ଭ ହୋଇଥିଲା। ନିଷ୍କାସନ ସମୟରେ ୨୦ଟି ପର୍ଯ୍ୟନ୍ତ ଗେଟ୍ ଖୋଲାଯାଇଥିବା ବେଳେ ଜଳସ୍ତର ହ୍ରାସ ପାଇବାରୁ ପର୍ଯ୍ୟାୟକ୍ରମେ ଗେଟ୍‌ଗୁଡ଼ିକ ବନ୍ଦ କରିଦିଆଯାଇଛି। ଉଲ୍ଲେଖଯୋଗ୍ୟ ଯେ ହୀରାକୁଦ ନଦୀବନ୍ଧର କର୍ଭରୁଲ୍ ଅନୁଯାୟୀ ଜୁଲାଇ ୩୧ ତାରିଖ ସୁଦ୍ଧା ଜଳସ୍ତର ୬୦୫ ଫୁଟ୍ ରହିବା ଆବଶ୍ୟକ।

## ହୋଟେଲ ପଙ୍ଖାରେ ଝୁଲିପଡ଼ିଲେ ଯୁବକ

ସମ୍ବଲପୁର, ୧୫।୭ (ସମିସ): ସମ୍ବଲପୁରର କ୍ଷେତରାଜପୁର ଥାନା ଅଞ୍ଚଳରେ ଏକ ହୋଟେଲରେ ଜଣେ ଯୁବକ ପଙ୍ଖାରେ ଝୁଲି ଆତ୍ମହତ୍ୟା କରିଛନ୍ତି। ମୃତକ ହେଲେ, ଜଗତସିଂହପୁର ଜିଲ୍ଲା ପାରାଦୀପ ନିବାସୀ କୃଷ୍ଣପ୍ରସାଦ ନନ୍ଦି (୨୯)। ସୂଚନାନୁଯାୟୀ,କୃଷ୍ଣପ୍ରସାଦ ଗତ ୩ ଦିନ ହେଲା ହୋଟେଲରେ ରହୁଥିଲେ। ଆଜି ସକାଳେ ହୋଟେଲ କର୍ମଚାରୀ ତାଙ୍କ କୋଠାରିକୁ ଯାଇ କବାଟ ବାଡ଼େଇବାରୁ ସେ ଖୋଲି ନଥିଲେ। ଭିତରପଟୁ କବାଟ ବନ୍ଦ ଥିଲା। ତୁରନ୍ତ ହୋଟେଲ କର୍ତ୍ତୃପକ୍ଷ କ୍ଷେତରାଜପୁର ଥାନା ପୁଲିସକୁ ଖବର ଦେଇଥିଲେ। ପୁଲିସ୍ କବାଟ ଭାଙ୍ଗି ଦେଖିଲା ବେଳକୁ ତାଙ୍କ ଶବ ପଙ୍ଖାରେ ଝୁଲୁଥିଲା। ପୁଲିସ୍ ଶବକୁ ବ୍ୟବଚ୍ଛେଦ ପାଇ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି। ପୁଲିସ ସୂଚନାନୁଯାୟୀ, ଗତକାଲି ଦିନତମାମ ତାଙ୍କୁ ହୋଟେଲରୁ ବାହାରକୁ ବାହାରିଥିବା କେହି ଦେଖିନଥିଲେ। ଆଜି ମଧ୍ୟ ତାଙ୍କ କୋଠରି ଭିତରପଟୁ ବନ୍ଦ ରହିଥିବା ଦେଖି ହୋଟେଲ କର୍ମଚାରୀମାନେ କବାଟ ବାଡ଼େଇ ତାଙ୍କୁ ଡାକିଥିଲେ। ମାତ୍ର ଭିତରୁ କୌଣସି ଉତ୍ତର ନ ମିଳିବାରୁ କର୍ମଚାରୀମାନେ ପୁଲିସକୁ ଖବର ଦେଇଥିଲେ। ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ପୁଲିସ୍ କବାଟ ଭାଙ୍ଗିଥିଲା।

## ଆଖି ବୁଜିଲା ଅସୁସ୍ଥ ହାତୀ

ନରସିଂହପୁର,୧୫।୭(ସମିସ): ନରସିଂହପୁର ବନାଞ୍ଚଳ ଅନ୍ତର୍ଗତ ପଶ୍ଚିମାଞ୍ଚଳ ଜୟପୁର ଅନନ୍ତ ପ୍ରସାଦ ଗ୍ରାମ ନିକଟରେ ଥିବା ପଡ଼ିଆରେ ବାର୍ଦ୍ଧକ୍ୟ ଅବସ୍ଥାରେ ମୃତ୍ୟୁ ସହ ସଂଗ୍ରାମ କରୁଥିବା ହାତୀଟି ଶେଷରେ ଆଖିବୁଜିଛି। ହାତୀଟିର ବୟସ ପାଖାପାଖି ପ୍ରାୟ ୫୬ ବର୍ଷରୁ ଊର୍ଦ୍ଧ୍ୱ ହେବ ବୋଲି ବନବିଭାଗ ପକ୍ଷରୁ କୁହାଯାଇଛି। ସୋମବାର ଏହି ହାତୀଟିର ଶରୀର ଅସୁସ୍ଥ ସମ୍ପର୍କରେ ସ୍ଥାନୀୟ ରେଞ୍ଜର ପ୍ରଦୀପ କୁମାର ନାୟକ ଜାଣିବା ପରେ ଘଟଣାସ୍ଥଳରେ ପହଞ୍ଚିଥିଲେ। ସେଠାରେ ଡିଭିଜନ ପ୍ରାଣୀ ଚିକିତ୍ସକ ଡାକ୍ତର ଭାର୍ଗବ, ସ୍ଥାନୀୟ ବିଡିଓ ନିହାର ରଞ୍ଜନ ମିଶ୍ର, ପ୍ରାଣୀ ଚିକିତ୍ସକ ସୌରଭ ଦାସ, ଏସିଏଫ୍ ମନୋଜ ପାତ୍ରଙ୍କ ସହଯୋଗରେ ହାତୀଟିର ଚିକିତ୍ସା ଆରମ୍ଭ କରିଥିଲେ। ମାତ୍ର ମଙ୍ଗଳବାର ରାତି ୮ଟା ୩୦ମିନିଟରେ ହାତୀର ମୃତ୍ୟୁ ହୋଇଥବା ପ୍ରାଣୀ ଚିକିତ୍ସକ ସୂଚନା ଦେଇଛନ୍ତି। ହେଲେ ଆଜି ରାତି ହୋଇଯାଇଥିବାରୁ ହାତୀଟିର ମୃତଦେହ ବ୍ୟବଚ୍ଛେଦ ହୋଇପାରି ନାହିଁ। ଆସନ୍ତାକାଲି ହାତୀର ଶବ ବ୍ୟବଚ୍ଛେଦ କରାଯିବ ବୋଲି ରେଞ୍ଜର ଶ୍ରୀ ନାୟକ କହିଛନ୍ତି। ମୃତ ହାତୀଟିକୁ ବନ କର୍ମଚାରୀମାନେ ଜଗି ରହିଛନ୍ତି।

## ଗର୍ଭବତୀଙ୍କୁ କାନ୍ଧରେ ବୋହି ନଦୀ ପାର କଲେ

ଛେଣ୍ଡିପଦା, ୧୫।୭ (ସମିସ): ରାସ୍ତା ସମସ୍ୟା ଯୋଗୁଁ ଆମ୍ବୁଲାନ୍ସ ଆସିପାରିଲାନି। ତେଣୁ, ଉପାୟଶୂନ୍ୟ ପରିବାରଲୋକ ଭାରରେ ଗର୍ଭବତୀଙ୍କୁ ବିପଦସଂକୁଳ ଅବସ୍ଥାରେ ଉଚ୍ଛୁଳା ନଦୀ ପାର୍ କରାଇଲେ। ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ବ୍ଲକ୍ ନୂଆଗାଁ ପଞ୍ଚାୟତ ଅଧୀନ ଭାଲିଆସର ଗ୍ରାମରେ ଆଜି ଏଭଳି ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ପରେ ଏକ ବଲେରୋରେ ମହିଳାଙ୍କୁ ବାଗଡ଼ିଆ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଛି। ସୂଚନାନୁଯାୟୀ, ଭାଲିଆସର ଗ୍ରାମର ରାଜେନ୍ଦ୍ରଙ୍କ ପତ୍ନୀ ମାମି ପ୍ରଧାନ ଗର୍ଭବତୀ ଥିଲେ। ଆଜି ତାଙ୍କର ପ୍ରସବ ଯନ୍ତ୍ରଣା ହେବାରୁ ପରିବାରଲୋକ ଆମ୍ବୁଲାନ୍ସକୁ ଯୋଗାଯୋଗ କରିଥିଲେ। କିନ୍ତୁ ରାସ୍ତା ସମସ୍ୟା ଯୋଗୁଁ ଆମ୍ବୁଲାନ୍ସ ଆସିପାରିଲା ନାହିଁ। ଏପଟେ ମାମିଙ୍କ ପ୍ରସବ ଯନ୍ତ୍ରଣା ବଢ଼ିବାରେ ଲାଗିଥିଲା। ତେଣୁ ସ୍ୱାସ୍ଥ୍ୟକେନ୍ଦ୍ରକୁ ଯିବା ପାଇଁ ବାଧକ ସାଜିଥିବା ଆଉଁଳି ନଦୀ ପାର୍ ହେବାକୁ ପରିବାରଲୋକ ମନସ୍ଥ କରିଥିଲେ। ମାମିଙ୍କୁ ଖଟିଆରେ ବସାଇ କାନ୍ଧରେ ବୋହି ବିପଦପୂର୍ଣ୍ଣ ଭାବେ ଉଚ୍ଛୁଳା ନଦୀ ପାର କରି ଆରପାଖରେ ପହଞ୍ଚିଥିଲେ। ପରେ ମାମିଙ୍କୁ ଏକ ବଲେରୋରେ ନେଇ ବାଗଡ଼ିଆ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା।



## ତୃତୀୟ ଗେଟ୍ ଖୋଲିଲା ରେଙ୍ଗାଳି

କଣିହାଁ, ୧୫।୭(ସମିସ): ଉପରମୁଣ୍ଡରେ ଲଗାଣ ବର୍ଷା ଯୋଗୁଁ ରେଙ୍ଗାଳି ଜଳଭଣ୍ଡାରରେ ବ୍ରାହ୍ମଣୀର ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି। ଜଳଭଣ୍ଡାରର ପୂର୍ଣ୍ଣ ଜଳଧାରଣ କ୍ଷମତା ୧୨୩.୫୦ ମିଟର ରହିଥିବା ବେଳେ ଆଜି ଦିନ ୧୧ଟା ସୁଦ୍ଧା ଜଳ ଭଣ୍ଡାରର ଜଳସ୍ତର ୧୨୦.୯୮ ମିଟର ପହଞ୍ଚିଥିଲା। ଫଳରେ, ଡ୍ୟାମ୍ କର୍ତ୍ତୃପକ୍ଷ ପୂର୍ବରୁ ୨ଟି ଗେଟ୍ ଖୋଲିଥିବା ବେଳେ ଆଜି ତୃତୀୟ ଗେଟ୍ (ଗେଟ୍ ନମ୍ବର ୧୦) ଖୋଲି ବନ୍ୟା ଜଳ



ନିଷ୍କାସନ କରିଛନ୍ତି। ପ୍ରତି ସେକେଣ୍ଡରେ ଜଳଭଣ୍ଡାରକୁ ୫୬୪୧.୭୫ ଘନମିଟର ଜଳ ପ୍ରବେଶ କରୁଥିବା ବେଳେ ପାୱାର ହାଉସ ଓ ତିନୋଟି ଖୋଲାଯାଇଥିବା ଗେଟ୍ ମାଧ୍ୟମରେ ମୋଟ ୪୨୦୦.୦୦ ଘନମିଟର ଜଳ ପ୍ରତି ସେକେଣ୍ଡରେ ନିଷ୍କାସିତ ହେଉଛି ବୋଲି ରେଙ୍ଗାଳି ଡ୍ୟାମ କର୍ତ୍ତୃପକ୍ଷ ସୂଚନା ଦେଇଛନ୍ତି। ଅନ୍ୟପକ୍ଷରେ, ବନ୍ୟାଜଳ ନିଷ୍କାସନ ଯୋଗୁଁ ଜଳଭଣ୍ଡାର ତଳ ମୁଣ୍ଡରେ ଥିବା ଗାଁମାନଙ୍କୁ ସତର୍କ ସୂଚନା ଦିଆଯାଇଛି।

## ମୋବାଇଲ ପାଇଁ ଛାତ୍ରୀଙ୍କ ଆତ୍ମହତ୍ୟା ଉଦ୍ୟମ

ତୁରେକେଲା, ୧୫।୭(ସମିସ): ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ଥାନା ଅନ୍ତର୍ଗତ ହିଆଁଲ ଗାଁର ଜଣେ ଯୁକ୍ତ ଦୁଇ ଛାତ୍ରୀ ମୋବାଇଲ ପାଇଁ ଆତ୍ମହତ୍ୟା ଉଦ୍ୟମ କରିଛନ୍ତି। ସୂଚନାନୁସାରେ, ଛାତ୍ରୀଜଣଙ୍କ ଅନେକ ସମୟରେ ପାଠପଢ଼ା ଛାଡ଼ି ମୋବାଇଲରେ ଖେଳୁଥିବା ଯୋଗୁଁ ତାଙ୍କ ବଡ଼ଭଉଣୀ ତାଙ୍କଠାରୁ ମୋବାଇଲ ଛଡ଼ାଇ ଆଣିଥିଲେ। ଏଥିରେ ଛାତ୍ରୀଜଣଙ୍କ ରାଗି ଯାଇ ବିଷ ପିଇ ଦେଇଥିଲେ। ପରିବାରଲୋକେ ଚିକିତ୍ସା ପାଇଁ ତାଙ୍କୁ ପ୍ରଥମେ କଣ୍ଟାବାଞ୍ଜି ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ଅବସ୍ଥା ଉଦ୍‌ବେଗଜନକ ହେବାରୁ ତାଙ୍କୁ ବଲାଙ୍ଗିର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି।

## ଜମିବାଡ଼ି ବିବାଦରୁ ଭାଇକୁ ହତ୍ୟା

ଧର୍ମଗଡ଼,୧୫।୭(ସମିସ): କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ୍ କେଗାଁ ଥାନା ମହାଲିଙ୍ଗରେ ମଙ୍ଗଳବାର ସକାଳେ ଅଭାବନୀୟ ଘଟଣା ଘଟିଛି। ଜମିବାଡ଼ି ବିବାଦକୁ ନେଇ ନିଜ ଭାଇକୁ ହତ୍ୟା କରିଛି ଭାଇ। ମୃତକ ହେଲେ ଗୋକୁଳ କେତକୀ (୪୫)। ସକାଳୁ ସକାଳୁ ସେ ନିଜ ଚାଷ ଜମିକୁ ଯାଇଥିଲାବେଳେ ଏହି ଘଟଣା ଘଟିଥିଲା। ତାଙ୍କ ନିଜ ଭାଇ ଚିତ୍ରସେନ କେତକୀ ସେଠାରେ ପହଞ୍ଚି ଜମିବାଡି ବିବାଦରୁ ପିଟି ପିଟି ହତ୍ୟା କରିଥିବା ଅଭିଯୋଗ ହୋଇଛି। ଘଟଣା ପରେ ଅଭିଯୁକ୍ତ କେଗାଁ ଥାନାରେ ଆତ୍ମସମର୍ପଣ କରିଛି। ପୁଲିସ ଶବ ବ୍ୟବଚ୍ଛେଦ ପାଇଁ ଧର୍ମଗଡ଼ ଉପଖଣ୍ଡ ଚିକିତ୍ସାଳକୁ ପଠାଇଥିଲା। ଏହାସହ ସାଇଣ୍ଟିଫିକ ଟିମ୍ ଓ ସନ୍ଧାନୀ କୁକୁର ସାହାଯ୍ୟରେ ତଦନ୍ତ କରିଛି। ଏହି ହତ୍ୟା ଘଟଣାରେ ଆଉ ଜଣେ ଭାଇ ମଧ୍ୟ ସମ୍ପୃକ୍ତ ଥିବା ଚର୍ଚ୍ଚା ହେଉଛି।

**ରେଭେନ୍ସା ବିଶ୍ୱବିଦ୍ୟାଳୟ ସମାବର୍ତ୍ତନ ଉତ୍ସବ**

## ଦୃଷ୍ଟିବାଧିତ ଶିକ୍ଷାବିତ୍ ବିଜୟ ରଥଙ୍କୁ ଡକ୍ଟରେଟ୍


ବ୍ରହ୍ମପୁର,୧୪।୭(ସମିସ): 'ମୂକଂ କରୋତି ବାଚାଳଂ, ପଙ୍ଗୁ ଲଂଘୟତେ ଗିରିଂ। ଯତ୍‌କୃପା ତମହଂ ବନ୍ଦେ ପରମାନନ୍ଦ ମାଧବଂ।' ସଂସ୍କୃତର ଏହି ଶ୍ଳୋକର ମହତ୍ତ୍ୱକୁ ପ୍ରତିପାଦନ କରିଛନ୍ତି ବ୍ରହ୍ମପୁରର ଦୃଷ୍ଟିହୀନ ଶିକ୍ଷାବିତ୍ ବିଜୟ କୁମାର ରଥ। ଦୃଷ୍ଟିହୀନଙ୍କ ପାଇଁ ଶିକ୍ଷାଦାନ କ୍ଷେତ୍ରରେ ବିଶେଷ ଅବାଦନ ପାଇଁ ତାଙ୍କୁ ରେଭେନ୍ସା ବିଶ୍ୱବିଦ୍ୟାଳୟର ୧୩ତମ ସମାବର୍ତ୍ତନ ଉତ୍ସବରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ସମ୍ମାନସୂଚକ ଡକ୍ଟରେଟ୍ ଉପାଧି ପ୍ରଦାନ କରିଛନ୍ତି। ଏହି ସମୟରେ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ମଧ୍ୟ ଉପସ୍ଥିତ ଥିଲେ।



ସୂଚନାନୁସାରେ, ବିଜୟ ବାବୁ ଦୃଷ୍ଟିବାଧିତ। କିନ୍ତୁ ସେ ଓଡ଼ିଶାର ଅନେକ ଦୃଷ୍ଟିବାଧିତ ଛାତ୍ରଛାତ୍ରୀଙ୍କ ପଥଦ୍ରଷ୍ଟା ସାଜିଛନ୍ତି। ନିଜ ଗୋଡ଼ରେ ଠିଆ ହେବା ପାଇଁ ଛାତ୍ର ଜୀବନରୁ ହିଁ ଜଣେ ଅଙ୍ଗୀକାରବଦ୍ଧ ମଣିଷ ପାଲଟିଛନ୍ତି। ବିଜୟବାବୁ ବିଜେବି ଓ ଖଲ୍ଲିକୋଟ କଲେଜରେ ଉଚ୍ଚ ଶିକ୍ଷା ଗ୍ରହଣ କରି ବ୍ରହ୍ମପୁରରେ ଦୃଷ୍ଟିହୀନ ବିଦ୍ୟାଳୟ ପ୍ରତିଷ୍ଠା କରିବା ପରେ ପରେ ଶିକ୍ଷକ ଭାବରେ ଯୋଗଦେଲେ। ଅଧ୍ୟାପନା ସମୟରେ ସେ ଇଂଲଣ୍ଡ ଭଳି ଅନ୍ୟାନ୍ୟ ବିଦେଶ ଭ୍ରମଣ କରିଛନ୍ତି। ଦୃଷ୍ଟିବାଧିତ ଶିକ୍ଷାଧାରା ସମ୍ପର୍କରେ ଅବଗତ ହୋଇ ଓଡ଼ିଶାରେ ସେହିଭଳି ଶିକ୍ଷାଦାନ ଢ଼ାଞ୍ଚା ଆରମ୍ଭ କରିବାକୁ ଉଦ୍ୟମ କରିଥିଲେ। ବିଶେଷକରି ଆମ୍ବପୁଆଠାରେ ଦୃଷ୍ଟିହୀନ ବିଦ୍ୟାଳୟ ସହ ମୂକ-ବଧିର ବିଦ୍ୟାଳୟ ପ୍ରତିଷ୍ଠା କରିବାରେ ଅଗ୍ରଣୀ ଭୂମିକା ନେଇଥିଲେ। ତାଙ୍କ ଉଦ୍ୟମରେ ବ୍ରହ୍ମପୁରରେ ଓଡ଼ିଶାର ପ୍ରଥମ ବ୍ରେଲ ପ୍ରେସ୍ ୧୯୮୬ ମସିହା ନଭେମ୍ବର୧୯ ତାରିଖରେ ପ୍ରତିଷ୍ଠା ହୋଇପାରିଥିଲା। ତାଙ୍କ ଉଦ୍ୟମରେ ଭୁବନେଶ୍ୱର ଓଡ଼ିଆ ବ୍ଲାଇଣ୍ଡ ଆସୋସିଏସନ (ଓଏବି) ପ୍ରତିଷ୍ଠା ହୋଇପାରିଛି। ଏହା ସହ ଓଡ଼ିଶା ବ୍ଲାଇଣ୍ଡ ଫାଉଣ୍ଡେସନ୍ ପ୍ରତିଷ୍ଠା କରି ସେ ଦୃଷ୍ଟିହୀନମାନଙ୍କ ଉନ୍ନତିକଳ୍ପେ ବିଭିନ୍ନ କାର୍ଯ୍ୟ ହାତକୁ ନେଇଥିବା ଜଣାପଡ଼ିଛି। ସେ ଏଭଳି ସମ୍ମାନଜନକ ଉପାଧି ପାଇବା ପରେ ତାଙ୍କୁ ବିଭିନ୍ନ ମହଲରୁ ଶୁଭେଚ୍ଛାର ସୁଅ ଛୁଟିଛି।

## ଡେବ୍ରିଗଡ଼ ଅଭୟାରଣ୍ୟରେ ବିରଳ ବଳିଆ କୁକୁର

ସମ୍ବଲପୁର,୧୫।୭(ସମିସ): ହୀରାକୁଦ ବନ୍ୟପ୍ରାଣୀ ଡିଭିଜନ୍ ଅଧୀନ ଡେବ୍ରିଗଡ଼ ଅଭୟାରଣ୍ୟରେ ବଳିଆ କୁକୁର (ୱାଇଲ୍ଡ ଡଗ୍) ଦେଖିବାକୁ ମିଳିଛି। ଗତକାଲି ଅଭୟାରଣ୍ୟରେ ଗୋଟିଏ ମାଈ ଓ ଗୋଟିଏ ଅଣ୍ଡିରା ବଳିଆ କୁକୁର ବୁଲୁଥିବା ବନ କର୍ମଚାରୀମାନେ ଠାବ କରିଛନ୍ତି। ଏହା ଏକ ବିଲୁପ୍ତପ୍ରାୟ ଏବଂ ସ୍କେଡୁଲ୍-୧ର ଅନ୍ତର୍ଭୁକ୍ତ ପ୍ରାଣୀ। ଏହି ବଳିଆ କୁକୁର ଫୋଟୋଜେନିକ୍ ବୋଲି ମଧ୍ୟ କୁହାଯାଇଥାଏ। ବହୁତ ଲୋକ ଏହାକୁ ଦେଖିବାକୁ ଭଲ ପାଆନ୍ତି। ମୁଖ୍ୟତଃ ଦକ୍ଷିଣ ଭାରତର



ଜଙ୍ଗଲଗୁଡ଼ିକରେ ଏହି ପ୍ରଜାତିର କୁକୁର ଅଧିକ ଦେଖିବାକୁ ମିଳିଥା'ନ୍ତି। ଡେବ୍ରିଗଡ଼ରେ ଏହି ପ୍ରାଣୀ ଦେଖାଯିବା ପରେ ଏହାର ସୁରକ୍ଷା ଏବଂ ବଂଶବୃଦ୍ଧିକୁ ନେଇ ବିଭିନ୍ନ ପଦକ୍ଷେପ ନିଆଯାଉଥିବା ହୀରାକୁଦ ବନ୍ୟପ୍ରାଣୀ ଡିଭିଜନ ଡିଏଫ୍‌ଓ ଅଂଶୁପ୍ରଜ୍ଞା ଦାସ ସୂଚନା ଦେଇଛନ୍ତି।

୨୦୨୩ ମସିହାରେ ଏଠାରେ ଗୋଟିଏମାତ୍ର ବଳିଆ କୁକୁର ଠାବ କରାଯାଇଥିଲା। ସାଧାରଣତଃ ବଳିଆ କୁକରମାନେ ଦଳବାନ୍ଧି ରହିଥା'ନ୍ତି। ମାତ୍ର ଅଭୟାରଣ୍ୟ ବ୍ୟାପକ ହୋଇଥିବା ବେଳେ ବହୁଦିନ ପର୍ଯ୍ୟନ୍ତ ପର୍ଯ୍ୟଟକମାନେ ଗୋଟିଏ ବଳିଆ କୁକୁର ଏକାକୀ ବିଚରଣ କରୁଥିବା ଦେଖିଥିଲେ। ବର୍ତ୍ତମାନ ଆଉ ୨ଟି ବଳିଆ କୁକର ଠାବ ହେବା ପରେ ଏହି ସଂଖ୍ୟା ୩କୁ ବୃଦ୍ଧି ପାଇଛି।

ଡେବ୍ରିଗଡ଼ ଜଙ୍ଗଲ ଛତିଶଗଡ଼ ଓ ମଧ୍ୟପ୍ରଦେଶର ଜଙ୍ଗଲ ସହ ଲାଗି ରହିଛି ତଥା ଏହା ସାତକୋଶିଆ ଓ ଶିମିଳିପାଳ ସହ ଲାଗିଛି। ଏହି ସ୍ଥାନ ମଧ୍ୟରୁ କେଉଁଠୁ ଏମାନେ ଆସିଥାଇପାରନ୍ତି। ଏମାନେ ଦଳବଦ୍ଧ ଭାବରେ ରହୁଥିବାରୁ ଏହି ସଂଖ୍ୟା ଅଧିକ ହୋଇପାରେ ବୋଲି ଡିଏଫ୍‌ଓ ସୁଶ୍ରୀ ଦାସ ଆଶାପ୍ରକାଶ କରିଛନ୍ତି। ବଳିଆ କୁକର ସାଧାରଣତଃ ମାଂସାସୀ ଓ ପରଭକ୍ଷୀ। ଡେବ୍ରିଗଡ଼ ଅଭୟାରଣ୍ୟରେ ସେମାନଙ୍କ ପାଇଁ ଖାଦ୍ୟର ଅଭାବ ନାହିଁ। ବିଭିନ୍ନ ପଶୁପକ୍ଷୀ ରହିବା ସହ ରହିବା ପାଇଁ ଏଠାକାର ଅନୁକୂଳ ପରିବେଶ ପ୍ରତି ଆକର୍ଷିତ ହୋଇ ନିକଟବର୍ତ୍ତୀ ଜଙ୍ଗଲରୁ ଏମାନେ ଏଠାକୁ ଚାଲିଆସିଥାଇପାରନ୍ତି। ଡେବ୍ରିଗଡ଼ ଅଭୟାରଣ୍ୟ ଚାରିପଟେ ପ୍ରାୟ ୨୦ଟି ଜନବସତି ଥିବା ବେଳେ ଅଭୟାରଣ୍ୟ କଡ଼ରେ ମଧ୍ୟ ବୁଲା କୁକୁର ରହିଛନ୍ତି। ଏଠାରେ ଦେଖାଦେଇଥିବା ବଳିଆ କୁକୁରଙ୍କ ସଂରକ୍ଷଣ ସକାଶେ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଉଛି। ସେମାନଙ୍କୁ ରେବିସ୍, କେନାଇଲ୍ ପାର୍ଭୋ, ଡିସଟେମ୍ପର, ପାର୍ଭୋକାଶ ଆଦି ମାରାତ୍ମକ ରୋଗ ବ୍ୟାପିବାର ସମ୍ଭାବନା ଥିବାରୁ ସୁରକ୍ଷା ଦେବା ବନ ବିଭାଗ ପାଇଁ ଏହା ଏକ ବଡ଼ ଆହ୍ୱାନ।

## ହୀରାକୁଦ ବିସ୍ଥାପିତଙ୍କୁ ପୁଣି ବିସ୍ଥାପନ ପାଇଁ ନୋଟିସ୍

ସମ୍ବଲପୁର, ୧୫।୭ (ସମିସ): ହୀରାକୁଦ ନଦୀବନ୍ଧ ସମୟରେ ବିସ୍ଥାପିତ ହୋଇ ବୁଡ଼ି ଅଞ୍ଚଳବାସୀ ଧନକଉଡ଼ା ବ୍ଲକ ତାଲବ ଓ କିଲାସମା ଗ୍ରାମ ପଞ୍ଚାୟତ ଅଞ୍ଚଳରେ ବସବାସ କରୁଥିଲେ। ଗତ ୭୦ ବର୍ଷରୁ ଊର୍ଦ୍ଧ୍ୱ ସମୟ ଧରି ସେମାନେ ଏହି ଅଞ୍ଚଳରେ ବସବାସ କରିବା ସହ ସରକାରୀ ଜମି ଚାଷ କରି ପରିବାର ପ୍ରତିପୋଷଣ କରୁଥିଲେ। ସେମାନଙ୍କ ଜମିକୁ ପର୍ଯ୍ୟଟନ ପ୍ରକଳ୍ପ ସକାଶେ ଚିହ୍ନଟ କରି ଛାଡ଼ିବା ପାଇଁ ନୋଟିସ୍ ଦିଆଯାଇଛି। ପର୍ଯ୍ୟଟନ ପ୍ରକଳ୍ପ ନିର୍ମାଣ ସକାଶେ ଇଡ୍‌କୋ ଭୁବନେଶ୍ୱରଙ୍କୁ ଜମି ହସ୍ତାନ୍ତର କରିବାକୁ ସମ୍ବଲପୁର ସଦର ତହସିଲଦାର ଗତ ଜୁନ ୩୦ ତାରିଖରେ ସର୍ବସାଧାରଣ ଇସ୍ତାହାର ଜାରି କରିଛନ୍ତି। କିଲାସମା ରାଜସ୍ୱ ଗ୍ରାମର ବୁଡ଼ିପଧାନପାଲି, ଗୁଁଡଚାମାଲ ସହିତ ତାଲବ ରାଜସ୍ୱ ପଞ୍ଚାୟତର ବଲବସପୁର ଆଦି ସ୍ଥାନରେ ଜମି ଚିହ୍ନଟ କରାଯାଇଥିବା ଜଣାପଡ଼ିଛି। ଅଞ୍ଚଳବାସୀ ଏହାକୁ ବିରୋଧ କରି ଆଜି ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଥିଲେ।



■ ଜିଲ୍ଲାପାଳଙ୍କୁ ଭେଟି ଗୁହାରି କଲେ ଅଞ୍ଚଳବାସୀ
■ ଗରିବଙ୍କ ଜମିକୁ ପୁଞ୍ଜିପତିଙ୍କ ହାତକୁ ଟେକିଦେବାକୁ ଷଡ଼ଯନ୍ତ୍ର
■ ଶେଷ ମୁହୂର୍ତ୍ତ ପର୍ଯ୍ୟନ୍ତ ଲଢ଼େଇ ଚେତାବନୀ

ଦାବିପତ୍ର ଅନୁଯାୟୀ, ରାଜସ୍ୱ ଗ୍ରାମର ସମସ୍ତ ଅଧିବାସୀ ହୀରାକୁଦ ନଦୀବନ୍ଧ ଯୋଜନା ଦ୍ୱାରା ଉଦ୍‌ବାସ୍ତୁ ହୋଇଥିଲେ। ୧୯୫୦ ଦଶକର ପ୍ରଥମାର୍ଦ୍ଧରେ ସେମାନେ ହୀରାକୁଦ ବୁଡ଼ି ଅଞ୍ଚଳରୁ ବିସ୍ଥାପିତ ହୋଇ ଆମ ରାଜସ୍ୱ ଗ୍ରାମର ହୀରାକୁଦ ଜଳଭଣ୍ଡାରର ପାର୍ଶ୍ୱବର୍ତ୍ତୀ ଅବଶିଷ୍ଟ ଇଲାକାରେ ସରକାରୀ ଜମି ଉପରେ ଦୀର୍ଘ ୭୦ ବର୍ଷରୁ ଅଧିକ ସମୟ ହେବ ବସତି ସ୍ଥାପନ ସହ ଉପଲବ୍ଧ ସରକାରୀ ଜମି ଚାଷ କରି ପୁରୁଷାନୁକ୍ରମେ ଜୀବନଜୀବିକା ନିର୍ବାହ କରୁଛନ୍ତି। ହୀରାକୁଦ ନଦୀବନ୍ଧ ଦ୍ୱାରା ବିସ୍ଥାପିତ ଗରିବ ପରିବାରର କୌଣସି ସ୍ଥାୟୀ ଥଇଥାନ କରାଯିବା ପରିବର୍ତ୍ତେ ଉକ୍ତ ପରିବାରର ପେଟପାଟଣା ପାଇଁ ନିର୍ଭରଶୀଳ ଖାତା ନଂ. ୩୨୪ର ୧୨ଟି ପ୍ଲଟର ୨୭ ଏକର ୪୪ ଡେସିମିଲ ପରିମିତ ଚାଷ ଜମିକୁ ପର୍ଯ୍ୟଟନ ପ୍ରକଳ୍ପ ନିର୍ମାଣ ସକାଶେ ଇଡ୍‌କୋ ଭୁବନେଶ୍ୱରଙ୍କୁ ହସ୍ତାନ୍ତର କରିବାକୁ ନୋଟିସ୍ ଆସିଛି। ଏହା ସରକାରଙ୍କ ଗରିବ ମାରଣ ଓ ଓ ଜନସ୍ୱାର୍ଥବିରୋଧୀ ନୀତି ବୋଲି ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ଏହି ବହୁ କୋଟି ମୂଲ୍ୟର ପର୍ଯ୍ୟଟନ ପ୍ରକଳ୍ପ ନିର୍ମାଣ ପରୋକ୍ଷରେ ସେମାନଙ୍କ ଜୀବନଜୀବିକାର ଆଧାର ଜମିକୁ ପୁଞ୍ଜିପତିଙ୍କ ହାତରେ ସମର୍ପି ଦେବାର ଏକ ଷଡ଼ଯନ୍ତ୍ର। ଏଣୁ ଜମି ତଥା ନିଜ ଜୀବନଧାରାକୁ ବଞ୍ଚେଇ ରଖିବା ପାଇଁ ଶେଷ ମୁହୂର୍ତ୍ତ ପର୍ଯ୍ୟନ୍ତ ଲଢ଼େଇ କରିବୁ ବୋଲି ଚେତାବନୀ ଦେଇଛନ୍ତି।

ହୀରାକୁଦ ନଦୀବନ୍ଧ ଯୋଜନା ଦ୍ୱାରା ବିସ୍ଥାପିତ ହୋଇଥିବା ଗରିବ ଆଦିବାସୀ ପରିବାରଗୁଡ଼ିକର କୌଣସି ସ୍ଥାୟୀ ଥଇଥାନ କରାଯିବା ପରିବର୍ତ୍ତେ ଗତ ୭୦ ବର୍ଷରୁ ଅଧିକ ସମୟ ଏବଂ କିଛି ଲୋକ ଗତ ୧୦୦ ବର୍ଷ ଧରି ତିନି ଚାରି ପିଢ଼ି ପର୍ଯ୍ୟନ୍ତ ବସବାସ ସହ ପରିବାର ପ୍ରତିପୋଷଣ କରୁଥିବା ଜମିକୁ ଇଡ୍‌କୋ ହାତକୁ ଟେକିଦିଆଯାଉଥିବା କହିଛନ୍ତି। ପର୍ଯ୍ୟଟନ ଯୋଜନା ଆଳରେ ଉଚ୍ଛେଦକୁ ଅଞ୍ଚଳବାସୀ ତୀବ୍ର ବିରୋଧ କରିଛନ୍ତି।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିପାରନ୍ତି। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବା ଭଲ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଅପ୍ରିୟ ସତ କହି ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବନି। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ରାଜନେତାଙ୍କ ପାଇଁ ଦିନଟି ଭଲ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ପୁରୁଣା ନିବେଶରୁ ଲାଭ ମିଳିବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ। ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ସମ୍ପର୍କୀୟଙ୍କ ସହଯୋଗ ମିଳିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ଆଣ୍ଠୁଗଣ୍ଠି ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଇତିହାସ

- ୧୯୨୫- ନେସନ୍ୟାଲ୍ ଜିଓଗ୍ରାଫିକ୍ ଚ୍ୟାନେଲ୍ ପ୍ରଥମ ଥର ସମୁଦ୍ର ଭିତର ଦୃଶ୍ୟର ରଙ୍ଗିନ୍ ଫଟୋ ପ୍ରକାଶ କଲା।
- ୧୯୫୧- ନେପାଳ ବ୍ରିଟେନ୍‌ଠାରୁ ସ୍ୱାଧୀନ ହେଲା।
- ୧୯୬୮ - କିମ୍ବଦନ୍ତୀ ହକି ଖେଳାଳି ଧନରାଜ ପିଲେଙ୍କ ଜନ୍ମ।
- ୨୦୦୬-ସଂଯୁକ୍ତ ରାଷ୍ଟ୍ର ସୁରକ୍ଷା ପରିଷଦରେ କୋରିଆ ଉପରେ ପ୍ରତିବନ୍ଧକ ଲଗାଇବା ପ୍ରସ୍ତାବ ପାରିତ।
- ୨୦୧୫- ବୈଜ୍ଞାନିକମାନେ ପ୍ଲୁଟୋ ଗ୍ରହର କ୍ଲୋଜଅପ୍ ଫଟୋ ଜାରି କଲେ।



# ରାସ୍ତାରେ ଗାଡ଼ିରୁ ତେଲ ସରିଲେ ଜରିମାନା

ସାଧାରଣତଃ ଦ୍ରୁତଗତିରେ ଗାଡ଼ି ଚାଳନା କିମ୍ବା ହେଲ୍‌ମେଟ୍ ନ ପିନ୍ଧି ଗାଡ଼ି ଚଲାଇଲେ, ଏଥିପାଇଁ ନିୟମ ଅନୁସାରେ ଚାଲାଣ କଟା ହୋଇଥାଏ। ହେଲେ ଗାଡ଼ିରୁ ତେଲ ସରିଗଲେ, ଜରିମାନା ଦେବାକୁ ପଡ଼ିବା କଥା ଶୁଣି ଅନେକଙ୍କୁ ଆଶ୍ଚର୍ଯ୍ୟ ଲାଗୁଥିବ। ତେବେ ଜର୍ମାନୀ ଦେଶରେ ଏପରି ଏକ ବିଚିତ୍ର ନିୟମ ରହିଛି। ଜର୍ମାନୀର ଜାତୀୟ ରାଜପଥରେ ଲୋକେ ଦ୍ରୁତ ଗତିରେ ଗାଡ଼ି ଚାଳନା କଲେ ମଧ୍ୟ ଏଥିପାଇଁ କୌଣସି ନିୟମ ନାହିଁ। କିନ୍ତୁ ମଝି ରାସ୍ତାରେ ଗାଡ଼ିରୁ ତେଲ ସରିଗଲେ ଏହାକୁ ଅପରାଧ ବୋଲି ମନାଯାଏ। ଏଥିପାଇଁ ଦଣ୍ଡ ମିଳିବା ସହ ଲୋକଙ୍କ ଠାରୁ ଜରିମାନା ଆଦାୟ କରାଯାଇଥାଏ। ଅବଶ୍ୟ ଗାଡ଼ିରୁ ତେଲ ସରିଗଲେ କାହିଁକି ସଜା ମିଳେ ସେ ନେଇ କୌଣସି ସ୍ପଷ୍ଟ କାରଣ ନାହିଁ। ସେହିପରି ଏଠାରେ ଅନେକ ଅଜବ ନିୟମ ମଧ୍ୟ ପ୍ରଚଳିତ ହୋଇଥାଏ। କେବଳ ସେତିକି ନୁହେଁ, ଏଠାରେ ଜନ୍ମଦିନ ପୂର୍ବରୁ ମଧ୍ୟ କେହି କାହାକୁ ଆଗୁଆ ଶୁଭେଚ୍ଛା ଜଣାନ୍ତି ନାହିଁ। ଏପରି କରିବାକୁ ସ୍ଥାନୀୟ ଅଞ୍ଚଳରେ ଅଶୁଭ ବୋଲି ବିବେଚନା କରାଯାଏ। ଏଠାରେ ପ୍ରଚଳିତ ନିୟମ ଅନୁଯାୟୀ, ଜନ୍ମଦିନ ହିଁ ଲୋକେ ଶୁଭେଚ୍ଛା ଜଣାଇଥାନ୍ତି। ସେହିପରି ଏଠାରେ ଲୋକମାନେ ଫୋନ୍ ଉଠାଇବା ସମୟରେ ହ୍ୟାଲୋ ନ କହି, ନିଜର ନାମ କହିଥାନ୍ତି। ତେବେ ଜର୍ମାନୀରେ ଏପରି ଅନେକ ଅଜବ ନିୟମ ରହିଛି। ଯାହାକୁ ସ୍ଥାନୀୟ ଲୋକେ ବର୍ଷ ବର୍ଷ ଧରି ପାଳନ କରି ଆସୁଛନ୍ତି।

## 'ବ୍ୟାଟଲ୍ ଅଫ୍ ଗଲୱାନ୍'

ବଲିଉଡ୍‌ର ଦବଙ୍ଗ ଖାନ୍ ସଲମାନ୍ 'ବ୍ୟାଟଲ୍ ଅଫ୍ ଗଲୱାନ୍' ସିନେମା ସମ୍ପର୍କରେ ଘୋଷଣା କରିବା ପରେ ତାଙ୍କ ପ୍ରଶଂସକମାନେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି। ଇତିମଧ୍ୟରେ ସଲମାନ୍‌ଙ୍କ ଫାଷ୍ଟ ଲୁକ୍ ମଧ୍ୟ ଜାରି ହୋଇଛି। ମୋସନ୍ ପୋଷ୍ଟରରେ ସଲମାନ୍‌ଙ୍କ ମୁହଁରେ ରକ୍ତ ଛିଟା ଲାଗିଥିବାବେଳେ ସେ ସୈନିକ ଭାବେ ଦେଖାଯାଇଛନ୍ତି। ସଲମାନ୍‌ଙ୍କର ଏହି ଲୁକ୍ ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଛି। ଅନେକ ଦିନରୁ ଫିଲ୍ମ ନିର୍ମାତା ଏହାର ନାୟିକା ସନ୍ଧାନରେ ଥିଲେ। ଚିତ୍ରାଙ୍ଗଦା ସିଂହ ଏଥିରେ ସଲମାନ୍‌ଙ୍କ ବିପକ୍ଷରେ ନାୟିକା ଭାବେ ଦେଖାଯିବେ ବୋଲି ଫାଇନାଲ ହୋଇଥିବା ଜଣାପଡ଼ିଛି। ଅବଶ୍ୟ ଏନେଇ ବିଧିବଦ୍ଧ ଭାବେ କୁହାଯାଇ ନାହିଁ। କିନ୍ତୁ ଖୁବ୍‌ଶୀଘ୍ର ଚିତ୍ରାଙ୍ଗଦାଙ୍କ ନାମ ଫିଲ୍ମ ନିର୍ମାତା ଘୋଷଣା କରିପାରନ୍ତି ବୋଲି ଚର୍ଚ୍ଚା ହେଉଛି। ଯଦି ଏଥିରେ ଚିତ୍ରାଙ୍ଗଦା ଅଭିନୟ କରୁଛନ୍ତି ତେବେ ପ୍ରଥମ ଥର ପାଇଁ ସେ ସଲମାନ୍‌ଙ୍କ ସହ ସେ ସ୍କ୍ରିନ୍ ସେୟାର୍ କରିବେ। 'ବ୍ୟାଟଲ୍ ଅଫ୍ ଗଲୱାନ୍'ରେ ୨୦୨୦ ମସିହା ଜୁନ୍ ୧୫-୧୬ ତାରିଖରେ ଲଦାଖର ଗଲୱାନ୍ ଉପତ୍ୟକାରେ ଭାରତୀୟ ଓ ଚୀନ୍ ସୈନ୍ୟଙ୍କ ମଧ୍ୟରେ ହୋଇଥିବା ଏକ ଭୟଙ୍କର ସଂଘର୍ଷକୁ ଦେଖାଯିବ। ଏହି ଅଞ୍ଚଳରେ ବନ୍ଧୁକ ବ୍ୟବହାର ନିଷିଦ୍ଧ ଥିବାରୁ ସୈନିକମାନେ ଲାଠି, ପଥର ଓ ହାତରେ ଲଢ଼ିଥିଲେ। ଏହି ଚଳଚ୍ଚିତ୍ରରେ ସଲମାନ୍ କର୍ଣ୍ଣେଲ ବିକୁମାଲ୍ଲା ସନ୍ତୋଷ ବାବୁଙ୍କ ଚରିତ୍ରରେ ଅଭିନୟ କରୁଛନ୍ତି, ଯିଏ କି ୨୦୨୦ ମସିହାରେ ଗଲୱାନ୍ ଉପତ୍ୟକାରେ ଚୀନ ସୈନ୍ୟ ସହ ସଂଘର୍ଷରେ ୧୬ ବିହାର ରେଜିମେଣ୍ଟର ନେତୃତ୍ୱ ନେଇଥିଲେ।




## କୃତ୍ରିମ ରକ୍ତ



ଠିକ୍ ସମୟରେ ରକ୍ତ ନ ମିଳିବା ଯୋଗୁଁ ଅନେକ ଲୋକଙ୍କର ମୃତ୍ୟୁ ହେବା କଥା ସମସ୍ତେ ଜାଣନ୍ତି। ତେବେ ଏହି ସମସ୍ୟାର ସମାଧାନ କରିବା ପାଇଁ ବୈଜ୍ଞାନିକମାନେ କୃତ୍ରିମ ରକ୍ତ ବିକଶିତ କରିଛନ୍ତି। ଏହା ଜରୁରିକାଳୀନ ସେବା, ଯୁଦ୍ଧକ୍ଷେତ୍ର ଏବଂ ଉପଯୁକ୍ତ ଚିକିତ୍ସା ସୁବିଧାରୁ ବଞ୍ଚିତ ଅଞ୍ଚଳଗୁଡ଼ିକରେ ରୋଗୀ ସେବା ଦିଗରେ ବୈପ୍ଳବିକ ପରିବର୍ତ୍ତନ ଆଣିପାରିବ ବୋଲି ଆଶା କରାଯାଉଛି। ଜାପାନର ନାରା ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏମିତି ଏକ କୃତ୍ରିମ ରକ୍ତ ତିଆରି କରିଛନ୍ତି, ଯାହାକୁ ଯେକୌଣସି ବ୍ଲଡ୍ ଗ୍ରୁପ୍‌ର ଲୋକଙ୍କୁ ଦିଆଯାଇପାରିବ। ତେବେ ଦାନ କରାଯାଇଥିବା ରକ୍ତ ବା ଏକ୍ସପାୟରି ରକ୍ତରୁ ହିମୋଗ୍ଲୋବିନ ବାହାର କରାଯାଏ। ଏହାପରେ ଉକ୍ତ ହିମୋଗ୍ଲୋବିନକୁ ଲିପିଡ୍ ପରସ୍ତରେ ବନ୍ଦ କରି ଛୋଟ ଛୋଟ କୋଷ ତିଆରି କରାଯାଏ। ଏହି କୋଷ ଏତେ ଛୋଟ ହୋଇଥାଏ ଯେ, ତାହା ଶରୀରର ଛୋଟ ଶିରାରେ ମଧ୍ୟ ସହଜରେ ଗତି କରିବାକୁ ସକ୍ଷମ ହୋଇଥାନ୍ତି। ତେବେ ଏହି ରକ୍ତର ଅନେକ ବିଶେଷତ୍ୱ ରହିଛି। ପ୍ରଥମତଃ ଏହାକୁ ଯେକୌଣସି ବ୍ଲଡ୍ ଗ୍ରୁପ୍ ବ୍ୟକ୍ତିବିଶେଷଙ୍କୁ ଦିଆଯାଇପାରିବ। ଦ୍ୱିତୀୟତଃ ଏହାକୁ ସଂରକ୍ଷିତ କରି ରଖିବା ପାଇଁ ଶୀତଳ ଭଣ୍ଡାରର ଆବଶ୍ୟକତା ନାହିଁ। ଏହାବାଦ୍ ଏଥିରେ କୌଣସି ପ୍ରକାର ସଂକ୍ରମଣର ଭୟ ମଧ୍ୟ ନାହିଁ। ବୈଜ୍ଞାନିକମାନେ ଏହାର ପରୀକ୍ଷା ସଫଳତାପୂର୍ବକ ମୂଷାଠାରେ କରିଛନ୍ତି। ମୂଷାର ୯୦ ପ୍ରତିଶତ ରକ୍ତକୁ କୃତ୍ରିମ ରକ୍ତରେ ରୂପାନ୍ତରିତ କରାଗଲା ଏବଂ ସେମାନଙ୍କ ରକ୍ତଚାପ ଏବଂ ଅମ୍ଳଜାନ ମାତ୍ରା ସାମାନ୍ୟ ଥିବା ଜଣାପଡ଼ିଛି। ଅବଶ୍ୟ ଖୁବ୍ ଶୀଘ୍ର ଏହା ମଣିଷଙ୍କ ଉପରେ ପରୀକ୍ଷା କରାଯିବ। ଏହା ସଫଳ ହେଲେ ୨୦୩୦ ଆଡ଼କୁ ଏହା ଚିକିତ୍ସା ସମୟରେ ବ୍ୟବହାର କରାଯାଇ ପାରିବ। ସେହିପରି ଏହି ପରୀକ୍ଷଣ ସଫଳ ରହିଲେ, ଏହି ଟେକ୍ନିକ୍ ସାରା ଦୁନିଆ ଲାଗି ଗେମ୍ ଚେଞ୍ଜର ସାବ୍ୟସ୍ତ ହେବ।

# ସମ୍ଭାବନା





## ୧୦ ବର୍ଷରେ ୪ କୋଟି ସଞ୍ଚୟ

**ଜଣେ ଭାରତୀୟ ଯୁବକଙ୍କ କାହାଣୀ ଏବେ ଚର୍ଚ୍ଚାର ପ୍ରସଙ୍ଗ ପାଲଟିଛି। ତା'ସହ ତାଙ୍କ କାହାଣୀ ଅନ୍ୟମାନଙ୍କୁ ପ୍ରେରିତ କରିଛି। ୩୪ ବର୍ଷୀୟ ଏହି ଟେକ୍ନୋଲୋଜି ଏକ୍ସପର୍ଟ ୧୦ ବର୍ଷରେ ଚାରି କୋଟି ଟଙ୍କା ସଞ୍ଚୟ କରିଛନ୍ତି। ଏ ଲାଗି ସେ କୌଣସି ଲଟେରି ଖେଳି ନାହାନ୍ତି କିମ୍ବା କାହାରି ସାହାଯ୍ୟ ନେଇ ନାହାନ୍ତି। କେବଳ ନିଜ ପରିଶ୍ରମ, ଅନୁଶାସନ ଏବଂ ଶୃଙ୍ଖଳିତ ତଥା ସରଳ ଜୀବନକୁ ଆପଣାଇ ଟଙ୍କା ସଞ୍ଚୟ କରିବାରେ ସଫଳ ହୋଇଥିବା ସେ କହିଛନ୍ତି।**

ନିଜ ଜନ୍ମଦିନରେ ସମ୍ପୃକ୍ତ ଟେକ୍ନୋଲୋଜି ଏକ୍ସପର୍ଟ ଏହି କଥା ସେୟାର୍ କରିଛନ୍ତି। ସେ ଏବେ ୩୪ ବର୍ଷ ବୟସରେ ପାଦ ଥାପିଛନ୍ତି। ଏହାସହ ତାଙ୍କ ସଞ୍ଚୟ ୪ କୋଟି ଟଙ୍କା ଅତିକ୍ରମ କରିଛି। କେବଳ ୧୦ ବର୍ଷର ଧୈର୍ଯ୍ୟ, ପରିଶ୍ରମ ଓ ଅନୁଶାସନ ଯୋଗୁଁ ଏହା ସମ୍ଭବ ହୋଇଥିବା ସେ କହନ୍ତି। ତାଙ୍କ ପିଲାଦିନ ଅଭାବ ଅନଟନରେ ବିତିଥିବା ସେ କହିଛନ୍ତି। ତାଙ୍କ ବାପା ଶ୍ରମିକ ହୋଇଥିବାରୁ ଘର ଚଳାଇବା ଆଦୌ ସହଜ ନ ଥିଲା। ସେ ସରକାରୀ ହିନ୍ଦୀ ମାଧ୍ୟମ ସ୍କୁଲରୁ ପାଠପଢ଼ିଛନ୍ତି। ତେବେ ତାଙ୍କ ବାପା ସବୁ ବେଳେ କହି ଆସୁଥିଲେ, ଯେଉଁ ଦିନ ସେ ତାଙ୍କ ପୁଅ ପାଇଁ ପରିଚିତ ହେବେ, ସେଦିନ ତାଙ୍କ ବାପା ଗର୍ବ ଅନୁଭବ କରିବେ। ଏହି କଥା ତାଙ୍କ ଜୀବନର ସବୁଠୁ ବଡ଼ ପ୍ରେରଣା ପାଲଟିଲା।

ସେହିପରି ସେ କମ୍ପ୍ୟୁଟର ସଂସ୍ପର୍ଶରେ ଆସିବାରୁ ତାଙ୍କ ଜୀବନ ବଦଳି ଥିବା କହିଛନ୍ତି। ଭୋକ କ'ଣ ସେ ବୁଝିଛନ୍ତି। ତାଙ୍କ ଭୋକ କେବଳ ପେଟର ଯନ୍ତ୍ରଣାକୁ କମ୍ କରିବା ନ ଥିଲା, ଏହି ଭୋକ ବ୍ରାଣ୍ଡେଡ ଡ୍ରେସ ପିନ୍ଧିବାର ବି ଥିଲା। ଅନ୍ୟପଟେ ୧୦ ବର୍ଷରେ କିଭଳି ସେ ୧୦ କୋଟି ଟଙ୍କା ସଞ୍ଚୟ କରିଛନ୍ତି, ସେକଥା ବି ସେ କହିଛନ୍ତି। ସେ ଜୀବନରେ ଆଗକୁ ବଢ଼ିବା ପାଇଁ ବିଭିନ୍ନ ବହି, ଇଣ୍ଟରନେଟ୍‌ର ଆଦି ସାହାରା ବି ନେଇଛନ୍ତି। ଚାକିରି ସହିତ ପାର୍ଟ ଟାଇମ୍ କାମ କଲେ। ପ୍ରତି ମାସରେ ସଞ୍ଚୟ କରିବା ସହିତ ଖର୍ଚ୍ଚରେ ନିୟନ୍ତ୍ରଣ ଆଣିଲେ। ଗାଡ଼ି କରିବାର ଇଚ୍ଛା ଥିଲା, କିନ୍ତୁ ଘର କରିବାକୁ ତରବର ନ ଥିଲେ। ଆଜି ତାଙ୍କ ପାଖରେ କାର୍ ଓ ବାଇକ୍ ଅଛି। ହେଲେ ନିଜର ଘର ନାହିଁ। ସେ କହନ୍ତି, ତାଙ୍କ ବାପା ତାଙ୍କ ପରିଶ୍ରମକୁ ନେଇ କରିବେ, ସମ୍ପତ୍ତିକୁ ନେଇ ନୁହେଁ। ସେ କହିଛନ୍ତି, ଜୀବନରେ ସଫଳ ହେବା ପାଇଁ ଇଂରାଜି ଜାଣିବା ଜରୁରି ନୁହେଁ, ନିଜ ଭିତରେ କଠିନ ପରିଶ୍ରମ ଓ ଆତ୍ମବିଶ୍ୱାସ ରହିବା ଦରକାର। ଏବେ ତାଙ୍କର ଏହି କାହାଣୀ ତାଙ୍କୁ ରିୟଲ ହିରୋର ପରିଚୟ ପ୍ରଦାନ କରିଛି।

## ବିନା ଇଣ୍ଟରନେଟ୍‌ରେ ଚାଟିଂ

ହ୍ୱାଟ୍ସଆପ୍ ତଥା ଫେସ୍‌ବୁକ୍‌ରେ ଚାଟିଂ କରିବା ପାଇଁ ଇଣ୍ଟରନେଟ୍ ଲୋଡ଼ା ପଡ଼େ। ହେଲେ ଏଣିକି ଚାଟିଂ ପାଇଁ ଆଉ ଇଣ୍ଟରନେଟ୍‌ର ଦରକାର ନାହିଁ। ଜ୍ୟାକ୍ ଡୋର୍ସିଙ୍କ ନୂଆ ମେସେଜିଂ ଆପ୍ 'ବିଟ୍‌ଚାଟ୍' ର ଏହା ହେଉଛି ବିଶେଷତ୍ୱ। ଏହି ଆପ୍ ବିନା ଇଣ୍ଟରନେଟ୍‌ରେ କାମ କରେ। ତେଣୁ ଇଣ୍ଟରନେଟ୍ ବିନା ଲୋକେ ଇନଷ୍ଟାଣ୍ଟ ମେସେଜିଂର ମଜା ନେଇପାରିବେ। ବିଟ୍‌ଚାଟ୍ ୱେବ୍୩ ଏବଂ ବ୍ଲକ୍ ଚେନ୍ ଟେକ୍ନୋଲୋଜି ଉପରେ ଆଧାରିତ। ଏଥିରେ ବ୍ୟବହାରକାରୀଙ୍କ ଡାଟା କୌଣସି ସେଣ୍ଟ୍ରାଲ ସର୍ଭର୍‌ରେ ରହି ନ ଥାଏ। ଏଥିରେ ଇନବିଲ୍ଟ କ୍ରିପ୍ଟୋ ୱାଲେଟ୍, ଏନକ୍ରିପଟେଡ୍ ଚାଟ୍, ଫାଇଲ ସେୟାରିଂ ଏବଂ ବିଜ୍ଞାପନ ନ ଥିବା ଭଳି ଫିଚର୍ସ ରହିଛି। ବ୍ଲୁଟୁଥ୍ ସଂଯୋଗ ଦ୍ୱାରା ଏଥିରେ ଚାଟିଂ କରିବା ସମ୍ଭବ। ଅବଶ୍ୟ ଏହା ସାଧାରଣ ଲୋକଙ୍କ ପାଇଁ ଏବେ ଲଞ୍ଚ ହୋଇ ନାହିଁ। ହେଲେ ଟେକ୍ନୋଲୋଜି ଦୁନିଆରେ ଏହାକୁ ନେଇ ଉତ୍ସାହ ଦେଖିବାକୁ ମିଳିଛି। ଏହି ଆପ୍ ୧୦୦ ମିଟର ପରିଧି ଭିତରେ ରହୁଥିବା ଡିଭାଇସ ପାଇଁ କାମ କରିବ। ଭବିଷ୍ୟତରେ ଏଥିରେ ୱାଇଫାଇ ସପୋର୍ଟ ମିଳିବା କୁହାଯାଉଛି।

## ଘରେ ବସି କରନ୍ତୁ ଚାକିରି



**ସମସ୍ତଙ୍କୁ ଚାକିରି ଜୀବନ ଭଲ ଲାଗେ। ସମୟ ସହିତ ଚାକିରିର ଚାପ ଓ ସମୟ ବ୍ୟକ୍ତିଗତ ଜୀବନକୁ ପ୍ରଭାବିତ କରିଥାଏ। ଫଳରେ ଚାକିରିରୁ ଧୀରେ ଧୀରେ ମୋହଭଙ୍ଗ ଆରମ୍ଭ ହୁଏ ଏବଂ ଅଫିସ୍ ଯିବାକୁ ଇଚ୍ଛା ହୁଏ ନାହିଁ। କିଛି ଚାକିରି ଏଭଳି ଅଛି, ଯେଉଁଥିରେ ଅଫିସ୍ ଯିବାକୁ ପଡ଼ିବ ନାହିଁ। ଘରେ ବସି କାମ କରିବା ସମ୍ଭବ।**

**କରିକୁଲମ୍ ଡିଜାଇନର:** କରିକୁଲମ୍ ଡିଜାଇନର କାମ ଘରେ ବସି କରିବା ସମ୍ଭବ। ଏହି କାମରେ କୌଣସି କୋର୍ସର ପାଠ୍ୟକ୍ରମ ଡିଜାଇନ କରିବାକୁ ହୋଇଥାଏ।

**କ୍ରିଏଟର ଆସିଷ୍ଟାଣ୍ଟ:** କ୍ରିଏଟର ଆସିଷ୍ଟାଣ୍ଟଙ୍କ କାମ ହେଉଛି ଇମେଲ ପଠାଇବା, କ୍ୟାପସନ ଲେଖିବା ଏବଂ ସୋସିଆଲ ମିଡିଆକୁ ହ୍ୟାଣ୍ଡେଲ କରିବା। ତେଣୁ ଏହି କାମ ମାଧ୍ୟମରେ ଜଣେ ଘରେ ରହି ରୋଜଗାର କରିପାରିବେ।

**କଲଚରାଲ କନସଲଣ୍ଟେଣ୍ଟ:** ଏହି କାମ ଖୁବ୍ ରୋମାଞ୍ଚକ ହୋଇଥାଏ। ଏହି ଚାକିରି ଅଲଗା ଅଲଗା ସ୍ଥାନର ସଂସ୍କୃତିକୁ ବୁଝିବାକୁ ବୁଝାଏ। ଏଥିରେ ପରାମର୍ଶଦାତା ଭାବେ କାମ କରିବାକୁ ହୋଇଥାଏ। ଯାହାକୁ ସହଜରେ ଅଫିସ୍ ନ ଯାଇ ଘରୁ ମଧ୍ୟ କରି ପାରିବେ।

**କମ୍ୟୁନିଟି ମ୍ୟାନେଜର:** କମ୍ୟୁନିଟି ମ୍ୟାନେଜରଙ୍କ କାମ ହେଉଛି ନେଟୱର୍କ ତିଆରି କରିବା। ଏହି ଚାକିରି ପ୍ରତ୍ୟେକ ବ୍ରାଣ୍ଡ ଲାଗି ଘରୁ ମଧ୍ୟ କରାଯାଇପାରିବ।

**କଣ୍ଟେଣ୍ଟ ରାଇଟର:** ଘରେ ବସି ପ୍ରୁଫ୍‌ରିଡର୍, ଏଡିଟର୍, ବ୍ଲଗର ଏବଂ କଣ୍ଟେଣ୍ଟ ରାଇଟରର କାମ କରି ରୋଜଗାର କରିପାରିବେ। ଏଥିରେ ଅଫିସ୍ ଯାଇ ସେତେ ବେଶି ଚାପ ନେବାକୁ ପଡ଼େ ନାହିଁ।

**ସୋସିଆଲ ମିଡିଆ ହ୍ୟାଣ୍ଡଲିଂ:** ଏହି କାମ ବି ଘରେ ବସି କରିବା ସହଜ। ଏହି କାମରେ ଯେକୌଣସି କମ୍ପାନିର ସୋସିଆଲ ମିଡିଆ ଆକାଉଣ୍ଟ ପରିଚାଳନା କରିବାକୁ ହୋଇଥାଏ।

## ଭଲ ନୁହେଁ ଓଭରସେୟାରିଂ



ଓଭରସେୟାରିଂର ଅର୍ଥ ହେଉଛି ନିଜର ବ୍ୟକ୍ତିଗତ କଥା ତଥା ଭାବନାକୁ ଆବଶ୍ୟକତାଠୁ ଅଧିକ ଅନ୍ୟମାନଙ୍କ ସହିତ ସେୟାର୍ କରିବା। ବିଶେଷକରି ଯେଉଁ କଥା ସେୟାର୍ କରିବା ଉଚିତ ନୁହେଁ, ସେସବୁକୁ ସେୟାର୍ କରିବା। ଏଭଳି କିଛି କୁହନ୍ତୁ ନାହିଁ, ଯାହାକୁ କହି ପରେ ଅନୁତାପ କିମ୍ବା ଅସୁରକ୍ଷିତ ମନେ କରିବେ। ସେହିପରି ଆବଶ୍ୟକତାଠୁ ଅଧିକ ସେୟାର୍ କରିବା ଦ୍ୱାରା ବ୍ୟକ୍ତିଗତ କଥା ସାମ୍ନାକୁ ଆସେ। ଏହା ଦ୍ୱାରା ବ୍ୟକ୍ତିଗତ ହୋଇ କିଛି ରହେ ନାହିଁ। ଅନ୍ୟପଟେ ସମସ୍ତେ ସବୁ କିଛି ଶୁଣିବାକୁ ଭଲପାଆନ୍ତି ନାହିଁ। ବେଳେ ବେଳେ ଅନ୍ୟମାନେ ମଧ୍ୟ ଅତିରିକ୍ତ କଥା ଶୁଣିବାରେ ଅସହଜ ଅନୁଭବ କରନ୍ତି। ଯଦ୍ୱାରା ନିଜକୁ ଲଜ୍ଜିତ ହେବା ଭଳି ଲାଗେ। ସେହିପରି କାର୍ଯ୍ୟାଳୟରେ ଆବଶ୍ୟକତାଠୁ ବେଶି ବ୍ୟକ୍ତିଗତ କଥା ଆଲୋଚନା କରିବା ବୃତ୍ତିଗତ ବ୍ୟକ୍ତିତ୍ୱ ଉପରେ ଖରାପ ପ୍ରଭାବ ପକାଏ। ଯେଉଁମାନେ ସବୁବେଳେ ବ୍ୟକ୍ତିଗତ କଥା ଆଲୋଚନା କରନ୍ତି, ସେମାନେ ବେଶି ଭରସାଯୋଗ୍ୟ ହୋଇ ନ ଥାନ୍ତି। ତା'ସହ ଏଭଳି ଲୋକ ଦୁର୍ବଳମନା ହୋଇଥାନ୍ତି ବୋଲି କୁହାଯାଏ। ପରିସ୍ଥିତି ଏମିତି ହୁଏ ଆବଶ୍ୟକତାଠୁ ବେଶି ସେୟାର୍ କରୁଥିବା ଲୋକଙ୍କ କଥାକୁ କେହି ଗମ୍ଭୀରତା ସହ ନେଇ ନ ଥାନ୍ତି। ଅନ୍ୟପଟେ ଅନଲାଇନ୍ ଓଭରସେୟାରିଂ ଦ୍ୱାରା ସାଇବରବୁଲିଂର ଶିକାର ମଧ୍ୟ ହେବାକୁ ପଡ଼ିଥାଏ। ଥରେ ଅନଲାଇନ୍‌ରେ କିଛି ସେୟାର୍ କରିବା ଦ୍ୱାରା ସେଥିରେ ଆଉ ନିୟନ୍ତ୍ରଣ ରହେ ନାହିଁ। ଫଳରେ ସେହି ତଥ୍ୟକୁ ଉପଯୋଗ କରାଯାଇ ହଇରାଣ କରାଯାଏ।

● ୨୦୨୮ ଲସ୍ ଆଞ୍ଜେଲ୍ସ ଅଲିମ୍ପିକ୍ସ

## ପୁରୁଷ ଓ ମହିଳାରେ ଭାଗନେବେ ୬ ଦଳ

ଲସ୍ ଆଞ୍ଜେଲ୍ସ, ୧୫ା୭ (ଏଜେନ୍ସି): ଦୀର୍ଘ ୧୨୮ ବର୍ଷର ବ୍ୟବଧାନ ପରେ କ୍ରୀଡ଼ାର ମହାକୁମ୍ଭ ଅଲିମ୍ପିକ୍ସକୁ କ୍ରିକେଟ୍ ପ୍ରତ୍ୟାବର୍ତ୍ତନ କରିଛି। ୨୦୨୮ରେ ଆମେରିକାର ଲସ୍ ଆଞ୍ଜେଲ୍ସରେ ଆୟୋଜିତ ହେବାକୁ ଥିବା ଅଲିମ୍ପିକ୍ସର ୩୪ତମ ସଂସ୍କରଣରେ କ୍ରିକେଟ୍ ଖେଳାଯିବ। ଏଥିଲାଗି ୨୦୨୮ ଅଲିମ୍ପିକ୍ସ ଆୟୋଜକଙ୍କ ପକ୍ଷରୁ କ୍ରିକେଟ୍ କ୍ରୀଡ଼ାର କାର୍ଯ୍ୟସୂଚୀ ଘୋଷଣା କରାଯାଇଛି। ଅଲିମ୍ପିକର ଏହି ସଂସ୍କରଣ ଜୁଲାଇ ୧୪ରୁ ଆରମ୍ଭ ହେବ। କିନ୍ତୁ ଏହାର ଦୁଇଦିନ ପୂର୍ବରୁ ଅର୍ଥାତ୍ ଜୁଲାଇ ୧୨ରୁ କ୍ରିକେଟ୍ ଇଭେଣ୍ଟର ମ୍ୟାଚ୍ ଆରମ୍ଭ ହୋଇଯିବ। ଜୁଲାଇ ୨୯ରେ କ୍ରିକେଟ୍ ମ୍ୟାଚ୍ କାର୍ଯ୍ୟସୂଚୀ ଶେଷ ହେବ। ମହିଳା ବିଭାଗର ଫାଇନାଲ ଓ କାଂସ୍ୟ ପଦକ ମ୍ୟାଚ୍ ଜୁଲାଇ ୨୦ରେ ଓ ପୁରୁଷ ବିଭାଗର ଜୁଲାଇ ୨୯ରେ ଆୟୋଜିତ ହେବ ବୋଲି ଜଣାପଡ଼ିଛି।

ଟି-୨୦ ଫର୍ମାଟ୍‌ରେ ମ୍ୟାଚ୍‌ଗୁଡ଼ିକ ଖେଳାଯିବ। ଉଭୟ ପୁରୁଷ ଓ ମହିଳା ବିଭାଗରେ ବିଶ୍ୱ ମାନ୍ୟତାର ଶ୍ରେଷ୍ଠ-୬ଟି ଦଳ ଅଲିମ୍ପିକ୍ସକୁ ଯୋଗ୍ୟତା ଅର୍ଜନ କରିବେ। ପ୍ରତ୍ୟେକ ଦଳରେ ୧୫ଜଣ ହିସାବରେ ମୋଟ୍ ୧୮୦ଜଣ ପୁରୁଷ ଓ ମହିଳା କ୍ରିକେଟ୍ ଖେଳାଳି ଏହି ମେଗା ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ। କ୍ରିକେଟ୍ ମ୍ୟାଚ୍‌ଗୁଡ଼ିକ ଲସ୍ ଆଞ୍ଜେଲ୍ସଠାରୁ ୫୦ କିଲୋମିଟର ଦୂର ପୋମେନା ସହରର ଫେୟାର ଗ୍ରାଉଣ୍ଡ ଷ୍ଟାଡିୟମରେ ଖେଳାଯିବାକୁ ସ୍ଥିର ରହିଛି। ଏଠାରେ ଉଲ୍ଲେଖଯୋଗ୍ୟ, ୧୨୮ ବର୍ଷ ତଳେ ୧୯୦୦ ମସିହାରେ ପ୍ୟାରିସରେ ଆୟୋଜିତ ଅଲିମ୍ପିକ୍ସରେ କ୍ରିକେଟ୍‌କୁ ପ୍ରଥମଓ ଶେଷଥର ସାମିଲ କରାଯାଇଥିଲା। ଏଥିରେ ୨ଟି ଦଳ ଗ୍ରେଟ୍ ବ୍ରିଟେ ଓ ଫ୍ରାନ୍ସ ଅଂଶଗ୍ରହଣ କରିଥିଲେ। ଗ୍ରେଟ୍ ବିଟେନ ଏଥିରେ ସ୍ୱର୍ଣ୍ଣପଦକ ଜିତିଥିଲା।

## ଷ୍ଟୋକ୍ସ: ଗୋଟିଏ ଭେନ୍ୟୁରେ ସର୍ବାଧିକ ମ୍ୟାନ୍ ଅଫ୍ ଦି ମ୍ୟାଚ୍



ଲର୍ଡ୍ସ,୧୫ା୭ (ଏଜେନ୍ସି): ଇଂଲଣ୍ଡ ବିପକ୍ଷ ତୃତୀୟ ଟେଷ୍ଟରେ ମ୍ୟାନ୍ ଅଫ୍ ଦି ମ୍ୟାଚ୍ ବିବେଚିତ ହୋଇଥିବା ଇଂଲଣ୍ଡ ଅଧିନାୟକ ଲର୍ଡ୍ସ କ୍ରିକେଟ ଗ୍ରାଉଣ୍ଡରେ ଏହି ପୁରସ୍କାର ସର୍ବାଧିକ ୪ଥର ଜିତିଛନ୍ତି। ଏହି ମ୍ୟାଚ୍‌ରେ ସେ ୭୭ ରନ୍, ୫ ୱିକେଟ ନେବା ସହ ପନ୍ତଙ୍କୁ ରନ୍‌ଆଉଟ କରିଥିଲେ। ସେହିପରି ୨୦୧୫ରେ ନ୍ୟୁଜିଲାଣ୍ଡ ବିପକ୍ଷ ଟେଷ୍ଟରେ ସେ ୧୯୩ ରନ୍ ଓ ୩ ୱିକେଟ, ୨୦୧୭ ୱେଷ୍ଟଇଣ୍ଡିଜ୍ ବିପକ୍ଷ ଟେଷ୍ଟରେ ୬୦ ରନ୍ କରିବା ସହ ୬ ୱିକେଟ, ୨୦୧୯ରେ ଅଷ୍ଟ୍ରେଲିଆ ବିପକ୍ଷ ଟେଷ୍ଟରେ ୧୨୮ ରନ୍ କରି ମ୍ୟାନ୍ ଅଫ୍ ଦି ମ୍ୟାଚ୍ ବିବେଚିତ ହୋଇଥିଲେ। ଗୋଟିଏ ଭେନ୍ୟୁରେ ସର୍ବାଧିକ ମ୍ୟାନ୍ ଅଫ୍ ଦି ମ୍ୟାଚ୍ ପୁରସ୍କାର ପାଇବାରେ ଷ୍ଟୋକ୍ସ ରେକର୍ଡ କରିଛନ୍ତି।

# ଲର୍ଡ୍ସରେ କାହିଁକି ହାରିଲା ଭାରତ

ଲର୍ଡ୍ସ,୧୫ା୭ (ଏଜେନ୍ସି)



ଋଷଭ ପନ୍ତଙ୍କ ରନ୍‌ଆଉଟ୍

ଆଣ୍ଡରସନ-ତେନ୍ଦୁଲକର ଟ୍ରଫିର ତୃତୀୟ ମୁକାବିଲାରେ ଇଂଲଣ୍ଡ ନିକଟରୁ ୨୨ ରନ୍‌ରେ ହାରିଛି ଭାରତ। ଏତେ ଭଲ ଖେଳ, ପ୍ରଭାବୀ ପ୍ରଦର୍ଶନ ଓ ଜୋରଦାର ଲଢ଼େଇ କରିବା ପରେ ମଧ୍ୟ ଦଳର ପରାଜୟ ଖେଳାଳି ଓ ସମର୍ଥକଙ୍କୁ କରିଛି ନିରାଶ। ଏପରି ଅବସ୍ଥାରେ ଭାରତ କାହିଁକି ହାରିଲା ତାହାର କାରଣ ଖୋଜା ଚାଲିଛି। 'ସମସ୍ତ ବିଭାଗରେ ପ୍ରଭାବୀ ଖେଳିଥିଲେ ମଧ୍ୟ ଆଉ କିଛି ବାଉଣ୍ଡରୀ ମିଳିଥିଲେ ଆମେ ଏହି ମ୍ୟାଚ୍ ଜିତିପାରିଥାନ୍ତୁ' ବୋଲି କହିଛନ୍ତି ଭାରତର ଅଧିନାୟକ ଶୁବମନ ଗିଲ୍। କିନ୍ତୁ ଏହା ପରାଜୟର କାରଣ ହୋଇ ନ ପାରେ? ଇଂଲଣ୍ଡ ଦଳ ଯେପରି ଉତ୍ସାହ ନେଇ ଏହି ମ୍ୟାଚ୍ ଖେଳିଥିଲା ତାହା କ'ଣ ଭାରତୀୟଙ୍କ ପାଖରେ ଥିଲା କି? ଖେଳାଳିମାନେ ସଟ୍ ଚୟନରେ ନିୟନ୍ତ୍ରଣ ରଖିପାରିଥିଲେ କି? ସଟ୍ ଚୟନ ନିଷ୍ପତ୍ତି ନେବାରେ କିଛି ଖେଳାଳି ତ୍ରୁଟି କରି ନ ଥିଲେ କି? ଏଭଳି ଅନେକ ପ୍ରଶ୍ନର ଉତ୍ତର ପାଇଲେ ଭାରତୀୟ ଦଳର ନାଟକୀୟ ପରାଜୟର କାରଣ ସହଜରେ ମିଳିଯିବ। ଏଠାରେ ଭାରତ ହାରିଯାଇଥିଲେ ମଧ୍ୟ ଖେଳାଳିମାନେ ସିରିଜ୍‌ରେ ପାଇଥିବା ଆତ୍ମବିଶ୍ୱାସରୁ ନିଶ୍ଚିତ ଲଢ଼ୁଆ ଖେଳିବେ ବୋଲି ଆଶା କରାଯାଉଛି। ଏବେ ଇଂଲଣ୍ଡ ଟେଷ୍ଟ ସିରିଜ୍‌ରେ ୨-୧ରେ ଆଗୁଆ ରହିଛି। ଜୁଲାଇ ୨୩ରୁ ଚତୁର୍ଥ ଟେଷ୍ଟ ଖେଳାଯିବ। ପ୍ରଥମ ଓ ତୃତୀୟ ଟେଷ୍ଟରେ ଭାରତ ହାରିଥିଲେ ମଧ୍ୟ ମ୍ୟାଚ୍ ପ୍ରତିଦ୍ୱନ୍ଦ୍ୱିତାମୂଳକ ହୋଇଥିଲା। କିନ୍ତୁ ଏହି ମ୍ୟାଚ୍ ଦୁଇଟିରେ ଖେଳାଳିଙ୍କ ନିକଟରେ କିଛି ତ୍ରୁଟି ରହିବାରୁ ଭାରତ ଅଳ୍ପକେ ମ୍ୟାଚ୍ ହାରିଯାଇଥିଲା।

ଭାରତୀୟ ଦଳର କିଛି ଖେଳାଳିଙ୍କ ପ୍ରଦର୍ଶନକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି। ଦ୍ୱିତୀୟ ଇନିଂସରେ କରୁନ ନାୟାର ବଲ ଖେଳିବାକୁ ନ ଯାଇ ଏଲ୍‌ବିଡବ୍ଲ୍ୟୁ ହେବା, ଶୁବମନ ଗିଲ୍ ଅଯଥାରେ ବିବାଦ ସୃଷ୍ଟିକରିବା, ଇଂଲଣ୍ଡ ଖେଳାଳିଙ୍କୁ ସ୍ଲେଜିଂ କରିବାକୁ ଉତ୍ସାହିତ କରିବା ଆଦି ଘଟଣା ଭାରତ ସପକ୍ଷରେ ଯାଇନାହିଁ। ଅନ୍ୟପକ୍ଷରେ କହିବାକୁ ଗଲେ, ଭାରତୀୟ ମାନେ ଅଧିକ ଆକ୍ରମଣାତ୍ମକ ଖେଳ ପ୍ରଦର୍ଶନ କରିବାକୁ ଯାଇ ଗୋଟିକ ପରେ ଗୋଟିଏ ତ୍ରୁଟି କରିଛନ୍ତି। ଏଣୁ ଇଂଲଣ୍ଡ ରଚନା କରିଥିବା ଚକ୍ରବ୍ୟୁହରେ ଭାରତ ଫସିଯାଇଛି। ଏକଦା ଭାରତ ଦ୍ୱିତୀୟ ଇନିଂସରେ ୮୨ ରନ୍‌ରେ ୭ମ ଓ ୧୧୨ ରନ୍‌ରେ ୮ମ ୱିକେଟ ହରାଇବା ପରେ ରବୀନ୍ଦ୍ର ଜାଡେଜାଙ୍କ ସହ ବ୍ୟାଟିଂ କରିବାକୁ ଆସିଥିଲେ ଯଶପ୍ରୀତ୍ ବୁମ୍‌ରା। ସେ ଅତ୍ୟନ୍ତ ସତର୍କତାର ସହ ଖେଳି ଇଂଲଣ୍ଡକୁ ନିରାଶ କରିବା ସହ ଭାରତୀୟ ଶିବିରରେ ବିଜୟ ଆଶା ସଞ୍ଚାର କରିଥିଲେ। ବୁମ୍‌ରାଙ୍କୁ ଆଉଟ କରିବାକୁ ଇଂଲଣ୍ଡ ଅଧିନାୟକ ବେନ୍ ଷ୍ଟୋକ୍ସ ଚକ୍ରବ୍ୟୁହ ରଚନା କରିଥିଲେ। ସର୍ଟପିଚ୍ ବଲ୍‌କୁ ଛାଡି ବୁମ୍‌ରା ପ୍ରାୟ ଅନ୍ୟ ସଟ୍ ଖେଳିବାକୁ ଚେଷ୍ଟା କରି ନଥିଲେ। ରୁଟ୍‌ଙ୍କ ସହ ଦୀର୍ଘ ସମୟ ଆଲୋଚନା କରିବା ପରେ ତାଙ୍କୁ କେବଳ ସର୍ଟପିଚ୍ ବଲ ପକାଇଥିଲେ ଷ୍ଟୋକ୍ସ। ଏହା ଫଳରେ ବୁମ୍‌ରା ସଟ୍ ମାରିବାକୁ ଯାଇ କ୍ୟାଚ୍ ଆଉଟ ହୋଇଥିଲେ। ଇଂଲଣ୍ଡ ତାହାର ଯୋଜନାରେ ସଫଳ ହୋଇଥିଲା। ବୁମ୍‌ରାଙ୍କ ସ୍ଥାନରେ ଖେଳିବାକୁ ଆସିଥିବା ସିରାଜ ଯେତେ ଭଲ ଖେଳିଥିଲେ ମଧ୍ୟ ସେ କିଛି ନା କିଛି ତ୍ରୁଟି କରିବେ ବୋଲି ଆଶଙ୍କା ରହିଥିଲା। କିନ୍ତୁ ସେ ବିଶେଷ କିଛି ତ୍ରୁଟି କରି ନ ଥିଲେ। ସ୍ପିନର ସୋଏବ ବସିରଙ୍କ ଏକ ବଲ୍‌କୁ ରକ୍ଷଣାତ୍ମକ ଭାବେ ଖେଳିଥିଲେ ମଧ୍ୟ ତାହା ଦୁର୍ଭାଗ୍ୟଜନକ ଭାବେ ସିରାଜଙ୍କ ଗୋଡଭିତରେ ଯାଇ ଲେଗ୍ ଷ୍ଟମ୍ପ୍ ଭାଙ୍ଗିଦେଇଥିଲା। ଏହି ଷ୍ଟମ୍ପ୍ ଭାଙ୍ଗିବା ସହ ଇଂଲଣ୍ଡ ନାଟକୀୟ ବିଜୟ ହାସଲ କରିଥିଲା।

ଏସବୁ ବ୍ୟତୀତ ଭାରତର ହାରିବାରେ ଦୁଇଟି ବଡ଼ କାରଣ ରହିଛି। ଏହା ମଧ୍ୟରୁ ପ୍ରଥମଟି ହେଉଛି ମ୍ୟାଚ୍‌ର ଦ୍ୱିତୀୟ ଦିନ ସକାଳେ ଇଂଲଣ୍ଡ ପ୍ରଥମ ଇନିଂସରେ ବଲ ପରିବର୍ତ୍ତନ। ଏହି ସମୟରେ ବୁମ୍‌ରା ଘାତକ ବୋଲିଂ କରି ୩ ଜଣଙ୍କୁ ଆଉଟ କରିଥିଲେ। ଫଳରେ ଇଂଲଣ୍ଡ ୪ ୱିକେଟରେ ୨୬୦ରୁ ୭ ୱିକେଟରେ ୨୭୧ ରନ୍‌ରେ ପହଞ୍ଚିଥିଲା। କିନ୍ତୁ ବଲ ପରିବର୍ତ୍ତନ ହେବା ଫଳରେ ବ୍ରାଇଡନ କାର୍ସଙ୍କ ନେତୃତ୍ୱରେ ଇଂଲଣ୍ଡର ନିମ୍ନଭାଗ ଭଲ ବ୍ୟାଟିଂ କରି ଦଳୀୟ ସ୍କୋରକୁ ୩୮୭ରେ ପହଞ୍ଚାଇଥିଲେ। ଏହି ବଲ ପରିବର୍ତ୍ତନରେ ଆଦୌ ଖୁସି ନ ଥିଲେ ଭାରତୀୟ ଦଳର ଖେଳାଳିମାନେ।

ଦ୍ୱିତୀୟଟି କାରଣଟି ହେଲା ଋଷଭ ପନ୍ତଙ୍କ ରନ୍‌ଆଉଟ। ଭାରତର ପ୍ରଥମ ଇନିଂସରେ ରାହୁଲ ଓ ପନ୍ତ ଦମ୍‌ଦାର ବ୍ୟାଟିଂ କରି ଇଂଲଣ୍ଡକୁ ବ୍ୟାକ୍‌ଫୁଟ୍‌କୁ ଠେଲିଦେଇଥିଲେ। ଲଞ୍ଚ ପୂର୍ବରୁ ପନ୍ତ ଏକ କଷ୍ଟସାଧ୍ୟ ବା ବିପଜ୍ଜନକ ରନ୍ ନେବାକୁ ଚେଷ୍ଟା କରିଥିଲେ। ଏହାର ଫାଇଦା ମିଳିଥିଲା ଇଂଲଣ୍ଡକୁ। ଏହି ସମୟରେ ବୋଲିଂ କରୁଥିବା ଷ୍ଟୋକ୍ସଙ୍କ ଡାଇରେକ୍ଟ ଥ୍ରୋ'ରେ ରନ୍‌ଆଉଟ ହୋଇଥିଲେ ପନ୍ତ। ପନ୍ତଙ୍କ ଆଉଟ ସହ ସବୁକିଛି ବଦଳିଯାଇଥିଲା।

ଖେଳ ହେଉ ଅବା ଅନ୍ୟକିଛି ଘଟଣାରେ ତ୍ରୁଟି ରହିବା ସ୍ୱାଭାବିକ୍। କିନ୍ତୁ ଏହାକୁ ସୁଧାରିବାରେ ଶ୍ରେଷ୍ଠ ଖେଳାଳିମାନେ ସମର୍ଥ ହୋଇଥାନ୍ତି। ଏବେ ଭ୍ରମଣକାରୀ ଭାରତୀୟ ଦଳ ନିଜର ତ୍ରୁଟି ସୁଧାରିପାରିଲେ ପରବର୍ତ୍ତୀ ମୁକାବିଲାରେ ସଫଳ ହୋଇପାରିବ।

## ଜାପାନ ଓପନ୍: ଆରମ୍ଭରୁ ରତ୍ନପର୍ଣ୍ଣା-ଶ୍ୱେତପର୍ଣ୍ଣା ବିଦା

ଭୁବନେଶ୍ୱର, ୧୫ା୭ (ସମିସ): ଟୋକିଓରେ ମଙ୍ଗଳବାରଠାରୁ ଆରମ୍ଭ ହୋଇଥିବା ଜାପାନ ଓପନ୍ ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତାରେ ଓଡ଼ିଶାର ପଣ୍ଡା ଭଗିନୀ ରତ୍ନପର୍ଣ୍ଣା ଓ ଶ୍ୱେତପର୍ଣ୍ଣାଙ୍କୁ ନିରାଶ ହେବାକୁ ପଡ଼ିଛି। ମହିଳା ଡବଲ୍ସର ପ୍ରଥମ ରାଉଣ୍ଡରେ ରତ୍ନପର୍ଣ୍ଣା-ଶ୍ୱେତପର୍ଣ୍ଣା ଯୋଡ଼ି ୧୩-୨୧, ୭-୨୧ ସିଧାସଳଖ ଗେମ୍‌ରେ ଘରୋଇ ଜାପାନ ଯୋଡ଼ି କୋକୋନା ଇଶିକାୱା ଓ ମାଇକୋ କାୱଜୋଓଙ୍କ ନିକଟରୁ ପରାସ୍ତ ହୋଇଛନ୍ତି।

ଟେଷ୍ଟ କ୍ରିକେଟ୍‌ରେ ଦ୍ୱିତୀୟ ସର୍ବନିମ୍ନ ସ୍କୋର

# ୱେଷ୍ଟଇଣ୍ଡିଜ ୨୭ରେ ଅଲ୍‌ଆଉଟ୍

କିଙ୍ଗ୍‌ସଟନ୍, ୧୫ା୭ (ଏଜେନ୍ସି): ଭ୍ରମଣକାରୀ ଅଷ୍ଟ୍ରେଲିଆ ବିପକ୍ଷରେ ସ୍ଥାନୀୟ ସାବିନା ପାର୍କରେ ଚାଲିଥିବା ଅନ୍ତିମ ତଥା ତୃତୀୟ ଟେଷ୍ଟରେ ୨୦୪ ରନର ଲକ୍ଷ୍ୟକୁ ପିଛା କରିଥିବା ୱେଷ୍ଟଇଣ୍ଡିଜ ଅତ୍ୟନ୍ତ ଦୟନୀୟ ପ୍ରଦର୍ଶନ କରି ମାତ୍ର ୨୭ ରନରେ ଅଲ୍‌ଆଉଟ୍ ହୋଇଛି। ବାମହାତୀ ଦ୍ରୁତ ବୋଲର ମିଚେଲ ଷ୍ଟାର୍କଙ୍କ ରେକର୍ଡ ୬ ୱିକେଟ୍ ସଫଳତା ଓ ସ୍କଟ୍ ବୋଲାଣ୍ଡଙ୍କ ହ୍ୟାଟ୍ରିକ ଯୋଗୁ ଅଷ୍ଟ୍ରେଲିଆ ଏହି ମ୍ୟାଚକୁ ୧୭୬ ରନରେ ଜିତିବା ସହ ଟେଷ୍ଟ ସିରିଜକୁ ୩-୦ରେ କ୍ଲିନସୁଇପ୍ କରିନେଇଛି। ପ୍ୟାଟ୍ କମିନ୍ସଙ୍କ ନେତୃତ୍ୱାଧୀନ ଅଷ୍ଟ୍ରେଲିଆ ପୂର୍ବରୁ ପ୍ରଥମ ଦୁଇ ଟେଷ୍ଟକୁ ଯଥାକ୍ରମେ ୧୫୯ ରନ ଓ ୧୩୩ ରନରେ ବିଜୟୀ ହୋଇଥିଲା।



ମିଚେଲ ଷ୍ଟାର୍କ
୭.୩-୪-୯-୬



ସ୍କଟ୍ ବୋଲାଣ୍ଡ
୨-୧-୨-୩

ପିଙ୍କ୍ ବଲ୍ ଓ ଦିବା-ରାତ୍ର ବିଶିଷ୍ଟ ଏହି ଟେଷ୍ଟରେ ଅଷ୍ଟ୍ରେଲିଆ ପ୍ରଦତ୍ତ ୨୦୪ ରନର ଲକ୍ଷ୍ୟକୁ ପିଛା କରିଥିବା ଘରୋଇ ୱେଷ୍ଟଇଣ୍ଡିଜ ତୃତୀୟ ଦିବସରେ ଦ୍ୱିତୀୟ ପାଳିରେ ମାତ୍ର ୧୪.୩ ଓଭର ଖେଳି ୨୭ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ଦଳର ୭ଜଣ ଖେଳାଳି ଖାତା ଖୋଲିପାରି ନ ଥିବାବେଳେ ଜଷ୍ଟିନ ଗ୍ରେଭସ ସର୍ବାଧିକ ୧୧ ରନ କରିଥିଲେ। ୱେଷ୍ଟଇଣ୍ଡିଜ ଅଳ୍ପକେ ଟେଷ୍ଟ ଇତିହାସର ସର୍ବନିମ୍ନ ସ୍କୋର ଭଳି ଅଲୋଡ଼ା ରେକର୍ଡରୁ ବର୍ତ୍ତିଯାଇଛି। ୧୯୫୫ରେ ଇଂଲଣ୍ଡ ବିପକ୍ଷରେ ନ୍ୟୁଜିଲାଣ୍ଡ ମାତ୍ର ୨୬ ରନରେ ଅଲ୍‌ଆଉଟ୍ ହୋଇ ଏହି ଅଲୋଡ଼ା ରେକର୍ଡର ଅଧିକାରୀ ରହିଛି। ସେହିଭଳି ଷ୍ଟାର୍କ ଟେଷ୍ଟ କ୍ରିକେଟ୍‌ରେ ସବୁଠୁ କମ୍ ବଲ୍ ପକାଇ ୫ ୱିକେଟ୍ ସଫଳତା ପାଇଛନ୍ତି। ସେ ଦ୍ୱିତୀୟ ପାଳିରେ ବୋଲିଂ କରିଥିବା ପ୍ରଥମ ୧୫ଟି ବଲରେ ୱେଷ୍ଟଇଣ୍ଡିଜର ୫ଜଣ ବ୍ୟାଟରଙ୍କୁ ଆଉଟ୍ କରିଥିଲେ। ପୂର୍ବରୁ ଏର୍ନି ତୋସହାକ (ବନାମ ଭାରତ, ୧୯୪୭), ଷ୍ଟୁଆର୍ଟ ବ୍ରଡ୍ (ବନାମ ଅଷ୍ଟ୍ରେଲିଆ ୨୦୧୫) ଓ ସ୍କଟ୍ ବୋଲାଣ୍ଡ (ବନାମ ଇଂଲଣ୍ଡ, ୨୦୨୧) ପ୍ରତ୍ୟେକ ପାଳିରେ ୧୯ଟି ବଲ୍ ପକାଇଥିବାବେଳେ ୫ ୱିକେଟ୍ ସଫଳତା ପାଇଥିଲେ। ୱେଷ୍ଟଇଣ୍ଡିଜ ୨ୟ ପାଳିର ପ୍ରଥମ ଓଭରରେ ଷ୍ଟାର୍କ ୩ଟି ୱିକେଟ ନେଇଥିଲେ। ଇର୍ଫାନ ପଠାନଙ୍କ ପରେ ସେ ବିଶ୍ୱର ୨ୟ ବୋଲର ଭାବେ ଟେଷ୍ଟ କ୍ରିକେଟରେ ପାଳିର ପ୍ରଥମ ଓଭରରେ ୩ଜଣଙ୍କୁ ଆଉଟ୍ କରିଛନ୍ତି। ଏହିକ୍ରମରେ ଷ୍ଟାର୍କ ମଧ୍ୟ ଟେଷ୍ଟରେ ୪୦୦ ୱିକେଟ୍ ମାଇଲଖୁଣ୍ଟ ଛୁଇଁଛନ୍ତି।

**ଟେଷ୍ଟରେ ସର୍ବନିମ୍ନ ସ୍କୋର**

| ଦଳ | ସ୍କୋର | ଓଭର | ପ୍ରତିପକ୍ଷ | ବର୍ଷ |
|---|---|---|---|---|
| ନ୍ୟୁଜିଲାଣ୍ଡ | ୨୬ | ୨୭.୦ | ଇଂଲଣ୍ଡ | ୧୯୫୫ |
| ୱେଷ୍ଟଇଣ୍ଡିଜ | ୨୭ | ୧୪.୩ | ଅଷ୍ଟ୍ରେଲିଆ | ୨୦୨୫ |
| ଦ.ଆଫ୍ରିକା | ୩୦ | ୧୮.୪ | ଇଂଲଣ୍ଡ | ୧୮୯୬ |
| ଦ.ଆଫ୍ରିକା | ୩୦ | ୧୨.୩ | ଇଂଲଣ୍ଡ | ୧୯୨୪ |
| ଦ.ଆଫ୍ରିକା | ୩୫ | ୨୨.୪ | ଇଂଲଣ୍ଡ | ୧୮୯୯ |
| ଦ.ଆଫ୍ରିକା | ୩୬ | ୨୩.୨ | ଅଷ୍ଟ୍ରେଲିଆ | ୧୯୩୨ |
| ଅଷ୍ଟ୍ରେଲିଆ | ୩୬ | ୨୩.୦ | ଇଂଲଣ୍ଡ | ୧୯୦୨ |
| ଭାରତ | ୩୬ | ୨୧.୨ | ଅଷ୍ଟ୍ରେଲିଆ | ୨୦୨୦ |
| ଆୟର୍ଲାଣ୍ଡ | ୩୮ | ୧୫.୪ | ଇଂଲଣ୍ଡ | ୨୦୧୯ |
| ନ୍ୟୁଜିଲାଣ୍ଡ | ୪୨ | ୩୯.୦ | ଅଷ୍ଟ୍ରେଲିଆ | ୧୯୪୬ |

ବି.ଦ୍ର: ୧୮୯୬ ଓ ୧୮୯୯ରେ ଦ.ଆଫ୍ରିକା ଖେଳିଥିବା ଟେଷ୍ଟରେ ଓଭରରେ ୫ଟି ବଲ୍ ବୋଲିଂ ହେଉଥିଲା।

## ଚତୁର୍ଥ ଟେଷ୍ଟ ଲାଗି ଇଂଲଣ୍ଡ ଦଳରୁ ବାଦ୍ ପଡ଼ିଲେ ବସିର୍



ଲିଆମ ଡାଓସନ

ଲର୍ଡ୍ସ,୧୫ା୭ (ଏଜେନ୍ସି): ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡରେ ଜୁଲାଇ ୨୩ରୁ ଖେଳାଯିବାକୁ ଥିବା ଭାରତ ବିପକ୍ଷ ଚତୁର୍ଥ ଟେଷ୍ଟ ଲାଗି ଇଂଲଣ୍ଡ ଏକ ୧୪ଜଣିଆ ଦଳ ଘୋଷଣା କରିଛି। ପୂର୍ବରୁ ଘୋଷିତ ଦଳରରୁ ଆଙ୍ଗୁଠି ଭାଙ୍ଗିଥିବା ସ୍ପିନର ସୋଏବ ବସିର, ଜେମି ଓଭରଟନ ଓ ସାମ୍ କୁକ୍‌ଙ୍କୁ ଦଳ ବାଦ୍ ଦେଇଛି। ଏମାନଙ୍କ ସ୍ଥାନରେ କେବଳ ଜଣେ ସ୍ପିନର ବାମହାତୀ ଲିଆମ ଡାୱସନଙ୍କୁ ଦଳରେ ସାମିଲ କରାଯାଇଛି। ଜୁଲାଇ ୨୦୧୭ରେ ଦକ୍ଷିଣ ଆଫ୍ରିକା ସହ ଶେଷ ଟେଷ୍ଟ ମ୍ୟାଚ୍ ଖେଳିଥିବା ଡାୱସନ ଗତ ଦୁଇଟି କାଉଣ୍ଟି ସିଜନରେ ସେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ୩୫ ବର୍ଷୀୟ ଡାୱସନ ଏଯାଏ ୩ଟି ଟେଷ୍ଟ ଖେଳି ୭ଟି ୱିକେଟ ଅକ୍ତିଆର କରିଛନ୍ତି। ଦଳର ଦୁଇ ଫାଷ୍ଟ ବୋଲର ଓଭରଟନ ଓ କୁକ୍ ଏବେ ନିଜ ନିଜର ଟିମ୍ ପକ୍ଷରୁ କାଉଣ୍ଟି ଖେଳିବାକୁ ଛାଡି ଦିଆଯାଇଛି। ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ତୃତୀୟ ଟେଷ୍ଟ ଶେଷସୁଦ୍ଧା ଇଂଲଣ୍ଡ ୨-୧ରେ ଆଗୁଆ ରହିଛି। ସିରିଜ୍‌ର ଚତୁର୍ଥ ଟେଷ୍ଟ ଜୁଲାଇ ୨୩ରୁ ଖେଳାଯିବ। ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡରେ ଏହି ମ୍ୟାଚ୍ ଜୁଲାଇ ୨୭ ଯାଏ ଖେଳାଯିବାର କାର୍ଯ୍ୟକ୍ରମ ରହିଛି।

**ଇଂଲଣ୍ଡ ଦଳ**

ଜ୍ୟାକ୍ କ୍ରାଲୀ, ବେନ୍ ଡକେଟ, ଓଲି ପୋପ୍, ଜୋ ରୁଟ୍, ହ୍ୟାରୀ ବ୍ରୁକ୍, ବେନ୍ ଷ୍ଟୋକ୍ସ (ଅଧିନାୟକ), ଜେମି ସ୍ମିଥ୍ (ୱିକେଟରକ୍ଷକ), କ୍ରିସ୍ ଓକ୍ସ, ଜୋଫ୍ରା ଆର୍ଚର, ବ୍ରାଇଡନ କାର୍ସ, ଜୋଶ ଟଙ୍ଗ୍, ଗସ୍ ଆଟକିନସନ, ଜ୍ୟାକବ ବେଥେଲ ଓ ଲିଆମ ଡାୱସନ।

ସର୍ବଭାରତୀୟ ସିନିଅର ର୍‍ୟାଙ୍କିଙ୍ଗ୍ ବ୍ୟାଡମିଣ୍ଟନ ଉଦ୍‌ଯାପିତ

# ମହିଳାରେ ଇଶାରାଣୀ, ପୁରୁଷରେ ଗିନ୍‌ପଲ୍ ଚାମ୍ପିଅନ

ଭୁବନେଶ୍ୱର,୧୫ା୭ (ସମିସ):




କଳିଙ୍ଗ ଷ୍ଟାଡିୟମ୍‌ରେ ଅନୁଷ୍ଠିତ ନ୍ୟାସନାଲ ସିନିଅର ର୍‍ୟାଙ୍କିଙ୍ଗ୍ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟ ମଙ୍ଗଳବାର ଉଦ୍‌ଯାପିତ ହୋଇଯାଇଛି। ଏହି ପ୍ରତିଯୋଗିତାର ମହିଳା ଏକକରେ ଆସାମର ଇଶାରାଣୀ ବରୁଆ ଓ ପୁରୁଷ ଏକକରେ ଦିଲ୍ଲୀର ଏସ୍ ଗିନ୍‌ପଲ ଚାମ୍ପିଅନ ହୋଇଛନ୍ତି। ମଙ୍ଗଳବାର ଖେଳାଯାଇଥିବା ମହିଳା ଫାଇନାଲରେ ତୃତୀୟ ସିଡ୍ ଇଶାରାଣୀ ୨୩-୨୧, ୨୧-୧୦ରେ ଟପ୍ ସିଡ୍ ଉତ୍ତରପ୍ରଦେଶର ମାନସି ସିଂଙ୍କୁ ପରାସ୍ତ କରିଥିଲେ। ସେହିପରି ପୁରୁଷ ଫାଇନାଲରେ ଏକାଦଶ ସିଡ୍ ଦିଲ୍ଲୀର ଏସ୍ ଗିନ୍‌ପଲ ୨୧-୧୭, ୨୧-୧୬ରେ ୧୫ତମ ସିଡ୍ ମନରାଜ ସିଂଙ୍କୁ ପରାସ୍ତ କରି ଟାଇଟଲ ଜିତିଥିଲେ।

ପୂର୍ବରୁ ଖେଳାଯାଇଥିବା ମହିଳା ଯୁଗଳରେ ଦ୍ୱିତୀୟ ସିଡ୍ ତାମିଲନାଡୁର ଶ୍ରେୟା ବାଲାଜୀ ଓ ଦୀପ୍ତା ଏସ୍‌ଙ୍କ ଯୋଡି ୨୧-୧୩, ୧୮-୨୧, ୨୧-୯ରେ ଉତ୍ତରାଖଣ୍ଡର ଅନୟା ବିଷ୍ଟ ଓ ଆଞ୍ଜେଲ ପୁନେରାଙ୍କୁ ହରାଇ ଟାଇଟଲ ଜିତିଛନ୍ତି। ସେହିପରି ପୁରୁଷ ଯୁଗଳରେ ଉତ୍ତରାଖଣ୍ଡର ଧ୍ରୁବ ରାୱତ ଓ ଆସାମର ସୁରଜ ଗୋଆଲା, ମିଶ୍ରିତ ଯୁଗଳରେ କର୍ଣ୍ଣାଟକର ନିତୀନ ଏଚ୍‌ଭି ଓ ତାମିଲନାଡୁର ଶ୍ରୀନୀଧି ଏନ୍‌ଙ୍କ ଯୋଡି ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି।

ଭାରତୀୟ ଓ ଓଡ଼ିଶା ବ୍ୟାଡ୍‌ମିଣ୍ଟନ ସଂଘ ଏବଂ ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ଆନୁକୂଲ୍ୟରେ ଏହି ପ୍ରତିଯୋଗିତା ଜୁଲାଇ ୮ରୁ ଆରମ୍ଭ ହୋଇଥିଲା। ମଙ୍ଗଳବାର ଉଦ୍‌ଯାପନ ଉତ୍ସବରେ ରାଜ୍ୟ କ୍ରୀଡ଼ା ସଚିବ ଭାସ୍କରଜ୍ୟୋତି ଶର୍ମା, ବିଏମ୍‌ସି କମିଶନର ତଥା ରାଜ୍ୟ ବ୍ୟାଡ୍‌ମିଣ୍ଟନ ସଂଘ ସଭାପତି ରାଜେଶ ପ୍ରଭାକର ପାଟିଲ, କ୍ରୀଡ଼ା ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର, କ୍ରୀଡ଼ା ବିଭାଗ ଅତିରିକ୍ତ ସଚିବ ବିଜୟାନନ୍ଦ ନାୟକ, ରାଜ୍ୟ ବ୍ୟାଡ୍‌ମିଣ୍ଟନ ସଂଘ ସମ୍ପାଦକ ନିଳିନ କୁମାର ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ ବୋଲି ଆୟୋଜକଙ୍କ ପକ୍ଷରୁ ସୁରୁଲାଲ ମଟାରୀ ସୂଚନା ଦେଇଛନ୍ତି।

ପ୍ରଥମ ୟୁଥ୍ ଟେଷ୍ଟ

## ହମ୍‌ଜାଙ୍କ ଶତକ

ବେକେନହାମ୍, ୧୫ା୭ (ଏଜେନ୍ସି): ଏଠାରେ ଚାଲିଥିବା ପ୍ରଥମ ୟୁଥ୍ (୧୯ ବର୍ଷରୁ କମ୍) ଟେଷ୍ଟ ମ୍ୟାଚରେ ଭାରତ ଘରୋଇ ଇଂଲଣ୍ଡ ସାମ୍ନାରେ ୩୫୦ ରନର ଲକ୍ଷ୍ୟ ଧାର୍ଯ୍ୟ କରିଛି। ଏହାକୁ ପିଛା କରିଥିବା ଇଂଲଣ୍ଡ ଅନ୍ତିମ ତଥା ୪ର୍ଥ ଦିବସ ଶେଷ ଖବର ସୁଦ୍ଧା ଦ୍ୱିତୀୟ ପାଳିରେ ୪୬ ଓଭରରେ ୪ ୱିକେଟ ହରାଇ ୨୨୨ ରନ ସଂଗ୍ରହ କରିଛି। ଦୁଇ ପୂର୍ବତନ ମହାନ ଖେଳାଳି ମାଇକେଲ୍ ଭନ୍ ଓ ଆଣ୍ଡ୍ରିଉ ଫ୍ଲିଣ୍ଟଫଙ୍କ ପୁଅ ଯଥାକ୍ରମେ ଆର୍ଚି ଭନ ଓ ରକି ଫ୍ଲିଣ୍ଟଫ୍ ୨ୟ ପାଳିରେ ନିରାଶ କରିଛନ୍ତି। ଓପନିଂ ଆସିଥିବା ଆର୍ଚି ମାତ୍ର ୩ ରନ କରି ଆଉଟ୍ ହୋଇଥିଲେ। ସେହିଭଳି ରକି ୧୧ ରନ କରି ପ୍ୟାଭିଲିୟନ ଫେରିଥିଲେ। ତେବେ ଅଧିନାୟକ ହମ୍‌ଜା ଶେଖ୍ ୧୩୩ ବଲରେ ୧୦୩ ରନର ଅପରାଜିତ ଶତକୀୟ ପାଳି ଖେଳି ଇଂଲଣ୍ଡ ପାଇଁ ଲଢ଼େଇ ଜାରି ରଖିଛନ୍ତି। ତାଙ୍କ ସହ ଥୋମାସ ରିଉ ୧୭ ବଲରେ ୩୯ ରନ କରି ଅପରାଜିତ ରହିଛନ୍ତି। ମ୍ୟାଚରେ ଆଉ ୧୬ ଓଭର ବାକି ଥିବାବେଳେ ଇଂଲଣ୍ଡକୁ ବିଜୟ ଲାଗି ଆଉ ୧୨୩ ରନ ଆବଶ୍ୟକ ହେଉଛି।

# ଆଜିଠୁ ୪ଟି ଜୋନରେ ସାହାଣୀ କପ୍ ଫୁଟ୍‌ବଲ୍

ଭୁବନେଶ୍ୱର, ୧୫ା୭ (ସମିସ): ରାଜ୍ୟ ଫୁଟ୍‌ବଲର ଅନ୍ୟତମ ସମ୍ମାନଜନକ ପ୍ରତିଯୋଗିତା ସାହାଣୀ କପ୍‌ର ୬୪ତମ ସଂସ୍କରଣ ବୁଧବାରଠାରୁ ଆରମ୍ଭ ହେବ। ଫୁଟ୍‌ବଲ ଆସୋସିଏସନ ଅଫ୍ ଓଡ଼ିଶା (ଫାଓ) ଓ ରାଜ୍ୟ କ୍ରୀଡ଼ା ବିଭାଗର ମିଳିତ ଆନୁକୂଲ୍ୟରେ ଆୟୋଜିତ ଏହି ଟୁର୍ଣ୍ଣାମେଣ୍ଟର ଚଳିତ ସଂସ୍କରଣ ୪ଟି ଜୋନରେ ଖେଳାଯିବ। ଏଥିରେ ସମସ୍ତ ଜିଲ୍ଲା ସହ ମୋଟ୍ ୩୩ ଦଳ ଅଂଶଗ୍ରହଣ କରିବେ। କେନ୍ଦୁଝର ଜୋନ୍‌ର ଗ୍ରୁପ୍-ଏ'ରେ ସୁନ୍ଦରଗଡ଼, ସୁବର୍ଣ୍ଣପୁର, ବାଲେଶ୍ୱର ଓ ଢେଙ୍କାନାଳ ଗ୍ରୁପ୍-ବି'ରେ କେନ୍ଦୁଝର, ଯାଜପୁର, ରାଉରକେଲା ଷ୍ଟିଲ ପ୍ଲାଣ୍ଟ (ଆର୍‌ଏସ୍‌ପି) ଓ ଅନୁଗୋଳ ଦଳ ରହିଛି। ସେହିଭଳି କେନ୍ଦ୍ରାପଡ଼ା ଜୋନର ଗ୍ରୁପ୍-ଏ'ରେ କଟକ, ପାରାଦୀପ୍ ପୋର୍ଟ ଟ୍ରଷ୍ଟ, ଖୋର୍ଦ୍ଧା ଓ ପୁରୀ ଏବଂ ଗ୍ରୁପ୍-ବି'ରେ କେନ୍ଦ୍ରାପଡ଼ା, ଜଗତସିଂପୁର, ଭଦ୍ରକ ଓ ଝାରସୁଗୁଡ଼ା ସ୍ଥାନ ପାଇଛି। ବ୍ରହ୍ମପୁର ଜୋନରେ ଗଞ୍ଜାମ, ଗଜପତି, ନବରଙ୍ଗପୁର ଓ ଭୁବନେଶ୍ୱର ଗ୍ରୁପ୍-ଏ'ରେ ଏବଂ ମୟୂରଭଞ୍ଜ, କୋରାପୁଟ, ମାଲକାନଗିରି ଓ ରାୟଗଡ଼ା ଗ୍ରୁପ୍-ବି'ରେ ରହିଛନ୍ତି। ବୌଦ୍ଧ ଜୋନରେ ୯ଟି ଦଳ ରହିଛନ୍ତି। ଗ୍ରୁପ୍-ଏ'ରେ ବରଗଡ଼, କଳାହାଣ୍ଡି, ଦେଓଗଡ଼ ଓ ନୟାଗଡ଼ ଏବଂ ଗ୍ରୁପ୍-ବି'ରେ ବୌଦ୍ଧ, ନୂଆପଡ଼ା, ବଲାଙ୍ଗିର, କନ୍ଧମାଳ ଓ ସମ୍ବଲପୁର ସ୍ଥାନ ପାଇଛି। ବ୍ରହ୍ମପୁର ଓ କେନ୍ଦ୍ରାପଡ଼ା ଜୋନରେ ଦୁଇଟି ଯାକ ସେମିଫାଇନାଲ ଖେଳାଯିବ। ସେହିଭଳି ଦୁଇ ମ୍ୟାଚ୍‌ବିଶିଷ୍ଟ ଫାଇନାଲ ବୌଦ୍ଧ ଓ କେନ୍ଦୁଝର ଜୋନରେ ଆୟୋଜିତ ହେବ। ଶେଷରେ ଏଗ୍ରିଗେଟ୍ ସ୍କୋର ଭିତ୍ତିରେ ଫାଓ ପକ୍ଷରୁ ଚାମ୍ପିଅନ ଦଳକୁ ଏକ ଲକ୍ଷ ଓ ରନର୍ସଅପ୍ ଦଳକୁ ୫୦ ହଜାର ଟଙ୍କା ପ୍ରଦାନ କରାଯିବ। ଏହି ଟୁର୍ଣ୍ଣାମେଣ୍ଟରେ ୫୦ ରେଫରି ମ୍ୟାଚ୍ ପରିଚାଳନାରେ ସହଯୋଗ କରିବେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS